

ବିନା ବ୍ରେକ୍‌ରେ 'ଜଟାଧାରା' ସୁଟିଂ
▶ପୃଷ୍ଠା ୧୧ ଦେଖନ୍ତୁ...


- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-124 ◆FRIDAY ◆31 OCTOBER 2025 ◆PAGE-12 ◆₹ 6.00 | PANIKOILI | ◆ବର୍ଷ-୪୩ ◆ସଂଖ୍ୟା-୧୨୪ ◆ଶୁକ୍ରବାର ◆୩୧ ଅକ୍ଟୋବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


## ପୂରଣ ହୋଇପାରୁନାହିଁ ୬୦୦ ୱାର୍ଡର ପଦ

# ଜେଲ୍ ଜଗିବେ ଗୃହରକ୍ଷୀ

**ଭୁବନେଶ୍ୱର, ୩୦।୧୦ (ସମିସ):** ଏଣିକି ରାଜ୍ୟର ଜେଲ ଜଗିବେ ଗୃହରକ୍ଷୀ। ଦିନକୁ ମାତ୍ର ୫୩୩ ଟଙ୍କା ପାରିଶ୍ରମିକ ପାଉଥିବା ଗୃହରକ୍ଷୀମାନେ ଜେଲରେ ବନ୍ଦୀଥିବା କୁଖ୍ୟାତ ଅପରାଧୀ ଓ ବିଚାରାଧୀନ ବନ୍ଦୀମାନଙ୍କ ସୁରକ୍ଷା ଦାୟିତ୍ୱ ସମ୍ଭାଳିବେ। ଜେଲ ବିଭାଗ ପକ୍ଷରୁ ଏ ସଂକ୍ରାନ୍ତରେ ନିଷ୍ପତ୍ତି ନିଆଯାଇଛି ଏବଂ ସେମାନଙ୍କୁ ବର୍ଷେ ପର୍ଯ୍ୟନ୍ତ ଅସ୍ଥାୟୀ ଭାବରେ ନିୟୋଜିତ କରିବା ପାଇଁ ସବୁ ଜିଲ୍ଲାର ଏସ୍‌ପିମାନଙ୍କୁ ନିର୍ଦ୍ଦେଶ ଦିଆଯାଇଛି।

ଚୌଦ୍ୱାର ଜେଲରୁ ଦୁଇଜଣ କୁଖ୍ୟାତ ଅପରାଧୀ ଫେରାର ପରେ ପେରେ ସୋର ଜେଲରୁ ଜଣେ ଅପରାଧୀ କିଛିଦିନ ତଳେ ଚମ୍ପଟ ମାରିଛନ୍ତି। ଏହା ପରେ ଏକ ଉଚ୍ଚସ୍ତରୀୟ ବୈଠକରେ ଜେଲଗୁଡ଼ିକରେ ହୋମଗାର୍ଡ଼ ବା ଗୃହରକ୍ଷୀମାନଙ୍କୁ ନିୟୋଜିତ କରିବା ନିମନ୍ତେ ଜେଲ ବିଭାଗ ନିଷ୍ପତ୍ତି ନେଇଛି। ଏହା ସହିତ ପ୍ରତି ଜିଲ୍ଲାରେ ବରିଷ୍ଠ ପୁଲିସ ଅଧିକାରୀ ଓ ସମ୍ପୃକ୍ତ ଜେଲ ଅଧୀକ୍ଷକ ମିଳିତ ଭାବରେ ଜେଲ ସୁରକ୍ଷାର ଯାଞ୍ଚ କରିବେ। ଜେଲ ପାଚେରୀ ଅନୁଧ୍ୟାନ ସହ , ସିସିଟିଭି ଲଗାଯିବା, ଜେଲର ପାଚେରୀ ଉପରେ ତାରଜାଲି ବିଛାଇବା ଏବଂ ସୁରକ୍ଷା ସମ୍ବନ୍ଧୀୟ ସବୁ ଭିତ୍ତିଭୂମିର ଯାଞ୍ଚ ହେବ।

ବିଡ଼ମ୍ବନା ହେଉଛି ଯେଉଁଠି ଜେଲରେ ୱାର୍ଡ଼ରମାନଙ୍କ ଆଖିରେ ଧୂଳିଦେଇ ବିଚାରାଧୀନ ବନ୍ଦୀ ଓ କଏଦୀ ସହଜରେ ଫେରାର ହୋଇ ଯାଉଛନ୍ତି, ସେଠାରେ ସାଧାରଣ ହୋମଗାର୍ଡ଼ମାନେ ସେମାନଙ୍କୁ କିପରି ଜଗିବେ ବୋଲି ସ୍ୱାଭାବିକ ପ୍ରଶ୍ନ ଉଠିଛି। ଆଜି ପର୍ଯ୍ୟନ୍ତ ରାଜ୍ୟରେ ସାଧାରଣତଃ ହୋମଗାର୍ଡ଼ମାନଙ୍କୁ ସହରାଞ୍ଚଳରେ ଭିଡ଼ ଓ ଟ୍ରାଫିକ୍ ନିୟନ୍ତ୍ରଣ ବା କୌଣସି ଗଣ୍ଡଗୋଳ ବେଳେ ସୁରକ୍ଷା କାର୍ଯ୍ୟରେ ନିୟୋଜିତ କରାଯାଇ ଆସିଛି। ଦୁର୍ଘଟଣା, ହତ୍ୟା ଆଦି ଘଟଣାରେ ଗୃହରକ୍ଷୀମାନଙ୍କୁ ଜଗୁଆଳୀ ରୂପେ ବ୍ୟବହାର କରାଯାଉଛି। ଏହା ସହ ଅନେକ ସ୍ଥାନରେ ଗୃହରକ୍ଷୀମାନଙ୍କୁ ବଡ଼ ଅଧିକାରୀଙ୍କ ଘରୋଇ କାର୍ଯ୍ୟରେ ବ୍ୟବହାର କରାଯାଉଥିବା ମଧ୍ୟ ଦେଖାଯାଇଛି। ମାତ୍ର ରାଜ୍ୟରେ ଜେଲ ବିଭାଗ ପ୍ରଥମଥର ପାଇଁ ଗୃହରକ୍ଷୀମାନଙ୍କୁ ଜେଲ ସୁରକ୍ଷା ପରି ଏକ ସାହସିକ ଓ ଦାୟିତ୍ୱସମ୍ପନ୍ନ କାର୍ଯ୍ୟରେ ନିୟୋଜିତ କରିବାକୁ ନିୟୋଜନକୁ ନେଇ ଉଠିଛି ପ୍ରଶ୍ନ। ଚୌଦ୍ୱାର ଜେଲରୁ ଦୁଇ ହାର୍ଡକୋର କଏଦୀ ଚମ୍ପଟ ମାରିବା ଘଟଣାକୁ ▶ପୃଷ୍ଠା-୭



ପାକିସ୍ତାନ ସୀମାରେ ତିନି ଭାରତୀୟ ସେନାବାହିନୀର ମିଳିତ ସମରାଭ୍ୟାସ 'ତ୍ରିଶୂଳ'

## ଖଣି ପଟ୍ଟାଦାରଙ୍କ ଉପରେ ୨୭୦୦ କୋଟି ବକେୟା

### ରାଜ୍ୟ ସରକାରଙ୍କୁ ସୁପ୍ରିମକୋର୍ଟଙ୍କ ଭର୍ତ୍ସନା

**ଭୁବନେଶ୍ୱର, ୩୦।୧୦ (ସମିସ):** ଖଣି ଲିଜଧାରୀଙ୍କଠାରୁ କ୍ଷତିପୂରଣ ଆଦାୟରେ ଅହେତୁକ ବିଳମ୍ବ ନେଇ ରାଜ୍ୟ ସରକାରଙ୍କୁ କଡ଼ା ସମାଲୋଚନା କରିଛନ୍ତି ସୁପ୍ରିମକୋର୍ଟ। ବେଆଇନ ଖଣି ଖନନ ଘଟଣାରେ ଖଣି ଲିଜଧାରୀଙ୍କଠାରୁ ପ୍ରାୟ ୨୭୦୦ କୋଟି ଟଙ୍କା ବର୍ଷବର୍ଷ ହେଲା ଅନାଦାୟ ରହିଛି। ଯାହାକୁ ନେଇ କ୍ଷୋଭ ପ୍ରକାଶ କରିଛନ୍ତି ସୁପ୍ରିମକୋର୍ଟ। ଅଦାଲତ କହିଛନ୍ତି ଯେ ରାଜ୍ୟ ସରକାରଙ୍କ ଅବହେଳା କାରଣରୁ ଏହି ମାମଲା ବର୍ଷ ବର୍ଷ ଧରି ଲମ୍ବିଚାଲିଛି। ଯାହାଫଳରେ ଖଣି ଲିଜଧାରୀଙ୍କୁ ଜାଣିଶୁଣି ଆଶ୍ୱସ୍ତି ପ୍ରଦାନ କରୁଥିବା ନେଇ ସନ୍ଦେହ ସୃଷ୍ଟି ହେଉଛି। ବେଆଇନ ଖଣି ଖନନ ଦ୍ୱାରା ରାଜ୍ୟକୁ ହଜାର ହଜାର କୋଟି ଟଙ୍କାର ରାଜସ୍ୱ କ୍ଷତି ହୋଇଛି। ତେଣୁ ଯେ କୌଣସି



**ବକେୟା ଆଦାୟ ସୁନିଶ୍ଚିତ କରିବାକୁ ନିର୍ଦ୍ଦେଶ**

ପରିସ୍ଥିତିରେ ଏହି ବକେୟା ଅର୍ଥକୁ ସୁନିଶ୍ଚିତ କରିବାକୁ ସୁପ୍ରିମକୋର୍ଟ ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ଜଷ୍ଟିସ ଦୀପଙ୍କର ଦତ୍ତା, ଜଷ୍ଟିସ ଏଜି ମସିହଙ୍କ ଅଧ୍ୟକ୍ଷତାରେ ଗଠିତ ଖଣ୍ଡପୀଠରେ ଏହି ମାମଲାର ଶୁଣାଣି କରାଯାଇଥିଲା।

କେନ୍ଦୁଝର, ସୁନ୍ଦରଗଡ଼ ଓ ମୟୂରଭଞ୍ଜ ଜିଲ୍ଲାରେ ଖଣି ନିୟମର ଉଲ୍ଲଂଘନ କରି ଖଣି ପଟ୍ଟାଦାରମାନେ ବିପୁଳ ଅନିୟମିତତା କରିଥିବା ଅଭିଯୋଗ ହୋଇଥିଲା। ଏ ସଂକ୍ରାନ୍ତ ମାମଲାର ବିଚାର କରି ବେଆଇନ ପଟ୍ଟାଦାରଙ୍କଠାରୁ ୧୭ ହଜାର କୋଟି ଟଙ୍କା କ୍ଷତିପୂରଣ ରାଶି ଆଦାୟ କରିବାକୁ ସୁପ୍ରିମକୋର୍ଟ ୨୦୧୭ ମସିହାରେ ନିର୍ଦ୍ଦେଶ ଦେଇଥିଲେ। ଏହାମଧ୍ୟରୁ ରାଜ୍ୟ ସରକାର ପଟ୍ଟାଦାରଙ୍କଠାରୁ ଏବେ ସୁଦ୍ଧା ୧୪୩୦୦ କୋଟି ଟଙ୍କା ଆଦାୟ ▶ପୃଷ୍ଠା-୭

## ଜଷ୍ଟିସ୍ ସୂର୍ଯ୍ୟକାନ୍ତ ପ୍ରଧାନବିଚାରପତି ନିଯୁକ୍ତ



**ନୂଆଦିଲ୍ଲୀ, ୩୦।୧୦ (ଏଜେନ୍ସି):** ଜଷ୍ଟିସ ସୂର୍ଯ୍ୟକାନ୍ତ ଦେଶ ତଥା ସୁପ୍ରିମକୋର୍ଟର ୫୩ତମ ମୁଖ୍ୟ ବିଚାରପତି (ସିଜେଆଇ) ଭାବେ ନିଯୁକ୍ତି ପାଇଛନ୍ତି। ସୁପ୍ରିମକୋର୍ଟର ସବୁଠାରୁ ବରିଷ୍ଠ ବିଚାରପତି ଭାବେ ସୂର୍ଯ୍ୟକାନ୍ତ ନଭେମ୍ବର ୨୪ରେ ଶପଥ ନେବା ସହ ଏହି ଗୁରୁଦାୟିତ୍ୱ ବହନ କରିବେ। ଏବେକାର ମୁଖ୍ୟ ବିଚାରପତି ଅବସର ନେବାର ଗୋଟିଏ ଦିନ ପରେ ହିଁ ସେ କାର୍ଯ୍ୟ ଆରମ୍ଭ କରିବେ। ଏ ନେଇ କେନ୍ଦ୍ର ଆଇନ ମନ୍ତ୍ରୀ ଅର୍ଜୁନ ରାମ ମେଘୱାଲ ଗୁରୁବାର 'ଏକ୍ସ'ରେ ପୋଷ୍ଟ କରି ଏ ନେଇ ଘୋଷଣା କରିଛନ୍ତି। ସିଜେଆଇ ବିଆର ଗଭାଇଙ୍କ କାର୍ଯ୍ୟକାଳ ନଭେମ୍ବର ୨୩ରେ ଶେଷ ହେବ। ସୁପ୍ରିମକୋର୍ଟର ବିଚାରପତିମାନେ ▶ପୃଷ୍ଠା-୭

## ମୁମ୍ବାଇରୁ ନକଲି ବୈଜ୍ଞାନିକ ଗିରଫ

### ଭାବା ଆଟମିକ ରିସର୍ଚ୍ଚ ସେଣ୍ଟରରେ ପଶିଥିଲେ

**ମୁମ୍ବାଇ, ୩୦।୧୦ (ଏଜେନ୍ସି):** ମୁମ୍ବାଇ ପୁଲିସ ଭେର୍ସୋଭାରେ ଜଣେ ନକ୍‌ଲି ବୈଜ୍ଞାନିକଙ୍କୁ ଗିରଫ କରିଛି। ସେ ହେଉଛନ୍ତି ୬୦ ବର୍ଷୀୟ ଅଖତାର କୁତବୁଦ୍ଦିନ ହୁସେନି। ସେ ନିଜକୁ ଭାବା ଅଟୋମିକ୍ ରିସର୍ଚ୍ଚ ସେଣ୍ଟର (ବିଏଆରସି)ର ଜଣେ ଅଧିକାରୀ ଭାବେ ଦାବି କରୁଥିଲେ ଓ କୌଶଳକ୍ରମେ ସେ ବିଏଆରସି ପରିସରରେ ମଧ୍ୟ ପ୍ରବେଶ କରିବାକୁ ସକ୍ଷମ ହୋଇଥିଲେ। ପୁଲିସ ତାଙ୍କଠାରୁ ଏକାଧିକ ଗୁରୁତ୍ୱପୂର୍ଣ୍ଣ ଜିନିଷ ଓ ତଥ୍ୟ ହାସଲ କରିଛି। ତାଙ୍କଠାରୁ ୧୪ଟି ନକ୍ସା, ପରମାଣୁ ବ୍ଲୁପ୍ରିଣ୍ଟ ଓ ୩ଟି ପାସପୋର୍ଟ ଜବତ କରାଯାଇଛି। ଏକାଧିକ ବିଦେଶ ଯାତ୍ରା ସମୟରେ ସେ ଏହାକୁ ବ୍ୟବହାର କରିଥିଲେ। ସେ ଗୁପ୍ତଚର ଭାବେ ଗୋପନୀୟ ତଥ୍ୟ ଦେବା ନେବା କରିବାକୁ ଏହି ଯାତ୍ରା କରିଥିବା ସନ୍ଦେହ କରାଯାଉଛି। ଅଧିକାରୀମାନେ ତାଙ୍କୁ ଗତ ଦୁଇବର୍ଷ ହେବ ପିଛା କରୁଥିଲେ। ଏନ୍‌ଆଇଏ ଓ ଆଇବି ଭଳି ଏଜେନ୍ସିର ସୂଚନାକୁ ଭିତ୍ତି କରି କ୍ରାଇମ ବ୍ରାଞ୍ଚ୍ ଅଖତାରଙ୍କୁ ଗିରଫ କରିଛି। ତାଙ୍କ ଘରେ ଚଢ଼ାଉ କରିବା ପରେ ପୁଲିସ ନିକଲି ପାସ୍‌ପୋର୍ଟ, ଆଧାର କାର୍ଡ, ପ୍ୟାନ କାର୍ଡ ଓ ବିଏଆରସିର ନକଲି ପରିଚୟ ପତ୍ର ଜବତ କରିଛି। ଗୋଟିଏ ପରିଚୟ ପତ୍ରରେ ତାଙ୍କ ନାମ ଅଲି ରାଜା ହୁସେନ ଓ ଅନ୍ୟଟିରେ ଆଲେକଜାଣ୍ଡର ପାମର ଲେଖାଯାଇଥିଲା। ଗତ କିଛିମାସ ମଧ୍ୟରେ ଅଖତାର କେତୋଟି ଅନ୍ତର୍ଜାତୀୟ କଲ୍ କରି କଥା ହୋଇଥିଲେ। ବିଦେଶୀ ନେଟୱର୍କ ସହିତ ତାଙ୍କର ସମ୍ପର୍କ ରହିଛି ବୋଲି ସନ୍ଦେହ କରାଯାଉଛି। ତାଙ୍କଠାରୁ ଜବତ ହୋଇଥିବା ପରମାଣୁ ତଥ୍ୟ ଓ ସମ୍ବେଦନଶୀଳ କାଗଜପତ୍ର ଏହି ନେଟୱର୍କକୁ ସେ ବିକ୍ରି କରିବାକୁ ଚେଷ୍ଟା କରୁଥିବା ସନ୍ଦେହ କରାଯାଉଛି। ସେ ଗତ କେତେବର୍ଷ ହେବ ଭିନ୍ନ ଭିନ୍ନ ନାମରେ ନିଜର ପରିଚୟ ସୃଷ୍ଟି କରୁଥିଲେ। ଜାମସେଦପୁରର ବାସିନ୍ଦା ଅଖତାର ୧୯୯୬ରେ ନିଜର ପୁରୁଣା ପୈତୃକ ସମ୍ପତ୍ତି ବିକ୍ରି କରିଥିଲେ ମଧ୍ୟ ଏହି ଠିକଣାକୁ ଆଧାର କରି ନକଲି କାଗଜପତ୍ର ତିଆରି କରୁଥିଲେ।

**ପରମାଣୁ ଡାଟା, ୩ ପାସ୍‌ପୋର୍ଟ, ୧୪ ନକ୍ସା ଜବତ**

## ଋଷ ତେଲ କଟକଣା

# ବଢ଼ିବ ପେଟ୍ରୋଲ ଦର

**ନୂଆଦିଲ୍ଲୀ,୩୦।୧୦(ଏଜେନ୍ସି):** ରୁଷଠାରୁ ତୈଳ କ୍ରୟ ବନ୍ଦ କରିବାକୁ ନେଇ ଭାରତ ଉପରେ ବିଭିନ୍ନ ଦେଶ ପକ୍ଷରୁ କଟକଣା ଲାଗୁ କରାଯାଇଛି। ଏବେ ଏହି କଟକଣାର ପ୍ରଭାବ ଭାରତ ଉପରେ ଖୁବ୍ ଶୀଘ୍ର ଅନୁଭୂତ ହେବାକୁ ଯାଉଛି। କାରଣ ଏହି ଅନ୍ତର୍ଜାତୀୟ କଟକଣା ପରେ ଭାରତୀୟ କମ୍ପାନୀଗୁଡ଼ିକ ରୁଷଠାରୁ ଅଶୋଧିତ ତୈଳ ଆମଦାନୀ ବନ୍ଦ କରିବା ଆରମ୍ଭ କରିଦେଇଛନ୍ତି। ଲକ୍ଷ୍ମୀ ମିତ୍ତଲ ଏବଂ ହିନ୍ଦୁସ୍ତାନ ପେଟ୍ରୋଲିୟମ୍ କର୍ପୋରେସନ୍ ଲିମିଟେଡ୍ (ଏଚ୍‌ପିସିଏଲ୍)ର ଯୌଥ ଉଦ୍ୟୋଗ ଏଚ୍‌ଏମ୍‌ଇଏଲ୍ (ହିନ୍ଦୁସ୍ତାନ ମିତ୍ତଲ ଏନର୍ଜି ଲିମିଟେଡ୍) ରୁଷରୁ ଅଶୋଧିତ ତୈଳ ଆମଦାନୀ ବନ୍ଦ କରିଥିବା ବୁଧବାର ସୂଚନା ଦେଇଛି। ଭାରତ ସମେତ ରୁଷର ଶକ୍ତି କ୍ଷେତ୍ରର ବାଣିଜ୍ୟ କାରବାର ଉପରେ ପାଶ୍ଚାତ୍ୟ ଦେଶଗୁଡ଼ିକ (ଆମେରିକା, ଇୟୁ, ୟୁକେ) ଦ୍ୱାରା ଲାଗୁ କରାଯାଇଥିବା ନୂଆ କଟକଣା ପରେ କମ୍ପାନୀ ଏହି ନିଷ୍ପତ୍ତି ନେଇଛି ବୋଲି ଏଚ୍‌ଏମ୍‌ଇଏଲ୍ କହିଛି। ତେବେ ଋଷଠାରୁ ତେଲ ଆମଦାନୀ ବନ୍ଦ ହୋଇଗଲେ ଭାରତୀୟ ବଜାର ଖୁବ୍ ଜଲ୍‌ଦି ପେଟ୍ରୋଲ ଓ ଡିଜେଲ ମହଙ୍ଗା ହୋଇଯିବ । ଏବେ ଏହା ଭାରତ ପାଇଁ ବଡ଼ ଚିନ୍ତାର ବିଷୟ।

**ନୂଆପଡ଼ା ଉପନିର୍ବାଚନ**

# ନବୀନଙ୍କ ଇଙ୍ଗିତ; ବିରୋଧୀ ଶିବିରରେ କମ୍ପନ

### ପ୍ରଭାବକୁ ନେଇ ଅଙ୍କ କଷୁଛନ୍ତି ବିରୋଧୀ

**ଭୁବନେଶ୍ୱର, ୩୦।୧୦ (ସମିସ):** ନୂଆପଡ଼ା ଉପନିର୍ବାଚନ ପାଖେଇ ଆସୁଥିବା ବେଳେ ସ୍ଥାନୀୟ ଅଞ୍ଚଳରେ ପ୍ରଚାର କାର୍ଯ୍ୟ ଜୋର୍ ଧରିଛି। ନୂଆପଡ଼ା ବର୍ତ୍ତମାନ ମିନି ଭୁବନେଶ୍ୱର ପାଲଟିଥିବା ବେଳେ ୩ ଦଳର ନେତା ଓ କର୍ମୀମାନେ ଝାଳବୁହା ପରିଶ୍ରମ କରୁଛନ୍ତି। ତେବେ ନିର୍ବାଚନ ପରିଚାଳନାରେ ସବୁଠାରୁ ପାରଙ୍ଗମ ବିଜେଡିର ପ୍ରଚାର ଶୈଳୀ ଏବେ ନୂଆପଡ଼ାବାସୀଙ୍କୁ ବେଶ୍ ପ୍ରଭାବିତ କରିଥିବା କୁହାଯାଉଛି। ପଞ୍ଚାୟତୱାରୀ ଦଳୀୟ ନେତାଙ୍କୁ ଦାୟିତ୍ୱ, ସ୍ଥାନୀୟ ନେତାଙ୍କୁ ଅଗ୍ରାଧିକାର, ଛୋଟ ଛୋଟ ରାଜନୈତିକ ସଭା ମାଧ୍ୟମରେ ବିଜେଡିର ଛାମୁଆ ସଂଗଠକ ନିଜର ପ୍ରଚାର କାର୍ଯ୍ୟକୁ ଚଳାଇଛନ୍ତି। ବିଜେଡିର ଯୋଜନାଭିତ୍ତିକ ପ୍ରଚାର ଦଳକୁ ସୁବିଧାଜନକ ସ୍ଥିତିରେ ରଖିଥିବା ବେଳେ ନବୀନଙ୍କ

**ପ୍ରଚାରରେ ବିଜେଡି ଆଗୁଆ, ସ୍ୱତନ୍ତ୍ର ରଣନୀତି ଆଧାରରେ ଚାଲିଛି ପ୍ରଚାର**

**ଛୋଟ ଛୋଟ ସଭା ଉପରେ ଦଳର ଗୁରୁତ୍ୱ**

**ରାଜନୀତି ସମୀକ୍ଷକଙ୍କ ମତ, ବିଜେଡିର ଗୋଟିଏ ନେତାଙ୍କୁ ଜଗିଛନ୍ତି ଶାସକ ଦଳର ୩ ଜଣ**

'ବିଜୟ ହେବ ନୂଆପଡ଼ାର' ଇଙ୍ଗିତ ଏବେ ବିରୋଧୀ ଶିବିରରେ କମ୍ପନ ସୃଷ୍ଟି କରିଛି।

ସାମାଜିକ ଗଣମାଧ୍ୟମ 'ଏକ୍ସ'ରେ ବିଜେଡି ସୁପ୍ରିମୋ ନବୀନ ଆଜି ଏକ ଟ୍ୱିଟ୍ କରିଥିଲେ। ଏଥିରେ ସେ ନୂଆପଡ଼ାରେ ସେବା ଓ ବିକାଶର ନୂଆଧାରା ଆରମ୍ଭ ହେବ ବୋଲି ଉଲ୍ଲେଖ କରିବା ସହ ଦଳୀୟ ପ୍ରାର୍ଥୀ ସ୍ନେହାଙ୍ଗିନୀ ଛୁରିଆଙ୍କର ପ୍ରଚାରର ଏକ ଭିଡ଼ିଓ



ପୋଷ୍ଟ କରିଥିଲେ। କେଇଘଣ୍ଟା ମଧ୍ୟରେ ଏହା ଦଳୀୟ କର୍ମୀ ଓ ନେତାଙ୍କ ମଧ୍ୟରେ ଏହି ଟ୍ୱିଟ୍ ଟ୍ରେଣ୍ଡ କରିଥିଲା। ଆସନ୍ତା ୩ ତାରିଖରେ କୋମନାରେ ଏକ ସମାବେଶ ଓ ୭ ତାରିଖରେ ନୂଆପଡ଼ାରୁ ଖରିଆର ରୋଡ଼ ପର୍ଯ୍ୟନ୍ତ ନବୀନଙ୍କ ଶୋଭାଯାତ୍ରା ପୂର୍ବରୁ ତାଙ୍କର ଟ୍ୱିଟ୍ ଦଳୀୟ କର୍ମୀ ଓ କର୍ମକର୍ତ୍ତାଙ୍କୁ ପୁରା ଉତ୍ସାହିତ କରିଛି। ନବୀନଙ୍କ ଏହି ଗସ୍ତ ସବୁ ରାଜନୈତିକ ▶ପୃଷ୍ଠା-୭

## ତହସିଲରେ ହେବ ଜମି କିଣାବିକା

**ଭୁବନେଶ୍ୱର, ୩୦।୧୦ (ସମିସ):** ଏଣିକି ତହସିଲ୍ ଅଫିସରେ ହେବ ଜମି କିଣାବିକା। ଜମି କିଣିବିକା ପାଇଁ ଆଉ ସବରେଜିଷ୍ଟ୍ରାରଙ୍କ ଅଫିସକୁ ଯିବା ଆବଶ୍ୟତା ପଡ଼ିବ ନାହିଁ। ରାଜ୍ୟର ସବୁ ତହସିଲରେ ଏହି ନିବନ୍ଧନ ସୁବିଧା ଉପଲବ୍ଧ କରିବା ପାଇଁ ରାଜ୍ୟ ସରକାର ନିଷ୍ପତ୍ତି ନେଇଛନ୍ତି। ସବୁଠୁ ବଡ଼ କଥା ହେଉଛି ଯେ ଏଥିପାଇଁ କୌଣସି ତୃତୀୟ ପକ୍ଷ ଉପରେ ନୁହେଁ ବରଂ ନିଜେ ଅନଲାଇନରେ ସମୟ ନିର୍ଦ୍ଧାରଣ କରି ଲୋକେ ଜମି କିଣାବିକା କରିପାରିବେ। ଏହି ବ୍ୟବସ୍ଥାକୁ ନଭେମ୍ବର ୧ ତାରିଖରୁ ଆରମ୍ଭ କରାଯିବ ବୋଲି ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ କହିଛନ୍ତି।

ମନ୍ତ୍ରୀ ଶ୍ରୀ ପୂଜାରୀ କହିଛନ୍ତି ଯେ ପ୍ରଥମ ପର୍ଯ୍ୟାୟରେ ରାଜ୍ୟର ୪୪ଟି ତହସିଲରେ ଏହି ବ୍ୟବସ୍ଥା ଉପଲବ୍ଧ ହେବ। ଏହି ସେବାକୁ ମୁଖ୍ୟମନ୍ତ୍ରୀ ଉଦ୍ଘାଟନ କରିବେ। ପ୍ରଚଳିତ ବ୍ୟବସ୍ଥା ଅନୁସାରେ ଜିଲ୍ଲାସ୍ତରରେ ଥିବା ୨୧୭ଟି ଉପ ନିବନ୍ଧନ ବା ସବରେଜିଷ୍ଟ୍ରାରଙ୍କ କାର୍ଯ୍ୟାଳୟରେ ଜମିଜମା କିଣାବିକା ନିବନ୍ଧନ ହୋଇଥାଏ। ଏହି ବ୍ୟବସ୍ଥା ଦ୍ୱାରା ସାଧାରଣ ଲୋକମାନେ ନିଜ ଜମି ବିକିବା ଅବା କିଣିବା ଲାଗି ଅନେକ ଅସୁବିଧାର ସମ୍ମୁଖୀନ ହୋଇଥାନ୍ତି। ଏହାକୁ ଦୃଷ୍ଟିରେ ରଖି ଏହି ସାଧାରଣ ସେବାକୁ ତହସିଲ ସ୍ତରକୁ ନେବା ପଲାଗି ରାଜ୍ୟ ସରକାର ଏହି ଘୋଷଣା କରିଛନ୍ତି। ୩୨୦ଟି ତହସିଲରେ ଏହି ସୁବିଧା ଉପଲବ୍ଧ ହେବ ବୋଲି ଶ୍ରୀ ପୂଜାରୀ କହିଛନ୍ତି।

## ଗୋଟିଏ ଦେଶ, ଗୋଟିଏ ପୁଲିସ ୟୁନିଫର୍ମ

### ସାରା ଦେଶରେ ପୁଲିସ ପାଇଁ ଗୋଟିଏ ପ୍ରକାର ପୋଷାକ

**ନୂଆଦିଲ୍ଲୀ, ୩୦।୧୦ (ଏଜେନ୍ସି):** ସାରା ଦେଶରେ ସମସ୍ତ ପୁଲିସ କର୍ମଚାରୀଙ୍କ ପାଇଁ ଗୋଟିଏ ପ୍ରକାର ପୋଷାକ (ୟୁନିଫର୍ମ) ଯୋଜନା କାର୍ଯ୍ୟକାରୀ କରିବାକୁ ଯାଉଛନ୍ତି କେନ୍ଦ୍ର ସରକାର। କନେଷ୍ଟବଲଙ୍କ ଠାରୁ ଆରମ୍ଭ କରି ଡିଏସ୍‌ପି ପାହ୍ୟା ଅଧିକାରୀ ପର୍ଯ୍ୟନ୍ତ ସମସ୍ତଙ୍କର ଗୋଟିଏ ପ୍ରକାର ପୋଷାକ ରହିବ। କପଡ଼ା, ଡିଜାଇନ ଏବଂ ରଙ୍ଗ ଗୋଟିଏ ପ୍ରକାର ରହିବ। କେବଳ ରାଜ୍ୟମାନେ ନିଜ ନିଜର ଚିହ୍ନ (ଏମବ୍ଲେମ୍) ଓ ର୍‍ୟାଙ୍କ୍ ବ୍ୟାଜ୍ ବଜାୟ ରଖିବେ।

କେନ୍ଦ୍ର ସ୍ୱରାଷ୍ଟ୍ର ବିଭାଗ ଓଡ଼ିଶା ସମେତ ସମସ୍ତ ରାଜ୍ୟ ଓ କେନ୍ଦ୍ର ଶାସିତ ଅଞ୍ଚଳ ସରକାରଙ୍କୁ ଏହି ସୂଚନା ଦେଇଛନ୍ତି। ସେମାନେ ତିଆରି କରୁଥିବା ପୋଷାକ ପାଇଁ କେତେ ଖର୍ଚ୍ଚ ହେଉଛି ଏବଂ ପୁଲିସ କର୍ମଚାରୀ/ଅଧିକାରୀମାନଙ୍କୁ ଏବାବଦ ବର୍ଷକୁ କେତେ ଭତ୍ତା ଦିଆଯାଉଛି, ତାହାର ବିସ୍ତୃତ ବିବରଣୀ ଲୋଡ଼ିଛନ୍ତି କେନ୍ଦ୍ର ସରକାର। ଆସନ୍ତା ନଭେମ୍ବର ୪ ତାରିଖ ସୁଦ୍ଧା ଏହିସବୁ ତଥ୍ୟ ଦାଖଲ କରିବା ଲାଗି ସମସ୍ତ ରାଜ୍ୟ ପୁଲିସ ମହାନିର୍ଦ୍ଦେଶକଙ୍କୁ ନିର୍ଦ୍ଦେଶ ଦିଆଯାଇଛି।

ତଥ୍ୟ ମିଳିବା ପରେ କେନ୍ଦ୍ର ସରକାର ପୁଲିସ ୟୁନିଫର୍ମ ନେଇ ସମସ୍ତ ରାଜ୍ୟ ସରକାରଙ୍କ ପାଇଁ ଗାଇଡଲାଇନ୍ସ ଜାରି କରିବେ। ପର୍ଯ୍ୟାୟ କ୍ରମେ ଏହାର କାର୍ଯ୍ୟକାରୀ କରାଯିବ। ଏହା କାର୍ଯ୍ୟକାରୀ ହେଲେ ଦେଶରେ ପୁଲିସ ଇତିହାସରେ ପ୍ରଥମ ଥର ଲାଗି ଦେଶବ୍ୟାପୀ ପୁଲିସ କର୍ମଚାରୀ ସମାନ ୟୁନିଫର୍ମ ପିନ୍ଧିବେ। କପଡ଼ା, ଡିଜାଇନ ଓ ରଙ୍ଗ ▶ପୃଷ୍ଠା-୭

**ରାଜ୍ୟମାନଙ୍କଠାରୁ ତଥ୍ୟ ଲୋଡ଼ିଲା କେନ୍ଦ୍ର**

# ଦ୍ୱିତୀୟ ଶ୍ରୀକ୍ଷେତ୍ରରେ ଅଚଳାବସ୍ଥା

### ମିଳୁନି ସରକାରୀ ଅନୁଦାନ; ବକେୟା ୧.୪୫ କୋଟି

**ବାରିପଦା, ୩୦।୧୦ (ସମିସ):** ମନ୍ଦିର ପରିଚାଳନା ପାଇଁ ଦୀର୍ଘଦିନ ହେଲା ସରକାରୀ ଅନୁଦାନ ମିଳୁ ନ ଥିବାରୁ ଦ୍ୱିତୀୟ ଶ୍ରୀକ୍ଷେତ୍ର ବାରିପଦା ଜଗନ୍ନାଥ ମନ୍ଦିରରେ ଅଚଳାବସ୍ଥା ଦେଖାଦେଇଛି। ଫଳରେ ଗୁରୁବାର ଟେଣ୍ଡରଧାରୀଙ୍କ ସାମଗ୍ରୀ ଯୋଗାଣ ବନ୍ଦ ନିଷ୍ପତ୍ତି ପରେ ଦିଅଁଙ୍କ ନିତ୍ୟାନୀ ସେବା ଓ ଭୋଗଲାଗି ବନ୍ଦ ଆଶଙ୍କା ଦେଖାଦେଇଥିଲା; ହେଲେ ପ୍ରଶାସନର ହସ୍ତକ୍ଷେପ ପରେ ସେବା ଓ ଭୋଗ ପାଇଁ ସାମଗ୍ରୀ ପୂର୍ବଭଳି ଯୋଗାଯିବାକୁ ଥିବାବେଳେ ଉପୁନ ପରିସ୍ଥିତି ଟଳିଛି; ପରନ୍ତୁ ଏହାର ସ୍ଥାୟୀ ପ୍ରତିକାର ନ ହେଲେ ସେବାୟତମାନେ ନଭେମ୍ବର ଦ୍ୱିତୀୟ ସପ୍ତାହରେ ଆନ୍ଦୋଳନକୁ ଓହ୍ଲାଇବେ ବୋଲି ରାଜ୍ୟ ସଭାପତି କାମେଶ୍ୱର ତ୍ରିପାଠୀ ଚେତାବନୀ ଦେଇଛନ୍ତି। ଘଟଣାରୁ ପ୍ରକାଶ ଯେ, ଶ୍ରୀଶ୍ରୀ ହରିବଳଦେବ ଜୀଉ ବିଜେ ବାରିପଦା ଜଗନ୍ନାଥ ମନ୍ଦିର ପରିଚାଳନା ପାଇଁ ଆବଶ୍ୟକ ସାମଗ୍ରୀ ଯୋଗାଇବା ପାଇଁ ବାର୍ଷିକ ଖୋଲା ଟେଣ୍ଡର ଆହ୍ୱାନ କରାଯାଇଥାଏ। ଦୈନନ୍ଦିନ ସେବା ଓ ବିଭିନ୍ନ ଭୋଗ ପାଇଁ ଗ୍ରୋସରୀ ଓ ପୂଜା ସାମଗ୍ରୀ, କାଠ, ଲୁଗା, ମିଠା, ପାନ, ଦୁଗ୍ଧ, ଘିଅ ଆଦି ଯୋଗାଇବା ପାଇଁ ଭିନ୍ନ ଭିନ୍ନ ବ୍ୟବସାୟ ପ୍ରତିଷ୍ଠାନ ଟେଣ୍ଡର ନେଇଛନ୍ତି ; କିନ୍ତୁ ସେମାନଙ୍କୁ ଠିକ ସମୟରେ ତାଙ୍କର ଟଙ୍କା ଦିଆଯାଉ ନ ଥିବାରୁ ଅଡୁଆ ପରିସ୍ଥିତି ସୃଷ୍ଟି କରିଛି। ପ୍ରତିଦିନ ସେବା ଓ ଭୋଗ ସହିତ ପର୍ବପର୍ବାଣି ପାଇଁ ଅତିରିକ୍ତ ଖର୍ଚ୍ଚ ମଧ୍ୟ ରହିଛି। ଏହି କ୍ରମରେ ଏ ଯାଏ ୧ କୋଟି ୪୫ ଲକ୍ଷ ଟଙ୍କା ବାକି ପଡ଼ିଛି। ଗୁରୁବାର ଜଣେ ▶ପୃଷ୍ଠା-୭

**ସାମଗ୍ରୀ ଦେବାକୁ ମନା କରିଦେଲେ ଟେଣ୍ଡରଧାରୀ**

**ପ୍ରଶାସନ ହସ୍ତକ୍ଷେପ ସତ୍ତ୍ୱେ ଆନ୍ଦୋଳନକୁ ଓହ୍ଲାଇବେ ସେବାୟତ**






# ଫୁଡ୍ ଡେଲିଭରୀ ବଏଙ୍କୁ କାର୍ ଚଢ଼ାଇ ମାରିଦେଲେ ଦମ୍ପତି

ବେଙ୍ଗାଲୁରୁ, ୩୦ ।୧୦(ଏଜେନ୍ସି): ବେଙ୍ଗାଲୁରୁରେ ଏକ ଅଭାବନୀୟ ଘଟଣା ଘଟିଛି। ଜଣେ ଫୁଡ୍ ଡେଲିଭରୀ ଏଜେଣ୍ଟଙ୍କୁ କାର୍ ଚଢ଼ାଇ ହତ୍ୟା କରିଛନ୍ତି ଏକ ଦମ୍ପତି। ଅକ୍ଟୋବର ୨୫ରେ ଏହି ଘଟଣା ଜେପି ନଗର ଅଞ୍ଚଳରେ ଘଟିଛି। କିନ୍ତୁ ବେଙ୍ଗାଲୁରୁ ପୁଲିସ ବୁଧବାର ଏହି ରୋଡ ରେଜ୍ ସମ୍ପର୍କରେ ସୂଚନା ଦେଇଛି। ଅଭିଯୁକ୍ତ ମନୋଜ କେରଳର ଓ ତାଙ୍କ ପତ୍ନୀ ଆରତୀ ଜମ୍ମୁ-କଶ୍ମୀରର ବୋଲି ପୁଲିସ କହିଛି। ଫୁଡ୍ ଡେଲିଭରୀ ଏଜେଣ୍ଟ ଦର୍ଶନଙ୍କ ସ୍କୁଟି ମନୋଜଙ୍କ କାର୍‌କୁ ଧକ୍କା ଦେଇଥିଲା। ଫଳରେ ମନୋଜଙ୍କ କାର୍‌ର କାଚ ଭାଙ୍ଗିଯାଇଥିଲା। ଏହାର ପ୍ରତିଶୋଧ ନେବା ପାଇଁ ମନୋଜ ପିଛା କରି ଦର୍ଶନଙ୍କୁ କାର୍‌ରେ ଧକ୍କା ଦେଇଥିଲେ। ପ୍ରଥମେ ଏହାକୁ ଏକ ହିଟ୍ ଆଣ୍ଡ ରନ୍ ମାମଲା ବୋଲି ପୁଲିସ କହୁଥିଲା। କିନ୍ତୁ ସିସିଟିଭି ଫୁଟେଜରେ ମନୋଜ ଜାଣିଶୁଣି ଦର୍ଶନଙ୍କ ସ୍କୁଟିକୁ ଧକ୍କା ଦେଇଥିଲା ବୋଲି ସ୍ପଷ୍ଟ ଭାବେ ଜଣା ପଡ଼ିଥିଲା। ଯାଞ୍ଚ ପରେ ଏହି ହିଟ୍ ଆଣ୍ଡ ରନ୍ ମାମଲା ହତ୍ୟାକାଣ୍ଡ ଭାବେ ବଦଳିଯାଇଛି।

ପୁଲସି କହିବା ଅନୁସାରେ ରାତି ୯ଟାରେ ଦର୍ଶନଙ୍କ ସ୍କୁଟି ମନୋଜଙ୍କ କାରକୁ ହାଲ୍‌କା ଭାବେ ଧକ୍କା ଦେଇଥିଲା। ଏଥିରେ କାର୍‌ର କାଚ ଭାଙ୍ଗିଯାଇଥିଲା। ଏଥିପାଇଁ ଦର୍ଶନ କ୍ଷମା ମାଗି ଆଗକୁ ଚାଲିଯାଇଥିଲେ। କିନ୍ତୁ ମେନୋଜ ରାଗିଯାଇ ୟୁ ଟର୍ଣ୍ଣ ନେଇ ପାଖପାଖି ଦୁଇ କିମି ପିଛା କରି ଜେପି ନଗର ନିକଟରେ ସ୍କୁଟିକୁ ଜାଣିଶୁଣି ଧକ୍କା ଦେଇଥିଲେ। ଫଳରେ ଦର୍ଶନ ଓ ତାଙ୍କ ସାଥି ବରୁଣ ସଡ଼କ ଉପରେ ପଡ଼ିଯାଇଥିଲେ। ସ୍ଥାନୀୟ ଲୋକ ଦୁଇଜଣଙ୍କୁ ହସ୍ପିଟାଲରେ ଭର୍ତ୍ତି କରିଥିଲେ। ଡାକ୍ତର ଦର୍ଶନଙ୍କୁ ମୃତ ଘୋଷିତ କରିଥିଲେ। କିନ୍ତୁ ବରୁଣ ସାମାନ୍ୟ ଆହତ ହୋଇଥିଲେ। ଘଟଣା ଘଟାଇବା ପରେ ମନୋଜ ଓ ଆରତୀ ମାସ୍କ ପିନ୍ଧି ପ୍ରତ୍ୟାବର୍ତ୍ତନ କରି ନିଜ କାରର ଭାଙ୍ଗିଥିବା କାଚ ଉଠାଇ ନେଇଥିଲେ ବୋଲି ପୁଲିସ କହିଛି। ମନୋଜ ନିଜର ଦୋଷ ତଥା ଅପରାଧ



ସ୍ୱୀକାର କରିଛି। ତେବେ ଘଟଣା ସମୟରେ ଆରତୀ ତାଙ୍କ ସହ ଥିଲା କି ନା ସେ ନେଇ ଯାଞ୍ଚ ଚାଲିଛି ବୋଲି ଦକ୍ଷିଣ ବେଙ୍ଗାଲୁରୁ ଡିସିପି ଲୋକେଶ ଜଗଲାସର କହିଛନ୍ତି।

# ମୁମ୍ବାଇରେ ଏକ ଘଣ୍ଟାର ଆତଙ୍କ

## ଅଡିସନ୍ ପାଇଁ ଯାଇଥିବା ୧୭ ଶିଶୁ ମୁଣ୍ଡଜାମିନ

ମୁମ୍ବାଇ, ୩୦।୧୦ (ଏଜେନ୍ସି): ଭାରତର ଆର୍ଥିକ ରାଜଧାନୀରେ ଆତଙ୍କ ଖେଳି ଯାଇଛି। ଜଣେ ବ୍ୟକ୍ତି ମୁମ୍ବାଇର ପୱାଇ ଅଞ୍ଚଳର ସ୍ଥିତ ଏକ କୋଠାର ପ୍ରଥମ ମହଲାରେ ଥିବା ଆରଏ ଷ୍ଟୁଡିଓରେ ୧୭ ଶିଶୁଙ୍କ ସମେତ ଜଣେ ବରିଷ୍ଠ ନାଗରିକ ଏବଂ ଅନ୍ୟ ଜଣେ ବ୍ୟକ୍ତିଙ୍କୁ ବନ୍ଦୀ କରି ରଖିଛି। ଦୀର୍ଘ ଘଣ୍ଟା ପର୍ଯ୍ୟନ୍ତ ଏହି ଦୁଇ ଜଣ ପିଲାଙ୍କୁ ନ ଛାଡ଼ିବାରୁ ପୁଲିସ, ଦମକଳବାହିନୀ ଏବଂ ପରିବାର ସଦସ୍ୟ ସେଠାରେ ପହଞ୍ଚି ଥିଲେ। ମୁଖ୍ୟ ଅଭିଯୁକ୍ତ ରାହୁଲ ଆର୍ଯ୍ୟ ଏକ ଭିଡିଓ ଜାରି କରି ନିଜ ଦାବି ରଖିଥିଲା। ସେ କିଛି ବ୍ୟକ୍ତିଙ୍କଠାରୁ ପ୍ରଶ୍ନର ଉତ୍ତର ଚାହୁଁଥିବା କହିଥିଲା। ସେଥିପାଇଁ ଏହି ଷଡ଼ଯନ୍ତ୍ର

- **ଉଦ୍ଧାର କଲେ ପୁଲିସ ଓ ଦମକଳବାହିନୀ**
- **ଏନ୍‌କାଉଣ୍ଟରରେ ଅଭିଯୁକ୍ତ ନିହତ**

କରିଥିବା ଉଲ୍ଲେଖ କରିଥିଲା। କିନ୍ତୁ ପରେ ପୁଲିସ ସ୍ୱତନ୍ତ୍ର ଅଭିଯାନ ଆରମ୍ଭ କରିଥିଲା। ଏକ ଘଣ୍ଟାର କସରତ ପରେ ପୁଲିସ ପ୍ରଥମ ମହଲାରେ ଥିବା ଗାଧୁଆଘର ଦେଇ ଭିତରେ ପ୍ରବେଶ କରିଥିଲା। ଅଭିଯୁକ୍ତଙ୍କୁ ଗୁଳି ମାଡ଼ କରି ୧୭ ଶିଶୁଙ୍କୁ ସୁରକ୍ଷିତ




ଭାବେ ଉଦ୍ଧାର କରିଥିଲା। ତେବେ ଏହି ଏନ୍‌କାଉଣ୍ଟରରେ ମୁଖ୍ୟ ଅଭିଯୁକ୍ତ ରାହୁଲ ଆର୍ଯ୍ୟ ପ୍ରାଣ ହରାଇଛି। ସୂଚନା ଅନୁଯାୟୀ ଆରଏ ଷ୍ଟୁଡିଓରେ ପିଲାଙ୍କୁ ଅଭିନୟ ଶିକ୍ଷା ଦିଆଯାଉଥିଲା। ଅଡିସନ ବାହାନାରେ ପ୍ରାୟ ଶହେ ଶିଶୁଙ୍କୁ ସେଠାକୁ ଡକା ଯାଇଥିଲା। ମାତ୍ର ୧୭ ଜଣ ଏଥିପାଇଁ ପହଞ୍ଚି ଥିଲେ। ସମସ୍ତଙ୍କ ବୟସ ୮ରୁ ୧୪ ବର୍ଷ ମଧ୍ୟରେ ଥିଲା। ପୁଲିସକୁ ଏହାର ସୂଚନା ଗୁରୁବାର ଅପରାହ୍ଣ ୧ଟା ୪୫ରେ ମିଳିଥିଲା। ସଙ୍ଗେ ସଙ୍ଗେ ପୁଲିସ ଘଟଣାସ୍ଥଳରେ ପହଞ୍ଚି ଅଭିଯୁକ୍ତର ଦାବି ଜାଣିବାକୁ ଚାହିଁଥିଲା। କିନ୍ତୁ ସେ ଶିଶୁଙ୍କୁ ଛାଡିବାକୁ ମନା କରି ଦେଇଥିଲା। ଷ୍ଟୁଡିଓରେ ଲାଗିଥିବା କାଚ ଦେଇ ଶିଶୁ ବାହାରକୁ ଚାହିଁ ରହିଥିବା ଦେଖିବାକୁ ମିଳିଥିଲା। ତେବେ ଶିଶୁଙ୍କ କ୍ଷତି କରିବାକୁ ଧମକାଇବା ପରେ ପୁଲିସ ଉଦ୍ଧାର ଅଭିଯାନ ଆରମ୍ଭ କରିଥିଲା। ଘଟଣାସ୍ଥଳରୁ ଏକ ଏୟାର ଗନ୍ ଏବଂ ଅନ୍ୟ ରାସାୟନିକ ସାମଗ୍ରୀ ମିଳିଛି। ଏ ପର୍ଯ୍ୟନ୍ତ ରୋହିତର ଉଦ୍ଦେଶ୍ୟ ଜଣାପଡ଼ି ନାହିଁ। ଅଭିଯୁକ୍ତ ଜଣେ ମାନସିକ ରୋଗୀ ବୋଲି ପୁଲିସ ସନ୍ଦେହ କରୁଛି।

ଏହା ପୂର୍ବରୁ ଅଭିଯୁକ୍ତ ଏକ ଭିଡିଓ ଜାରି କରି କହିଥିଲା ଯେ ସେ ଆତ୍ମହତ୍ୟା କରିବା ପରିବର୍ତ୍ତେ ଶିଶୁଙ୍କୁ ବନ୍ଦୀ ବନାଇ ରଖିଛି। ମୁଁ ବହୁତ ସାଧାରଣ ବ୍ୟକ୍ତି। ମୋର କିଛି ନୈତିକ ଦାବି ଏବଂ ପ୍ରଶ୍ନ ରହିଛି। କିଛି ଲୋକଙ୍କ ସହ ଆଲୋଚନା କରି ପ୍ରଶ୍ନର ଉତ୍ତର ଚାହୁଁଛି। ଏହା ବ୍ୟତୀତ ମୁଁ ଆଉ କିଛି ଚାହୁଁନାହିଁ। ମୁଁ କୌଣସି ଆତଙ୍କବାଦୀ ନୁହେଁ। ଅଧିକ ଟଙ୍କାର ମଧ୍ୟ ଦାବି କରୁନାହିଁ। ଯଦି ମତେ ଉସୁକା ଯିବ ତେବେ ସମ୍ପୂର୍ଣ୍ଣ ଷ୍ଟୁଡିଓକୁ ନିଆଁ ଲଗାଇ ଦେବି। ଉସୁକାଇଲେ ଶିଶୁଙ୍କର ମଧ୍ୟ କ୍ଷତି କରିବି।

# ପରମାଣୁ ଅସ୍ତ୍ର ପରୀକ୍ଷା ପାଇଁ ନିର୍ଦ୍ଦେଶ ଦେଲେ ଟ୍ରମ୍ପ



ୱାଶିଂଟନ, ୩୦ ।୧୦(ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ପ୍ରତିରକ୍ଷା ମନ୍ତ୍ରଣାଳୟ ଅର୍ଥାତ ପେଣ୍ଟାଗନକୁ ତୁରନ୍ତ ପରମାଣୁ ଅସ୍ତ୍ର ପରୀକ୍ଷଣ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଏହି ପରୀକ୍ଷଣ ଚୀନ୍ ଓ ରୁଷିଆ ସହ ବରାବର ହେବା ଉଚିତ ବୋଲି ସେ କହିଛନ୍ତି। ଅନ୍ୟ ଦେଶଗୁଡିକର ପରୀକ୍ଷଣକୁ ଦେଖି ପରମାଣୁ ଅସ୍ତ୍ରର ତୁରନ୍ତ ପରୀକ୍ଷା ପାଇଁ ନିର୍ଦ୍ଦେଶ ଦେଇଛି ବୋଲି ଟ୍ରମ୍ପ କହିଛନ୍ତି। ଆମେରିକା ପାଖରେ ସବୁଠାରୁ ଅଧିକ ପରମାଣୁ ଅସ୍ତ୍ର ରହିଛି। ରୁଷିଆ ଦ୍ୱିତୀୟ ସ୍ଥାନରେ ରହିଛି। କିନ୍ତୁ ଆଗାମୀ ୫ ବର୍ଷରେ ରୁଷ ବରାବର କରିପାରେ ବୋଲି ସେ କହିଛନ୍ତି। ରୁଷି ଓ ଚୀନ୍ ଦୁଇ ଦେଶ ପରମାଣୁ ଅସ୍ତ୍ରର ପରୀକ୍ଷା କରୁଛନ୍ତି। କିନ୍ତୁ ଆମେ ପରୀକ୍ଷଣ କରୁନାହୁଁ। ଅନ୍ୟ ଦେଶମାନେ କରୁଛନ୍ତି। ଏବେ ଆମେ ମଧ୍ୟ ପରମାଣୁ ଅସ୍ତ୍ର ପରୀକ୍ଷା କରିବୁ ବୋଲି ଟ୍ରମ୍ପ ସ୍ପଷ୍ଟ କରିଛନ୍ତି।

ଆମେରିକା ୩୩ ବର୍ଷ ତଳେ ଏଭଳି ପରମାଣୁ ଅସ୍ତ୍ର ପରୀକ୍ଷଣ କରିଥିଲା। ଆମେରିକା ୧୯୯୨ ସେପ୍ଟେମ୍ବର ୨୩ରେ ଶେଷଥର ପାଇଁ ପରମାଣୁ ଅସ୍ତ୍ର ପରୀକ୍ଷା କରିଥିଲା। ଏହା ଆମେରିକାର ୧,୦୩୦ତମ ପରମାଣୁ ଅସ୍ତ୍ର ପରୀକ୍ଷଣ ଥିଲା। ନାଭେଡା

### ■ ୩୩ ବର୍ଷ ତଳେ ହୋଇଥିଲା ପରୀକ୍ଷଣ

ଟେଷ୍ଟ ସାଇଟ୍‌ର ରେନିଅର ମେସା ହିଲ୍‌ସାଇଡ୍‌ରେ ୨୩୦୦ ଫୁଟ ତଳେ ଆମେରିକା ଶେଷଥର ପାଇଁ ପରମାଣୁ ଅସ୍ତ୍ର ପରୀକ୍ଷା କରିଥିଲା। ଆଣବିକ ବିକିରଣ ବାହାରକୁ ନ ବ୍ୟାପୀବା ପାଇଁ ଏପରି କରାଯାଇଥିଲା। ସେତେବେଳେ ଏହାର କୋଡ ନାମ ଡିଭାଇଡର ଥିଲା। ମାଟି ତଳେ ଏତେଜୋରରେ ବିସ୍ଫୋରଣ ହୋଇଥିଲା ଯେ, ପଥର ମଧ୍ୟ ତରଳି ଯାଇଥିଲା। ମାଟିରସ୍ତର ଗୋଟିଏ ଫୁଟ ଉପରକୁ ଉଠି ପୁଣି ତଳକୁ ଧସିଯାଇଥିଲା। ଏବେ ସେଠାରେ ୧୫୦ମିଟର ଚଉଡ଼ା ଓ ୧୦ ମିଟର ଗାତ ଦେଖିବାକୁ ମିଳିଛି। ଏହାପରେ ୧୯୯୬ରେ କମ୍ପ୍ରିହେନସିଭ ନ୍ୟୁକ୍ଲିୟାର ଟେଷ୍ଟ ବ୍ୟାନ ଟ୍ରିଟି (ସିଟିବିଟି) ସ୍ୱାକ୍ଷରିତ ହୋଇଥିଲା। ଫଳରେ ମାଟିତଳେ ପରମାଣୁ ଅସ୍ତ୍ର ପରୀକ୍ଷଣ ଉପରେ ରୋକ ଲାଗାଯାଇଥିଲା। ଚୀନ୍ ଓ ଆମେରିକା ଏହି ଚୁକ୍ତିରେ ଦସ୍ତଖତ କରିଥିଲେ ମଧ୍ୟ ଏପର୍ଯ୍ୟନ୍ତ ଏହାକୁ ଔପଚାରିକ ଭାବେ ମଞ୍ଜୁରୀ ଦେଇନାହାନ୍ତି।

# ୬ ମାସ ପାଇଁ ଚାବାହାର ବନ୍ଦର କଟକଣାରୁ ବର୍ତ୍ତିଲା ଭାରତ

ନୂଆଦିଲ୍ଲୀ, ୩୦ ।୧୦(ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଭାରତକୁ ବଡ଼ ଆଶ୍ୱସ୍ତି ପ୍ରଦାନ କରିଛନ୍ତି। ଇରାନର ଚାବାହାର ବନ୍ଦର ଉପରେ ଆମେରିକା କଟକଣା ଲାଗୁ କରିନାହିଁ। ଏହି ବନ୍ଦର ଉପରେ କଟକଣା ନେଇ ଆମେରିକା ତା'ର ରିହାତି ଅବଧିକୁ ଆଉ ୬ ମାସକୁ ବୃଦ୍ଧି କରିଛି। ଏହି ଅବଧି ଅକ୍ଟୋବର ୨୭ ରେ ଶେଷ ହେବାକୁ ଯାଉଥିଲା। ଏହାକୁ ଭାରତର ଏକ ବଡ଼ କୁଟନୈତିକ ବିଜୟ ବୋଲି କୁହାଯାଉଛି। ଭାରତ ୨୦୨୪ରେ ଏହି ବନ୍ଦରକୁ ବ୍ୟବହାର କରିବାକୁ ନେଇ ଇରାନ ସହ ୧୦ ବର୍ଷ ପାଇଁ ଚୁକ୍ତି କରିଥିଲା। ଭାରତ ମଧ୍ୟ ଏଥିପାଇଁ ବହୁତ ଅର୍ଥ ନିବେଶ କରିଥିଲା। ଏହି ଚୁକ୍ତି ଅନୁସାରେ ଭାରତୀୟ ପୋର୍ଟ୍ସ ଗ୍ଲୋବାଲ ଲିମିଟେଡ (ଆଇପିଜିଏଲ୍) ବନ୍ଦର ଶହିଦ ବେହସ୍ତି ଟର୍ମିନାଲର ସଞ୍ଚାଳନ ପ୍ରକ୍ରିୟାକୁ ନିଜ ହାତକୁ ନେଇଥିଲା। ଫଳରେ ଭାରତ ପ୍ରଥମଥର ପାଇଁ କୌଣସି ବିଦେଶୀ ବନ୍ଦରର ପରିଚାଳନା ନିଜ ହାତକୁ ନେଇଥିଲା। ଏହାପୂର୍ବରୁ ୨୦୧୬ରେ ହୋଇଥିବା ଚୁକ୍ତିର ନବୀକରଣ ପ୍ରତିବର୍ଷ ହେଉଥିଲା। ଚାବାହାର ବନ୍ଦର ଭାରତ ପାଇଁ ବିଶେଷ ଭାବେ ଗୁରୁତ୍ୱ ବହନ କରୁଛି। କାରଣ ପାକିସ୍ତାନକୁ ବାଇପାସ୍ କରି ଭାରତ ଏହି ବନ୍ଦର ମାଧ୍ୟମରେ ଆଫଗାନିସ୍ତାନ ଓ ମଧ୍ୟ ଏସୀୟ ଦେଶଗୁଡିକ ସହ ସିଧାସଳଖ ବାଣିଜ୍ୟ ଓ ବ୍ୟବସାୟ କରିବାକୁ ସକ୍ଷମ ହେଉଛି। ୨୦୨୩ରେ ଭାରତ ଏହି ପ୍ରକଳ୍ପ ନେଇ ପ୍ରସ୍ତାବ ଦେଇଥିଲା। ଏହା ଦ୍ୱାରା ଅନ୍ତର୍ଜାତୀୟ ଉତ୍ତର- ଦକ୍ଷିଣ ଟ୍ରାନ୍ସପୋର୍ଟ କରିଡର ଜରିଆରେ ଆଞ୍ଚଳିକ ଯୋଗାଯୋଗ ସୁଦୃଢ଼ ହୋଇଛି।

# କାନାଡ଼ାରେ ଭାରତୀୟ ବ୍ୟବସାୟୀଙ୍କୁ ହତ୍ୟା

ମଣ୍ଟ୍ରିଲ, ୩୦ ।୧୦(ଏଜେନ୍ସି): କାନାଡ଼ାରେ ଜଣେ ଭାରତୀୟ ବ୍ୟବସାୟୀଙ୍କୁ ପିଟି ପିଟି ହତ୍ୟା କରାଯିବାର ଘଟଣା ସାମ୍ନାକୁ ଆସିଛି। ଏଡମାଣ୍ଟନ ପୁଲିସ ତରଫରୁ ଏ ନେଇ ସୂଚନା ଦିଆଯାଇଛି। ଏହି ବ୍ୟବସାୟୀ ହେଉଛନ୍ତି ୫୫ ବର୍ଷୀୟ ଅରବି ସିଂହ ସଗୁ। ୧୦୯ ଷ୍ଟ୍ରିଟ୍ ଓ ୧୦୦ ଆଭେନ୍ୟୁ ନିକଟରେ ପୁଲିସକୁ ଜଣେ ବ୍ୟକ୍ତିଙ୍କ ଉପରେ ଆକ୍ରମଣ ନେଇ ସୂଚନା ମିଳିଥିଲା। ପୁଲିସ ସେଠାରେ ପହଞ୍ଚି ସଗୁଙ୍କୁ ବେହୋସ ଅବସ୍ଥାରେ ଉଦ୍ଧାର କରିଥିଲା। ତାଙ୍କୁ ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲେ ମଧ୍ୟ ୫ ଦିନପରେ ସେ ମୃତ୍ୟୁବରଣ କରିଥିଲେ। ଏହି ଘଟଣା ସେତେବେଳେ ହୋଇଥିଲା ଯେତେବେଳେ ସଗୁ ଓ ତାଙ୍କ ବାନ୍ଧବୀ ରାତି ଖାଇ ସାରି ନିଜ ଗାଡ଼ି ପାଖକୁ ଆସିଥିଲେ। ସେତେବେଳେ ଜଣେ ବ୍ୟକ୍ତି ତାଙ୍କ ଗାଡ଼ି ଉପରେ ପରିଶ୍ରା କରୁଥିବାର ସେ ଦେଖିଥିଲେ। ସଗୁ ପ୍ରଶ୍ନ କରିବା ପରେ ବ୍ୟକ୍ତି ଜଣକ ଆକ୍ରମଣ କରିଥିଲେ। ବ୍ୟକ୍ତି ଜଣକ ପ୍ରଥମେ ଗାଳିଗୁଲଜ କରିଥିଲେ ଓ ସଗୁ ତଳେ ପକାଇ ପିଟିବାରେ ଲାଗିଥିଲେ। ପୁଲିସ ଏହି ଘଟଣାରେ ୪୦ ବର୍ଷୀୟ କାଏଲ ପାପିନ ନାମକ ଜଣେ ଯୁବକଙ୍କୁ ଗିରଫ କରି ତାଙ୍କ ବିରୋଧରେ ମାମଲା ରୁଜୁ କରିଛି। ନଭେମ୍ବର ୪ରେ ପପିନକୁ କୋର୍ଟରେ ହଜାର କରାଯିବ।

# ଦାଉଦ୍ ଆତଙ୍କବାଦୀ ନୁହଁ: ମମତା କୁଲକର୍ଣ୍ଣୀ



ଗୋରଖପୁର, ୩୦ ।୧୦(ଏଜେନ୍ସି): ଅଭିନେତ୍ରୀରୁ ସାଧବୀ ହୋଇଥିବା ମମତା କୁଲକର୍ଣ୍ଣୀ ପୁଣିଥରେ ସମସ୍ତଙ୍କ ଦୃଷ୍ଟି ଆକର୍ଷଣ କରିବା ସହ ଚର୍ଚ୍ଚା ସୃଷ୍ଟି କରିଛନ୍ତି। ସେ ୩ ଦିନ ପାଇଁ ଗୋରଖପୁର ଗସ୍ତରେ ଯାଇଛନ୍ତି। ଅଣ୍ଡରୱାର୍ଲ୍ଡ ଡନ୍ ଦାଉଦ୍ ଇବ୍ରାହିମ୍‌କୁ ନେଇ ବିବାଦୀୟ ମନ୍ତବ୍ୟ ଦେଇଛନ୍ତି। ଦାଉଦ୍ ଆତଙ୍କବାଦୀ ନଥିଲା ଓ କୌଣସି ବୋମା ବିସ୍ଫୋରଣ କରାଇନାହିଁ ବୋଲି ମମତା ଗୋରଖପୁର ଗସ୍ତ ଅବସରରେ କହିଛନ୍ତି। କେବଳ ସେତିକି ନୁହଁ ସେ ଦାଉଦ୍ ସହ କେବେ ସାକ୍ଷାତ କରିନାହାନ୍ତି ବୋଲି ସ୍ପଷ୍ଟ କରିଛନ୍ତି। ଏବେ ସମ୍ପୂର୍ଣ୍ଣ ରୂପେ ଆଧ୍ୟାତ୍ମିକ ମାର୍ଗରେ ରହିଛି। ରାଜନୀତି ଓ ଫିଲ୍ମ ଇଣ୍ଡଷ୍ଟ୍ରୀ ସହ ମୋର ଏବେ କୌଣସି ସମ୍ପର୍କ ନାହିଁ। ଦାଉଦ୍‌ଙ୍କୁ ନେଇ ମନ୍ତବ୍ୟ ଦେବା ପରେ ବିବାଦ ସୃଷ୍ଟି ହେବା ପରେ ସେ ସଫେଇ ଦେଇଛନ୍ତି। ସେ ନିଜ ମନ୍ତବ୍ୟକୁ ବଦାଇଛନ୍ତି। ଦାଉଦ୍ ଭାରତର ଆତଙ୍କବାଦୀ ଥିଲା ଓ ରହିବ ବୋଲି ସେ ସଫେଇ ଦେଇ କହିଛନ୍ତି। ସ୍ୱାମୀ ଭିକି ଗୋସ୍ୱାମୀଙ୍କ ବିଷୟରେ ମନ୍ତବ୍ୟ ଦେଇଥିଲି। ଭିକ୍କିଙ୍କର ବିସ୍ଫୋରଣ ସହିତ କୌଣସି ସମ୍ପର୍କ ନଥିଲା। ଆଜି ମୋର ତାଙ୍କ ସହ କୌଣସି ସମ୍ପର୍କ ନାହିଁ। ମୋର ମନ୍ତବ୍ୟକୁ କଦର୍ଥ କରାଯାଇଛି ବୋଲି ସେ କହିଛନ୍ତି। ମମତା ମହାକୁମ୍ଭ ଅବସରରେ ମଧ୍ୟ ଅଚାନକ ପ୍ରୟାଗରାଜରେ ପହଞ୍ଚି ସମସ୍ତଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ।

# ପତ୍ନୀ ହିନ୍ଦୁରୁ ଖ୍ରୀଷ୍ଟିଆନ ହୁଅନ୍ତୁ ଚାହାନ୍ତି ଭାନ୍ସ

ୱାସିଂଟନ, ୩୦ ।୧୦(ଏଜେନ୍ସି): ଆମେରିକା ଉପ-ରାଷ୍ଟ୍ରପତି ଜେଡି ଭାନ୍ସ ଏକ ଅଜବ ପ୍ରକାର ଇଚ୍ଛା ଜାହିର କରିଛନ୍ତି। ତାଙ୍କ ପତ୍ନୀ ଉଷା ଭାନ୍ସ ହିନ୍ଦୁ ଧର୍ମ ତ୍ୟାଗ କରି ଖ୍ରୀଷ୍ଟିଆନ ଧର୍ମ ଆପଣାନ୍ତୁ ବୋଲି ସେ କହିଛନ୍ତି। ଉଷା କ୍ୟାଥଲିକ୍ ଚର୍ଚ୍ଚ ଦ୍ୱାରା ପ୍ରେରିତ ହୋଇ ଖ୍ରୀଷ୍ଟିଆନ ହୁଅନ୍ତୁ। ସେ ମୋ ସହିତ ରବିବାର ଚର୍ଚ୍ଚକୁ ଦିନେ ଆସିବେ ବୋଲି ସେ ଆଶା ପ୍ରକାଶ କରିଛନ୍ତି। ମୋ ଭଳି ମୋ ପତ୍ନୀ ମଧ୍ୟ ଖ୍ରୀଷ୍ଟ ଧର୍ମରେ ଦକ୍ଷୀତ ହୁଅନ୍ତୁ ବୋଲି ମିସିସିପି ବିଶ୍ୱବିଦ୍ୟାଳୟରେ ରାଜନୈତିକ ତଥା ସାମାଜିକ କର୍ମୀ ସ୍ୱର୍ଗତ ଚାର୍ଲି କିର୍କଙ୍କ ସମ୍ମାନରେ ଆୟୋଜିତ କାର୍ଯ୍ୟକ୍ରମରେ ଯୋଗ ଦେଇ ସେ ଏହି କଥା କହିଛନ୍ତି। ଭବିଷ୍ୟତରେ ଉଷା ମୋର ଆଶା ପୂରଣ କରିବେ। ଆମ ପିଲାମାନଙ୍କୁ ଖ୍ରୀଷ୍ଟିଆନ୍ ଭଳି ଲାଳନ ପାଳନ କରିବୁ ବୋଲି ମଧ୍ୟ ସେ କହିଛନ୍ତି। ୪୧ ବର୍ଷୀୟ ଭାନ୍ସ ୨୦୧୪ରେ ଉଷାଙ୍କୁ ବିବାହ କରିଥିଲେ ଓ ଦୁହିଁଙ୍କର ୩ଟି ସନ୍ତାନ ଅଛନ୍ତି। ଭାନ୍ସ ରିପବ୍ଲିକାନ ପାର୍ଟିର ଜଣେ ଟାଣୁଆ ଯୁବ ନେତା ଭାବେ ପରିଗଣିତ ହୁଅନ୍ତି। ସେ ଗତ ଜାନୁଆରୀ ୨୦ ତାରିଖରେ ଉପ- ରାଷ୍ଟ୍ରପତି ଦାୟିତ୍ୱ ଗ୍ରହଣ କରିଥିଲେ।

# ନୀତୀଶ କୁମାରଙ୍କୁ ନେଇ ଅନିଶ୍ଚିତତା ବଢ଼ିଲା

ପାଟନା, ୩୦।୧୦ (ଏଜେନ୍ସି): ବିହାର ବିଧାନସଭା ନିର୍ବାଚନ ପାଇଁ ଜୋରସୋରରେ ପ୍ରଚାର ଚାଲିଛି। କିଛି ଦିନ ପର୍ଯ୍ୟନ୍ତ ଅନୁପସ୍ଥିତ ରହିବା ପରେ ରାହୁଲ ମହାମେଣ୍ଟ ପାଇଁ ପ୍ରଚାର ଆରମ୍ଭ କରିଛନ୍ତି। ସେ କ୍ଷମତାସୀନ ଏନ୍‌ଡିଏ ମେଣ୍ଟକୁ ନିଶାଣ କରିବା ସହିତ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କୁ ସମାଲୋଚନା କରିଛନ୍ତି। ସେହିପରି ପ୍ରଧାନମନ୍ତ୍ରୀ ମୋଦୀ ବିହାରେ ଆଜି ବିଭିନ୍ନ ଅଞ୍ଚଳରେ ରାଲି ରଖି ଏନ୍‌ଡିଏ ପାଇଁ ଭୋଟ ଭିକ୍ଷା କରିଛନ୍ତି। ସେ ମହାମେଣ୍ଟକୁ ନିଶାଣ କରିବା ସହିତ ଆରଜେଡିର ବିନାଶ କଂଗ୍ରେସ କାମ କରୁଥିବା ଅଭିଯୋଗ କରିଛନ୍ତି। ଏହାରି ମଧ୍ୟରେ ବିହାର ଉପ-ମୁଖ୍ୟମନ୍ତ୍ରୀ ସମ୍ରାଟ ଚୌଧୁରୀ ଏକ ସାକ୍ଷାତକାରରେ ନୀତୀଶ କୁମାର ଆଗକୁ ମଧ୍ୟ ମୁଖ୍ୟମନ୍ତ୍ରୀ ରହିବେ ବୋଲି କହିଛନ୍ତି। ଏବେ ରାଜ୍ୟରେ କୌଣସି ମୁଖ୍ୟମନ୍ତ୍ରୀ ପଦ ଖାଲି ନାହିଁ ଏବଂ ଆଗକୁ ମଧ୍ୟ ଖାଲି ହେବନି ବୋଲି ଉଲ୍ଲେଖ କରିଥିଲେ। ତେବେ ସ୍ୱରାଷ୍ଟ୍ରମନ୍ତ୍ରୀ ଅମିତ ଶାହା ମୁଙ୍ଗେରରେ ପ୍ରଚାର କରି ଚୌଧୁରୀଙ୍କ

**ସମ୍ରାଟ ଚୌଧୁରୀଙ୍କୁ ମିଳିବ ବଡ଼ ଦାୟିତ୍ୱ: ଅମିତ ଶାହା**

ପାଇଁ ଭୋଟ ମାଗିଛନ୍ତି। ତାଙ୍କୁ ଭୋଟ ଦେଇ ଜିତାଇଲେ ଆମେ ବଡ଼ ଲୋକ ବନାଇ ଦେବୁ ବୋଲି କହିଛନ୍ତି। ପରୋକ୍ଷରେ ଶାହା ତାଙ୍କୁ ମୁଖ୍ୟମନ୍ତ୍ରୀ କରିବାକୁ ସଙ୍କେଦ ଦେଉଥିବା ରାଜନୈତିକ ବିଶ୍ଳେଷକମାନେ ମତ ଦେଇଛନ୍ତି।

ଆଜି ନାଳନ୍ଦାର ନୁରସରାୟରେ ଜନସଭା କରି ବିରୋଧୀ ଦଳ ନେତା ରାହୁଲ ଗାନ୍ଧୀ କହିଥିଲେ ଯେ ପ୍ରଧାନମନ୍ତ୍ରୀ ମୋଦୀ ଜଣେ ଭୟାଳୁ ବ୍ୟକ୍ତି। ମୋଦୀଙ୍କଠାରୁ ଇନ୍ଦିରା ଅଧିକ ସାହାସ ଥିଲେ। ଆମେରିକା ରାଷ୍ଟ୍ରପତିଙ୍କୁ ମୋଦୀ ଭୟ କରୁଛନ୍ତି। ମୋଦୀଙ୍କୁ ଧମକାଇ ଅପରେସନ ସିନ୍ଦୂର ବନ୍ଦ କଲି ବୋଲି ୫୦ ଥର ଟ୍ରମ୍ପ ଦାବି କଲେଣି। ସେହିପରି ମୋଦୀ ମଜଫରପୁରରେ କହିଥିଲେ ଯେ ନରେନ୍ଦ୍ର ଓ ନୀତୀଶ ଲୋକଙ୍କ ସ୍ୱପ୍ନ ପୂରଣ କରୁଥିବାବେଳେ କଂଗ୍ରେସ ଏବଂ ଆରଜେଡି ବିହାର ଓ ବିହାରୀଙ୍କୁ ଅପମାନିତ କରୁଛନ୍ତି। ତାମିଲନାଡୁରେ ଯେଉଁ ଡିଏମକେ ନେତା ବିହାରୀଙ୍କୁ ଉତ୍ପୀଡ଼ନ ଦେଉଛନ୍ତି ତାଙ୍କୁ କଂଗ୍ରେସ ପ୍ରଚାର ପାଇଁ ଡାକୁଛି।

# ଝିଅ ମୃତ୍ୟୁର ଦୁଃଖଠୁ ବଳିଗଲା ଲାଞ୍ଚ ଯନ୍ତ୍ରଣା

ବେଙ୍ଗାଲୁରୁ, ୩୦।୧୦ (ଏଜେନ୍ସି): ଯନ୍ତ୍ରଣା ଜୀବନଠୁ ବଳି ଯାଇଛି। ଅଲିଅଳୀ ଝିଅକୁ ଯୁବାବସ୍ଥାରେ ହରାଇବାର ଦୁଃଖରେ ଭାଙ୍ଗି ପଡ଼ିଥିବା ପରିବାରକୁ ବ୍ୟବସ୍ଥା ଦାରୁଣ କଷ୍ଟ ଦେଇଛି। ଝିଅର ମୃତ୍ୟୁରେ ଶୋକାତୁର ପରିବାରକୁ ବି ଛାଡ଼ି ନାହାନ୍ତି ଦୁର୍ନୀତିଗ୍ରସ୍ତ ତଥା ଭ୍ରଷ୍ଟ ଅଧିକାରୀ। ମୃତଦେହ ପାଇଁ ବି ଲାଞ୍ଚ ନେବାକୁ ପଛାଇ ନାହାନ୍ତି। ମୃତଦେହକୁ ହସ୍ପିଟାଲରୁ ଘରକୁ ନେବାଠାରୁ ମୃତ୍ୟୁ ପ୍ରମାଣପତ୍ର ପାଇବା ପର୍ଯ୍ୟନ୍ତ ସବୁଠି ଲାଞ୍ଚ ଦେବାକୁ ପଡିଛି। ଆମ୍ବୁଲାନ୍ସ ଡ୍ରାଇଭର, ପୌରପାଳିକା ଏମିତିକି ପୁଲିସ ଅଧିକାରୀ ବି ଦୁଃଖରେ ମ୍ରିୟମାଣ ବାପାଠାରୁ ଲାଞ୍ଚ ନେବାକୁ ପଞ୍ଚଘୁଞ୍ଚା ଦେଇ ନ ଥିଲେ। ମାନବିକତାକୁ ମାରି ମୃତଦେହ ସହ ମୂଲଚାଲ କରୁଥିଲେ। ଏଭଳି ହୃଦୟ ବିଦାରକ ଘଟଣା ବେଙ୍ଗାଲୁରୁର ସାମ୍ନାକୁ ଆସିଛି। କୌଣସି ସାଧାରଣ ନାଗରିକ ନୁହେଁ, ବରଂ ଭାରତ ପେଟ୍ରୋଲିୟମ କର୍ପୋରେସନ ଲିମିଟେଡ (ବିପିସିଏଲ)ର ପୂର୍ବତନ ମୁଖ୍ୟ ଆର୍ଥିକ ଅଧିକାରୀ (ସିଏଫଓ)ଙ୍କ ସହ ଏଭଳି ଘଟିଛି। ବେଙ୍ଗାଲୁରରେ ରହୁଥିବା ଏହି ଅଧିକାରୀଙ୍କ ଝିଅର ମୃତ୍ୟୁ ପରେ ସମସ୍ତ ଆବଶ୍ୟକୀୟ ପଦକ୍ଷେପ ପାଇଁ ତାଙ୍କୁ ଲାଞ୍ଚ ଦେବାକୁ ବାଧ କରାଯାଇଥିଲା। ସେ ଏକ ପୋଷ୍ଟ ମାଧ୍ୟମରେ ଏହି ହୃଦୟ ବିଦାରକ ଘଟଣା ବିଷୟରେ ସାମାଜିକ ଗଣମାଧ୍ୟମରେ ସୂଚନା ଦେଇଛନ୍ତି। ଯାହା ଖୁବ ଭାଇରାଲ ହେବାରେ ଲାଗିଛି ଏବଂ ବ୍ୟବସ୍ଥା ପ୍ରତି ଘୃଣା ସୃଷ୍ଟି ହୋଇଛି। ସ୍ୱାଧୀନତାର ଏତେ ବର୍ଷ ପରେ ବି ସ୍ଥିତି ନ ବଦଳିବା ସରକାର ଦେଉଥିବା ଦୁର୍ନୀତି ବିରୋଧୀ ସ୍ଲୋଗାନର ଅସଲ ଚିତ୍ରକୁ ପଦାରେ ପକାଇ ଦେଇଛି।

ସୂଚନା ଅନୁଯାୟୀ ଗତ ୧୮ ତାରିଖରେ ବ୍ରେନ ଷ୍ଟ୍ରୋକ୍‌ରେ ଶିବକୁମାରଙ୍କ ଝିଅ ଅକ୍ଷୟା (୩୪)ଙ୍କ ମୃତ୍ୟୁ ହୋଇଥିଲା। ଆଇଆଇଏମ ଅହମଦାବାଦରୁ କମ୍ପ୍ୟୁଟର ସାଇନ୍ସରେ ବିଟେକ ଏବଂ ଏମବିଏ କରିଥିବା ଅକ୍ଷୟା ୧୧ ବର୍ଷ ହେଲା ଗୋଲ୍ଡମ୍ୟାନ ସ୍ୟାଚରେ କାମ କରୁଥିଲେ। ମୃତ୍ୟୁ ପରେ ଝିଅର ମୃତଦେହ ନେବା ପାଇଁ ଆମ୍ବୁଲାନ୍ସ ଡ୍ରାଇଭର, ଏତଲାର ନକଲ ଏବଂ ବ୍ୟବଚ୍ଛେଦ ରିପୋର୍ଟ ଦେବାକୁ ପୁଲିସ, ମୃତ୍ୟୁ ପ୍ରମାଣପତ୍ର ପାଇଁ ବୃହତ ବେଙ୍ଗାଲୁରୁ ମହାଗନର ପାଳିକା (ବିବିଏମପି)ର ଅଧିକାରୀ ମାନେ ପୀଡ଼ିତାଙ୍କ ବାପାକୁ ଖୋଲାଖୋଲି ଭାବେ ଲାଞ୍ଚ ମାଗିଥିଲେ। କେଉଁ ଭଳି ଭାବେ ଥାନାରେ ତାଙ୍କୁ ନଗଦ ଟଙ୍କା ଦେବାକୁ ବାଧ କରାଯାଇଥିଲା ତାହା ମଧ୍ୟ ଶିବକୁମାର ବର୍ଣ୍ଣନା କରିଛନ୍ତି। ଲାଞ୍ଚ ନ ଦେବାରୁ ବ୍ୟବଚ୍ଛେଦ ରିପୋର୍ଟ ଦେବା ପାଇଁ ଚାରି ଦିନ ଲଗାଇ ଦିଆଯାଇଥିଲା। ଝିଅକୁ ହରାଇବାର ଦୁଃଖରେ ମ୍ରିୟମାଣ ଥିବା ବାପା ପ୍ରତି ସହାନୁଭୂତି ବି

## କରୁଣ କାହାଣୀ କହିଲେ ସିଏଫ୍ଓ

## ମୃତଦେହ ପାଇଁ ବି ସବୁଠି ଦେବାକୁ ପଡ଼ିଲା ଲାଞ୍ଚ

ଦେଖାଇ ନ ଥିଲେ। ପାଖରେ ଟଙ୍କା ଥିବାରୁ ମୁଁ ତ ଦେଇ ଦେଲି ହେଲେ ଗରିବଙ୍କ ସହ ଏମାନେ କ'ଣ କରୁଥିବେ ବୋଲି ଶିବକୁମାର ପ୍ରଶ୍ନ ଉଠାଇଛନ୍ତି।

ଶିବକୁମାର ଲେଖିଥିଲେ ଯେ କୋରାମଙ୍ଗଳାର ସେଣ୍ଟ ଜନ୍ସ ହସ୍ପିଟାଲରୁ କସଭାନାହାଲି ନେବା ପାଇଁ ଆମ୍ବୁଲାନ୍ସ ଡ୍ରାଇଭର ତାଙ୍କୁ ୩ ହଜାର ଟଙ୍କା ମାଗିଥିଲା। ବେଲାନ୍ଦୁର ଥାନାର ପୁଲିସ ଅଧିକାରୀ ମଧ୍ୟ କୌଣସି କାମରେ ସହାୟତା କରି ନ ଥିଲେ। ପୂର୍ବରୁ ବଡ଼ ଆଘାତ ପାଇଥିବା ବ୍ୟକ୍ତି ପ୍ରତି କୌଣସି ସହାନୁଭୂତି ନ ଦେଖାଇ ପୁଲିସ ଅଧିକାରୀ ରୁକ୍ଷ ବ୍ୟବହାର କରିଥିଲେ। ଖାଲି ଟଙ୍କା ମାଗି ଚାଲିଥିଲେ। ଏହାକୁ ନେଇ ପୁଲିସ ଅଧିକାରୀଙ୍କର ପରିବାର ଅଛି କି ନାହିଁ ବୋଲି ଶିବକୁମାର ପ୍ରଶ୍ନ ପଚାରିଛନ୍ତି। ଏତିକିରେ ତାଙ୍କ ଯନ୍ତ୍ରଣା ଶେଷ ହୋଇ ନ ଥିଲା। ମୃତ୍ୟୁ ପ୍ରମାଣପତ୍ର ପାଇବା ପାଇଁ ବି ତାଙ୍କୁ ନାକେଦମ ହେବାକୁ ପଡ଼ିଥିଲା। ଏହା ପାଇବା ପାଇଁ ୫ ଦିନ ପର୍ଯ୍ୟନ୍ତ ବିବିଏମପି ଅଫିସକୁ ଦୌଡିବାକୁ ପଡ଼ିଥିଲା। ଉପରିସ୍ଥ ଅଧିକାରୀଙ୍କୁ ଯୋଗାଯୋଗ କରିବା ପରେ ଆନୁଷ୍ଠାନିକ ଦେୟଠାରୁ ଢେର ଅଧିକ ଦେବାରୁ ପ୍ରମାଣପତ୍ର ମିଳିଥିଲା। ଏହି ଘଟଣାକୁ ନେଇ ବଡ଼ ବଡ଼ ବ୍ୟବସାୟୀଙ୍କୁ ଶିବକୁମାର ଆକୁଳ ନିବେଦନ କରିଛନ୍ତି। ନାରାୟଣ ମୂର୍ତ୍ତି, ଅଜିମ ପ୍ରେମଜୀ ଏବଂ ମଜୁମଦାରଙ୍କ ଭଳି ବଡ଼ ବଡ଼ ବ୍ୟବସାୟୀ କୋଟି କୋଟି ଟଙ୍କା ଦେଇ ସହରକୁ ବଞ୍ଚାଇ ପାରିବେ କି ବୋଲି ସେ ପ୍ରଶ୍ନ କରିଛନ୍ତି।

## ଦୁଃଖ ଦେଇଗଲା ବାତ୍ୟା ମୋନ୍ଥା

# ପାଣିରେ ଲୋଟୁଛି ଧାନ; ଦାନା ଚିନ୍ତାରେ ଚାଷୀ

ପାରଳାଖେମୁଣ୍ଡି/ଧରାକୋଟ,୩୦।୧୦(ସମିସ): ବାତ୍ୟା ଗଲାପରେ ଦକ୍ଷିଣ ଓଡ଼ିଶାରେ ପ୍ରବଳ ବର୍ଷା ଯୋଗୁଁ ଧାନ ଓ ପନିପରିବା ଫସଲ ଉଜୁଡ଼ି ଯାଇଛି। କେଉଁଠି ପାଚିଲା ଧାନ ତ ଆଉ କେଉଁଠି ପୁଡ଼ା ଧରୁଥିବା ଧାନ ଏବେ ପାଣିରେ ଲୋଟିଛି। ଚଳିତବର୍ଷ ଭଲ ବର୍ଷା ଯୋଗୁଁ ଫସଲ ଭଲ ହୋଇଥିବାବେଳେ ଚାଷୀ ବି ପଇସା ଭଲ ରୋଜଗାର କରିବ ବୋଲି ଆଶା କରିଥିଲା। ମାତ୍ର 'ମୋନ୍ଥା' ପ୍ରଭାବରେ ହୋଇଥିବା ବର୍ଷାରେ ଲୋଟିଥିବା ଧାନକୁ ଦେଖି ଏବେ ବର୍ଷସାରା ପରିବାର ପାଇଁ ଦାନା ଯୋଗାଡ଼ ହେବ କି ନାହିଁ ସେ ନେଇ ଚିନ୍ତାରେ।

ଗଜପତି ଜିଲ୍ଲାରେ ୧୦୯.୪୦ମିମି ବର୍ଷା ରେକର୍ଡ ହୋଇଥିବାବେଳେ ଗଞ୍ଜାମ ଜିଲ୍ଲାର ପାତ୍ରପୁର ବ୍ଲକରେ ସର୍ବାଧିକ ବର୍ଷା ରେକର୍ଡ ହୋଇଛି। ଗୁରୁବାର ବର୍ଷା କମିବା ପରେ ବିଭିନ୍ନ ସ୍ଥାନରେ ଚାଷୀ ଯାଇ ଉଜୁଡ଼ା ଜମିରେ ଧାନ ଗଛକୁ ଆଡ଼େଇ ଜଳ ନିଷ୍କାସନ ପାଇଁ ଉଦ୍ୟମ ଜାରି ରଖିଛନ୍ତି। କେତେକସ୍ଥାନରେଆଗଚାଷହୋଇଥିବାକ୍ଷେତରେଧାନପାଚିଯାଇଥିବାରୁ ଗଜା ହୋଇଯାଇଥିବା ଦେଖିବାକୁ ମିଳିଛି। ତୁରନ୍ତ ଜିଲ୍ଲା ପ୍ରଶାସନ କ୍ଷୟକ୍ଷତିର ଆକଳନ କରି କ୍ଷତିପୂରଣ ପ୍ରଦାନ ପାଇଁ ଚାଷୀ ଦାବି କରିଛନ୍ତି।





## ପଞ୍ଝୁକ ସହ ଆସିବ ଶୀତ

ଭୁବନେଶ୍ୱର, ୩୦।୧୦ (ସମିସ): ବର୍ଷା ପରେ ପରେ ରାଜ୍ୟକୁ ଆସୁଛି ଶୀତ। ଦିନକ ପରେ ପଞ୍ଝୁକ ଆରମ୍ଭ ହେଉଛି। ପଞ୍ଝୁକ ସାଙ୍ଗକୁ ରାଜ୍ୟକୁ ପହିଲି ଶୀତ ଆସିବାକୁ ଯାଉଛି। ବର୍ତ୍ତମାନ ଉତ୍ତର-ପଶ୍ଚିମ ଦିଗରୁ ଶୁଷ୍କବାୟୁ ପ୍ରବାହ ଆରମ୍ଭ ହୋଇଥିବା ବେଳେ ଆଗକୁ ଏକ ଗୁରୁଚାପବଳୟ ସୃଷ୍ଟି ହେବାର ସମ୍ଭାବନା ରହିଛି। ଏହା ପ୍ରଭାବରେ ଥଣ୍ଡା ବାୟୁର ପ୍ରବାହ ବୃଦ୍ଧି ପାଇବା ସହ ଶୀତ ବଢ଼ିବା ନେଇ ଆକଳନ କରାଯାଇଛି। ପାଣିପାଗ ବିଶେଷଜ୍ଞ ପ୍ରଫେସର୍ ସୁରେନ୍ଦ୍ରନାଥ ପଶୁପାଳକ କହିଛନ୍ତି ଯେ ରାଜ୍ୟକୁ ବର୍ତ୍ତମାନ ଉତ୍ତରା ପବନ ବହିବା ଆରମ୍ଭ ହୋଇଛି। ମେଘୁଆ ପାଗ ମଧ୍ୟ କ୍ରମଶଃ ପଳାଇଯିବ। ଫଳରେ ରାଜ୍ୟରେ ପହିଲି ଶୀତ ହେବ। ୩୧ ତାରିଖ ରାତିରୁ କନ୍ଧମାଳ (ବାଲିଗୁଡ଼ା, ଫୁଲବାଣୀ) ଓ ଗଜପତି (ଗଜାପୁର, ମୋହନା) ସର୍ବନିମ୍ନ ତାପମାତ୍ରା ୨୦ ଡିଗ୍ରୀରୁ କମିପାରେ। ନଭେମ୍ବର ୨ ତାରିଖ ରାତିରୁ ସାରା ରାଜ୍ୟରେ ତାପମାତ୍ରା ୫ ମଧ୍ୟରେ ୩-୪ ଡିଗ୍ରୀ କମିବ। ଝାରସୁଗୁଡ଼ା, ରାଉରକେଲା, ପାଲଲହଡ଼ା, ବାଦାମପାହାଡ଼, ବହଳଦାରେ ସର୍ବନିମ୍ନ ତାପମାତ୍ରା ୧୫ରୁ ୧୭ ଡିଗ୍ରୀକୁ ଖସିବ। ସେହିପରି ବାଲିଗୁଡ଼ା, ଦାରିଙ୍ଗବାଡ଼ି, ଗଜାପୁର, ମୋହନାରେ ୧୭-୧୮ ଡିଗ୍ରୀ ରହିପାରେ। ଏହା ଉତ୍ତର ଭାରତର ଦିଲ୍ଲୀ-ଚଣ୍ଡିଗଡ଼-ଲୁଧିଆନାର ତାପମାତ୍ରା ସହିତ ସମାନ ହୋଇପାରେ। ଭୁବନେଶ୍ୱରରେ ତାପମାତ୍ରା ୫ସୁଦ୍ଧା ୨୦ ଡିଗ୍ରୀ ତଳକୁ ଖସିବାର ସମ୍ଭାବନା ରହିଛି ବୋଲି ପ୍ରଫେସର ପଶୁପାଳକ କହିଛନ୍ତି।

## କାନ୍ଥ ଭୁଶୁଡ଼ି ମହିଳାଙ୍କ ମୃତ୍ୟୁ

କପ୍ତିପଦା, ୩୦।୧୦(ସମିସ): ଲଗାଣ ବର୍ଷାରେ କାନ୍ଥ ଭୁଶୁଡ଼ି ବୃଦ୍ଧା ମୃତ। ଏଭଳି ଏକ ଘଟଣା ଘଟିଛି କପ୍ତିପଦା ଥାନା ରେକର୍ଡବୁଆ ଗ୍ରାମରେ। ମୃତ ବୃଦ୍ଧଜଣଙ୍କ ହେଲେ, ଗ୍ରାମର ବାସନ୍ତୀ କିସ୍କୁ। ବୁଧବାର ସେ ଘରେ ଏକୁଟିଆ ଥିଲେ। ଅପରାହ୍ଣରେ ସେ ଘର ବାରଣ୍ଡାରେ ଶୋଇଥିଲେ। ଏହି ସମୟରେ ଜୋରରେ ପବନ ସହ ପ୍ରବଳ ବର୍ଷା ହୋଇଥିଲା। ଫଳରେ ଘରର ଆଜବେଷ୍ଟସ ଏବଂ କାନ୍ଥ ଦବି ଯାଇଥିଲା। ଶବ୍ଦ ଶୁଣି ବାସନ୍ତୀ ଉଠି ବାହାରିବାକୁ ଯିବାକୁ ଚେଷ୍ଟା କରୁଥିବା ବେଳେ ତାଙ୍କ ଉପରେ କାନ୍ଥ ପଡ଼ି ଯାଇଥିଲା ଏବଂ ସେ ଚାପି ହୋଇ ରହିଯାଇଥିଲେ। କିଛି ସମୟ ପରେ ପରିବାରଲୋକେ ତାଙ୍କୁ ଉଦ୍ଧାର କରି ଚିକିତ୍ସା ନିମନ୍ତେ ଉଦଳା ମେଡିକାଲରେ ଭର୍ତ୍ତି କରାଇଥିଲେ। କିନ୍ତୁ ଚିକିତ୍ସାଧୀନ ଅବସ୍ଥାରେ ସେଠାରେ ତାଙ୍କର ମୃତ୍ୟୁ ଘଟିଥିଲା। ପୁଲିସ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଛି।

## ସବୁ ନୂଆ ରାସ୍ତାକଡ଼ରେ ବୃକ୍ଷରୋପଣ

■ ବ୍ୟୟ ହେବ ନିର୍ମାଣ ଖର୍ଚ୍ଚର ୧ ପ୍ରତିଶତ ଅର୍ଥ

ଭୁବନେଶ୍ୱର,୩୦।୧୦(ସମିସ): ଦ୍ରୁତ ସହରୀକରଣ ଓ ଜଙ୍ଗଲ ହ୍ରାସ ଯୋଗୁଁ ଏହାର କୁପ୍ରଭାବ ଜୀବଜଗତ ଉପରେ ପରିଲକ୍ଷିତ ହେଉଛି। ତେଣୁ ଏହି ସମସ୍ୟାର ମୁକାବିଲା କରିବା ଏବଂ ଓଡ଼ିଶାକୁ ପରିବେଶ ଅନୁକୂଳ ରାଜ୍ୟ ଭାବେ ଗଢ଼ିତୋଳିବାକୁ ରାଜ୍ୟ ସରକାର ଏଣିକି ସବୁ ନୂତନ ରାସ୍ତାର ଉଭୟ ପାର୍ଶ୍ୱରେ ବୃକ୍ଷରୋପଣ କରିବାକୁ ନିଷ୍ପତ୍ତି ନେଇଛନ୍ତି। ଏହି କ୍ରମରେ ସାରା ରାଜ୍ୟରେ ପୂର୍ତ୍ତ ବିଭାଗ ଅଧୀନରେ ନୂଆକରି ନିର୍ମାଣ ହେବାକୁ ଥିବା ପ୍ରତ୍ୟେକ ରାଜପଥ, ଜିଲ୍ଲା ମୁଖ୍ୟ ସଡ଼କ, ଅନ୍ୟାନ୍ୟ ସମସ୍ତ ସଡ଼କ ନିର୍ମାଣ ସମୟରେ ବୃକ୍ଷରୋପଣକୁ ବାଧ୍ୟତାମୂଳକ କରାଯିବା ପୂର୍ତ୍ତ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ସୂଚନା ଦେଇଛନ୍ତି। ଏଥିନେଇ ବିଭାଗ ପକ୍ଷରୁ ନିର୍ମାଣ ହେବାକୁ ଥିବା ରାସ୍ତାର ଉଭୟ ପାର୍ଶ୍ୱର ଏବଂ ଡିଭାଇଡର ମଝିରେ ଥିବା ଖାଲିସ୍ଥାନରେ ବ୍ୟାପକ ବୃକ୍ଷରୋପଣ କରାଯିବା ନେଇ ଇଆଇସି (ସିଭିଲ୍ ତଥା ରୋଡସ୍), ଇଆଇସି (ଏନ୍‌ଏଚ୍), ଏମ୍ଡି, ଓବିସିସିଙ୍କୁ ଚିଠି ଜରିଆରେ ଅବଗତ କରାଯାଇଛି। ଗ୍ରୀନ୍ କରିଡର ବିକାଶ ଓ ପରିଚାଳନା ଲକ୍ଷ୍ୟ ନେଇ ସବୁ ରାସ୍ତାକଡ଼ରେ ବୃକ୍ଷ ରୋପଣ କରାଯିବ। ଏହି କ୍ରମରେ ରାସ୍ତା ନିର୍ମାଣ ସମୟରେ ନିର୍ମାଣ ବ୍ୟୟର ଅତିରିକ୍ତ ୧ ପ୍ରତିଶତ ଅର୍ଥରାଶି ବୃକ୍ଷରୋପଣ ଏବଂ ରକ୍ଷଣାବେକ୍ଷଣ ବାବଦରେ ଖର୍ଚ୍ଚ କରିବା ନେଇ ମାର୍ଗଦର୍ଶିକା ଜାରି କରାଯାଇଛି। ଏହାଦ୍ୱାରା ଅଙ୍ଗାରକାମ୍ଳ ଅବଶୋଷଣ ଓ ଅମ୍ଳଜାନ ସ୍ତର ବୃଦ୍ଧି ସହ ବାୟୁ ପ୍ରଦୂଷଣକୁ କମ୍ କରିହେବ। ଏହି ବୃକ୍ଷରୋପଣ ଶବ୍ଦ ପ୍ରଦୂଷଣକୁ କମ୍ କରିବା ସହ ମୃତ୍ତିକା କ୍ଷୟକୁ ରୋକିବା ଏବଂ ବାୟୁର ମାନକ ବୃଦ୍ଧି କରିବା ସହ ଖରାଦିନେ ଆଖପାଖ ଅଞ୍ଚଳରେ ଶୀତଳତା ସୃଷ୍ଟି କରିବାରେ ସହାୟକ ହେବ ବୋଲି ସରକାର ବିଚାର କରିଛନ୍ତି।

### ଦଳୀୟ କାର୍ଯ୍ୟାଳୟରେ ପୁଲିସ ପଶିବାକୁ ନେଇ ବର୍ଷିଲା କଂଗ୍ରେସ

# ଭୋଟରଙ୍କୁ ଡରାଇବାକୁ ଅପଚେଷ୍ଟା କରୁଛି ବିଜେପି

ଭୁବନେଶ୍ୱର,୩୦।୧୦(ସମିସ): ନୂଆପଡ଼ା ଉପନିର୍ବାଚନ ପରିପେକ୍ଷୀରେ ସମସ୍ତ ରାଜନୈତିକ ଦଳ ସମସ୍ତ ଶକ୍ତି ବିନିଯୋଗ କରି ପ୍ରଚାର ପ୍ରସାର କରୁଛନ୍ତି ଏବଂ ନିଜ ବିଜୟକୁ ନେଇ ଆଶାବାଦୀ ଅଛନ୍ତି। ଘାସିରାମ ମାଝୀ ମାଟିର ପୁଅ ତାଙ୍କ ପ୍ରତି ଜନତାଙ୍କ ସମ୍ପୂର୍ଣ ସମର୍ଥନ ଦେଖି ବିଜେପି ପାଇଁ ମୁଣ୍ଡବ୍ୟଥା ବଢ଼ିଯାଇଛି। ଏଥିପାଇଁ ବିଜେପି ସରକାର କଂଗ୍ରେସ କାର୍ଯ୍ୟାଳୟରେ ପୁଲିସ ଦ୍ୱାରା ରେଡ୍ କରି ଲୋକଙ୍କୁ ଭୟଭୀତ କରାଇବାକୁ ଅପଚେଷ୍ଟା କରୁଛି ବୋଲି କଂଗ୍ରେସ ଅଭିଯୋଗ କରିଛି। ଦଳ ପକ୍ଷରୁ ଗୁରୁବାର କଂଗ୍ରେସ ଭବନରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ପୂର୍ବତନ ବିଧାୟକ ତଥା ପିସିସିର ବରିଷ୍ଠ ଉପସଭାପତି ଡଃ ଲଲାଟେନ୍ଦୁ ମହାପାତ୍ର କହିଛନ୍ତି ଯେ ଦକ୍ଷିଣ ପଶ୍ଚିମାଞ୍ଚଳ ଡିଆଇଜି କନୱର ବିଶାଳ ସିଂହଙ୍କୁ ଛୁଟିରେ ପଠାଯାଇ ତାଙ୍କ ସ୍ଥାନରେ ଆଇଜି ହିମାଂଶୁ ଲାଲଙ୍କୁ ଦାୟିତ୍ୱରେ ରଖାଯାଇଛି। ଯାହାକି ନିର୍ବାଚନ ଆଚରଣ ବିଧିକୁ ଉଲଂଘନ କରିଛି। ଏହା ପୁଣି ଭୋଟ ଗ୍ରହଣ ଶେଷଦିନ ପର୍ଯ୍ୟନ୍ତ ହୋଇଥିବାରୁ କଂଗ୍ରେସ ଏହି ଘଟଣାକୁ ନେଇ ପ୍ରଶ୍ନ ଉଠାଇଛି। କଂଗ୍ରେସ ଅଫିସରେ ପୁଲିସ ପଶିବା ଘଟଣାକୁ ନିନ୍ଦା କରିବା ସହ ଗତ ଅକ୍ଟୋବର ୧୬/୧୭ ତାରିଖରେ ପୁଲିସ ୯୦ ଲକ୍ଷ ଟଙ୍କା ଜବତ କରିବା ପରେ ମଧ୍ୟ କାହିଁକି ଏବଂ ଏହା କାହାର ଟଙ୍କା ଆଜି ଯାଏ ପୁଲିସ କିମ୍ବା ଇଡି ପ୍ରକାଶ କରି ପାରିନାହିଁ ତାକୁ ନେଇ ପ୍ରଶ୍ନ କରିଛି। ଏହି ଟଙ୍କା ଜଣେ ବିଜେପି ସାଂସଦଙ୍କ ଘନିଷ୍ଠ ସହଯୋଗୀଙ୍କର ବୋଲି କଂଗ୍ରେସ କହିବା ସହ ସେଥିପାଇଁ ପୁଲିସ ଚୁପ୍ ବସିଥିବା



କହିଛି। କଂଗ୍ରେସ ଲୋକପ୍ରିୟତାରେ ଆଗେଇ ଯାଇଛି, କଂଗ୍ରେସ ପ୍ରାର୍ଥୀଙ୍କୁ ଅକୁଣ୍ଠ ଜନସମର୍ଥନ ମିଳୁଛି। ଏହା ଦେଖି ବିଜେପି ଛାନିଆ ହୋଇ ପୁଲିସ ବାହିନୀ ଏବଂ ପ୍ରଶାସନକୁ ଉପଯୋଗ କରି ନିର୍ବାଚନ ଲଢ଼ିବାକୁ ଯୋଜନା କରୁଛି ବୋଲି କଂଗ୍ରେସ କହିଛି।

ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀ ଏହି ନିର୍ବାଚନକୁ କିଭଳି ଅବାଧ, ନିରପେକ୍ଷ ଏବଂ ସୁଚାରୁରୂପେ ସମ୍ପାଦନ କରିବେ ଏହା ତାଙ୍କ ଦାୟିତ୍ୱ। ଭୟଭୀତ ହୋଇ ଉପନିର୍ବାଚନ ପାଇଁ ବିଜେପି ଗଣ୍ଡା ଗଣ୍ଡା ମନ୍ତ୍ରୀ ବିଧାୟକ ଏପରିକି ପରାଜିତ ପ୍ରାର୍ଥୀ ଆଦିଙ୍କୁ ନିର୍ବାଚନ ପ୍ରଚାରରେ ନିୟୋଜିତ କରିଛି। ନିର୍ବାଚନ ସମୟରେ ବିଜେପିର ନେତା ମନ୍ତ୍ରୀ ମୁଖ୍ୟମନ୍ତ୍ରୀ ଆସି ୧୧୦୦ କୋଟି ଟଙ୍କାର ପ୍ୟାକେଜ ଘୋଷଣା କରିଛନ୍ତି। ତେବେ ଗତ ୧୬ ମାସ ଧରି ନୂଆପଡାକୁ ଅଣଦେଖା କାହିଁକି କରୁଥିଲେ ବୋଲି କଂଗ୍ରେସ ପ୍ରଶ୍ନ କରିଛି। ମୁଖ୍ୟମନ୍ତ୍ରୀ 'ନୂଆପଡାର ଦାୟିତ୍ୱ ମୁଁ ନେବି' ବୋଲି ଅବାନ୍ତର କଥା କହୁଛନ୍ତି' ଏହାର ଅର୍ଥ କଣ ଓଡ଼ିଶାର ବାକି ଜିଲ୍ଲା ପ୍ରତି ମୁଖ୍ୟମନ୍ତ୍ରୀଙ୍କର ଦାୟିତ୍ୱ ନାହିଁ ବୋଲି କଂଗ୍ରେସ ପ୍ରଶ୍ନ କରିଛି।

## ଓଡ଼ିଶାରେ ନିର୍ମାଣ ହେବ ୯୨ଟି ରେଳ ଓଭରବ୍ରିଜ୍

ଭୁବନେଶ୍ୱର,୩୦।୧୦(ସମିସ): ଓଡ଼ିଶାରେ ୯୨ଟି ରେଳ ଓଭରବ୍ରିଜ୍‌ର ନିର୍ମାଣ ପାଇଁ ସମ୍ପୂର୍ଣ୍ଣ ଖର୍ଚ୍ଚ କେନ୍ଦ୍ର ସରକାର ବହନ କରିବେ। ଏଥିପାଇଁ କେନ୍ଦ୍ର ରେଳ ମନ୍ତ୍ରାଳୟ ଆବଶ୍ୟକ ଅନୁମୋଦନ କରିଛନ୍ତି।

ସୂଚନାଯୋଗ୍ୟ ଯେ ପୂର୍ବରୁ ଉଭୟ ରେଳ ମନ୍ତ୍ରାଳୟ ଓ ରାଜ୍ୟ ସରକାର ଏହି ରେଳ ଓଭରବ୍ରିଜ୍ ଗୁଡ଼ିକୁ ୫୦-୫୦ ଅନୁପାତରେ ଏଥିପାଇଁ ଖର୍ଚ୍ଚ କରିବେ ବୋଲି ସ୍ଥିର ହୋଇଥିଲା। ତେବେ ରାଜ୍ୟ ସରକାରଙ୍କ ପକ୍ଷରୁ ଏହି ଖର୍ଚ୍ଚ ସମ୍ପୂର୍ଣ୍ଣ ଭାବେ ରେଳ ମନ୍ତ୍ରାଳୟ ବହନ କରିବାକୁ ଅନୁରୋଧ

■ ସମ୍ପୂର୍ଣ୍ଣ ଖର୍ଚ୍ଚ ବହନ କରିବ ରେଳ ବିଭାଗ

■ ପ୍ରଧାନମନ୍ତ୍ରୀ ଓ କେନ୍ଦ୍ର ରେଳମନ୍ତ୍ରୀଙ୍କୁ ଧନ୍ୟବାଦ ଦେଲେ ମୁଖ୍ୟମନ୍ତ୍ରୀ

କରାଯାଇଥିଲା। ରାଜ୍ୟ ସରକାରଙ୍କ ଅନୁରୋଧ ରକ୍ଷା କରି କେନ୍ଦ୍ର ରେଳ ମନ୍ତ୍ରାଳୟ ରାଜ୍ୟର ବିଭିନ୍ନ ସ୍ଥାନରେ ନିର୍ମାଣ ହେବାକୁ ଥିବା ୯୨ଟି ରେଳ ଓଭର ବ୍ରିଜ୍‌ର ସମ୍ପୂର୍ଣ୍ଣ ନିର୍ମାଣ ଖର୍ଚ୍ଚ ବହନ କରିବେ ବୋଲି ପତ୍ର ମାଧ୍ୟମରେ ଜଣାଇଛନ୍ତି। ଓଡ଼ିଶାର ଭିତ୍ତିଭୂମି ବିକାଶ ପ୍ରତି କେନ୍ଦ୍ର ସରକାରଙ୍କ ଏହି ସହୃଦୟତାପୂର୍ଣ୍ଣ ପଦକ୍ଷେପ ପାଇଁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଏବଂ କେନ୍ଦ୍ର ରେଳମନ୍ତ୍ରୀ ଅଶ୍ୱିନୀ ବୈଷ୍ଣବଙ୍କୁ ଓଡ଼ିଶାବାସୀଙ୍କ ପକ୍ଷରୁ ଧନ୍ୟବାଦ ଓ କୃତଜ୍ଞତା ଜଣାଇଛନ୍ତି। ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ପ୍ରଧାନମନ୍ତ୍ରୀ ସବୁ ସମୟରେ ଓଡ଼ିଶାର ବିକାଶ ପ୍ରତି ସ୍ୱତନ୍ତ୍ର ଧ୍ୟାନ ଦେଇ ଆସିଛନ୍ତି। ରେଳପଥ, ସଡକ ପଥ, ବନ୍ଦର ଓ ବିମାନ ଭିତ୍ତିଭୂମି ସହିତ ଓଡ଼ିଶାରେ ଶିଳ୍ପର ବିକାଶ ପାଇଁ ପ୍ରଧାନମନ୍ତ୍ରୀ ଓ?ଶାକୁ ସର୍ବାଧିକ ଗୁରୁତ୍ୱ ଦେଇ ଆସିଛନ୍ତି। ଓଡ଼ିଶାବାସୀଙ୍କ ପ୍ରତି ପ୍ରଧାନମନ୍ତ୍ରୀଙ୍କ ଏହି ଶ୍ରଦ୍ଧା ଓଡ଼ିଶାର ବିକାଶକୁ ତ୍ୱରାନ୍ୱିତ କରିବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି।

### ଅନାହାରରେ ରିସା ମାଙ୍କିଡ଼ିଆଙ୍କ ମୃତ୍ୟୁ ଘଟଣା

# ଜିଲ୍ଲାପାଳଙ୍କୁ ଦାବିପତ୍ର ଦେଲା କଂଗ୍ରେସ

ଯାଜପୁର,୩୦।୧୦(ସମିସ): ଯାଜପୁର ସୁକିନ୍ଦା ବ୍ଲକ୍ ଗାଁସୋଳ ପଞ୍ଚାୟତ ୧୦ ନଂ ୱାର୍ଡ ମାଙ୍କିଡିଆ ବସ୍ତିର ରିସା ମାଙ୍କିଡିଆଙ୍କ ଅନାହାର ମୃତ୍ୟୁକୁ ନେଇ କ୍ଷୋଭ ପ୍ରକାଶ କରିଛି କଂଗ୍ରେସ। ଆଜି କଂଗ୍ରେସର ଏକ ପ୍ରତିନିଧି ଦଳ ଜିଲ୍ଲାପାଳଙ୍କୁ ଭେଟି ଏ ସଂକ୍ରାନ୍ତରେ ଏକ ଦାବିପତ୍ର ପ୍ରଦାନ କରିଛି।

**'ଭୋଟ୍ ଚୋରି କରି ବିଜେପି ସରକାରକୁ ଆସିଛି'**

ରିସାଙ୍କୁ ମିଳୁଥିବା ଚାଉଳ କାହିଁକି ବନ୍ଦ ହେଲା ଏବଂ ଇ-କେୱାଇସି ନାଁରେ କାହିଁକି ଗରିବଲୋକଙ୍କୁ ହଇରାଣ କରାଯାଉଛି ବୋଲି ସେମାନେ ପ୍ରଶ୍ନ କରିଛନ୍ତି। ଏହାର ତଦନ୍ତ କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ପ୍ରତିନିଧିଦଳ ଦାବି କରିଛନ୍ତି।

ପରେ ଗଣମାଧ୍ୟମକୁ ପ୍ରତିକ୍ରିୟାରେ କଂଗ୍ରେସ ପକ୍ଷରୁ କୁହାଯାଇଛି ଯେ ରିସା ଜଣେ ବିରଳ ଜୁଆଙ୍ଗ ସମ୍ପ୍ରଦାୟର। କିନ୍ତୁ ସେହି ପରିବାରକୁ ସରକାର ଚାଉଳ ମୁଠେ ଯୋଗାଇ ନପାରିବା ଦୁର୍ଭାଗ୍ୟର କଥା। ରାଜ୍ୟରେ ଡବଲ ଇଞ୍ଜିନ ସରକାର ଚାଲିଛି ବୋଲି ଡିଣ୍ଡିମ ପିଟା ଚାଲିଛି। କିନ୍ତୁ ଏହାର ଫଳ କ'ଣ/ ତାହା ସାଧାରଣ ଲୋକେ



ଅନୁଭବ କଲେଣି। ବିଜେପି ଗରିବଙ୍କ ପାଇଁ କାମ ନ କରି କେବଳ ଭୋଟ୍ ଚୋରି କରି ସରକାରକୁ ଆସିଛି। ତେଣୁ ଡବଲ ଇଞ୍ଜିନ ସରକାର ସମ୍ପର୍କରେ ଲୋକଙ୍କୁ ସଚେତନ କରିବା ପାଇଁ କଂଗ୍ରେସ ଗାଁକୁ ଗାଁ ଯିବ। ସମଗ୍ର ସୁକିନ୍ଦା ନିର୍ବାଚନ ମଣ୍ଡଳୀରେ ପ୍ରତ୍ୟେକ ଆଦିବାସୀ ପରିବାରକୁ ତୁରନ୍ତ ଜଙ୍ଗଲ ଅଧିକାର ଆଇନରେ ଘରପଟ୍ଟା ସହ ସମସ୍ତଙ୍କୁ ଆଧାରକାର୍ଡ ଯୋଗାଇଦେବାକୁ ପ୍ରତିନିଧିଦଳ ଦାବି କରିଛନ୍ତି। ସେପଟେ କଂଗ୍ରେସର ଏଭଳି ଅଭିଯୋଗ ସମ୍ପର୍କରେ ଜିଲ୍ଲାପାଳ ଅମ୍ବର କୁମାର କର ଆଲୋଚନା କରିଥିଲେ। ଏନେଇ ଜିଲ୍ଲା ପ୍ରଶାସନ ପକ୍ଷରୁ ଅନୁଧ୍ୟାନ କରାଯିବ ବୋଲି ପ୍ରତିଶ୍ରୁତି ଦେଇଥିଲେ।

କଂଗ୍ରେସ ପ୍ରତିନିଧିମଣ୍ଡଳୀରେ ପୂର୍ବତନ ମନ୍ତ୍ରୀ ଦେବାଶିଷ ନାୟକ, ପିସିସି ସଂଗଠନ ସୃଜନ ଅଭିଯାନ ଉପସଭାପତି ସୁଧାଂଶୁ ଦେଓ, ସୁକିନ୍ଦା ବିଧାୟକ ପ୍ରାର୍ଥୀ ଇଂ ବିଭୁଭୂଷଣ ରାଉତ, ଡିସିସି ସଭାପତି ମାଗୁଣି ଜେନା, ଦୁର୍ଯ୍ୟୋଧନ ବେହେରା, କିସାନ ପଣ୍ଡା ପ୍ରମୁଖ ସାମିଲ ଥିଲେ।

## ଦିବ୍ୟାଙ୍ଗ କଲେଜ ଛାତ୍ରଛାତ୍ରୀଙ୍କ ସମସ୍ୟା ସମାଧାନ ପାଇଁ ପଦକ୍ଷେପ ନିଅ: ହାଇକୋର୍ଟ

କଟକ, ୩୦।୧୦(ସମିସ): କଟକସ୍ଥିତ ଶୈଳବାଳା ସ୍ୱୟଂଶାସିତ ମହିଳା ମହାବିଦ୍ୟାଳୟରେ ୭୭ଜଣ ଦିବ୍ୟାଙ୍ଗ ଛାତ୍ରୀଙ୍କ ପାଇଁ ଆବଶ୍ୟକ ସୁବିଧା ନଥିବା ପ୍ରସଙ୍ଗକୁ ଅଦାଲତ ଗୁରୁତ୍ୱର ସହ ଗ୍ରହଣ କରି ଶୁଣାଣି କରୁଛନ୍ତି। ତେବେ ଶୈଳବାଳା ଭଳି ରାଜ୍ୟର ସମସ୍ତ ମହାବିଦ୍ୟାଳୟରେ ଦିବ୍ୟାଙ୍ଗ ଛାତ୍ରଛାତ୍ରୀଙ୍କ ରହିଥିବା ସମସ୍ୟାକୁ ସମାଧାନ କରିବା ପାଇଁ ଆବଶ୍ୟକ ପଦକ୍ଷେପ ଗ୍ରହଣ କରିବାକୁ ରାଜ୍ୟ ଉଚ୍ଚଶିକ୍ଷା ନିର୍ଦ୍ଦେଶକଙ୍କୁ ନିର୍ଦ୍ଦେଶ ପ୍ରଦାନ କରିଛନ୍ତି ହାଇକୋର୍ଟ। କଟକ ସହର ସମସ୍ୟା ମାମଲାର ଶୁଣାଣି କରିବା ଅବସରରେ ଜଷ୍ଟିସ ସଂଗମ କୁମାର ସାହୁ ଓ ଜଷ୍ଟିସ ଭି.ନରସିଂହଙ୍କୁ ନେଇ ଗଠିତ ଖଣ୍ଡପୀଠ ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ବିଶେଷକରି, ଦିବ୍ୟାଙ୍ଗ ଛାତ୍ରଛାତ୍ରୀଙ୍କୁ ଯେପରି ସେମାନଙ୍କ ଅଧିକାରରୁ ବଞ୍ଚିତ କରାନଯିବ, ସେ ନେଇ ଖଣ୍ଡପୀଠ ଗୁରୁତ୍ୱାରୋପ କରିଛନ୍ତି। ସେହିଭଳି କେଉଁ ମହାବିଦ୍ୟାଳୟରେ କେତେ ଦିବ୍ୟାଙ୍ଗ ଛାତ୍ରଛାତ୍ରୀ ଅଧ୍ୟୟନ କରୁଛନ୍ତି, ସେ ସଂକ୍ରାନ୍ତରେ ପରବର୍ତ୍ତୀ ଶୁଣାଣି ସମୟରେ ଉଚ୍ଚଶିକ୍ଷା ନିର୍ଦ୍ଦେଶକ ଅଦାଲତଙ୍କୁ ଅବଗତ କରିବେ।


ଶୈଳବାଳା ମହିଳା ମହାବିଦ୍ୟାଳୟରେ ବାଧାମୁକ୍ତ ଚଳାଚଳ ପାଇଁ ରାମ୍ପ ସହ ଶୌଚାଳୟ ସୁବିଧା, ଲିଫ୍ଟ, ବ୍ରେଲି ପୁସ୍ତକ ଆଦି ନଥିବା ନେଇ ପୂର୍ବରୁ ଆଡଭୋକେଟ କମିଟି ପକ୍ଷରୁ ହାଇକୋର୍ଟଙ୍କ ଦୃଷ୍ଟି ଆକର୍ଷଣ କରାଯାଇଥିଲା। କଟକ ଅତିରିକ୍ତ ଜିଲ୍ଲାପାଳଙ୍କ ସହ ଆଡଭୋକେଟ କମିଟି ଶୈଳବାଳା କଲେଜ ପରିଦର୍ଶନ କରି ଆବଶ୍ୟକ ସୁବିଧା ନଥିବା ନେଇ ରିପୋର୍ଟ ଦାଖଲ କରିଥିଲେ। ଆଜି ଉଚ୍ଚ ଶିକ୍ଷା ନିର୍ଦ୍ଦେଶକ କାଳୀପ୍ରସନ୍ନ ମହାପାତ୍ର ଭର୍ଚୁଆଲ ଶୁଣାଣିରେ ଉପସ୍ଥିତ ରହି ଜବାବ ରଖିଥିଲେ। ଉକ୍ତ ରିପୋର୍ଟ ଆଧାରରେ ଉଚ୍ଚଶିକ୍ଷା ନିର୍ଦ୍ଦେଶକ, ଏସଏସଇପିଡି ବିଭାଗ ସଚିବ, ଜିଲ୍ଲା ପ୍ରଶାସନ, କଲେଜ ଅଧକ୍ଷ ଓ ବିଭାଗୀୟ ଯନ୍ତ୍ରୀ ମିଳିତ ବୈଠକ କରିଥିଲେ। ଶୈଳବାଳାରେ ଦିବ୍ୟାଙ୍ଗଙ୍କ ଅନୁକୂଳ ରାମ୍ପ ବ୍ୟବସ୍ଥା, ଲିଫ୍ଟ , ସ୍ୱତନ୍ତ୍ର ଶୌଚାଳୟ ,ଅଧ୍ୟୟନ ପାଇଁ ବ୍ରେଲି ପୁସ୍ତକ ଆଦି ଉପଲବ୍ଧ କରାଯିବା ପାଇଁ ଆବଶ୍ୟକ କାର୍ଯ୍ୟପନ୍ଥା ଗ୍ରହଣ କରାଯାଇଥିବା କୁହାଯାଇଛି। ଆଡଭୋକେଟ କମିଟି ଆସନ୍ତା ଏହି ମହାବିଦ୍ୟାଳୟ ପରିଦର୍ଶନ କରିବା ସହ ଅନ୍ୟ ଶିକ୍ଷାନୁଷ୍ଠାନ ମଧ୍ୟ ପରିଦର୍ଶନ କରି ରିପୋର୍ଟ ଦାଖଲ କରିବାକୁ ଅଦାଲତ ନିର୍ଦ୍ଦେଶ ଦେଇଛନ୍ତି । ମାମଲାର ପରବର୍ତ୍ତୀ ଶୁଣାଣି ଆସନ୍ତା ନଭେମ୍ବର୨୭କୁ ଧାର୍ଯ୍ୟ କରାଯାଇଛି।

### ମା' ପ୍ରେମ ଏମିତି...

# ନବଜାତ ହାତୀ ଶବକୁ ଜଗି ରହିଲା ମା'

ବାରିପଦା, ୩୦।୧୦(ସମିସ): ବାରିପଦା ବନଖଣ୍ଡ ଅନ୍ତର୍ଗତ ବାଙ୍ଗିରିପୋଷି ବନାଞ୍ଚଳରେ ଏକ ନବଜାତ ହାତୀ ଶାବକର ମୃତ୍ୟୁ ଘଟିଛି। ବ୍ରାହ୍ମଣଗାଁ ନିକଟ ସାତଭାୟା ଜଙ୍ଗଲରେ ଶାବକଟି ଜନ୍ମ ହେବାର ଦିନେ ନ ହେଉଣୁ ମୃତ୍ୟୁ ହୋଇଥିବା ଖବର ମିଳିଛି। ତେବେ ଶାବକର ମୃତ୍ୟୁ ପରେ ମା' ହାତୀଟି ମୃତଦେହ ପାଖରେ ଜଗି ରହିଥିଲା।

କିଛି ଦିନ ଧରି ବ୍ରାହ୍ମଣଗାଁ ପଞ୍ଚାୟତର ବିଭିନ୍ନ ସ୍ଥାନରେ ୧୨ ଟିକିଆ ହାତୀପଲ ଚଳପ୍ରଚଳ କରୁଛନ୍ତି। ଶିମିଳିପାଳ ପାଦଦେଶର ସାତଭାୟା ଜଙ୍ଗଲରେ ମାଈହାତୀଟି ବିଲ ମଝିରେ ଏକ ହାତୀ ଶାବକକୁ ଜନ୍ମ ଦେଇଥିଲା। ତେବେ ହାତୀ ଶାବକଟି ଦୁର୍ବଳ ଥିବାରୁ ମା' ହାତୀ ଓ ଅନ୍ୟ ହାତୀ ତା'ର ସୁରକ୍ଷା ପାଇଁ ଜଗି ରହିଥିଲେ। ହେଲେ ଶାବକଟି କିଛି ଘଣ୍ଟା ପରେ ବୁଧବାର ସନ୍ଧ୍ୟାରେ ମୃତ୍ୟୁବରଣ କରିଥିଲା। କିନ୍ତୁ, କାଳେ ଛୁଆ ପୁଣି ଜୀବିତ ହେବ, ସେହି ଆଶା ନେଇ ମା'





ହାତୀ ଦୀର୍ଘ ସମୟ ଧରି ଜଗି ରହିଥିଲା। ଖବର ପାଇ ବନ ବିଭାଗର ଏକ ଟିମ୍ ଘଟଣାସ୍ଥଳରେ ପହଞ୍ଚି ସ୍ଥିତି ଅନୁଧ୍ୟାନ କରିଥିଲେ। କିନ୍ତୁ ହାତୀ ନିକଟକୁ ଯାଇ ପାରିନଥିଲେ। ଗୁରୁବାର ସକାଳୁ ବନ ବିଭାଗ ମା' ହାତୀକୁ ଦୂରେଇବା ପରେ ଶବ ବ୍ୟବଚ୍ଛେଦ କରାଯାଇଛି। ମୃତଦେହରୁ ନମୁନା ସଂଗ୍ରହ କରାଯାଇ ଯାଞ୍ଚ ନିମନ୍ତେ ଓୟୁଏଟିକୁ ପଠାଯାଇଛି। ରିପୋର୍ଟ ଆସିବା ପରେ ମୃତ୍ୟୁର ପ୍ରକୃତ କାରଣ ଜଣାପଡ଼ିବ ବୋଲି କର୍ତ୍ତୃପକ୍ଷ କହିଛନ୍ତି। ଶବ ବ୍ୟବଚ୍ଛେଦ କରିବା ପରେ ମୃତଦେହକୁ ପୋତି ଦିଆଯିବ ବୋଲି ବନଖଣ୍ଡ ଅଧିକାରୀଙ୍କ ସୂତ୍ରରୁ ସୂଚନା ମିଳିଛି।

■ ଦାମ୍ପତ୍ୟ ବିବାଦ ମାମଲାରେ ହାଇକୋର୍ଟଙ୍କ ଗୁରୁତ୍ୱପୂର୍ଣ୍ଣ ରାୟ

# ପିଲାଙ୍କୁ ଭେଟିବା ପାଇଁ ପିତାମାତାଙ୍କ ଭଳି ଜେଜେ-ଜେଜେମା'ଙ୍କ ଅଧିକାର ରହିଛି

କଟକ, ୩୦।୧୦ (ସମିସ): ଶିଶୁର କଲ୍ୟାଣ ପାଇଁ ପିତାମାତାଙ୍କ ଭଳି ଜେଜେ ଏବଂ ଜେଜେ-ମା'ଙ୍କ ଉପସ୍ଥିତି ମଧ୍ୟ ସମାନ ଗୁରୁତ୍ୱପୂର୍ଣ୍ଣ। ଯେଉଁଠି ପତି ଓ ପତ୍ନୀ ପରସ୍ପର ବିରୋଧରେ ବିଭିନ୍ନ ପ୍ରକାରର ମାମଲା ଲଢୁଛନ୍ତି, ସେତେବେଳ ପର୍ଯ୍ୟନ୍ତ ସେମାନଙ୍କ ନିଜ ପିଲାକୁ ଭେଟିବା ପାଇଁ ପିତାମାତା, ଜେଜେ ଓ ଜେଜେମା'ଙ୍କୁ ବଞ୍ଚିତ କରାଯାଇପାରିବ ନାହିଁ। ଦାମ୍ପତ୍ୟ ବିବାଦକୁ ନେଇ ନିମ୍ନ ଅଦାଲତରେ ମାମଲା ଚାଲୁଥିବା ବେଳେ ନିଜ ପିଲାଙ୍କୁ ଭେଟିବା ପାଇଁ ଅଭିଭାବକଙ୍କ ରହିଥିବା ଅଧିକାର ପ୍ରସଙ୍ଗରେ ହାଇକୋର୍ଟ ଆଜି ଏପରି ଏକ ଗୁରୁତ୍ୱପୂର୍ଣ୍ଣ ରାୟ ଦେଇଛନ୍ତି। ଏସ୍. ରାୟଗୁରୁଙ୍କ ତରଫରୁ ରୁଜୁ ଆବେଦନର ଶୁଣାଣି କରି ଜଷ୍ଟିସ୍ ସଂଜୟ କୁମାର ମିଶ୍ର ଏପରି ରାୟ ଦେଇଛନ୍ତି। ପତ୍ନୀଙ୍କ ଜିମାରେ ଥିବା ପ୍ରାୟ ଦେଢ଼ବର୍ଷ ବୟସର ପୁଅକୁ ଭେଟିବା ଅନୁମତି ପ୍ରଦାନ ପାଇଁ ସ୍ୱାମୀ କରିଥିବା ଆବେଦନକୁ ଖାରଜ କରି ଗତ ମାର୍ଚ୍ଚ ୨୦ରେ କଟକ ପରିବାର ଅଦାଲତ ପ୍ରଦାନ କରିଥିବା ଆଦେଶକୁ ହାଇକୋର୍ଟ ରଦ୍ଦ କରିଦେଇଛନ୍ତି। ଆବେଦନକାରୀ ଓ ତାଙ୍କ ପିତାମାତା ତଥା ପିଲାର ଜେଜେ ବାପା ଜେଜେ-ମା'ଙ୍କ ସହ ମାସକୁ ଦୁଇଥର ହାଇକୋର୍ଟ ମଧ୍ୟସ୍ଥତା କେନ୍ଦ୍ରରେ ଜଣେ ମହିଳା ମଧ୍ୟସ୍ଥତାଙ୍କ ଉପସ୍ଥିତିରେ ପିଲାକୁ ସାକ୍ଷାତ କରିବାର ଅଧିକାର ପ୍ରଦାନ କରିଛନ୍ତି\ ମଧ୍ୟସ୍ଥତା କେନ୍ଦ୍ରରେ ସାକ୍ଷାତ ସମୟରେ ପିତା ଏବଂ ଜେଜେ ବାପା ଜେଜେ ମା ସେମାନଙ୍କ ପୁଅ/ନାତିଙ୍କୁ ଉପହାର ଦେଇପାରିବେ। ସେହିଭଳି ମାସର ଚତୁର୍ଥ ଶନିବାର ଏବଂ ରବିବାର ସନ୍ଧ୍ୟାରେ ହ୍ୱାଟ୍ସଆପ୍ କଲ୍ ମାଧ୍ୟମରେ ଭିଡିଓ କନଫରେନ୍ସିଂ କରିପାରିବେ। ଏଥିପାଇଁ ପତ୍ନୀଙ୍କୁ ଆବେଦନକାରୀ ଏକ ଆଣ୍ଡ୍ରଏଡ ମୋବାଇଲ ଫୋନ ଓ ସିମ ପ୍ରଦାନ କରିବେ ବୋଲି ହାଇକୋର୍ଟ କହିଛନ୍ତି। ଆବେଦନକାରୀଙ୍କ ତରଫରୁ ବରିଷ୍ଠ ଆଇନଜୀବୀ ଗୌତମ କୁମାର ଆଚାର୍ଯ୍ୟ ମାମଲା ପରିଚାଳନା କରୁଥିବା ବେଳେ ଅର୍ପିତା ମହାପାତ୍ର ସହଯୋଗ କରିଥିଲେ।

## ଜାଲ ଦସ୍ତଖତରେ ବନପାଳ ହଡପ କଲେ ୯୦ ହଜାରରୁ ଊର୍ଦ୍ଧ୍ୱ ଟଙ୍କା

# ମୁଖ୍ୟମନ୍ତ୍ରୀ ଓ ଜିଲ୍ଲାପାଳଙ୍କୁ ଜଣାଇବ ବନ ସୁରକ୍ଷା ସମିତି

ରାଇରଙ୍ଗପୁର, ୩୦।୧୦(ସମିସ): ବନ ବିଭାଗରେ ଏକ ମହାଦୁର୍ନୀତି ହୋଇଥିବା ନେଇ ଅଭିଯୋଗ ଆଣିଲେ ବନସୁରକ୍ଷା ସମିତିର ସଭାପତି ଓ କୋଷାଧ୍ୟକ୍ଷ। ଅକ୍ଟୋବର ୨୭ରୁ ନଭେମ୍ବର ୨ ଯାଏ ରାଜ୍ୟରେ ଦୁର୍ନୀତି ନିବାରଣ ସପ୍ତାହ ପାଳନ ଚାଲିଛି। ମୁଖ୍ୟମନ୍ତ୍ରୀ ଦୁର୍ନୀତିଖୋର ସରକାରୀ କର୍ମଚାରୀଙ୍କୁ କୌଣସି ପ୍ରକାର ଛଡାଯିବ ନାହିଁ ବୋଲି ଘୋଷଣା କରିଛନ୍ତି। ଅପରପକ୍ଷରେ ଜଙ୍ଗଲ ମନ୍ତ୍ରୀ ଇଂ ଗଣେଶ ରାମ ସିଂ ଖୁଣ୍ଟିଆ ବନ କର୍ମଚାରୀଙ୍କୁ ଦୁର୍ନୀତିଠାରୁ ଦୂରେଇ ରହିବା ପାଇଁ ତାଗିଦା କରିଛନ୍ତି। ଯଦି କେହି କର୍ମଚାରୀ ଦୁର୍ନୀତିରେ ଲିପ୍ତ ରୁହନ୍ତି ତାହାହେଲେ କଠୋର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ମନ୍ତ୍ରୀ କହିଛନ୍ତି; କିନ୍ତୁ ବନ ବିଭାଗର ଦୁର୍ନୀତିର ଚେର ବହୁ ତଳକୁ ଯାଇଥିବା ଜଣାପଡ଼ିଛି। ଏଭଳି ଏକ ଦୁର୍ନୀତି ବହଳଦା ବନାଞ୍ଚଳ ଅନ୍ତର୍ଗତ ଜାମଦା ବ୍ଲକ ତେଣ୍ଡରା ପଞ୍ଚାୟତର ହରଗଡ଼ା ବନ ସୁରକ୍ଷା ସମିତିରେ ଘଟିଥିବା ଖୋଦ୍ ସଭାପତି ଶୀତଳ ସୋରେନ ଏବଂ କୋଷାଧ୍ୟକ୍ଷ ଗଣମାଧ୍ୟମ ସମ୍ମୁଖରେ ପ୍ରକାଶ କରିଛନ୍ତି। ପାହାଡ଼ ସନ୍ନିକଟ ଗ୍ରାମଗୁଡିକରେ ବନ ସୁରକ୍ଷା ସମିତି ଗଠନ କରାଯାଇଛି।



ସମିତିର କାମ ହେଲା ଜଙ୍ଗଲ ସୁରକ୍ଷା, ଜୀବଜନ୍ତୁ ରକ୍ଷା, ବନପୋଡିରୁ ରକ୍ଷା କରିବା। ସମିତିରେ ଗ୍ରାମର ଲୋକେ ସଭାପତି, ସମ୍ପାଦକ, କୋଷାଧ୍ୟକ୍ଷ, ବନପାଳ ଏବଂ ଅନ୍ୟ ସଦସ୍ୟ ବୃନ୍ଦ ରୁହନ୍ତି। ସମିତିର ଆକାଉଣ୍ଟ ବନପାଳ ଏବଂ କୋଷାଧ୍ୟକ୍ଷ ନାମରେ ଖୋଲାଯାଇଥାଏ। ବନ ସୁରକ୍ଷା ସମିତି ଜରିଆରେ ବିଭିନ୍ନ ଉନ୍ନୟନ, ଜୀବନ ଜୀବିକା ପାଇଁ ସରକାର ଟଙ୍କା ଦେଇଥାନ୍ତି। ବନ ସୁରକ୍ଷା ମାଧ୍ୟମରେ ରେଜୁଲେସନ କରାଯାଇ ବିଭିନ୍ନ କାମ କରାଯାଇଥାଏ; କିନ୍ତୁ ବହଳଦା ବନାଞ୍ଚଳ ଅନ୍ତର୍ଗତ ଜାମଦା ବ୍ଲକର ତେଣ୍ଡାରା ପଞ୍ଚାୟତର ହରଗଡ଼ା ଗ୍ରାମର ବନ ସୁରକ୍ଷା ସମିତି ନାମରେ ୯୭ ହଜାର ଟଙ୍କାରୁ ଊର୍ଦ୍ଧ୍ୱ ଟଙ୍କା ସମିତିକୁ ନ ଜଣାଇ ବନପାଳ ମନୋରଞ୍ଜନ ମହାନ୍ତ ନିଜ ସମ୍ପର୍କୀୟ ନାମରେ ଉଠାଇ ନେଇଛନ୍ତି; କିନ୍ତୁ କୌଣସି କାମ ହୋଇନାହିଁ। ରେଜୁଲେସନ ଖାତାରେ ବନପାଳ ବନ ସୁରକ୍ଷା ସମିତିର ସଭାପତି, ସମ୍ପାଦକ ଏବଂ କୋଷାଧ୍ୟକ୍ଷ ଏବଂ ସଦସ୍ୟଙ୍କ ଜାଲ ଦସ୍ତଖତ କରି ଟଙ୍କା ଚଳୁକରି ଦେଇଛନ୍ତି। ଏହି ଘଟଣା ନେଇ ସମିତି ଜାଣିବା ପରେ ବନପାଳ ଶ୍ରୀ ମହାନ୍ତଙ୍କୁ ଫୋନରେ ପଚାରିବାରୁ ସେ କହିଲେ ଯେ, ବନାଞ୍ଚଳ ଅଧିକାରୀ ଜ୍ୟୋତିରଞ୍ଜନ ସେନାପତି, ଏସିଏଫ ଏବଂ ଡିଏଫଓଙ୍କୁ ୪୦% ପର୍ସେଣ୍ଟ ପିସି ଦିଆଯାଉଛି। ଏଭଳି ପିସି କାରବାର ପୂର୍ତ୍ତବିଭାଗ, ଜଳସେଚନ ବିଭାଗ, ବ୍ଲକ, ଗ୍ରାମ୍ୟ ଉନ୍ନୟନ ବିଭାଗ ଗ୍ରାମୀଣ ପାନୀୟ ଜଳ ବିଭାଗର ହୁଏ ନାହିଁ। ଏହା ଏକ ରେକର୍ଡ଼। ଶିମିଳିପାଳ ଉନ୍ନୟନ ନାମରେ କୋଟି କୋଟି ଟଙ୍କା ଦୁର୍ନୀତି ହୋଇଥିବା ଗଣ ମାଧ୍ୟମରେ ପ୍ରକାଶ ହୋଇଛି; ଯାହାକି ସେମାନେ ଫୋନ୍ କଲ୍ ରେକର୍ଡିଂ କରି ରଖିଛନ୍ତି। ଏହାକୁ ନେଇ ବନ ସୁରକ୍ଷା ସମିତିର କାର୍ଯ୍ୟକର୍ତ୍ତା ଡିଏଫଓ ସୁବ୍ରତ ପାତ୍ରଙ୍କୁ ଦୁର୍ନୀତିକୁ ନେଇ ସାକ୍ଷାତ କରିବା ସହ ଲିଖିତ ଅଭିଯୋଗ କରିବା ପରେ ସେ ଘଟଣାକୁ ଏଡାଇ ଯାଇଥିଲେ। ଏହି ଅଭିଯୋଗକୁ ନେଇ ରାଇରଙ୍ଗପୁର ମହତାବ ଭବନ ପରିସରରେ ନିକଟରେ ହୋଇଥିବା ବନାଞ୍ଚଳ ସମୀକ୍ଷା ବୈଠକକୁ ହରଗଡ଼ା ବନ ସୁରକ୍ଷା ସମିତି ସଦସ୍ୟଙ୍କୁ ଡକାଯାଇ ନ ଥିଲା। ଫଳରେ ହରଗଡ଼ା ବନ ସୁରକ୍ଷା ସମିତିର ସଦସ୍ୟମାନେ ଅସନ୍ତୋଷ ପ୍ରକାଶ କରିଛନ୍ତି। ଏହି ବିଷୟରେ ସେମାନେ ଜିଲ୍ଲାପାଳ, ଜଙ୍ଗଲ ପରିବେଶ ମନ୍ତ୍ରୀ ଏବଂ ମୁଖ୍ୟମନ୍ତ୍ରୀଙ୍କୁ ଜଣାଇବେ ବୋଲି କହିଛନ୍ତି। ଘଟଣାର ତଦନ୍ତ କରି ଦୁର୍ନୀତିଗ୍ରସ୍ତ ବନ କର୍ମଚାରୀ ଏବଂ ଅଧିକାରୀଙ୍କ ଉପରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ପାଇଁ ଲିଖିତ ଦାବିପତ୍ର ଦେବେ ବୋଲି ଗଣମାଧ୍ୟମକୁ ସୂଚନା ଦେଇଛନ୍ତି।

## ନିର୍ମାଣ ୩ ବର୍ଷ ବିତିଲା; କାର୍ଯ୍ୟକ୍ଷମ ହେଉନି କୃଷି କାର୍ଯ୍ୟାଳୟ

ଗୋପବନ୍ଧୁନଗର, ୩୦।୧୦ (ସମିସ): ଉଦଳା ବ୍ଲକ ଜୟପୁର ଉଦଳା ପୂର୍ତ୍ତ ବିଭାଗ ରାସ୍ତାର ରଙ୍ଗାମାଟିଆ ହାଇସ୍କୁଲ ଛକ ନିକଟରେ ନିର୍ମାଣ ହୋଇଥିବା କୃଷି ବିଭାଗ ଅଧିକାରୀଙ୍କ କାର୍ଯ୍ୟାଳୟଟି ୩ ବର୍ଷରୁ ଊର୍ଦ୍ଧ୍ୱ ସମୟ ହେଲା ନିର୍ମାଣ ହୋଇଛି; କିନ୍ତୁ ଆଜିଯାଏ ତାହା କାର୍ଯ୍ୟକ୍ଷମ ହୋଇପାରିନାହିଁ। ଫଳରେ ଗେଟରେ ତାଲାପଡ଼ି ରହିଛି। ଏବେ କାର୍ଯ୍ୟାଳୟ ପରିସରରେ ଅନାବନା ଗଛ ହେବା ସହିତ



ସରୀସୃପଙ୍କ ଚାରଣ ଭୂମି ପାଲଟିଛି। ସରକାର କେଉଁ ଉଦ୍ଦେଶ୍ୟ ନେଇ ଏହି ଗୃହ ନିର୍ମାଣ କରିଛନ୍ତି ତାହା କାର୍ଯ୍ୟକ୍ଷମ ହେଉ ନ ଥିବାରୁ ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି କରୁଛି। ଏଣୁ ବିଭାଗୀୟ ଅଧିକାରୀ ତୁରନ୍ତ ତଦନ୍ତ କରି ଉକ୍ତ ଅଫିସକୁ ଯୁଦ୍ଧକାଳୀନ ଭିତ୍ତିରେ କାର୍ଯ୍ୟକ୍ଷମ କରିବାକୁ ସାଧାରଣରେ ଦାବି ହେଉଛି।

## ସଡ଼କ ପାର୍ଶ୍ୱରେ ଖୋଳାଯାଇଥିବା ଗାତ ଲୋକଙ୍କ ପାଇଁ ବିପଦ



ବେତନଟୀ, ୩୦।୧୦(ସମିସ): ରୁପ୍ସାରୁ ବାଙ୍ଗରିପୋଷି ରେଳଲାଇନ ମଧ୍ୟରେ ବେତନଟୀ ଷ୍ଟେସନରୁ ମାତ୍ର ୨ କିମି ଦୂରରେ ରହିଛି ଯୁଗଳ ପ୍ଲାଟଫର୍ମ। ଏହି ପ୍ଲାଟଫର୍ମ ନିକଟରେ ରେଳ ପରିସୀମାରେ ୧୦ ଫୁଟ ଗଭୀରର ଏକ ଗାତ ଖୋଳାଯାଇଛି। ଜଣେ ଠିକାଦାରଙ୍କ ଲୋକ ପ୍ରାୟ ୬ ଦିନ ପୂର୍ବରୁ ଏହି ଗାତ ଖୋଳିଛନ୍ତି। ଗାତରେ ଗୃହ ପାଳିତ ପଶୁ, ଜୀବଜନ୍ତୁ ଓ ମଣିଷ ନ ପଡ଼ିବା ପାଇଁ କୌଣସି ଅସ୍ଥାୟୀ ସୁରକ୍ଷା ବାଡ଼ ଦିଆଯାଇନାହିଁ। ଠିକାଦାର ବିପଜ୍ଜନକ ଅବସ୍ଥାରେ ଗାତ ଖୋଳି ପକାଇ ଦେଇଥିବା ବେଳେ ନିକଟରେ ବ୍ରହ୍ମପୁରା ଅଙ୍ଗନବାଡିର କୁନି କୁନି ପିଲା, ବିଦ୍ୟାଳୟର ଛାତ୍ରଛାତ୍ରୀ ମଧ୍ୟ ରହିଛନ୍ତି। ଯୁଗଳ ରେଳ ଷ୍ଟପେଜକୁ ଯିବା ପାଇଁ ସେଠାରେ ରାସ୍ତା ସହିତ ଗ୍ରାମ ସଡ଼କ ମଧ୍ୟ ରହିଛି। ସଡ଼କ ପାର୍ଶ୍ୱରେ ଏହି ଗାତ ଖୋଳାଯାଇଥିବାରୁ ଏବେ ପାଣି ଭର୍ତ୍ତି ହୋଇରହିଛି। ତେଣୁ ଗାତରେ ପଡ଼ି ଜୀବନ ଯିବା ଆଶଙ୍କା ରହିଛି। ଏଥିପ୍ରତି ବିଭାଗୀୟ ଅଧିକାରୀ ଦୃଷ୍ଟି ଦେବାକୁ ଗ୍ରାମବାସୀ ଦାବି ଜଣାଇଛନ୍ତି।

## ଦୁବୁଲାବେଡା ବନ୍ଧସାହିକୁ ପକ୍କା ରାସ୍ତା ନିର୍ମାଣ ଦାବି

ରାଇରଙ୍ଗପୁର, ୩୦।୧୦(ସମିସ): ରାଇରଙ୍ଗପୁର ବ୍ଲକ ଅନ୍ତର୍ଗତ ପୁରୁଣାପାଣି ଗ୍ରାମପଞ୍ଚାୟତ ଦୁବୁଲାବେଡା ବନ୍ଧସାହି ରାସ୍ତାକୁ ପକ୍କା କରିବା ନିମନ୍ତେ ଦାବି ହେଉଛି। ସ୍ୱାଧୀନତା ପରେ ବି ଏହି ରାସ୍ତା ପ୍ରତି ସରକାରଙ୍କ ଅନୁଦାନ ପାଣ୍ଠିରୁ ଏକ ଟଙ୍କା ବି ଖର୍ଚ୍ଚ ହୋଇପାରୁନାହିଁ ବୋଲି ଗ୍ରାମବାସୀ ଅଭିଯୋଗ କରିଛନ୍ତି। ରାଇରଙ୍ଗପୁର ବ୍ଲକରୁ ଏକ କିମି ଦୂରରେ ରହିଛି ଦୁବୁଲାବେଡା ଗାଁ; କିନ୍ତୁ ଆଜିଯାଏ ଏହି ଗାଁର କୌଣସି ବିକାଶ ହୋଇପାରୁନାହିଁ। ଫଳରେ ଲୋକେ ହନ୍ତସନ୍ତ ହେବା ସହିତ ବିକାଶଠୁ ବହୁ ଦୂରରେ ରହିଛି ଏହି ଗାଁ। ରାସ୍ତା ନିର୍ମାଣ ପାଇଁ ପଞ୍ଚାୟତ ଗଲେ ବ୍ଲକକୁ ଯାଆନ୍ତୁ ବୋଲି କହୁଛନ୍ତି ପଞ୍ଚାୟତ ପ୍ରଶାସନ। ସେହିପରି ବ୍ଲକକୁ ଗଲେ ଜିଲ୍ଲାପାଳଙ୍କୁ ଅଭିଯୋଗ କର ବୋଲି ଉତ୍ତର ମିଳୁଛି। ଯେତେବେଳେ ରାଇରଙ୍ଗପୁରର ବିଧାୟକ ଭାବେ ନବଚରଣ ମାଝୀ ଥିଲେ, ସେତେବେଳେ ସେ ରାସ୍ତା ନିର୍ମାଣ ପାଇଁ ପ୍ରତିଶ୍ରୁତି ଦେଇଥିଲେ; ହେଲେ ଏବେ ସେ ଆଉ ଧରାଛୁଆଁ ଦେଉନାହାନ୍ତି ବୋଲି କହିଛନ୍ତି ଗ୍ରାମବାସୀ। ଏବେ ସେ ଲୋକସଭା ସାଂସଦ ହୋଇଥିଲେ ବି କୌଣସି ଦୃଷ୍ଟି ଦେଉନାହାନ୍ତି ବୋଲି ଗ୍ରାମବାସୀ ଗଣମାଧ୍ୟମ ଆଗରେ ପ୍ରକାଶ କରିଛନ୍ତି। ବର୍ଷାଦିନେ ରାସ୍ତା ପାଇଁ ଗ୍ରାମବାସୀଙ୍କ ଦୁଃଖ ବଢ଼ିଯାଏ। ତେଣୁ ଦୁବୁଲାବେଡା ବନ୍ଧସାହି ପ୍ରତି ସରକାର ଦୃଷ୍ଟି ଦେଇ ରାସ୍ତା ନିର୍ମାଣ କଲେ ଗ୍ରାମବାସୀ ସୁରକ୍ଷିତ ଭାବେ ଯାତାୟାତ କରିପାରିବେ। ବାବୁରାମ ମହାନ୍ତ, ପିରୁ ମହାନ୍ତ, ହରିଶ୍ଚନ୍ଦ୍ର ମହାନ୍ତ, ପ୍ରଫୁଲ୍ଲକୁମାର ମହାନ୍ତ, ଶୋଭା ମହାନ୍ତ, ରବୀନ୍ଦ୍ର ମହାନ୍ତ, ନେହେରୁ ମହାନ୍ତ, ଦୀଲ୍ଲୀପ ମହାନ୍ତ ପ୍ରମୁଖ ବହୁ ଗ୍ରାମବାସୀ ଅଭିଯୋଗ କରିଛନ୍ତି।



## ଟଙ୍କା, ଲାପଟପ ଚୋରି ଅଭିଯୋଗ

କୁଆମରା, ୩୦।୧୦(ସମିସ): ଖୁଣ୍ଟା ଥାନା ଅନ୍ତର୍ଗତ କୁଆମରା ଗ୍ରାମର ସଚ୍ଚିନନ୍ଦନ ଭୋଳଙ୍କ ଘରୁ ଚୋରି ହୋଇଥିବା ନେଇ ଫାଣ୍ଡିରେ ଅଭିଯୋଗ ହୋଇଛି। ତାଙ୍କ ଉପର ମହଲାର ଘରେ କେହି ଦୁର୍ବୃତ୍ତ କବାଟ ଖୋଲି ଟଙ୍କା ଏବଂ ଲାପଟପ୍ ଚୋରିକରି ନେଇଥିବା ଅଭିଯୋଗପତ୍ରରେ ଦର୍ଶାଇଛନ୍ତି। ଅଭିଯୋଗ ପାଇ ପୁଲିସ ଏକ ମାମଲା ରୁଜୁ କରିଥିବାବେଳେ ଫାଣ୍ଡି ଅଧିକାରୀ ରସାନନ୍ଦ ମହାନ୍ତି ତଦନ୍ତ ଚଳାଇଛନ୍ତି।

## ବ୍ଲକସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା; ୬ ଚାଷୀ ସମ୍ବର୍ଦ୍ଧିତ



ବୈଶିଙ୍ଗା, ୩୦।୧୦(ସମିସ): ବୈଶିଙ୍ଗା ଉପକଣ୍ଠ ରଙ୍ଗାମାଟିଆ ପଡ଼ିଆରେ ଏକ ବ୍ଲକସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା ଅନୁଷ୍ଠିତ ହୋଇଯାଇଛି। ଏଥିରେ ମୁଖ୍ୟଅତିଥିଭାବେ ବିଧାୟକ ସନାତନ ବିଜୁଳି ଯୋଗଦେଇ ମେଳାକୁ ଉଦ୍‌ଘାଟନ କରିଥିଲେ। ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ବିକାଶ ନିମନ୍ତେ କରାଯାଇଥିବା ଯୋଜନା ଲୋକଙ୍କ ଆୟକୁ ଦ୍ୱିଗୁଣିତ କରିବ ବୋଲି କହିଥିଲେ। ବେତନଟୀ ଗୋଷ୍ଠୀ ପ୍ରାଣୀ ଚିକିତ୍ସା ଅଧିକାରୀ ଡାଃ. ରଞ୍ଜନ କୁମାର ସେଠୀଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟବକ୍ତାଭାବେ ଜିଲ୍ଲାମୁଖ୍ୟ ପ୍ରାଣୀ ଚିକିତ୍ସା ଅଧିକାରୀ ଡାଃ. ରମଣି ରଞ୍ଜନ ବିଶ୍ୱାଳ, ସମ୍ମାନିତ ଅତିଥି ଭାବେ ବ୍ଲକ ଅଧ୍ୟକ୍ଷା କୌଶଲ୍ୟା ମାଝୀ, ଜିଲ୍ଲାପରିଷଦ ସଭ୍ୟା ସବିତା ଦାସ, ବେତନଟୀ ବିଡ଼ିଓ ସୁଶାନ୍ତ କୁମାର ସୂତାର, ଜିଲ୍ଲା ଅତିରିକ୍ତ ଜିଲ୍ଲା ପ୍ରାଣୀ ଚିକିତ୍ସା ଅଧିକାରୀ ଡାଃ. ଗୋପାଳ ଚରଣ ବଳ, ଉପଖଣ୍ଡ ପ୍ରାଣୀ ଚିକିତ୍ସା ଅଧୁକାରୀ ଦୀପକ କୁମାର ପରିଡ଼ା, ଭୁବନେଶ୍ୱର ସ୍ଥିତ ସୋଆ ବିଶ୍ୱବିଦ୍ୟାଳୟର ପ୍ରଫେସର ଡ. ଗୁରୁପ୍ରସାଦ ମହାନ୍ତି, ରାଜ୍ୟ ପ୍ରାଣୀ ଖାଦ୍ୟ ବିଶ୍ଳେଷଣାଗାର ସହକାରୀ ନିର୍ଦ୍ଦେଶିକା ଗୀତାଞ୍ଜଳୀ ଦାଶ, ପ୍ରାଣୀଚିକିତ୍ସା ଓ ପ୍ରାଣୀ ପାଳନ ମହାବିଦ୍ୟାଳୟର ସହକାରୀ ପ୍ରାଧାପିକା ଡା. ସାନ୍ତ୍ୱନା ପଲାଇ, ଶ୍ୟାମାଖୁଣ୍ଟା କୃଷି ବିଜ୍ଞାନ କେନ୍ଦ୍ରର ବୈଜ୍ଞାନିକ ସଂଘମିତ୍ରା ପଟ୍ଟନାୟକ ଓ କେନ୍ଦୁଝରର ସହକାରୀ ମତ୍ସ୍ୟ ଅଧିକାରୀ ବୀରେନ ନାୟକ ପ୍ରମୁଖ ଯୋଗଦେଇ ମତ୍ସ୍ୟ ଓ ପ୍ରାଣୀ ପାଳନ କରି ମହିଳା ସ୍ୱାବଲମ୍ବୀ ହୋଇପାରିବେ ବୋଲି କହିଥିଲେ।

ସରକାରଙ୍କ ବିଭିନ୍ନ ଯୋଜନାର ସଫଳ ରୂପାୟନ ପାଇଁ ୧୨ଟି ଷ୍ଟଲ ପ୍ରଦର୍ଶନ କରାଯାଇଥିଲା। ଏହି ଅବସରରେ ୬ ଜଣ କୃତୀ ସଫଳ ଚାଷୀଙ୍କୁ ମାନପତ୍ର ସହିତ ଅର୍ଥ ରାଶି ପ୍ରଦାନ ପୂର୍ବକ ସମ୍ମାନିତ କରାଯାଇଥିଲା। ତତସହିତ ଉଦ୍ୟୋଗୀଙ୍କୁ ମୁଖ୍ୟମନ୍ତ୍ରୀ କୃଷି ଉଦ୍ୟୋଗ ଯୋଜନା ମାଧ୍ୟମରେ ଦୁଗ୍ଧ ଉଦ୍ୟୋଗ ପ୍ରତିଷ୍ଠା ପାଇଁ ପରାମର୍ଶ ଦିଆଯାଇଛି। ସହକାରୀ ମତ୍ସ୍ୟ ଅଧିକାରୀ ଶୁଭଶ୍ରୀ ଶୁଭସ୍ମିତା ପାତ୍ର ଧନ୍ୟବାଦ ଅର୍ପଣ କରିଥିଲେ।

## ବ୍ଲକ ଶିକ୍ଷାଧିକାରୀଙ୍କ କାର୍ଯ୍ୟାଳୟର ପିଛା ଛାଡୁନି ବିବାଦ

# 'ସୁରଭି'ରେ ଶିକ୍ଷକଙ୍କଠୁ ଚାନ୍ଦା ଆଦାୟ ନେଇ ଅଭିଯୋଗ

ବଡସାହି, ୩୦।୧୦(ସମିସ): ବଡସାହି ବ୍ଲକ ଶିକ୍ଷାଧିକାରୀଙ୍କ କାର୍ଯ୍ୟାଳୟ ତଥା ଅଧିକାରୀଙ୍କ ବିରୋଧରେ ବହୁ ଆପତ୍ତି ଓ ଅଭିଯୋଗ ପରେ ବି ସ୍ଥିତି ସୁଧୁରିନାହିଁ। ବାରମ୍ବାର ବିବାଦ ପରେ ବିବାଦରେ ଛନ୍ଦି ହେଉଛି ଏହି କାର୍ଯ୍ୟାଳୟ। ଏ ନେଇ ସଚିବଙ୍କଠାରୁ ଆରମ୍ଭ କରି ବିଧାୟକ, ଜିଲ୍ଲାପାଳ ଓ ଡିଇଓଙ୍କୁ ଅବଗତ କଲେ ମଧ୍ୟ କାର୍ଯ୍ୟାନୁଷ୍ଠାନ ଶୂନ। ଜଣେ ପୂର୍ବତନ ଏବିଇଓଙ୍କ ପାଇଁ ଏସବୁ ଘଟୁଥିବା ଅଭିଯୋଗ ହେଉଛି। ତାଙ୍କର ପ୍ରଶାସନିକ ଓ ରାଜନୈତିକ ସ୍ତରରେ ଦବଦବା ରହିଥିବାରୁ ବିଭିନ୍ନ ଅନିୟମିତାର ତଦନ୍ତ ଓ କାର୍ଯ୍ୟାନୁଷ୍ଠାନ ଫାଇଲ ତଳ ଚାପି ହୋଇ ରହିଯାଉଛି। ଫଳରେ ବଡସାହି ବ୍ଲକରେ ଶିକ୍ଷା ବ୍ୟବସ୍ଥା ସମ୍ପୂର୍ଣ୍ଣ ଭୁଶୁଡି ଗଲାଣି। ଆଜି ବି ପୂର୍ବତନ ଏବିଇଓଙ୍କ ଇଙ୍ଗିତରେ ବହୁ ବେନିୟମ ଓ ଅନିୟମିତତା କାର୍ଯ୍ୟ ହେଉଛି। ଏପରିକି ବଡସାହି ବଜାରରେ ଥିବା ଜଣେ ପୂର୍ବତନ ଏବିଇଓଙ୍କ ଭଡା ଘରେ ବିଇଓ କାର୍ଯ୍ୟାଳୟ ଚାଲୁଥିବା ଏକ ବିଶ୍ୱସ୍ତ ସୂତ୍ରରୁ ଜଣାଯାଇଛି। ଶୁକ୍ରବାର ବଡସାହି ବ୍ଲକ 'ସୁରଭି' କାର୍ଯ୍ୟକ୍ରମ ହେବା ନେଇ ସୂଚନା ମିଳିଛି। ଏହି କାର୍ଯ୍ୟକ୍ରମ ପାଇଁ ସରକାରଙ୍କ ତରଫରୁ ୨୫ ହଜାର ଟଙ୍କା ମିଳିଛି; ମାତ୍ର ବିଇଓ ଏବଂ ଜଣେ ପୂର୍ବତନ ଏବିଇଓଙ୍କ ନିର୍ଦ୍ଦେଶରେ ସିଆରସିସିମାନେ ପ୍ରତି ଶିକ୍ଷକ ଓ ଶିକ୍ଷୟିତ୍ରୀଙ୍କଠାରୁ ୫୦ ଟଙ୍କାରୁ ଆରମ୍ଭ କରି ୫ ହଜାର ଟଙ୍କା ଯାଏ ଚାନ୍ଦା ଉଠାଉଥିବା ଅଭିଯୋଗ ହୋଇଛି। ଯିଏ ଚାନ୍ଦା ନ ଦେବ ଆକ୍ରୋଶମୂଳକ କାର୍ଯ୍ୟାନୁଷ୍ଠାନ ପାଇଁ ପ୍ରସ୍ତୁତ ରହିବାକୁ ମଧ୍ୟ କୁହାଯାଉଛି। ସେହିପରି ବିଗତ ଦିନରେ ୪ ଜଣ ଶିକ୍ଷକଙ୍କୁ କାରଣ ଦର୍ଶାଅ ନୋଟିସ ଓ ନିଲମ୍ବନ କରାଯାଇଥିବା ବେଳେ ଏହା ଉପରିସ୍ଥ ଅଧିକାରୀଙ୍କୁ ଅବଗତ କରାଯାଇ ନ ଥିବା ମଧ୍ୟ ଅଭିଯୋଗ ଉଠିଛି। ଏପରିକି ନିଲମ୍ବନ ବିରୋଧରେ ଉଚ୍ଚ ନ୍ୟାୟାଳୟର ନିର୍ଦ୍ଦେଶକୁ ମଧ୍ୟ ସେ ମାନୁନାହାନ୍ତି। ସେହିପରି ୧୪୦ ଜଣ ଶିକ୍ଷକଙ୍କ ନିୟମ ବର୍ହିଭୂତ ଡେପୁଟେସନ, ଶିକ୍ଷକ ସତ୍ୟପ୍ରକାଶ ମହାନ୍ତଙ୍କ ୨ମାସରେ ୨ ଥର ଡେପୁଟେସନ, ଶିକ୍ଷୟିତ୍ରୀ ଗୀତାଞ୍ଜଳୀ ବେହେରାଙ୍କୁ ସୁହାଇଲା ଭଳି ବେନିୟମ ଭାବେ ସୁବିଧାଜନକ ସ୍ଥାନରେ ଅବସ୍ଥାପିତ କରିବା, ଲାଞ୍ଚ ଦେଉ ନ ଥିବା ଅବସରପ୍ରାପ୍ତ ଶିକ୍ଷକଙ୍କ ପେନସନ ସମ୍ପର୍କୀତ କାଗଜପତ୍ର ଠିକ୍ ସମୟରେ ନ କରିବା, ଏଚବିଏ ବାବଦରେ ୨୫ ହଜାର ଟଙ୍କାର ଲାଞ୍ଚ ଦେବାର ଏକମାସ ପରେ ବିଲ କରିବା, ଅବସରପ୍ରାପ୍ତ ଶିକ୍ଷୟିତ୍ରୀ ସୁନିତା ସିଂଙ୍କ ଦୀର୍ଘ ୪ମାସ ଧରି ପେନସନ ସମ୍ବନ୍ଧୀୟ କାମ ନ କରିବା ଶିକ୍ଷକ ମୋହନ ସୁନ୍ଦର ମହାନ୍ତଙ୍କୁ ୭ମାସ ଧରି ନିଲମ୍ବିତ କରିଥିଲେ ହେଁ ପରବର୍ତ୍ତୀ କାର୍ଯ୍ୟାନୁଷ୍ଠାନ ଗ୍ରହଣ ନ କରିବା, ଶିକ୍ଷକ କାର୍ତ୍ତିକ ଜେନାଙ୍କୁ ଆକ୍ରୋଶମୂଳକ ଭାବେ ଦୁଇ ମାସ ମଧ୍ୟରେ ଦୁଇ ଥର ଅନ୍ୟ ବିଦ୍ୟାଳୟକୁ ବଦଳି କରି ପୁଣି ଆଦେଶ ବାତିଲ କରିବା, ଛାତ୍ରଛାତ୍ରୀଙ୍କର ଶୈକ୍ଷିକ ପରିଭ୍ରମଣ ଅର୍ଥ ଆତ୍ମସାତ କରିବା, ସମଗ୍ର ଶିକ୍ଷା ପ୍ରଶିକ୍ଷଣ କାର୍ଯ୍ୟାକ୍ରମରେ ଆର୍ଥିକ ଅନୁଦାନର ସଠିକ୍ ବିନିଯୋଗ ନ କରି ଆତ୍ମସାତ କରିବା, କ୍ରୟ କମିଟି ଗଠନ ନ କରି ଅଫିସର କଣ୍ଟିଜେନ୍ସି ଅନୁଦାନକୁ ହଡପ କରିବା, ସୂଚନା ଅଧିକାର ତଥ୍ୟ ଅନୁସାରେ କୋଭିଡ ସମୟରୁ ମଧ୍ୟାହ୍ନ ଭୋଜନ ଚାଉଳ ହେରଫେର ପାଇଁ ବିଦ୍ୟାଳୟରେ ଚାଉଳ ନିଅଣ୍ଟ ଅବସ୍ଥା ଅଦ୍ୟାବଧି ସୁଧୁରୁ ନ ଥିବାର ଜଣାଯାଇଛି। ସେହି ପୂର୍ବତନ ବିବାଦୀୟ ଏବିଇଓଙ୍କ ବଡସାହିସ୍ଥ ବାସଭବନରେ ବିଭିନ୍ନ ଅନୈତିକ କାର୍ଯ୍ୟ ପାଇଁ ଆର୍ଥିକ ଦେଣନେଣ କାରବାରର ଚୁକ୍ତି ଚାଲିଥିବା ଅଭିଯୋଗ ହୋଇଛି। ଏ ନେଇ ବହୁ ଶିକ୍ଷକ ସଂଗଠନ ପକ୍ଷରୁ ବଡସାହି ବିଧାୟକ ସନାତନ ବିଜୁଳିଙ୍କୁ ଅଭିଯୋଗ କରାଯାଇଥିବା ବେଳେ ସେ ଏ ସଂକ୍ରାନ୍ତରେ ଜିଲ୍ଲାପାଳଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ। ଜିଲ୍ଲାପାଳ ଡିଇଓଙ୍କୁ ଜଣାଇବା ପରେ ଏଡିଓ ତଦନ୍ତ କରିବାର ୧ମାସରୁ ଊର୍ଦ୍ଧ୍ୱ ସମୟ ବିତି ଯାଇଥିଲେ ହେଁ କାର୍ଯ୍ୟାନୁଷ୍ଠାନ ଶୂନ। ଯାହାକୁ ନେଇ ଶିକ୍ଷକ ମହଲରେ ଅସନ୍ତୋଷ ଦେଖାଦେଇଛି। ଏନେଇ ବିଇଓ ମଧୁସ୍ମିତା ଗିରିଙ୍କୁ ପଚାରିବାରୁ ସେ ସମସ୍ତ ଅଭିଯୋଗକୁ ଖଣ୍ଡନ କରିଛନ୍ତି।

● କିଶାନତାଣ୍ଡି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର

## ଅଲଟ୍ରା ସାଉଣ୍ଡ ଓ ଏକ୍ସ-ରେ ମେସିନ ନାହିଁ; ରୋଗୀ ହନ୍ତସନ୍ତ

ମୋରଡ଼ା, ୩୦।୧୦(ସମିସ): ପୂର୍ବରୁ କିଶାନତାଣ୍ଡି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଏକ୍ସ-ରେ ମେସିନ ଥିଲା ଏବଂ ଲୋକେ ତତ୍କାଳ ସେବା ପାଉଥିଲେ। ତେବେ କୌଣସି କାରଣ ବଶତଃ ମେସିନଟି ଖରାପ ହେବାରୁ ମରାମତି ପାଇଁ ନିଆଯାଇ ଆଉ ଫେରିନି। ଏବେ ସ୍ୱାସ୍ଥ୍ୟ କେନ୍ଦ୍ରରେ ଏକ୍ସ-ରେ ମେସିନ ନ ଥିବାରୁ ରୋଗୀ ହନ୍ତସନ୍ତ ହେଉଛନ୍ତି। ସେହିପରି ସ୍ତ୍ରୀ ଓ ପ୍ରସୂତି ବିଭାଗରେ ମଧ୍ୟ ଅଲ୍‌ଟ୍ରା ସାଉଣ୍ଡ ମେସିନ ନାହିଁ। ଫଳରେ ଗର୍ଭବତୀ ସ୍ୱାସ୍ଥ୍ୟ ପରୀକ୍ଷା ପାଇଁ ୨୪କିମି ବାରିପଦା ଯିବାକୁ ପଡୁଛି। ଅନ୍ୟ ପକ୍ଷରେ ଏଠାରେ ଏକ୍ସ-ରେ ମେସିନ ନାହିଁ। ତେଣୁ ରୋଗୀ ଦୂରକୁ ଯାଇ ଅଯଥା ଖର୍ଚ୍ଚାନ୍ତ ହେଉଛନ୍ତି। ତେଣୁ ଅଲଟ୍ରା ସାଉଣ୍ଡ ଏବଂ ଏକ୍ସ-ରେ ମେସିନ ଯୋଗାଇ ଦେବାକୁ ଅଞ୍ଚଳବାସୀ ଦାବି କରିଛନ୍ତି।

● ରାଜ୍ୟସ୍ତରୀୟ ପାରା ସନ୍ତରଣ ପ୍ରତିଯୋଗିତା

## ରଞ୍ଜନ, ରାମ, ରବୀନ୍ଦ୍ର ଓ କମଳାଙ୍କୁ ସ୍ୱର୍ଣ୍ଣ, ରୌପ୍ୟ ଓ ବ୍ରୋଞ୍ଜ ପଦକ



ବାରିପଦା, ୩୦।୧୨(ସମିସ): ଓଡ଼ିଶା ପାରା ସ୍ପୋର୍ଟସ ଆସୋସିଏସୋନ ଆନୁକୂଲ୍ୟରେ ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମଠାରେ ରାଜ୍ୟସ୍ତରୀୟ ପାରା ସନ୍ତରଣ ପ୍ରତିଯୋଗିତା ଗତ ୨୫ରୁ ୨୬ ତାରିଖ ଯାଏ ଅନୁଷ୍ଠିତ ହୋଇଥିଲା। ଏଥିରେ ଜିଲ୍ଲାର ୪ ତାରକା ରଞ୍ଜନ ହାଁସଦା, ରାମ ମୁର୍ମୁ, ରବୀନ୍ଦ୍ର ମୁର୍ମୁ ଓ କମଳା ଟୁଡୁ ଯଥାକ୍ରମେ ସ୍ୱର୍ଣ୍ଣ, ରୌପ୍ୟ ଓ ବ୍ରୋଞ୍ଜ ପଦକ ହାସଲ କରି ଜିଲ୍ଲା ପାଇଁ ଏକ ଗୌରବ ଆଣିଛନ୍ତି। ରଞ୍ଜନ ବ୍ୟାକ ଷ୍ଟ୍ରୋକ ୧୦୦ ମିଟର ଆଉ ୫୦ ମିଟର ଏବଂ ଫ୍ରି ଷ୍ଟାଇଲ ୫୦ ମିଟରରେ ସ୍ୱର୍ଣ୍ଣ ପଦକ ହାସଲ କରିଛନ୍ତି। ରାମ ମୁର୍ମୁ ବ୍ୟାକ ଷ୍ଟ୍ରୋକ ୧୦୦ ମିଟର, ୫୦ ମିଟର ଏବଂ ବଟର ଫ୍ଲାଏ ୫୦ ମିଟର ସ୍ୱର୍ଣ୍ଣ, ରୌପ୍ୟ ଓ ବ୍ରୋଞ୍ଜ ପଦକ ହାସଲ କରିଛନ୍ତି। ସେହିପରି ରବୀନ୍ଦ୍ର ମୁର୍ମୁ ଫ୍ରି ଷ୍ଟାଇଲ ୫୦ ମିଟରରେ ବ୍ରୋଞ୍ଜ ପଦକ ହାସଲ କରିଛନ୍ତି। କମଳା ଟୁଡୁ ଫ୍ରି ଷ୍ଟାଇଲ ୧୦୦ ମିଟର ଓ ୫୦ ମିଟରରେ ସ୍ୱର୍ଣ୍ଣ ପଦକ ହାସଲ କରିଛନ୍ତି। ପ୍ରକାଶ ଥାଉ କି ମୟୂରଭଞ୍ଜର ଯଶିପୁର ଗ୍ରାମର ରଞ୍ଜନ ହାଁସଦା, ବିଶୋଇ ଅଞ୍ଚଳର ରାମ ମୁର୍ମୁ, ପୋଖରିଆ ଅଞ୍ଚଳର ରବୀନ୍ଦ୍ର ମୁର୍ମୁ ଏବଂ କରଞ୍ଜିଆ ଅଞ୍ଚଳର କମଳା ଟୁଡୁ ଦୃଷ୍ଟିବାଧିତ ଦିବ୍ୟାଙ୍ଗ ହୋଇ ମଧ୍ୟ ନିଜର ପ୍ରତିଭା ବଳରେ ରାଜ୍ୟସ୍ତରୀୟ ପାରା ସନ୍ତରଣ ପ୍ରତିଯୋଗିତାରେ କୃତିତ୍ୱ ହାସଲ କରିଛନ୍ତି। ପୌର ପରିଷଦ ଦ୍ୱାରା ନିର୍ମିତ ଆଶ୍ରୟ-୧ରେ ଏହି ଅନ୍ତେବାସୀ ରହି ପାଠ ସହିତ ଖେଳରେ ରାଜ୍ୟ ଏବଂ କେନ୍ଦ୍ରସ୍ତରୀୟରେ ଭାଗ ନେଇ କୃତିତ୍ୱ ଅର୍ଜନ କରିଛନ୍ତି।

## ବରିଷ୍ଠ ନାଗରିକ ମଞ୍ଚର ବୈଠକ

ବଡସାହି, ୩୦।୧୦(ସମିସ): ବଡସାହି ବ୍ଲକ ବରିଷ୍ଠ ନାଗରିକ ମଞ୍ଚର ଏକ ବୈଠକ ଅନୁଷ୍ଠିତ ହୋଇଯାଇଛି। ଏଥିରେ ସଭାପତି ସୁନୀଲ କୁମାର ଦାଶ ସଭାପତିତ୍ୱ କରିଥିଲେ। ଏହି ଅବସରରେ ନୂତନ କମିଟି ଗଠନ କରାଯାଇଥିଲା। ଏଥିରେ ପୂର୍ବ କର୍ମକର୍ତ୍ତାଙ୍କ ସହିତ କିଛି ନୂଆ ସଦସ୍ୟଙ୍କୁ ଗ୍ରହଣ କରାଯାଇଛି। ମଞ୍ଚ ପକ୍ଷରୁ ବାରିପଦାରୁ ପ୍ରତାପପୁର-ବଡସାହି-ମାଣତ୍ରୀ ରାସ୍ତା ଉପରେ ଅଦ୍ଧର୍‌ୱର୍ ନିର୍ମିତ ପୋଲ ଗୁଡିକୁ ସମ୍ପୂର୍ଣ୍ଣ କରିବା, ବଡସାହିକୁ ଏନଏସି ମାନ୍ୟତା ସହିତ ସବଟ୍ରେଜେରୀ ଓ ବସଷ୍ଟାଣ୍ଡ ନିର୍ମାଣ, ବରିଷ୍ଠ ନାଗରିକ ମଞ୍ଚର କାର୍ଯ୍ୟାଳୟ ପାଇଁ ଜମି ଓ ସ୍ଥାୟୀ ଗୃହ ନିର୍ମାଣ, ରାଜ୍ୟ ସରକାର ବରିଷ୍ଠ ନାଗରିକ ମାନଙ୍କ ପାଇଁ ଭତା ୧ହଜାର ଟଙ୍କାରୁ ୩ହଜାର ଟଙ୍କାକୁ ବୃଦ୍ଧି କରିବା, ଆୟୁଷ୍ମାନ ଭାରତ ଯୋଜନାକୁ ୭୦ ପରିବର୍ତ୍ତେ ୬୦ବର୍ଷରୁ ଊର୍ଦ୍ଧ୍ୱ ବରିଷ୍ଠ ନାଗରିକଙ୍କ କ୍ଷେତ୍ରରେ ପ୍ରଯୁଜ୍ୟ କରିବା, ରେଳଗାଡି ଯାତ୍ରା ସମୟରେ ପୂର୍ବ ପ୍ରଚଳିତ ରିହାତି ପ୍ରଦାନ କରିବା, ବେତନଟୀରୁ ନୀଳଗିରି ଭାୟା ବଡସାହି ଓ ଉଦଳା ଦେଇ ନୂତନ ରେଳଲାଇନ ସଂଯୋଗୀକରଣ କରିବା, ବେତନଟୀ, ଉଦଳା ଭାୟା ବଡସାହି ରାସ୍ତାର ପ୍ରଶସ୍ତିକରଣ କରିବା ଆଦି ଦାବି କରାଯାଇଥିଲା। ବୈଠକରେ ପୂର୍ବତନ ବ୍ଲକ ଅଧ୍ୟକ୍ଷ ମନେରଞ୍ଜନ ବଳ, ଅଶୋକ କୁମାର ବେହେରା, ଡାକ୍ତର ସୁବୋଧ କୁମାର ଦାସ, ପୂର୍ବତନ ସରପଞ୍ଚ ଲକ୍ଷ୍ମୀଧର ସିଂ ପ୍ରମୁଖ ଉପସ୍ଥିତ ଥିଲେ। କୋଷାଧ୍ୟକ୍ଷ ପ୍ରଦୀପ କୁମାର ବେହେରା ଧନ୍ୟବାଦ ଅର୍ପଣ କରିଥିଲେ।

## ଚିତ୍ରକଳା ପ୍ରତିଯୋଗିତା ଆୟୋଜିତ




ବାରିପଦା, ୩୦।୧୦(ସମିସ): ଅଗ୍ରଣୀ ଚିତ୍ରକଳା ଅନୁଷ୍ଠାନ ମୟୂରଭଞ୍ଜ କଳା ଏକାଡେମୀ ପକ୍ଷରୁ ୨୯ତମ ପ୍ରତିଷ୍ଠା ଦିବସ ଉପଲକ୍ଷେ ଏକ ଚିତ୍ରକଳା ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ଏହି ପ୍ରତିଯୋଗିତାରେ ୨୫୦ ଜଣ ପିଲା ଅଂଶଗ୍ରହଣ କରିଥିଲେ। କଲ୍ୟାଣୀ ମହିଳା ସମିତି ସମ୍ମିଳନୀ କକ୍ଷରେ ୧୨୫ ଜଣ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଛି। ଅନ୍ୟ ପିଲାଙ୍କୁ ସାନ୍ତନା ମୂଳକ ପୁରସ୍କାର ପ୍ରଦାନ କରାଯାଇଛି। ଏଥିରେ ମୁଖ୍ୟଅତିଥି ଭାବେ ଓଡ଼ିଶା ତଥା ଜିଲ୍ଲା ଅଗ୍ରଣୀ ଚିତ୍ରଶିଳ୍ପୀ ଚାରୁ ଚନ୍ଦ୍ର ଦାସ, ସମ୍ମାନିତ ଅତିଥି ମହେନ୍ଦ୍ର ନାଥ ଦଣ୍ଡପାଟ ଓ ବିଶିଷ୍ଟ ସାହିତ୍ୟିକ ତଥା ମୟୂରଭଞ୍ଜ ପୁସ୍ତକ ମେଳା ସଭାପତି ପଦ୍ମନାଭ ସାହୁ ଯୋଗ ଦେଇଥିଲେ। ସଂସ୍ଥାର ସମ୍ପାଦକ ସ୍ୱରୂପ କୁମାର ନାୟକ, ମୋନାଲିସା ନାୟକ ଓ ଅମ୍ରିତ ହୋତା ପରିଚାଳନାରେ ସହଯୋଗ କରିଥିଲେ। ପ୍ରତିଯୋଗିତାରେ ଶୁଭଙ୍କର ପ୍ରତିହାରୀ, ଏମ ସାଇ ପ୍ରୀତି, ଏମ ସାଇ ଜ୍ୟୋତି, ପିୟୁଷ ପ୍ରିତମ ସାହୁ, ଦେବସ୍ମିତା ପାରମନିକ, ସାଇ ସତ୍ୟମ ମହାନ୍ତ କନିଷ୍ଠ ବିଭାଗରେ ଗରିମା ମହାପାତ୍ର, ବନିତା ରଣା, ଇନ୍ଦ୍ରନୀଲ ଭୌମିକ, ସଞ୍ଜନା ମହାନ୍ତ, ଅଭିନନ୍ଦନ ସିଂ, ମୋନାଲିସା ବେରା, ସାଇପ୍ରତ୍ୟୁଷା ବଂଶୀୟାର, ଜୟସ୍ମିତା ପାରମାନିକ, କୀର୍ତ୍ତିରାଜ ବେହେରା ପୁରସ୍କୃତ ହୋଇଛନ୍ତି।

## ବନ୍ୟଜନ୍ତୁ ସୁରକ୍ଷା ଓ କ୍ଷତିପୂରଣ ସଚେତନତା

ମହୁଲଡିହା, ୩୦।୧୦(ସମିସ): କରଞ୍ଜିଆ ବନଖଣ୍ଡ ଅନ୍ତର୍ଗତ ଠାକୁରମୁଣ୍ଡା ବନାଞ୍ଚଳ ପକ୍ଷରୁ ବଣ୍ୟଜନ୍ତୁ ସୁରକ୍ଷା, ବଣ୍ୟଜନ୍ତୁ ଦ୍ୱାରା ଧନ ଜୀବନ କ୍ଷୟକ୍ଷତି, ଅନୁକମ୍ପାରେ ଆବେଦନ ଆଦି ସମ୍ପର୍କରେ ଡ଼ାକବାଜି ଯନ୍ତ୍ର ଦ୍ୱାରା ସଚେତନତା ସୃଷ୍ଟି କରାଯାଇଛି। ଭୈରାଣୀବେଡା, କେଲପୋଷି, ଅଖାପଲାଣ, କାଳିଆଜିଆଣୀ, ସାଗର ସାହି, ବୁରୁଡି, ଜଡିବିଲ ଆଦି ଗ୍ରାମରେ ଡ଼ାକ ବାଜି ଯନ୍ତ୍ରରେ ଏହା ପ୍ରଚାର କରାଯାଇଛି। ଧାନ ପାଚିବା ସମୟ କ୍ଷେତକୁ ଧାନ ଖାଇବା ପାଇଁ ଜଙ୍ଗଲ ଜନ୍ତୁ ଆସିବେ। ତେଣୁ ଜଙ୍ଗଲୀ ଜନ୍ତୁଙ୍କୁ ଆକ୍ରମଣ ନ କରି ରାତିରେ ଏକାକୀ ବୁଲନ୍ତୁ ନାହିଁ। କ୍ଷୟକ୍ଷତି ହେଲେ ଅନୁକମ୍ପା ଆପ୍ ଯୋଗେ କ୍ଷତିପୂରଣ ପାଇଁ ଆବେଦନ କରନ୍ତୁ। ବନାଞ୍ଚଳ ଅଧିକାରୀ ଉମାକାନ୍ତ ବେହେରାଙ୍କ ନେତୃତ୍ୱରେ କର୍ମଚାରୀମାନେ ଗାଁ ଗାଁ ବୁଲି ପ୍ରଚାର କରୁଛନ୍ତି।

## ବାଙ୍ଗିରିପୋଷି ଡାକ୍ତରଖାନାରେ ସ୍ୱାସ୍ଥ୍ୟସେବା ବିପର୍ଯ୍ୟସ୍ତ

# ନାହାନ୍ତି ଡାକ୍ତର; ଦୁର୍ଦ୍ଦଶା ଭୋଗୁଛନ୍ତି ରୋଗୀ

**ବାରିପଦା, ୩୦ ।୧୦(ସମିସ)**



ମୟୂରଭଞ୍ଜ ଜିଲ୍ଲା ବାଙ୍ଗିରିପୋଷିର ସର୍ବପୁରାତନ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ଏବେ ଚରମ ଅବ୍ୟବସ୍ଥା ଦେଇ ଗତିକରୁଛି । ନାମକୁ ମାତ୍ର ଡାକ୍ତରଖାନା ଥିବାବେଳେ କେବଳ କାଗଜ କଲମରେ ଭଲ ଦର୍ଶାଯାଉଛି; କିନ୍ତୁ ବାସ୍ତବତା ତାଠାରୁ ସମ୍ପୂର୍ଣ୍ଣ ଭିନ୍ନ । ଏଠାରେ ନା ଅଛନ୍ତି ଡାକ୍ତର ନା ଅଛି ବ୍ୟବସ୍ଥିତ ରୋଗୀ ଶଯ୍ୟା । ଆପାତ କାଳୀନ ବର୍ହିବିଭାଗର ଅବସ୍ଥା ନ କହିବା ଭଲ । ଏହି ଡାକ୍ତରଖାନାଟି ଦୁର୍ଘଟଣା ପ୍ରବଣ ଅଞ୍ଚଳରେ ରହିଛି । ୪୯ନଂ. ଜାତୀୟ ରାଜପଥ ଦ୍ୱାରଶୁଣୀ ଘାଟି ଓ କଳାବଡ଼ିଆ-ବାଙ୍ଗିରିପୋଷି ରାଜ୍ୟ ରାଜପଥର ପାର୍ଶ୍ୱରେ ରହିଛି । ଉକ୍ତ ରାସ୍ତା ଏବଂ ଦ୍ୱାରଶୁଣି ଘାଟି ରାସ୍ତାରେ ପ୍ରାୟତଃ ଦୁର୍ଘଟଣା ମାନ ଘଟିଥାଏ; କିନ୍ତୁ ଆପାତକାଳୀନ ଚିକିତ୍ସା ପାଇଁ ଗୋଟିଏ ବି ଗୃହ ନାହିଁ । ରୋଗୀକୁ ଏକ କଂକ୍ରିଟ ସ୍ଲାବ ଉପରେ ଶୁଆଇ ଚିକିତ୍ସା କରାଯାଏ ଏବଂ ଝରକା ଗ୍ରିଲ୍‌ରେ ବନ୍ଧା ହୁଏ ସାଲାଇନ । ରୋଗୀଙ୍କ ପରିଜନଙ୍କ ପାଇଁ ବିଶ୍ରାମାଗାର କିମ୍ବା ପ୍ରତୀକ୍ଷାଳୟର ମଧ୍ୟ ସୁବିଧା ନାହିଁ । ତା ଛଡ଼ା ପରିଜନଙ୍କ ପାଇଁ ଶୌଚାଳୟ ମଧ୍ୟ ନାହିଁ । ହେଲେ ସବୁଠୁ ଦୁଃଖର ବିଷୟ ହେଉଛି ଯେ, ରୋଗୀ ଏବଂ ପରିଜନଙ୍କ ପାଇଁ ପିଇବା ପାଣିର ବ୍ୟବସ୍ଥା ଥିଲେ ମଧ୍ୟ ରକ୍ଷଣା ବେକ୍ଷଣ ଅଭାବ ଯୋଗୁଁ କୌଣସି ସୁବିଧା ମିଳୁନାହିଁ । ବିଜୁଳି କାଟ ହେଲେ ରୋଗୀ ଅନ୍ଧାରରେ । ଡ଼ିଜିସେଟ ଥାଇ ମଧ୍ୟ ନ ଥିବା ସଦୃଶ ଆମ୍ବୁଲାନ୍ସ ଗୋଟିଏ ଅଛି; କିନ୍ତୁ ତାହା ମଧ୍ୟ ପରିତ୍ୟକ୍ତ ଅବସ୍ଥାରେ ରହିଛି । ଡାକ୍ତରଖାନାରେ ରଞ୍ଜନ ରଶ୍ମିର ସୁବିଧା ନଥିବାରୁ ଦୁର୍ଘଟଣାରେ ହାତ ଗୋଡ଼ ଭାଙ୍ଗିଲେ ବେସରକାରୀ ପାଥୋଲଜି ଉପରେ ନିର୍ଭର କରିବାକୁ ପଡୁଛି । ନଚେତ ବାରିପଦା ପିଆରଏମକୁ ରେଫର କରାଯାଉଛି । ସେହିପରି ସ୍ତ୍ରୀ ଓ ପ୍ରସୂତି ବିଭାଗରେ ମଧ୍ୟ ଏଠାରେ ଅଲଟ୍ରା ସାଉଣ୍ଡ ମେସିନ ନ ଥିବାରୁ ଗରିବ ଲୋକ ଖର୍ଚ୍ଚାନ୍ତରେ ପଡୁଛନ୍ତି । ଏଠାରେ କେବଳ ୧୬ଟି ବେଡ଼ର ସୁବିଧା ଅଛି । ଏହା ଉପରେ ୧୯ଟି ପଞ୍ଚାୟତର ପାଖାପାଖି ୨୨୨ଟି ଗାଁର ଜନସାଧାରଣ ନିର୍ଭରଶୀଳ । ଉପରୋକ୍ତ ସମସ୍ତ ବିଷୟ ବସ୍ତୁକୁ ନେଇ ଭଞ୍ଜସେନାର କାର୍ଯ୍ୟକର୍ତ୍ତା ବିଗତ ବହୁ ବର୍ଷ ଧରି ପ୍ରଶାସନର ଦୃଷ୍ଟି ଆକର୍ଷଣ କରିଆସୁଛନ୍ତି; କିନ୍ତୁ ଫଳ ଶୂନ । ଏହି ଡାକ୍ତରଖାନାକୁ ୧୦୦ ଶଯ୍ୟାରେ ପରିଣତ କରିବା ସହିତ ୨୪ଘଣ୍ଟିଆ ଆପାତ କାଳୀନ ବର୍ହି ବିଭାଗ ତଥା ଟ୍ରମା ସେଣ୍ଟର ଏକ ସ୍ୱତନ୍ତ୍ର ଗୃହରେ ଖୋଲିବା, ଶିଶୁରୋଗ, ଅସ୍ଥିଶଲ୍ୟ, ସର୍ଜରୀ ବିଶେଷଜ୍ଞ, ଖାଲିଥିବା କର୍ମଚାରୀ ଏବଂ ଟେକନିସିଆନଙ୍କ ନିଯୁକ୍ତି, ଏକ ମାଇନର ଅପରେସନ ଥିଏଟରର ନିର୍ମାଣ, ରଞ୍ଜନରଶ୍ମି ଏବଂ ଅଲଟ୍ରା ସାଉଣ୍ଡର ସୁବିଧା ଉପଲବ୍ଧ ଦିନରାତି ଔଷଧ ବିତରଣ ଓ ପାନୀୟ ଜଳ ଏବଂ ବିଜୁଳି ବ୍ୟବସ୍ଥା, ପ୍ରତୀକ୍ଷାଳୟ/ବିଶ୍ରାମାଗାର, ଶୌଚାଳୟ ଓ ଆହାର କେନ୍ଦ୍ରର ସୁବିଧା, ମିଶନ ଶକ୍ତି କାଫେକୁ କାର୍ଯ୍ୟକ୍ଷମ କରିବା ଆଦି ନେଇ ଏକ ଦାବିପତ୍ର ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ

**ଆନ୍ଦୋଳନ କରିବ ଭଞ୍ଜସେନା**
**ଅତିରିକ୍ତ ଜିଲ୍ଲାପାଳଙ୍କୁ ଦାବିପତ୍ର**

ଅତିରିକ୍ତ ଜିଲ୍ଲାପାଳ ଦୁଃଖବନ୍ଧୁ ନାୟକଙ୍କ ଜରିଆରେ ପ୍ରଦାନ କରାଯାଇଛି । ଆସନ୍ତା ଏକମାସ ମଧ୍ୟରେ ସ୍ଥାୟୀ ସମାଧାନ ନ ହେଲେ ଭଞ୍ଜସେନା ରାଜରାସ୍ତାକୁ ଓହ୍ଲାଇବ ବୋଲି ଚେତାବନୀ ଦେଇଛି । ଅଧ୍ୟକ୍ଷ ସଞ୍ଜୀବ ରାଉତ, ଆଦିବାସୀ ଶାଖା ସଭାପତି ବାଜୁନ ହାଁସଦା, ସୋସିଆଲ ମିଡ଼ିଆ ସଂଯୋଜକ ସନ୍ତୋଷ ଗିରି, ବାରିପଦା ସହର ସଭାପତି ରାକେଶ ମହାନ୍ତି, ଜିଲ୍ଲା ଉପସଭାପତି ମନୋରଞ୍ଜନ ବାରିକ, ବାଙ୍ଗରିପୋଷି ବ୍ଲକ ସଭାପତି ସତ୍ୟପ୍ରକାଶ ମହାନ୍ତି ପ୍ରମୁଖ ଉପସ୍ଥିତ ଥିଲେ ।

## ଗଞ୍ଜେଇ ଭର୍ତ୍ତି କାର୍ ଜବତ; ଜଣେ ଗିରଫ



**କରଞ୍ଜିଆ, ୩୦।୧୦(ସମିସ):** କରଞ୍ଜିଆ ସହର ନିକଟରେ ଚଢଉ କରାଯାଇ ୧ କ୍ୱିଣ୍ଟାଲ ୭୦ କିଲୋ ଗଞ୍ଜେଇ ଜବତ ହୋଇଛି । ସୂଚନା ଅନୁଯାୟୀ, ଭୁବନେଶ୍ୱରର ନାର୍କୋଟିକ୍ସ ବ୍ୟୁରୋ ଟିମ୍ କୌଣସି ସୂତ୍ରରୁ ଗଞ୍ଜେଇ ଚାଲାଣ ହେଉଥିବା ଖବର ପାଇ ବୁଧବାର ଆନନ୍ଦପୁର ନିକଟରୁ ଦୁଇଟି ଗାଡିକୁ ପିଛା କରିଥିଲେ । ଫଳରେ ଗାଡିଟି ଦ୍ରୁତଗତିରେ ଠାକୁରମୁଣ୍ଡା କରଞ୍ଜିଆ ରାସ୍ତାରେ ଆସି କେନ୍ଦୁମୁଣ୍ଡି ନିକଟରୁ ମାଛଗଡ଼ ରାସ୍ତାରେ ସାହାରପଡ଼ା ଦେଇ କରଞ୍ଜିଆ ପଟକୁ ଆସିଥିଲା । ପରେ କରଞ୍ଜିଆ ଅବକାରୀ ବିଭାଗ ସହଯୋଗରେ ଦେଓନଦୀ ପୋଲ ନିକଟରୁ ଏକ କାର୍‌ରୁ ୧ କ୍ୱିଣ୍ଟାଲ ୭୦ କେଜି ଗଞ୍ଜେଇ ଜବତ କରାଯାଇଛି । ଘଟଣାସ୍ଥଳରୁ ଚାଳକକୁ ମଧ୍ୟ ଗିରଫ କରାଯାଇଥିବାବେଳେ ଅନ୍ୟ ଦୁଇଜଣ ଫେରାର ହୋଇଯାଇଛନ୍ତି । ଗିରଫ ଚାଳକ ହେଲେ ଛେଣ୍ଡିପଦା ଅଞ୍ଚଳର ରାଜେଶ କୁମାର ସାହୁ । ଏ ନେଇ ଏକ ମାମଲା ରୁଜୁ ହୋଇଥିବାବେଳେ ଅଭିଯୁକ୍ତକୁ କୋର୍ଟଚାଲାଣ କରାଯାଇଛି ।

## ମୋବାଇଲ ଚୋରିକୁ ନେଇ ନାବାଳକକୁ ମାଡ଼

**ବଡ଼ସାହି, ୩୦ ।୧୦(ସମିସ):** ବଡ଼ସାହି ଥାନା ଅଧୀନ ଯଦୁନାଥପୁର ଗ୍ରାମରେ ଏକ ମୋବାଇଲ ଫୋନ ଚୋରିକୁ ନେଇ ଜଣେ ନାବାଳକକୁ ବାନ୍ଧି ମାଡ ମରାଯାଇଥିବା ନେଇ ତାଙ୍କ ମାଆ ନିରମଣି ବେହେରା ଥାନାରେ ଅଭିଯୋଗ କରିଛନ୍ତି । ତାଙ୍କ ଅଭିଯୋଗକୁ ଭିତ୍ତି କରି ଏକ ମାମଲା ରୁଜୁ ହୋଇ ତଦନ୍ତ ଜାରି ରହିଛି । ଗ୍ରାମର କୈଳାସ ବେହେରାଙ୍କ ଏକ ମୋବାଇଲ ହଜିଥିବାବେଳେ ସେହି ଗ୍ରାମର ସନ୍ତୋଷ ବେହେରା ନିରମଣୀଙ୍କ ନାବାଳକ ପୁଅକୁ ବନ୍ଧି ମାଡମାରିଥିଲେ । ଖବରପାଇ ପରିବାର ଲୋକେ ତାକୁ ଉଦ୍ଧାର କରି ବଡସାହି ଡାକ୍ତରଖାନା ଆଣୁଥିବାବେଳେ ପରିବାର ଲୋକଙ୍କୁ ମଧ୍ୟ ସେ ବିଭିନ୍ନ ପ୍ରକାର ଧମକ ଦେଇଥିବାର ଜଣାଯାଇଛି ।

## ୯ ରେ ୪ଟି ଉପଖଣ୍ଡରେ ହେବ ରକ୍ତଦାନ ଶିବିର

**ବାରିପଦା, ୩୦।୧୦(ସମିସ):** ମୟୂରଭଞ୍ଜ ଜିଲ୍ଲାରେ ରକ୍ତର ଅଭାବ ନେଇ ଭଞ୍ଜସେନା ପକ୍ଷରୁ ମେଗା ରକ୍ତଦାନ ଶିବିର ଆୟୋଜନ ହେବାକୁ ଯାଉଛି । ଆସନ୍ତା ୯ ତାରିଖରେ ଜିଲ୍ଲାର ୪ଟି ଉପଖଣ୍ଡ ବାରିପଦା, କରଞ୍ଜିଆ, ରାଇରଙ୍ଗପୁର ଓ ଉଦଳାଠାରେ ସ୍ୱେଚ୍ଛାକୃତ ରକ୍ତଦାନ ଶିବିର ଅନୁଷ୍ଠିତ ହେବ । ରକ୍ତ ଦେଇ ଅନ୍ୟର ଜୀବନ ବଞ୍ଚାଇବାକୁ ଚାହୁଁଥିବା ସ୍ୱେଚ୍ଛାସେବୀମାନେ ଏଥିରେ ସହଯୋଗ କରିବା ସହିତ ରକ୍ତର ଅଭାବକୁ ଦୂର କରିବାରେ ସହଯୋଗ କରିବେ । ଜିଲ୍ଲା ରକ୍ତ ଭଣ୍ଡାରରେ ରକ୍ତର ଅଭାବକୁ ନେଇ ସକାଳରେ ଖବର ପ୍ରକାଶ ପାଇବା ପରେ ଭଞ୍ଜସେନା ପକ୍ଷରୁ ତ୍ୱରିତ ପଦକ୍ଷେପ ଗ୍ରହଣ କରାଯାଉଛି ।

## ଡିଗ୍ରୀ ମହାବିଦ୍ୟାଳୟରେ ଆଲୋଚନାଚକ୍ର



**କରଞ୍ଜିଆ, ୩୦।୧୦(ସମିସ):** କରଞ୍ଜିଆ ବ୍ଲକ ଅନ୍ତର୍ଗତ କାଦଡିହା ରଘୁନାଥ ଡିଗ୍ରୀ ମହାବିଦ୍ୟାଳୟରେ ଏକ ଆଲୋଚନାଚକ୍ର ଅଧ୍ୟକ୍ଷ ଡକ୍ଟର ଭାଗବତ ଲେଙ୍କାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଏଥିରେ ମୁଖ୍ୟ ଅତିଥି ରୂପେ ଅବସରପ୍ରାପ୍ତ ଅଧ୍ୟାପକ ଡକ୍ଟର ରାମଚନ୍ଦ୍ର ଦାଶ, ସମ୍ମାନିତ ଅତିଥି ରୂପେ ଅଧ୍ୟାପକ ବନମାଳୀ ମହାନ୍ତ, ଅଧ୍ୟାପକ ଧରଣୀ ଧର ତ୍ରିପାଠୀ, ପଦ୍ମଲୋଚନ ମହାନ୍ତ, ଅଧ୍ୟାପିକା ଯଶୋଦା ରାଉତ, ଅଧ୍ୟାପିକା ମୋନାଲିସା ବିଶ୍ୱାଳ ପ୍ରମୁଖ ମଞ୍ଚାସୀନ ଥିଲେ । ଅଧ୍ୟାପିକା ଶୁଭଶ୍ରୀ ଶୁଭସ୍ମିତା କାର୍ଯ୍ୟକ୍ରମ ବାବଦରେ ସୂଚନା ଦେବାପରେ ନୂତନ ଶିକ୍ଷାନୀତିର ଗୁଣାତ୍ମକ ଦିଗ ଶୀର୍ଷକ ବିଷୟବସ୍ତୁରେ ଭିତ୍ତି ପ୍ରବନ୍ଧ ପାଠ ଆରମ୍ଭ ହୋଇଥିଲା । ସବିତା ମହାନ୍ତ, ଗୁରୁବାରୀ ମୁଣ୍ଡରୀ, କାହ୍ନା ମହାନ୍ତ, ଭାରତୀ ମହାନ୍ତ ପ୍ରମୁଖ ନିଜର ପ୍ରସଙ୍ଗରେ ପ୍ରବନ୍ଧ ପାଠ କରିଥିଲେ । ନୂତନ ଶିକ୍ଷା ନୀତି ଭାରତର ଶିକ୍ଷା ବ୍ୟବସ୍ଥାର ଏକ ମାଇଲ୍ ଖୁଣ୍ଟ । ଏହା ସମ୍ପୂର୍ଣ୍ଣଭାବେ ଛାତ୍ରଛାତ୍ରୀଙ୍କ ଜ୍ଞାନର ସାମଗ୍ରୀକ ବିକାଶର ଆହ୍ୱାନ ବୋଲି ମତପ୍ରକାଶ ପାଇଥିଲା । ଏହି ଅବସରରେ ଛାତ୍ରଛାତ୍ରୀଙ୍କୁ ପ୍ରମାଣପତ୍ର ପ୍ରଦାନ କରାଯାଇଥିଲା । ବିଦ୍ୟାଧର ମହାନ୍ତ ଧନ୍ୟବାଦ ଅର୍ପଣ କରିଥିଲେ ।

## ଅଁଳାଡୁବା ଗୋଶାଳାରେ ଗୋପାଷ୍ଟମୀ ପର୍ବ



**ରାଇରଙ୍ଗପୁର, ୩୦।୧୦(ସମିସ):** ରାଇରଙ୍ଗପୁରର ଅଁଳାଡୁବା ଗୋଶାଳାରେ ଗୁରୁବାର ଗୋପାଷ୍ଟମୀ ପର୍ବ ମହାଆଡମ୍ବରରେ ପାଳିତ ହୋଇଛି । ଭୋରୁ ଗୋଶାଳା ପରିସରରେ ଭକ୍ତଙ୍କ ଭିଡ଼ ଜମିଥିଲା ଏବଂ ଗାଇ, ବାଛୁରୀଙ୍କୁ ପୂଜାର୍ଚ୍ଚନା କରାଯାଇଥିଲା । ଭକ୍ତମାନେ ଗାଈମାନଙ୍କୁ ଖୀର (ଭାତ ପୁଡ଼), ହାଲୱା (ମିଠା), ଫଳ, ଗୁଡ଼, ସବୁଜ ଚାରା ଏବଂ ଶସ୍ୟ ଅର୍ପଣ କରିଥିଲେ । ଫଳରେ ଦିନତମାମ ଗୋଶାଳା ପରିସର ଉତ୍ସବମୁଖର ରହିଥିଲା । ଭକ୍ତମାନେ ସେମାନଙ୍କ ପରିବାର ସହିତ ଗାଈଙ୍କ ସେବା ଏବଂ ପୂଜା କରିବାର ପୁଣ୍ୟ ଅର୍ଜନ କରିବାକୁ ଏକାଠି ହୋଇଥିଲେ । ଏହି ଅବସରରେ ଗୋଶାଳାକୁ ସ୍ୱତନ୍ତ୍ର ଭାବରେ ସଜାଯାଇଥିଲା ଏବଂ ଭଗବାନ ଶ୍ରୀକୃଷ୍ଣଙ୍କ ଏକ ମୂର୍ତ୍ତି ମଧ୍ୟ ସ୍ଥାପନ କରାଯାଇଥିଲା । ଭକ୍ତମାନେ ଭଗବାନ କୃଷ୍ଣଙ୍କୁ ସୁଖ ଏବଂ ସମୃଦ୍ଧି ପାଇଁ ପ୍ରାର୍ଥନା କରିଥିଲେ । ଗୋଶାଳା କମିଟିର ସଭାପତି ଗୌରୀଶଙ୍କର ଶାଳଡା ଏବଂ ସଚିବ ମୁକ୍ତିଲାଲ ଅଗ୍ରୱାଲ କହିଛନ୍ତି ଯେ ଗାଈ ଏହି ଯୁଗରେ ଜୀବନଦାୟୀ ଶକ୍ତି ଏବଂ ମାନବ ଜୀବନରେ ମାତାର ଭୂମିକା ଗ୍ରହଣ କରେ । ଗାଈ କ୍ଷୀର ଅମୃତ ପରି, ଶରୀର ଏବଂ ମନ ଉଭୟକୁ ସୁସ୍ଥ ରଖେ । ରାଇରଙ୍ଗପୁର ଗୋଶାଳା ପ୍ରତିବର୍ଷ ଏକ ବଡ଼ ଧରଣର ଗୋପାଷ୍ଟମୀ ଉତ୍ସବ ଆୟୋଜନ କରିବ; ଯାହା ଲୋକଙ୍କ ମଧ୍ୟରେ ସେବା ଏବଂ ସୁରକ୍ଷାର ଭାବନା ସୃଷ୍ଟି ହେବ । ସନ୍ଧ୍ୟାରେ ରାଇରଙ୍ଗପୁର ଗୋଶାଳାରେ ଏକ ରଙ୍ଗାରଙ୍ଗ କାର୍ଯ୍ୟକ୍ରମ ମଧ୍ୟ ଆୟୋଜନ କରାଯାଇଥିଲା । 'ଗୋମାତା କୀ ଜୟ' ଏବଂ 'ଶ୍ରୀ କୃଷ୍ଣ ଗୋପାଳ କୀ ଜୟ' ଧ୍ୱନିରେ ଗୋଶାଳା ପରିସର ପ୍ରକମ୍ପିତ ହୋଇଥିଲା ।

**ଦନ୍ତା ଆକ୍ରମଣରେ ଭାଙ୍ଗିଲା ବନବିଭାଗ ଗାଡ଼ି**

## ଜୀବନ ବଞ୍ଚାଇ ଦୌଡ଼ିଲେ କର୍ମଚାରୀ



**ବୈଶିଙ୍ଗା, ୩୦।୧୦(ସମିସ):** ବେତନଟୀ ରେଞ୍ଜ ଅଞ୍ଚଳରେ ବିଚରଣ କରୁଥିବା ୨୦ ଟିକିଆ ହାତୀପଲ ଫସା ଗାଁମୁଣ୍ଡ ଜଙ୍ଗଲ ରାସ୍ତା ଉପରେ ହଠାତ୍ ଦୌଡିଆସି ଏକ ବିଶାଳ ଦନ୍ତା ବନବିଭାଗର ଗାଡିକୁ ଆକ୍ରମଣ କରିଥିଲା । ଫଳରେ ଗାଡିଟି ଭାଙ୍ଗିଯାଇଛି । ସୂଚନା ମୁତାବକ ବେତନଟୀ ରେଞ୍ଜ ଅଧୀନ ଫୁଲଝରୀ ଇଲାକାରେ ୨୦ ଟିକିଆ ହାତୀପଲ ବିଚରଣ କରୁଥିବା ବେଳେ ବୁଧବାର ରାତି ବଗଲପୁର ଠାରେ ୧୮ନଂ ଜାତୀୟରାଜପଥ ଏବଂ ବାଙ୍ଗିରିପୋଷି ରୂପ୍ସା ରେଳପଥ ଅତିକ୍ରମ କରି ଯୁଗୋଳ ଇଲାକାରେ ପ୍ରବେଶ କରିଥିଲେ । ଗୁରୁବାର ଭୋର ଉଦିପୁରା-ମଣତାପାଳ ସଂରକ୍ଷିତ ଜଙ୍ଗଲ ଅତିକ୍ରମ କରିବାପରେ ପଶ୍ଚିମବଙ୍ଗମୁହାଁ ହେଉଥିବା ଝାଡଖଣ୍ଡୀ ହାତୀପଲ ଫସା ଗାଁମୁଣ୍ଡ ଜଙ୍ଗଲ ନିକଟରେ ରାସ୍ତା ଅତିକ୍ରମ କରୁଥିଲେ । ହଠାତ୍ ପଲଭିତରୁ ଏକ ଦନ୍ତାହାତୀ ଦୌଡିଆସି ବନବିଭାଗର ପାଟ୍ରୋଲିଂ ଗାଡିଉପରେ ଆକ୍ରମଣ କରିଥିଲା । ଫଳରେ ଚାଳକ ଏବଂ ବନବିଭାଗର କର୍ମଚାରୀ ଗାଡି ଛାଡିଦେଇ ଜୀବନ ବଞ୍ଚାଇ ଦୌଡିଥିଲେ । ବୋଲେରୋ ଗାଡିର ସମ୍ମୁଖ ଭାଗକୁ ଉଠାଇ କଚାଡି ଦେଇଥିଲା ଦନ୍ତା । ଏଥିରେ ପେଟ୍ରୋଲିଂଗାଡିର ସମ୍ମୁଖ ଭାଗ କ୍ଷତିଗ୍ରସ୍ତ ହୋଇଛି । ଏହାପରେ ହାତୀପଲ ରାଉତରା ସଂରକ୍ଷିତ ଜଙ୍ଗଲ ଭିତରକୁ ପଳାଇଥିଲେ । ଗୁରୁବାର ରାତି ସୁଦ୍ଧା ହାତୀପଲ ରାଉତରା ସଂରକ୍ଷିତ ଜଙ୍ଗଲରୁ ବାହାରି ନ ଥିବା ବେଳେ ହାତୀପଲ ଗତିବିଧି ଉପରେ ନଜର ରଖିବାକୁ ବନବିଭାଗର ଟିମ ଘଟଣାସ୍ଥଳରେ ରହିଥିବା ନେଇ ଡେପୁଟି ରେଞ୍ଜର ଧୃବେନ୍ଦ୍ରନାଥ ନାୟକ ସୂଚନା ଦେଇଛନ୍ତି ।

## ମଦ ଦୋକାନରୁ ଚୋରି; ଜଣେ ଗିରଫ; ୨ ଫେରାର

**କୁଆମରା, ୩୦।୧୦(ସମିସ):** ଖୁଣ୍ଟା ଥାନା ଅନ୍ତର୍ଗତ ପୁରୁଣା ବାରିପଦା ଏକ ବିଦେଶୀ ମଦ ଦୋକାନରୁ ବୁଧବାର ରାତିରେ ଚୋରି ହୋଇଥିବା ନେଇ ଅଭିଯୋଗ ହୋଇଛି । ବିଳମ୍ବିତ ରାତିରେ ଦୁର୍ବୃତ୍ତମାନେ ଏକ ପିକଅପ୍ ଯୋଗେ ବିଦେଶୀ ମଦ ଦୋକାନରେ ପହଞ୍ଚି ଥିଲେ । ଦୁର୍ବୃତ୍ତମାନେ ପିକଅପ୍‌ଟି ଦୋକାନଠାରୁ ଶହେ ମିଟର ଦୂରରେ ରଖି ପଛ ପଟେ ତାଲା ଭାଙ୍ଗି ପଶିଥିଲେ । ତାଲା ଭାଙ୍ଗିବା ବେଳେ ଦୋକାନ ଭିତରେ ଶୋଇଥିବା ମଦ କାଉଣ୍ଟରର କର୍ମଚାରୀଙ୍କ ନିଦ ଭାଙ୍ଗି ଯାଇଥିଲା ଏବଂ ଜଣେ ହୋମ୍‌ଗାର୍ଡଙ୍କୁ ଚୋରି ସମ୍ପର୍କରେ ଫୋନ୍ କରି ଜଣାଇଥିଲେ । ପରେ ହୋମଗାର୍ଡ କୁଆମରା ଫାଣ୍ଡି ଅଧିକାରୀଙ୍କୁ ଜଣାଇବା ପରେ ଅଧିକାରୀ ରସାନନ୍ଦ ମହାନ୍ତି ଓ ଆଇଆଇସି ପଞ୍ଚାନନ ମହାନ୍ତି ସଦଳବଳ ପହଞ୍ଚି ଦୋକାନ ଭିତରୁ ଜଣକୁ କାବୁ କରିଥିଲେ । ବାହାରେ ଥିବା ଦୁଇଜଣ ଫେରାର ହୋଇଯାଇଥିଲେ । ଦୁର୍ବୃତ୍ତ ଜଣକ ହେଉଛି ଯାଜପୁର ଟାଉନ୍ ଥାନା ଅନ୍ତର୍ଗତ ରାମବାଗ୍ ଗ୍ରାମର ଦେବେନ୍ଦ୍ର ପରିଡ଼ା (୪୮) । ତା' ନିକଟରୁ ଦୁଇଟି ଶାବଳ ଓ ଗୋଟିଏ କଟର ମେସିନ ଜବତ କରିଛି ପୁଲିସ । ପିକଅପ୍‌କୁ କୁଆମରା ଫାଣ୍ଡିରେ ଅଟକ ରଖାଯାଇଛି । ତେବେ ପୁଲିସ ପହଞ୍ଚିବା ପୂର୍ବରୁ ଦୋକାନର ଟଙ୍କା ବାକ୍ସକୁ ନେଇ ପଳାଇଛନ୍ତି ଦୁର୍ବୃତ୍ତ । ବାକ୍ସରେ ୧୨ ହଜାର ଟଙ୍କା ଥିବା ଦୋକାନ ମ୍ୟାନେଜର କହିଛନ୍ତି ।

## ବାଳିକା ଉଚ୍ଚବିଦ୍ୟାଳୟ ସାଇବର ସଚେତନତା



**ମହୁଲଡିହା, ୩୦।୧୦(ସମିସ):** ଠାକୁରମୁଣ୍ଡା ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ ପରିସରରେ ପୁଲିସ ପକ୍ଷରୁ ଏକ ସାଇବର ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ଥାନା ଅଧିକାରିଣୀ ସାବିତ୍ରୀ ଦଳେଇଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ଠାକୁରମୁଣ୍ଡା ବ୍ଲକର ଗୋଷ୍ଠୀ ଉନ୍ନୟନ ଅଧିକାରୀ ସ୍ୱପ୍ନେଶ୍ୱର ବେହେରା ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ସୁସ୍ଥ ମାନସିକତା ଓ ସାଇବର ଅପରାଧ ଠାରୁ ଛାତ୍ରୀମାନେ କିପରି ଦୂରେଇ ରହିବେ ସେ ବିଷୟରେ ଆଲୋକପାତ କରିଥିଲେ । ସମ୍ମାନିତ ଅତିଥି ଭାବେ ଠାକୁରମୁଣ୍ଡା ବ୍ଲକ ଗୋଷ୍ଠୀ ଶିକ୍ଷା ଅଧିକାରୀ କୁଞ୍ଜବିହାରୀ ପ୍ରଧାନ ଯୋଗ ଦେଇ ସାଇବର ଠକେଇ, ଅଦୃଶ୍ୟ ସୈତାନ୍ ଠାରୁ ବର୍ତ୍ତିବା ବିଷୟରେ ଛାତ୍ରୀମାନଙ୍କ ଉଦ୍ଦେଶ୍ୟରେ ସଚେତନ କରିଥିଲେ । ବ୍ଲକ ମଙ୍ଗଳ ସମ୍ପ୍ରସାରଣ ଅଧିକାରୀ ରାକେଶ ଦାସ ଛାତ୍ରୀମାନଙ୍କୁ ମୋବାଇଲ ଫୋନରୁ ନିବୃତ୍ତ ରହି ପାଠପଢ଼ାରେ ମନୋନିବେଶ କରିବାକୁ ପରାମର୍ଶ ଦେଇଥିଲେ ।

## ଜିଲ୍ଲାସ୍ତରୀୟ ବିଶ୍ୱ ମିତବ୍ୟୟିତା ଦିବସ ପାଳିତ



**ବାରିପଦା, ୩୦ ।୧୦(ସମିସ):** ଜିଲ୍ଲା ସଞ୍ଚୟ ଓ ଆର୍ଥିକ ବିଭାଗ ସେବା ବିଭାଗ ତରଫରୁ ଜିଲ୍ଲାସ୍ତରୀୟ ବିଶ୍ୱ ମିତବ୍ୟୟିତା ଦିବସ ଜିଲ୍ଲାପାଳଙ୍କ ସଦଭାବନା ଗୃହରେ ପାଳିତ ହୋଇଯାଇଛ । ଏହି ଅବସରରେ ପ୍ରଥମେ ଜିଲ୍ଲା ସଞ୍ଚୟ ଓ ଆର୍ଥିକ ସେବା ଅଧିକାରୀ ଅଭୟ ନାୟକ ସ୍ୱାଗତ ଭାଷଣ ଦେବାସହ ବିଶ୍ୱ ମିତବ୍ୟୟିତାର ଇତିହାସ ବିଷୟରେ ସୂଚନା ଦେଇଥିଲେ । ମୁଖ୍ୟଅତିଥି ଭାବେ ଅତିରିକ୍ତ ଜିଲ୍ଲାପାଳ ଦୁଖବନ୍ଧୁ ନାୟକ ଯୋଗଦେଇ କେନ୍ଦ୍ର ସରକାରଙ୍କ ଅର୍ଥ ବିଭାଗ ତରଫରୁ ବିଭିନ୍ନ ସ୍ୱଳ୍ପ ସଞ୍ଚୟ ଯୋଜନାରେ ବିଭିନ୍ନ ବର୍ଗର ଲୋକଙ୍କୁ ସାମିଲ କରିବାକୁ ଆହ୍ୱାନ କରିଥିଲେ । ପ୍ରଧାନମନ୍ତ୍ରୀ ସୁରକ୍ଷା ବୀମା ଯୋଜନା, ପ୍ରଧାନମନ୍ତ୍ରୀ ଜୀବନ ଜ୍ୟୋତିବୀମା ଯୋଜନାରେ ସମସ୍ତ ନାଗରିକଙ୍କୁ ଯୋଡି ହେବାକୁ ଅନୁରୋଧ କରିଥିଲେ । ସମ୍ମାନିତ ଅତିଥି ଅତିରିକ୍ତ ଆରକ୍ଷୀ ଅଧିକ୍ଷକ ଦୀପକ କୁମାର ଗୋଚ୍ଛାଏତ ଯୋଗଦେଇ ସାଇବର ସିକୁରିଟି ଉପରେ ସଚେତନ କରାଇଥିଲେ । ଡାକ ଲୋକ ସମ୍ପର୍କ ଅଧିକାରୀ ମନୋଜ କୁମାର ମହାନ୍ତ ପୋଷ୍ଟ ଅଫିସରେ ଦିଆଯାଉଥିବା ବିଭିନ୍ନ ସ୍ୱଳ୍ପ ସଞ୍ଚୟ ଯୋଜନା ବିଷୟରେ କହିଥିଲେ । ଇଣ୍ଡିଆ ପୋଷ୍ଟ ପେମେଣ୍ଟ ବ୍ୟାଙ୍କର ବରିଷ୍ଠ ମ୍ୟାନେଜେର ରାଜେଶ କୁମାର ବେହେରା ଡିଜିଟାଲ ବ୍ୟାଙ୍କିଙ୍ଗ ଓ ପେମେଣ୍ଟ ବ୍ୟାଙ୍କର ଆବଶ୍ୟକତା ଉପରେ ନିଜର ବକ୍ତବ୍ୟ ରଖିଥିଲେ । ଶେଷରେ ଜିଲ୍ଲାସ୍ତରୀୟ ବକ୍ତୃତା ପ୍ରତିଯୋଗିତାରେ ଭାଗ ନେଇଥିବା କୃତୀ ଛାତ୍ରଛାତ୍ରୀମାନଙ୍କୁ ମାନପତ୍ର ପ୍ରଦାନ କରାଯାଇଥିଲା । ହି କାର୍ଯ୍ୟକ୍ରମରେ ଜିଲ୍ଲାପାଳ କାର୍ଯ୍ୟାଳୟର ସମସ୍ତ କର୍ମଚାରୀ ଓ ସମସ୍ତ ସ୍ୱଳ୍ପ ସଞ୍ଚୟ ଅଭିକର୍ତ୍ତା ଉପସ୍ଥିତ ଥିଲେ । ବସନ୍ତ କୁମାର ମହାପାତ୍ର, ଗୌତମ କୁମାର ସି, ମାନସ ମହାନ୍ତି, ସଞ୍ଜୟ କୁମାର ଦାସ, ମଧୁମିତା ମହାନ୍ତ, ଲୀଳା ପଟ୍ଟନାୟକ, ସବିତା ମହାନ୍ତ, ରିମାରାଣୀ ଦାସ, ସସ୍ମିତା ସାମଲ ଉପସ୍ଥିତ ରହି ଏହି କାର୍ଯ୍ୟକ୍ରମକୁ ପରିଚାଳନାରେ ସହଯୋଗ କରିଥିଲେ ।

## ଦୁର୍ନୀତି ନିବାରଣ ସଚେତନତା ସପ୍ତାହରେ ସଚେତନତା ସଭା ପାଳନ


# ଲୋଭ ଓ ଅସାଧୁ ମାନସିକତା ପାଇଁ ବଢୁଛି ଦୁର୍ନୀତି

**ବାରିପଦା, ୩୦ ।୧୦(ସମିସ)**




ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମିଳନୀ କକ୍ଷରେ ଦୁର୍ନୀତି ସଚେତନତା ସପ୍ତାହ ପାଳନ ଉପଲକ୍ଷେ ଜିଲ୍ଲାସ୍ତରୀୟଏକ ସଚେତନତା ସଭା ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲପାଳ ହେମକାନ୍ତ ସଏଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଜିଲ୍ଲା ପରିଷଦ ଅଧ୍ୟକ୍ଷା ଭାରତୀ ହାଁସଦା, ସମ୍ମାନିତ ଅତିଥି ଭାବେ ବାରିପଦା ପୌରପାଳିକା ଅଧ୍ୟକ୍ଷ କୃଷ୍ଣାନନ୍ଦ ମହାନ୍ତି, ଏସ୍‌ପି ବରୁଣ ଗୁଣ୍ଟୁପାଲ୍ଲି, ବାଲେଶ୍ୱର ଦୁର୍ନୀତି ନିବାରଣ ଡିଭିଜନର ଆରକ୍ଷୀ ଅଧୀକ୍ଷକ ଅରୁଣ ନାୟକ ପ୍ରମୁଖ ଯୋଗଦେଇଥିଲେ । ଅତିଥିମାନେ ଏହି ସପ୍ତାହ ପାଳନର ଆଭିମୁଖ୍ୟ ବିଷୟରେ ଆଲୋକପାତ କରିଥିଲେ । ଦୁର୍ନୀତି ନିବାରଣ ବିଭାଗର କାର୍ଯ୍ୟାବଳୀର ବ୍ୟାପକ ପରିସର ଏବଂ ଦୁର୍ନୀତି ଅଭିଯୋଗରେ ଅଭିଯୁକ୍ତ ଦୋଷୀଙ୍କ ବରୋଧରେ ଆଇନଗତ କାର୍ଯ୍ୟାନୁଷ୍ଠାନ ସମ୍ପର୍କରେ ଆଲୋଚନା ହୋଇଥିଲା । ଲୋଭ ଓ ଅସାଧୁ ମାନସିକତା ପାଇଁ ଦୁର୍ନୀତି ବଢୁଛି ବୋଲି ଅତିଥିମାନେ ମତବ୍ୟକ୍ତ କରିଥିଲେ । ତେଣୁ ସମାଜରୁ ଦୁର୍ନୀତିର ମୂଳୋତ୍ପାଟନ ନିମନ୍ତେ ଏସବୁ ପରିହାର କରିବା ପାଇଁ ଆହ୍ୱାନ ଦେଇଥିଲେ । ଦୁର୍ନୀତି ରୋକିବାରେ ବିଶେଷ କରି ଯୁବ ପିଢ଼ିଙ୍କ ଭୂମିକା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ ଓ ଦୁର୍ନୀତି ଠାରୁ ଦୂରେଇ ରହିବା ସହ ନିଜ ଭିତରେ ସାଧୁତାଭାବକୁ ଜାଗ୍ରତ ରଖିଲେ ଦୁର୍ନୀତି ରୂପକ ସାମାଜିକ ବ୍ୟାଧିରୁ ମୁକ୍ତ ହେବା ସହ ଏକ ସୁସ୍ଥ ବିକଶିତ ରାଷ୍ଟ୍ର ଗଠନ ପାଇଁ ରାସ୍ତା ସୁଗମ ହେବବୋଲି ମତ ପ୍ରକାଶ ପାଇଥିଲା । ଏହି ଅବସରରେ ବିଭିନ୍ନ ପ୍ରତିଯୋଗିତାରେ ସଫଳ ହୋଇଥିବା କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା । ସଭାରେ ବିଭିନ୍ନ ବିଭାଗୀୟ ପଦାଧିକାରୀ, ଶିକ୍ଷାନୁଷ୍ଠାନର ଶିକ୍ଷକ ଶିକ୍ଷୟିତ୍ରୀ ବରିଷ୍ଠ ନାଗରିକ, ସ୍ୱୟଂସହାୟିକା ଗୋଷ୍ଠୀର ସଦସ୍ୟା, ଆଇନଜୀବୀ, ସ୍ୱେଚ୍ଛାସେବୀ ଓ ଗଣମାଧ୍ୟମର ପ୍ରତିନିଧି ଉପସ୍ଥିତ ଥିଲେ । ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ବିକାଶ ରଞ୍ଜନ ମହାନ୍ତି ସ୍ୱାଗତ ଭାଷଣ ଓ ଇନ୍ସପେକ୍ଟର ବିକାଶ ସ୍ୱାଇଁ ଧନ୍ୟବାଦ ଅର୍ପଣ କରିଥିଲେ ।

# ସମ୍ପାଦକୀୟ



ବିଶ୍ୱାସ ହେଉଛି ସେଭଳି ଏକ ପକ୍ଷୀ, ଯିଏ ଅରୁଣୋଦୟ ପୂର୍ବରୁ ଆଲୋକ ଦେଖିପାରେ।
-ରବୀନ୍ଦ୍ରନାଥ ଟାଗୋର।

ସକାଳ THE SAKALA

## ଦୁର୍ନୀତି ଦାନବର ଦୌରାତ୍ମ୍ୟ

ଏକ ରାଷ୍ଟ୍ରାୟତ୍ତର ଉଦ୍ୟୋଗର ପୂର୍ବତନ ବିତ୍ତ ଅଧିକାରୀ ସାମାଜିକ ଗଣମାଧ୍ୟମରେ ବର୍ଣ୍ଣନା କରିଥିବା ଅଙ୍ଗେନିଭା ଘଟଣାର ହୃଦୟବିଦାରକ କାହାଣୀ ଜାତୀୟସ୍ତରରେ ଆଲୋଡ଼ନ ସୃଷ୍ଟି କରିଛି। ବେଙ୍ଗାଲୁରୁ ନିବାସୀ କେ ଶିବକୁମାରଙ୍କ ସହିତ ଘଟିଥିବା ଘଟଣା ଯେତିକି ହୃଦୟବିଦାରକ ତାଙ୍କ ଟିପ୍ପଣୀ ତା'ଠାରୁ ଅଧିକ ଚିନ୍ତାଜନକ। ୩୪ବର୍ଷୀୟା ଝିଅର ମୃତ୍ୟୁ ପରେ ଡାକ୍ତରଖାନାରୁ ପୋଷ୍ଟମର୍ଟମ ଏପରିକି ଶ୍ମଶାନ ପର୍ଯ୍ୟନ୍ତ ପ୍ରତିଟି ସ୍ତରରେ କିଭଳି ଲାଞ୍ଚ ଦେବାକୁ ପଡ଼ିଛି, ତାହା ଶିବକୁମାର ଉଲ୍ଲେଖ କରିବା ପରେ ଦୁଇ ପୁଲିସ କର୍ମଚାରୀଙ୍କୁ ନିଲମ୍ବନ କରାଯାଇଛି। ଚିରାଚରିତ ଭାବେ ଏହାକୁ ନେଇ ରାଜନୀତି ଆରମ୍ଭ ହୋଇସାରିଛି। ଶେଷରେ ଶିବକୁମାର ଲେଖିଛନ୍ତି 'ଆର୍ଥିକ ସ୍ୱଚ୍ଛଳ ଥିବାରୁ ମୁଁ ସେମାନଙ୍କ ଦାବି ପୂରଣ କରିପାରିଲି; କିନ୍ତୁ ଗରିବଟିଏ କ'ଣ କରିବ?' ସମାଜିକ ଗଣମାଧ୍ୟରେ ଶିବକୁମାରଙ୍କ ଏହି ମର୍ମଭେଦୀ ବର୍ଣ୍ଣନା ଓ ବେଦନା ଏଭଳି ସମୟରେ ଆସିଛି ଯେତେବେଳେ ସାରା ଦେଶ ଦୁର୍ନୀତି ନିବାରଣ ସପ୍ତାହ ପାଳନ କରୁଛି।

ଆମ ଦେଶରେ ଦୁର୍ନୀତିର ଚେର କେତେ ଗଭୀରକୁ ଯାଇସାରିଛି ଏବଂ ଏହାର ସ୍ୱରୂପ କେତେ କୁତ୍ସିତ ଓ ବୀଭତ୍ସ ହୋଇସାରିଛି, ଉପରୋକ୍ତ ଘଟଣା ତାହାର କେବଳ ଏକ ଉଦାହରଣ ମାତ୍ର। ଆମ ଶାସନ ବ୍ୟବସ୍ଥାର ଏକ ବିଡ଼ମ୍ବନା ହେଉଛି ସରକାର ବଦଳିଲେ ଅଧୁଆ ମୂଳା ଧୂଆ ମୂଳା ହୋଇଯାଏ ଏବଂ ଦୁର୍ନୀତିଗୁଡ଼ିକ ନୀତି ପାଲଟି ଯାଏ। ଏଭଳି କାଦୁଆ ପିଙ୍ଗା ରାଜନୀତିର ପରିବେଶରେ ପରିପୁଷ୍ଟ ହୋଇ ଦୁର୍ନୀତି ତା'ର କାୟା ବିସ୍ତାର କରିଚାଲେ। ଗରିବର ଜାତି ନାହିଁ କି ଦୁର୍ନୀତି ରାଜନୀତି ମାନେ ନାହିଁ। ଯେତେବେଳ ପର୍ଯ୍ୟନ୍ତ ମାନବ ଦୁର୍ନୀତି-ଦାନବ କୋଳରେ ବସିବାକୁ ସୁଖ ମଣୁଥିବ, କୌଣସି ଶାସନ, ପ୍ରଶାସନ ଯେତେ ସାଧ ସାଧନା କଲେ ମଧ୍ୟ ବ୍ୟବସ୍ଥାରୁ ଦୁର୍ନୀତି ହଟିବ ନାହିଁ। ତେଣୁ ଦୁର୍ନୀତିରେ ଅତିଷ୍ଠ ହୋଇ ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ପ୍ରବାଦ ପୁରୁଷ ବିଜୁ ପଟ୍ଟନାୟକ ମାଡ଼ ତତ୍ତ୍ୱ ଆପଣେଇବା ପାଇଁ ଜନସାଧାରଣଙ୍କୁ ଆହ୍ୱାନ ଦେଇଥିଲେ।

କେବଳ ବଜାରରେ କିଣାବିକାକୁ ଛାଡ଼ିଦେଲେ ଆଜି ଏଭଳି କୌଣସି କ୍ଷେତ୍ର ଦୁର୍ନୀତି-ଦାନବର କବଳରୁ ବର୍ତ୍ତି ନାହିଁ। ସରକାରୀ ଫାଇଲ୍ ଦୂରର କଥା ହାତଗୁଞ୍ଜା ନ ଦେଲେ ଅନେକ ସ୍ଥାନରେ ଡାକ୍ତର ରୋଗୀ ଦେଖୁନାହିଁ କି ପୁଲିସ୍ ଅଭିଯୋଗ ରଖୁନାହିଁ। ଶିକ୍ଷା ଅଧିକାର ଏବଂ ଖାଦ୍ୟ ସୁରକ୍ଷା ଆଇନ୍ ପରି ମହତାକାଂକ୍ଷା ଯୋଜନା ମଧ୍ୟ ଲାଞ୍ଚ ବିନା ଆଗକୁ ବଢ଼ିପାରୁନାହିଁ। ଏପରିକି ବିନା ହାତଗୁଞ୍ଜାରେ ବିଚାରପତିଙ୍କ ରାୟ ମଧ୍ୟ କାର୍ଯ୍ୟକାରୀ ହୋଇପାରୁନାହିଁ। ଅପରପକ୍ଷରେ ଏହି ହାତଗୁଞ୍ଜାରେ ଶିଳ୍ପପତିମାନେ ସାମ୍ରାଜ୍ୟ ତୋଳିପାରୁଛନ୍ତି।

ଦୁର୍ନୀତି ଦାନବ ଟଙ୍କା, ସୁନା, ରୁପା, ସୌଖୀନ ଓ ମୂଲ୍ୟବାନ ସାମଗ୍ରୀ, ଆସବାବପତ୍ର, ପାନ, ଚକୋଲେଟ୍, ମିଠାଇ ପ୍ୟାକେଟ୍ ଆଦି ରୂପରେ ସର୍ବସାଧାରଣଙ୍କ ଆଖିଆଗରେ ନିର୍ଭୟରେ ଗୋଟିଏ ହାତରୁ ଅନ୍ୟ ହାତକୁ ଡେଇଁ ଚାଲିଛି। ଜନସାଧାରଣ କେବଳ ନିରବ ଦ୍ରଷ୍ଟା ହୋଇ ସାଲିସ୍ କରିବା କିମ୍ବା ଦୁର୍ନୀତି ଦାନବର ତାଡ଼ନାରେ ଅତିଷ୍ଠ ହେବା ବ୍ୟତୀତ ବିକଳ୍ପ ନାହିଁ। ଯେଉଁ କେତେକ ଧରପଗଡ଼ ହେଉଛି ତାହା ସମୁଦ୍ର ବାଲିରୁ ଚିମୁଟାଏ ମାତ୍ର। ପରିସ୍ଥିତି ଏପରି ହେଲାଣି ଯେ ହାତଗୁଞ୍ଜା ସଂସ୍କୃତି ଶାସନ ପ୍ରଶାସନ ଓ ବ୍ୟବସ୍ଥାର ସୀମା ଡେଇଁ ପରିବାରକୁ ଧସେଇ ପଶିଲାଣି। ଦୁର୍ନୀତି ନିବାରଣ ସପ୍ତାହ ପାଳନ ଓ ସଂକଳ୍ପ ଗ୍ରହଣ କେବଳ ଔପଚାରିକରେ ସୀମିତ ରହିଥିବା ପର୍ଯ୍ୟନ୍ତ ଦୁର୍ନୀତି-ଦାନବର ଦୌରାତ୍ମ୍ୟରୁ ତ୍ରାହି ପାଇବାର ସମ୍ଭାବନା ନାହିଁ।

## ମେରୁ ମିଳନ

ସାମ୍ପ୍ରତିକ ବିଶ୍ୱ ଭୂରାଜନୈତିକ ପରିସ୍ଥିତିରେ ବିଶ୍ୱର ଦୁଇ ମହାଶକ୍ତି ଓ ଦୁଇ ମେରୁ(ଉତ୍ତର ବିଶ୍ୱ ଓ ଦକ୍ଷିଣ ବିଶ୍ୱ)ର ଅଧିପତି ବୋଲାଉଥିବା ଆମେରିକା ଓ ଚୀନ୍ ରାଷ୍ଟ୍ରମୁଖ୍ୟ ପରସ୍ପରକୁ ଭେଟିବା ନିଶ୍ଚୟ ବିଶ୍ୱ ଶାନ୍ତି ଓ ସମୃଦ୍ଧି ପାଇଁ ଅନେକ ଗୁରୁତ୍ୱ ବହନ କରେ। ଏହି ସାକ୍ଷାତ ଆଲୋଚନାକୁ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ 'ଜି-୨' ଆଖ୍ୟା ଏବଂ ମୋଟ ୧୦ ନମ୍ବରରୁ ୧୨ ନମ୍ବର ଦେବା ପରେ 'ଦ୍ୱିଧ୍ରୁବୀୟ ବିଶ୍ୱ ସମୀକରଣ' ଆହୁରି ସ୍ପଷ୍ଟ ହୋଇଛି। 'ଆମେରିକା ଫାଷ୍ଟ' ନୀତିକୁ ପ୍ରାଧାନ୍ୟ ଦେଇ ଆସୁଥିବା ଟ୍ରମ୍ପ ଏବେ 'ଚୀନ୍ ଫାଷ୍ଟ' ନୀତି ଘୋଷଣା କରି ଆମେରିକା ସହଯୋଗୀ ରାଷ୍ଟ୍ରଙ୍କୁ ହରଡ଼ ଘଣାରେ ପକାଇଛନ୍ତି। ବିଶେଷକରି ଭାରତର ଭବିଷ୍ୟ କୂଟନୈତିକ ରଣନୀତି ଆହୁରି ଜଟିଳ ହେବାକୁ ଯାଉଛି।

ଚୀନ୍‌କୁ ରଣନୈତିକ ପ୍ରତିଯୋଗୀ ଦୃଷ୍ଟିରେ ଦେଖି ଆସୁଥିବା ଟ୍ରମ୍ପ ନିଜ ଦ୍ୱିତୀୟ ପାଳିରେ ସେହି ଦେଶ ବିରୋଧରେ ଯେଉଁ ବିଶାଳ ଶୁଳ୍କ ଯୁଦ୍ଧ ଆରମ୍ଭ କରିଥିଲେ ସେଥିରେ ସମଗ୍ର ବିଶ୍ୱର ଆର୍ଥିକ, ବାଣିଜ୍ୟିକ ଓ ସାମାଜିକ ନିରାପତ୍ତା ଅସ୍ଥିର ଓ ଜଟିଳ ହୋଇପଡ଼ିଥିଲା। କିନ୍ତୁ ଟ୍ରମ୍ପଙ୍କ ଆଭିମୁଖ୍ୟରେ ହଠାତ୍ ଏହି ପରିବର୍ତ୍ତନ ଆଶାର ନୂଆ କିରଣଟିଏ ସୃଷ୍ଟି କରିଛି। ସାମ୍ପ୍ରତିକ ସେମିକଣ୍ଡକ୍ଟର ପରିଚାଳିତ ବିଶ୍ୱରେ ବିରଳ ମୃତ୍ତିକା ନିର୍ଣ୍ଣାୟକ ଭୂମିକାରେ ଅବତୀର୍ଣ୍ଣ ହୋଇଛି। ତେଣୁ ଟ୍ରମ୍ପଙ୍କ ଯେସାକୁ ତେସା ନୀତିର ଜବାବ୍ ଦେଇ ଚୀନ୍ ମଧ୍ୟ ଆମେରିକାକୁ ବିରଳ ମୃତ୍ତିକା ରପ୍ତାନୀ କାଣ୍ଟଛାଣ୍ଟ କରିବା ପରେ ହଠାତ୍ ଟ୍ରମ୍ପଙ୍କ ଦମ୍ଭ ଭାଙ୍ଗିଛି ଏବଂ ସେ ଚୀନ ରାଷ୍ଟ୍ରପତି ସି ଜିନ୍‌ପିଙ୍ଗଙ୍କ ସହିତ ସାଲିସ୍ ମୁଦ୍ରାରେ ଅବତୀର୍ଣ୍ଣ ହୋଇଛନ୍ତି। ଅପରପକ୍ଷରେ ଆମେରିକାର ଏହି ପରିବର୍ତ୍ତିତ ଆଭିମୁଖ୍ୟରେ ଜାପାନ୍, ଦକ୍ଷିଣ କୋରିଆ ଆଦି ପୁରୁଣା ବନ୍ଧୁ ରାଷ୍ଟ୍ରଗୁଡ଼ିକ ସେମାନଙ୍କ ନିବେଶର ଭବିଷ୍ୟତ ନେଇ ସନ୍ଦୀହାନ ହୋଇପଡ଼ିଛନ୍ତି।

ଏହି ପୃଷ୍ଠଭୂମିରେ ବିଶ୍ୱର ଦୁଇ କଡ଼ା ପ୍ରତିଦ୍ୱନ୍ଦ୍ୱୀ-ସହଯୋଗୀ ଶକ୍ତି ସହିତ ଭାରତ କିଭଳି ସମନ୍ୱୟ ରକ୍ଷା କରିବ ତାହା ଉପରେ ଭାରତର ଅର୍ଥନୈତିକ ଅଭିବୃଦ୍ଧି ଓ ସାର୍ବଭୌମର ଗରିମା ରକ୍ଷା ନିର୍ଭର କରୁଛି। ଚୀନ୍ ବହୁପୂର୍ବରୁ ପାକିସ୍ତାନକୁ ଆଶ୍ରୟ ଦେଇ ଭାରତ ବିରୋଧରେ ପ୍ରୟୋଗ କରିଚାଲିଛି। 'ଅପରେସନ୍ ସିନ୍ଦୂର' ପରେ ଆମେରିକା ମଧ୍ୟ ପାକିସ୍ତାନ ପଟକୁ ଢଳିଛି। ବାଂଲାଦେଶ ଉଭୟ ଚୀନ୍ ଓ ପାକିସ୍ତାନ ପାଇଁ ନିଜ ଘରର କବାଟ ଖୋଲିସାରିଛି। ଏବେ ଟ୍ରମ୍ପଙ୍କ ଜିନ୍‌ପିଙ୍ଗ ସୁହାଗ ଭାରତକୁ ଅନେକ ଦିଗରେ ଦୋଛକିରେ ଠିଆ କରିଛି। ଦକ୍ଷିଣ ସାଗରରେ ଚୀନର ଆଧିପତ୍ୟ ହ୍ରାସ ପାଇଁ ଭାରତକୁ ସଦସ୍ୟ ରୂପେ ନେଇ ଆମେରିକା ଚତୁଃରାଷ୍ଟ୍ରୀୟ ସଂଗଠନ(କ୍ୱାଡ୍) ଗଠନ କରିଥିବା ବେଳେ ନୂଆ ଜି-୨ ସମୀକରଣରେ 'କ୍ୱାଡ୍'ର ଭବିଷ୍ୟତ ଓ ତହିଁରେ ଭାରତର ଭୂମିକା ଉପରେ ପ୍ରଶ୍ନ ଚିହ୍ନ ଲାଗିଛି।

ଏସବୁର ଊର୍ଦ୍ଧ୍ୱରେ ତର୍ଜମା କଲେ ଉଭୟ ଆମେରିକା ଓ ଚୀନ୍ ଭରସାଯୋଗ୍ୟ ରାଷ୍ଟ୍ର ନୁହନ୍ତି। ସ୍ୱାର୍ଥପର ଭାବରେ ଦୁହିଁଙ୍କ ସ୍ୱଭାବ ସମାନ। ପଦାର୍ଥ ବିଜ୍ଞାନର ମୌଳିକ ତତ୍ତ୍ୱ ଅନୁଯାୟୀ ସମମେରୁ ପରସ୍ପରକୁ ବିକର୍ଷଣ ଏବଂ ବିଷମ ମେରୁ ଆକର୍ଷଣ କରେ। ତେଣୁ ଏବେ 'ବ୍ୟବସାୟ ପ୍ରଥମ' ନୀତିରେ ଆକର୍ଷିତ ହୋଇଥିବା ସମଭାବାପନ୍ନ ଦୁଇମେରୁର ବିକର୍ଷଣ ମଧ୍ୟ ବିଶ୍ୱ ଖୁବ୍‌ଶୀଘ୍ର ଦେଖିବ। ସେ ପର୍ଯ୍ୟନ୍ତ ଭାରତ ଧୈର୍ଯ୍ୟର ସହ ଅପେକ୍ଷା କରିବାକୁ ପଡ଼ିବ।

# ଆମ ଉତ୍ତରପିଢ଼ିର କଥା ଓ ବ୍ୟଥା

**ସଲିଳା ତ୍ରିପାଠୀ**




ଏଇ ବୋଧେ ପ୍ରଥମ ପିଢ଼ି, ଯେଉଁମାନେ ରାଗ-ଅନୁରାଗ, ମାନ-ଅଭିମାନ ଆଉ ଅନୁଶାସନ ଠାରୁ ବହୁ ଦୂରରେ। ସେମାନଙ୍କର ବୁଝାମଣାଟି ଖୁବ୍ ସରଳ ଆଉ ସିଧା। ଜନ୍ମ ହେବାଟା ସେମାନଙ୍କର ହାତରେ ନଥିଲା। ମାତ୍ର ଜୀବନଟା କେବଳ ତାଙ୍କର ତାକୁ ଉପଭୋଗ କରିବା ପାଇଁ ମନ ମଧ୍ୟରେ ଅନେକ ଲାଳସା। ଯୁବକ ହେବା ପୂର୍ବରୁ ଯୌବନର ଉଦ୍ଦାମତା ସେମାନଙ୍କ ପାଖରେ ଭରିଯାଇଛି। ବୌଦ୍ଧିକ, ନୈତିକ ଓ ସର୍ବୋପରି ଆତ୍ମିକ ଜ୍ଞାନର ଧାର ଧାରିବାକୁ ସେମାନେ ଅନିଚ୍ଛୁକ। ଯଦି କେତେଜଣ ହାତଗଣତି ବାହାରିବେ ସେଇମାନେ ଆକାଶରେ ଚନ୍ଦ୍ର, ସୂର୍ଯ୍ୟ ହୋଇ ଆଲୋକିତ କରିବେ। ମାତ୍ର ସେପ୍ରକାର ଇଚ୍ଛାଶକ୍ତି ସେମାନଙ୍କର ହେବ ବା କାହିଁକି? ପିତାମାତାଗଣ ଏବେ ନାଚାର। ନିଜ ଜୀବନର ସଂଘର୍ଷ, ସଂସ୍କାର ଏବେ ପ୍ରହେଳିକା ଭଳି ଲାଗୁଛି। ପିଲାମାନେ ଉପଦେଶକୁ ଅଯଥା ହସ୍ତକ୍ଷେପ ବୋଲି ଭାବୁଛନ୍ତି।

ସ୍କୁଲ ଯିବା ପାଇଁ ପାଞ୍ଚଟଙ୍କିଆ ଅଖା ବ୍ୟାଗ୍ ଏବେ ଆମେରିକାନ୍ ଟୁରିଷ୍ଟର୍‌ରେ ପରିଣତ ହୋଇଛି। ପରଟା ଆଳୁଭଜାର ଟିଫିନ୍‌ରେ ଏବେ ବାସି ପିଜା, ବର୍ଗର ପଶୁଛି। ସୁଜି, ସିମେଇକୁ ପଚାରେ କିଏ? ଚିନି ପରଟାର ଆନନ୍ଦକୁ ଏମାନେ ଆଡ଼ଆଖିରେ ଅନେଇବେନି। ଦଉଡ଼ିଆ ଖଟ ଆଉ କନ୍ଥାର ନିଦକୁ ଏମାନେ ଝୁରିବେନି। ଜେଜେଙ୍କର ଗୋଡ଼ ଘଷି ଦେଇ ୨୦ ପଇସି, ଚାରଣା ପାଇବାକୁ ମନ କରିବେନି। ବରଂ ପକେଟ୍ ମନି ପାଇବାର ଅଧିକାରପଣରେ ପିତାମାତାଙ୍କୁ ବିପର୍ଯ୍ୟସ୍ତ କରି ଚାଲିଥିବେ। ଷ୍ଟ୍ରିଟ୍ ଲାଇଟ୍‌ର ଆଲୁଅରେ ପାଠପଢ଼ି ବଡ଼ ମଣିଷ ହେବାର ଆବଶ୍ୟକତା ଏମାନଙ୍କୁ ନାହିଁ। ଏମାନେ ସଞ୍ଜ ହେଲେ ଲଣ୍ଠନ, ଡିବିର ଧୂଆଁକୁ ଖୋଜି ପାଇବେନି। ଇନ୍‌ଭର୍ଟର ଆଉ ଏୟାର କଣ୍ଡିସନ୍ ଯୁଗରେ ଏ.ସି. ରୁମ୍‌ରୁ ବାହାରି ମା'ର ରନ୍ଧାଘରେ ପଶି କାମରେ ସାହାଯ୍ୟ କରିବାକୁ ଚାହିଁବେ ନାହିଁ। ବାପାଙ୍କର ଫେରିବା ବାଟକୁ ଆତୁର ହୋଇ ଚାହିଁ ଛୋଟ ମୋଟ ଦରବଟିଏ ପାଇଁ ଅଳି କରିବେ ନାହିଁ, ବରଂ ମାସ ଶେଷକୁ ହଜାର ହଜାର ଖର୍ଚ୍ଚ କରି ସାରିଲା ପରେ ପିତାମାତା ଅଯୋଗ୍ୟ ପ୍ରମାଣିତ ହେବାଟା ଦେହସୁହା ହେବା ସାର ହେବ। ମା' ବାପାଙ୍କର ଆଖିର ଲୁହ ଏମାନଙ୍କୁ ଛଳନା ପରି ଲାଗିବ।

ବର୍ଷା ଛାଡ଼ିଗଲା ପରେ ମାଟି ରାସ୍ତାର ପାଣି ସୁଅରେ କାଗଜ ଡଙ୍ଗା ଭସାଇବାର ଆନନ୍ଦକୁ ଅନୁଭବ କରିବେ ନାହିଁ; ବରଂ ବର୍ଷାରେ ଓଦା ହେଲେ ଥଣ୍ଡା ଧରିବ ଓ ଇନ୍‌ଫେକ୍‌ସନ୍ ହେବା ଭୟରେ ଟ୍ୟାବ୍ ଓ ମୋବାଇଲ ନହେଲେ ଲାପ୍‌ଟପ୍ ଧରି ଘରେ ପଥର ମୂର୍ତ୍ତି ପରି ବସି ରହିବେ। ଭାଇ ଭଉଣୀମାନେ ଏକାଠି ହେଲେ ତାସ୍, ଲୁଡୁ କିମ୍ବା ଗପସପ ନକରି ସମସ୍ତେ ଗୋଟେଗୋଟେ ସ୍ମାର୍ଟଫୋନ୍ ଧରି ସେଇ ଅନ୍‌ଲାଇନ୍ ଗେମ୍ ବାବଦରେ କଥା ହେବେ। ଘରକୁ କୁଣିଆ ଆସିଲେ ପାଦ ତଳେ ଲାଗୁ ନଥିବାର ଖୁସିକୁ ନ ବୁଝି ଉପହାର ଆଶାରେ ଅନାଇ ରହିବେ। ଅର୍ଥର ସାଗରରେ ବୁଡ଼ିରହି ଜୀବନର ଲକ୍ଷ୍ୟକୁ ଉପଭୋଗ ଛଡ଼ା ଆଉକିଛି ଭାବିବା ପାଇଁ ସମୟ ପାଇବେ ନାହିଁ। ଛୁଟିମାନଙ୍କରେ ପିଉସୀ, ମାଉସୀ ଆଉ ମାମୁଁ ଘରକୁ ଯାଇ ବିଭିନ୍ନ ପରିବେଶରେ ଖାପଖୁଆଇ ଚଳିବାର ଆଦବ କାଇଦାକୁ ଶିଖିବାକୁ ଚାହିଁବେ ନାହିଁ। ବରଂ ହଲିଡେ ଟୁର୍‌ରେ ଦେଶ ବିଦେଶକୁ ଯିବା ପାଇଁ ଏମାନେ ବ୍ୟାକୁଳ। ଉଡ଼ାଜାହାଜର ଶବ୍ଦକୁ ଶୁଣି ତା'କୁ ଦେଖିବା ପାଇଁ ବିକଳ ମନ ଏବେ ସେଥିରେ ବସିବା ପାଇଁ ଝଗଡ଼ା କରିବାକୁ ପଛଘୁଞ୍ଚା ଦିଅନ୍ତି ନାହିଁ।

କୋଉ ବରଷ ବରଷରେ ଷ୍ଟୁଡିଓକୁ ଯାଇ କିମ୍ବା ସ୍କୁଲର ଶେଷବର୍ଷଗୁଡ଼ିକରେ ଫଟୋ ଉଠା ହେବାର ସୁଖକୁ ଏମାନେ ପ୍ରତି ମୁହୂର୍ତ୍ତରେ ସ୍ମାର୍ଟଫୋନ୍‌ରେ ଫଟୋ ଉଠାଇ ପୁଣି ସେଲ୍‌ଫି ନେଇ ନିଜ ସୌନ୍ଦର୍ଯ୍ୟର ରୂପରେଖକୁ ହାତରେ ତୋଳି ଧରିବାର ଖୁସିରେ ବିଭୋର ହେବେ। ଜୀବନର ସମସ୍ତ ସୁଖକୁ କ୍ଷଣିକରେ ପାଇନେବାର ଆକାଂକ୍ଷାରେ ଏମାନେ ପାଗଳ ହୋଇ ଘୂରିବୁଲିବେ। ଶିକ୍ଷାକୁ ନୈତିକ ମୂଲ୍ୟବୋଧର ଆଧାର ବୋଲି ମନେ ନକରି ମୁଠାମୁଠା ଟଙ୍କାର ସ୍ୱପ୍ନ ଦେଖିବେ। ରଙ୍ଗର ନାମ ଜାଣିବାକୁ ଇନ୍ଦ୍ରଧନୁକୁ ଦେଖିବା ପାଇଁ ଚାତକ ପରି ଅନାଇ ବସିବେ ନାହିଁ; ବରଂ ଭିନ୍ନଭିନ୍ନ ପ୍ରକାର ରଙ୍ଗ ପେନ୍‌ସିଲ୍ ସେମାନଙ୍କ ହାତମୁଠାରେ। ସେମାନେ ଯେମିତି ଚାହିଁବେ ସେମିତି ରଙ୍ଗ କରିପାରିବେ। ତେଣିକି ଚିତ୍ର ଆଙ୍କିବାର କ୍ଷମତା ଥାଉ ବା ନଥାଉ। ଆକାଶର ରଙ୍ଗକୁ ନୀଳ ବଦଳରେ ଗୋଲାପୀ ଦେଲେ ସେଇଟା ହେବ ସେମାନଙ୍କର ସୃଜନଶୀଳତା।

ସରକାରୀ ହେଉ ଅବା ବେସରକାରୀ ସମସ୍ତେ ସ୍କୁଲ ଯିବେ ଆଉ ସମାନ ସୁବିଧା ଲାଭ କରିବେ। ସବୁରି କଣ୍ଠ ଗୀତ ଗାଇବ, ସମସ୍ତେ ତୂଳୀ ଧରିବେ, ସମସ୍ତେ ମଧ୍ୟ ପାଦରେ ତାଳ ଦେଇ ନୃତ୍ୟ କରିବେ। ସବୁଠାରୁ ଭଲ ଖୋଜିବା ପାଇଁ ବିଚାରକମାନେ ବ୍ୟତିବ୍ୟସ୍ତ ହୋଇପଡ଼ିବେ। ପ୍ରତ୍ୟେକ ନିଜ ପିଲାକୁ ପ୍ରଥମ ସ୍ଥାନରେ ଦେଖିବା ପାଇଁ ଆଉ ସୋସିଆଲ୍ ମିଡିଆରେ ବିଜ୍ଞାପିତ କରିବା ପାଇଁ ଶିକ୍ଷକ ଶିକ୍ଷୟତ୍ରୀଙ୍କ ସାଥିରେ ରୀତିମତ ଝଗଡ଼ା କରିବେ। ମୋହଗ୍ରସ୍ତ ପିତାମାତା ଧୃତରାଷ୍ଟ୍ର-ଗାନ୍ଧାରୀଙ୍କ ପରି ଆଖିରେ ପଟି ବାନ୍ଧି ପିଲାମାନଙ୍କୁ ନିଜର ସର୍ବଶ୍ରେଷ୍ଠ ଅହଂକାର ରୂପେ ବ୍ୟବହାର କରିବେ। ଅବଶ୍ୟ ଏହା ଯୁଗ ଯୁଗ ଧରି ଚାଲିଆସିଛି 'ମୋ ପିଲା ଭଲ' ବାକ୍ୟଟି ପିତାମାତାଙ୍କର ପ୍ରମୁଖ ଅସ୍ତ୍ର।

ଏଇ ପିଢ଼ି ରିଅଲ୍ ଲାଇଫ୍‌କୁ ରିଲ୍‌ସ ବନାଇବାରେ ଆନନ୍ଦିତ ହେବେ। ମାତ୍ର ବାସ୍ତବ ଜୀବନର ମର୍ମକୁ ବୁଝିବା ପାଇଁ ଅବହେଳା କରିବେ। ଏମାନଙ୍କ ପାଖରେ ଅନେକ ଭାବର ଅଭାବ ରହିଯିବ। ମାତ୍ର ସେମାନେ ଜୀବନକୁ ପଶାପାଲିର ଗୋଟିରେ ଖେଳେଇ ଚାଲିଥିବେ। ମୁହୂର୍ତ୍ତକୁ ନେଇ ବଞ୍ଚିବାରେ ଥିବା ଆନନ୍ଦକୁ ବୁଝିନେବା ଏମାନଙ୍କ ପାଇଁ ସହଜ ହୋଇଯିବ। ହେଲେ ଆନ୍ତରିକତା ଆଉ ଭାବପ୍ରବଣତାକୁ ଏମାନେ ହେୟଜ୍ଞାନ କରିବେ। ପ୍ରତ୍ୟେକଟି କଳାକୌଶଳ ଶିଖିବା ପାଇଁ ଅର୍ଥ ବିନିଯୋଗ କରିବାକୁ ପଡୁଥିବା ଏଇ ସମୟରେ ବଞ୍ଚିବାର କଳାଟିକୁ ଏମାନଙ୍କୁ କିଏ ଶିଖାଇବ? ଅଭାବ ଅନଟନ ଭିତରୁ ମୁଣ୍ଡ ଟେକିଥିବା ଏମାନଙ୍କର ପିତାମାତା ସେମାନଙ୍କୁ ସମସ୍ତ ସ୍ୱାଚ୍ଛନ୍ଦ୍ୟ ଦେଉଦେଉ ନିଜେ ଦିନେ ଅପଚରା ହୋଇ ରହିବେ ସେକଥା ଜାଣି ମଧ୍ୟ ପୂର୍ବ ଓ ପର ପିଢ଼ି ମଧ୍ୟରେ ନିଜର ଅସ୍ତିତ୍ୱକୁ ହରାଇ ବସିବେ।

ସେମାନଙ୍କର ପିତାମାତା କ'ଣ ସେମାନଙ୍କର ଦୁଃଖକୁ ବୁଝି ପାରିବେ? ସେମାନେ ତ କହିବେ ତୁମେମାନେ ଅଯୋଗ୍ୟ, ଅପାରଗ ଆମ ଭଳି ପିଲାମାନଙ୍କୁ ଅନୁଶାସନରେ ବାନ୍ଧିପାରିଲ ନାହିଁ। ଭୁଲ୍‌ଟିଏ କଲେ ଅପରାଧୀ ଭଳି ଦଣ୍ଡ ଭୋଗୁଥିବା ପିଲାଦିନ ଏବେ ପରିବର୍ତ୍ତିତ। ଏବେ ସେଇ ପିଲାମାନଙ୍କ ହାତରେ ଜିଭ ଭଳି ଅପରାଧୀର ଛୁରୀ, ଯାହା ଏପରି ତୀକ୍ଷ୍ଣ ଯେ ସବୁକିଛି କାଟି ଦେଇ ହେବ। ପୁଣି କଥା କଥାକେ ମୃତ୍ୟୁକୁ ଆପଣେଇବାର ମିଠା ଧମକ। ସେମାନଙ୍କୁ ସମ୍ଭାଳିବା ପାଇଁ ଆମ୍ଭେମାନେ ଅସମର୍ଥ ଆଉ ଦୁର୍ବଳ। ଆଉ ଆମ ପିଲାମାନେ ସୁଖ, ସ୍ୱାଚ୍ଛନ୍ଦ୍ୟ, ବିଳାସ ଏବଂ ସର୍ବୋପରି ଯାନ୍ତ୍ରିକ ଦ୍ରବ୍ୟ ପାଖରେ ପଣବନ୍ଦୀ।

ଏବେ ବି କ'ଣ ସେମାନଙ୍କୁ ବନ୍ଦୀ ଜୀବନରୁ ମୁକୁଳାଇ ଆତ୍ମସମୀକ୍ଷା ଏବଂ ଖୋଲା ଆକାଶକୁ ଟାଣି ଆଣିବାର ସମୟ ଆସିନାହିଁ? କାରଣ ମୂଲ୍ୟବୋଧ ବିନା ଜୀବନ ବୃଥା। ଯେମିତି ସ୍ପନ୍ଦନ ବିନା ହୃଦୟ। ସମସାମୟିକ ପିତାମାତାଗଣ ଏବେ ତ୍ରିଶଙ୍କୁ ସମ। ପୋଥିଗତ ଆଦର୍ଶ ଆଉ ଯୁଗୋପଯୋଗୀ ହେବାର ମଝିଦରିଆରେ ବୁଡ଼ି ମରିବା ହିଁ ସେମାନଙ୍କର ଭାଗ୍ୟ। ହୁଏତ ଏକ ଦୃଢ଼ ଆହ୍ୱାନ; ନଚେତ୍ ଆନ୍ଦୋଳନକୁ ଅପେକ୍ଷା, ଯାହା ସେମାନଙ୍କୁ ଭବିଷ୍ୟତ ବଂଶଧରକୁ ସଜାଡ଼ିବା ପାଇଁ ଶକ୍ତି ଯୋଗାଇବ। କାହିଁକି ନା ସେମାନେ ତ ସମସ୍ତଙ୍କୁ ନେଇ ବାଟ ଚାଲିବାର ଶପଥ ନେଇଛନ୍ତି। ସେମାନଙ୍କ ପାଇଁ ଅତୀତ ଓ ଭବିଷ୍ୟତ ଉଭୟ ପ୍ରିୟ। ନୁହେଁ କି?

ବୋଲଗଡ଼, ମୋ: ୮୭୬୩୭୮୮୬୧୪

# ଭବିଷ୍ୟବାଣୀ ଓ ବାସ୍ତବତା

**ମନୋରଞ୍ଜନ ମହାନ୍ତି**

ଏବେ ଅଧିକ ସଂଖ୍ୟକ ଲୋକ ନିଜ ଭବିଷ୍ୟତ ସମ୍ପର୍କରେ ଜାଣିବା ପାଇଁ ଭବିଷ୍ୟତବକ୍ତାମାନଙ୍କ ନିକଟକୁ ଯାଉଛନ୍ତି। ପୁଅଝିଅମାନେ କେଉଁ ପାଠ ପଢ଼ିଲେ କୃତିତ୍ୱ ଅର୍ଜନ କରିବେ, କିପରି ଚାକିରି ପାଇବେ, ପ୍ରଚୁର ଅର୍ଥ ଉପାର୍ଜନ କରିବେ, ସମାନ ସ୍ତରରେ ବିବାହ କରିବେ ଇତ୍ୟାଦି ଜାଣିବା ପାଇଁ ଭବିଷ୍ୟତବକ୍ତାମାନଙ୍କ ପରାମର୍ଶ ଗ୍ରହଣ କରାଯାଉଛି। ଏପରିକି ଘର ଖଣ୍ଡେ ତିଆରି କରିବା ସମୟରେ କେଉଁଠି ଠାକୁର ଘର, ରୋଷେଇ ଘର, ଶୋଇବା ଘର, ଶୌଚାଳୟ, ଜଳାଶୟ ଇତ୍ୟାଦି ରହିବ ଜାଣିବା ପାଇଁ ସଂପୃକ୍ତ ବିଜ୍ଞାନୀମାନଙ୍କ ସହିତ ଯୋଗାଯୋଗ ରକ୍ଷା କରାଯାଉଛି। ଘରପ୍ରତିଷ୍ଠାର ଶୁଭଦିନ ସ୍ଥିର କରି ହୋମକ୍ରିୟା ପାଇଁ ପୁରୋହିତଙ୍କ ଉପରେ ଦାୟିତ୍ୱ ନ୍ୟସ୍ତ କରାଯାଏ। ଗଭୀର ଭାବରେ ଚିନ୍ତା କରି କେହି କେହି କହନ୍ତି, ମଣିଷ ତା'ର ଆତ୍ମସନ୍ତୋଷ ପାଇଁ ଏସବୁ କରିଥାଏ।

ଭବିଷ୍ୟତବକ୍ତାମାନଙ୍କ କଥା ବେଳେବେଳେ ସତ୍ୟ ହୁଏ, ବେଳେବେଳେ ହୁଏ ନାହିଁ। ବିଜ୍ଞାନୀମାନଙ୍କ ସହିତ ପରାମର୍ଶ କରି ଘର ତିଆରି କଲେ ବି ଅନେକ ସମୟରେ ଘରେ ଅଭାବ, ଅଶାନ୍ତି ସୃଷ୍ଟି ହୁଏ। ବିଧିବିଧାନ ଅନୁଯାୟୀ ଯେତେ ହୋମଯଜ୍ଞ ଆୟୋଜନ କଲେ ବି ମଣିଷ ଯାବତୀୟ ଅଶୁଭ ଅମଙ୍ଗଳର ସମ୍ମୁଖୀନ ହୁଏ। ଯା'ର ଅର୍ଥ ନୁହେଁ ଯେ ଭବିଷ୍ୟତବକ୍ତା, ଗୃହନିର୍ମାଣ-ବିଜ୍ଞାନୀ, ପୁରୋହିତଙ୍କ ପରାମର୍ଶ ଲୋଡ଼ିବା ଉଚିତ ନୁହେଁ। କିନ୍ତୁ ସେମାନଙ୍କ ଉପରେ ସମ୍ପୂର୍ଣ୍ଣ ନିର୍ଭର କରିବା, ସେମାନଙ୍କ କଥାକୁ ଶେଷକଥା ବୋଲି ଗ୍ରହଣ କରିବା ବିଜ୍ଞତା, ବିଚାରବୋଧର ସୂଚନା ନୁହେଁ।

ତେନ୍‌ଜିଂଙ୍କ ଆତ୍ମଚରିତ 'ଦି ଟାଇଗର୍ ଅଫ୍ ଦି ସ୍ନୋଜ୍'ରେ ଏକ ଭାବୋଦ୍ଦୀପକ, ପ୍ରଭାବଶାଳୀ ବର୍ଣ୍ଣନା ରହିଛି। ଏଭରେଷ୍ଟ୍ ଆରୋହଣ କରିବା ପୂର୍ବରୁ ତେନ୍‌ଜିଂ ଓ ନିଉଜିଲାଣ୍ଡର ଏଡ୍‌ମଣ୍ଡ ହିଲାରି କାଠମାଣ୍ଡୁସ୍ଥିତ ପଶୁପତିନାଥ ମନ୍ଦିରର ମୁଖ୍ୟ ପୁରୋହିତ (ଯିଏ ଜଣେ ଭବିଷ୍ୟତବକ୍ତା ମଧ୍ୟ)ଙ୍କୁ ସାକ୍ଷାତ କଲେ। ପୁରୋହିତ ସେମାନଙ୍କ ହସ୍ତରେଖାକୁ ଅନୁଧ୍ୟାନ କରି କହିଲେ ସେମାନଙ୍କ ମଧ୍ୟରୁ କେହି ହେଲେ ସାଗରମଥା (ନେପାଳି ଭାଷାରେ ଏଭରେଷ୍ଟ୍‌କୁ ସାଗରମଥା ବୋଲି କୁହାଯାଏ)ରେ ପହଞ୍ଚି ପାରିବେ ନାହିଁ ଏବଂ ଆରୋହଣ କରିବା ସମୟରେ ଦୁଇଜଣଙ୍କ ମଧ୍ୟରୁ ଜଣେ ମୃତ୍ୟୁବରଣ କରିବେ। କିନ୍ତୁ ଦୁଇଜଣଯାକ ପୁରୋହିତଙ୍କ କଥାରେ ଗୁରୁତ୍ୱ ନଦେଇ ଏଭରେଷ୍ଟ୍ ଆରୋହଣ କଲେ ଏବଂ ୧୯୫୩ ମସିହା ମେ ୨୯ ତାରିଖରେ ପୃଥିବୀର ସର୍ବୋଚ୍ଚ ପର୍ବତ-ଶୃଙ୍ଗରେ ପହଞ୍ଚିପାରିଲେ।

ଯୁବକ ଜହିରୁଦ୍ଦିନ୍ ବାବର ୧୫୨୬ ଖ୍ରୀଷ୍ଟାବ୍ଦରେ ପ୍ରଥମ ପାନିପଥ ଯୁଦ୍ଧ ପାଇଁ ପ୍ରସ୍ତୁତ ହେଲାବେଳେ ଜଣେ ନୁଜୁମୀ (ଆରବୀ ଭାଷାରେ ନୁଜୁମୀର ଅର୍ଥ ଭବିଷ୍ୟତବକ୍ତା) କହିଲେ ସେ ଯୁଦ୍ଧରେ ପରାସ୍ତ ହେବେ, ଏପରିକି ମୃତ୍ୟୁବରଣ କରିପାରନ୍ତି। ବାବର ଏକଥାକୁ ଆଦୌ ଭୃକ୍ଷେପ କଲେ ନାହିଁ, ଯୁଦ୍ଧରେ ଅବତୀର୍ଣ୍ଣ ହେଲେ ଏବଂ ଜୟ ଲାଭ କରି ଭାରତରେ ମୋଗଲ ସାମ୍ରାଜ୍ୟ ପ୍ରତିଷ୍ଠା କଲେ, ଯେଉଁ ସାମ୍ରାଜ୍ୟ ୧୮୫୭ ଖ୍ରୀଷ୍ଟାବ୍ଦ ପର୍ଯ୍ୟନ୍ତ ଦୃଢ଼ମୂଳ ହୋଇ ରହିଲା। ବାର୍ବାଦୋସ୍ ନିକଟରେ ଏକ ଦରିଦ୍ର ପରିବାରରେ ଗୋଟିଏ ଶିଶୁ ଜନ୍ମ ହେଲା। ଜନ୍ମ ସମୟରୁ ତା'ର ଥିଲା ଛଅଟି ଆଙ୍ଗୁଳି ଓ ଦୁଇଟି ଦାନ୍ତ। ଗାଁର ଜଣେ ଭବିଷ୍ୟତବକ୍ତା ତା'ର ମୁହଁକୁ ଦେଖି କହିଲେ 'ସେ ଗୋଟେ ପିଶାଚର ସନ୍ତାନ, ଦଶବର୍ଷ ବୟସ ହେବା ପୂର୍ବରୁ ମୃତ୍ୟୁବରଣ କରିବ।' ଆଶ୍ଚର୍ଯ୍ୟର କଥା, ସେହି ଶିଶୁ ଏବେ ୮୧ବର୍ଷର ବୃଦ୍ଧ, କ୍ରୀଡ଼ଜଗତର ଜଣେ କିମ୍ବଦନ୍ତୀ ପୁରୁଷ, ପଶ୍ଚିମ ଭାରତୀୟ କ୍ରିକେଟ ଖେଳାଳି ଗାର୍‌ଫିଲ୍ଡ୍ ସୋବର୍ସ୍।

ପାଣିନିଙ୍କ ବାପା ମା'ଙ୍କୁ ଜଣେ ଭବିଷ୍ୟତବକ୍ତା କହିଲେ, 'ପାଣିନିଙ୍କ କପାଳରେ ପାଠ ନାହିଁ। ସେ ଆଦୌ ପଢ଼ାପଢ଼ି କରିବେ ନାହିଁ।' ସମସ୍ତଙ୍କ ମନରେ ଦୁଃଖ ହେଲା। ପାଣିନି ଚିନ୍ତିତ ହୋଇ ଗୋଟିଏ ପୋଖରୀ କୂଳରେ ବସିଥିବା ବେଳେ ଦେଖିଲେ କୂଳରେ ଗୋଟିଏ ସ୍ଥାନରେ ମାଟି ଦବିଯାଇ ଗୋଲ ଆକାର ଧାରଣ କରିଛି। ପୋଖରୀକୁ ପାଣିନେବା ପାଇଁ ଆସୁଥିବା ପ୍ରତ୍ୟେକ ଲୋକ ମାଠିଆରେ ପାଣି ଭରି ପ୍ରଥମେ ସେହି ସ୍ଥାନରେ ରଖୁଛନ୍ତି; ତା'ପରେ କାଖକୁ ବା କାନ୍ଧକୁ ଉଠାଇ ଘରକୁ ଫେରୁଛନ୍ତି। ପାଣିନି ଜଣଙ୍କୁ ପଚାରିଲେ, 'ଏହି ସ୍ଥାନରେ ମାଟି ଦବିଲା କିପରି ଏବଂ ଏହା ଗୋଲ ଆକାର ଧାରଣ କଲା କିପରି?' ଉତ୍ତର ମିଳିଲା, 'ସ୍ଥାନଟି ପ୍ରଥମେ ସମତଳ ଥିଲା। ସବୁଲୋକ ଏଠି ମାଠିଆ ରଖିରଖି କ୍ରମାଗତ ଚାପ ହେତୁ ମାଟି ଦବିଯାଇ ଗୋଲାକାର ହୋଇଗଲା।' ପାଣିନି ଚିନ୍ତା କଲେ, 'କ୍ରମାଗତ ଚାପ ହେତୁ ଯଦି ସମତଳ ଭୂମିଟି ପରିବର୍ତ୍ତିତ ହେଉଛି, ଅର୍ଥାତ୍ ଦବିଯାଇ ଗୋଲ ଆକାର ଧାରଣ କରିପାରୁଛି, କ୍ରମାଗତ ଉଦ୍ୟମ କଲେ ମୋର ମଧ୍ୟ ପରିବର୍ତ୍ତନ ହେବ। ଅର୍ଥାତ୍ ମୁଁ ପାଠ ପଢ଼ିପାରିବି, ଭଲ ପଢ଼ିପାରିବି।' ଘରକୁ ଫେରିଗଲେ ଓ ପାଠପଢ଼ାରେ ମନୋନିବେଶ କରି ଶ୍ରେଷ୍ଠ ବୈୟାକରଣିକ ଭାବରେ ଖ୍ୟାତି ଅର୍ଜନ କଲେ।

ସୁତରାଂ ଆମର ଭବିଷ୍ୟତ ସମ୍ପର୍କରେ ଭବିଷ୍ୟତବକ୍ତାମାନଙ୍କ କଥା ଗୁରୁତ୍ୱପୂର୍ଣ୍ଣ ହେଉ ବା ନହେଉ, ସବୁଠାରୁ ବେଶି ଗୁରୁତ୍ୱପୂର୍ଣ୍ଣ ହେଉଛି ଆମର ଜୀବନ-ଗଠନର ସଂକଳ୍ପ ଓ ସାଧନା। ତେନ୍‌ଜିଂ, ହିଲାରି, ବାବର, ଗାର୍‌ଫିଲ୍ଡ୍ ସୋବସ୍‌ର୍, ପାଣିନି ଓ ଆହୁରି ଅନେକ ବ୍ୟକ୍ତି ଭବିଷ୍ୟତବକ୍ତାମାନଙ୍କ କଥାକୁ ଆଦୌ ଗୁରୁତ୍ୱ ନଦେଇ ନିଜ ନିଜ ଜୀବନର ଲକ୍ଷ୍ୟ ଧାର୍ଯ୍ୟ କରିଛନ୍ତି। ସେହି ଲକ୍ଷ୍ୟସ୍ଥଳରେ ପହଂଚିବା ପାଇଁ ଆବଶ୍ୟକ ସାଧନା ନିରତ ହୋଇଛନ୍ତି ଓ ପହଞ୍ଚି ପାରିଛନ୍ତି। ଠିକ୍ ସେହିପରି ଆମେ ବାସଗୃହ ନିର୍ମାଣ କଲା ବେଳେ ଠାକୁର ଘର, ଜଳାଶୟ, ଶୋଇବା ଘର, ରୋଷେଇ ଘର, ଶୌଚାଳୟ ଇତ୍ୟାଦିର ଦିଗ ନିର୍ଣ୍ଣୟ ସମ୍ପର୍କରେ ବିଜ୍ଞାନୀମାନଙ୍କ କଥା ଗୁରୁତ୍ୱପୂର୍ଣ୍ଣ ହେଉ ବା ନହେଉ; ସବୁଠାରୁ ବେଶି ଗୁରୁତ୍ୱପୂର୍ଣ୍ଣ ହେଉଛି ଆମେ ସତ୍‌ପନ୍ଥାରେ ଆୟ କରି ସତ୍‌ପନ୍ଥାରେ ବ୍ୟୟ କରିବା ଏବଂ ପରିବାରରେ ସମସ୍ତଙ୍କ ମଧ୍ୟରେ ସଦ୍ଭାବର ପରିବେଶ ରଚନା କରିବା।

(ଅବସରପ୍ରାପ୍ତ ଇଂରାଜୀ ପ୍ରାଧ୍ୟାପକ)
ଧର୍ମଶାଳା(ଯାଜପୁର), ମୋ: ୯୮୫୩୨୮୨୯୬୨

# ଦୁର୍ଯ୍ୟୋଧନଙ୍କ ନାମରେ ପୈଠ ହୁଏ ଖଜଣା

## ବିଚିତ୍ର ବିଶ୍ୱାସ

**ଓଜସ୍ୱିନୀ**

ହସ୍ତିନାପୁରର ରାଜା ଧୃତରାଷ୍ଟ୍ର ଓ ଗାନ୍ଧାରୀଙ୍କ ୧୦୦ ପୁତ୍ର ମଧ୍ୟରେ ଜ୍ୟେଷ୍ଠ ଦୁର୍ଯ୍ୟୋଧନ ହେଉଛନ୍ତି ଅହଂକାର ଓ କ୍ରୋଧର ପ୍ରତୀକ। କିନ୍ତୁ ଆସୁରିକ ପ୍ରବୃତ୍ତି ଯୁକ୍ତ ଦୁର୍ଯ୍ୟୋଧନଙ୍କୁ କେରଳର ଗୋଟିଏ ସ୍ଥାନରେ ଜଣେ ଦୟାଳୁ ଓ ରକ୍ଷକ ଦେବତା ଭାବେ ପୂଜା କରାଯାଉଛି। ସ୍ଥାନୀୟ ଗ୍ରାମବାସୀମାନେ ଦୁର୍ଯ୍ୟୋଧନଙ୍କୁ 'ଅପୁପା' ବୋଲି କହିଥା'ନ୍ତି। 'ଅପୁପା'ର ଅର୍ଥ ହେଉଛି ଜେଜେ। ଏହାବ୍ୟତୀତ ଦେବଭୂମି ଉତ୍ତରାଖଣ୍ଡର ଜଖୋଲ ଗାଁରେ ମଧ୍ୟ ଦୁର୍ଯ୍ୟୋଧନଙ୍କ ଏକ ମନ୍ଦିର ଅଛି।

କେରଳର କୋଲମ୍‌ଠାରେ ଶକୁନି ମନ୍ଦିର ନିକଟରେ ଅଛି ଦୁର୍ଯ୍ୟୋଧନଙ୍କ ବିଶାଳ ଓ ଭବ୍ୟ ମନ୍ଦିର। 'ପୋରୁବାଝି ପେରୁଭିରୁଥି ମଲନାଡ଼ା' ନାମକ ଏହି ମନ୍ଦିରର ବିଶେଷତ୍ୱ ହେଉଛି, ଏଠାରେ ଦୁର୍ଯ୍ୟୋଧନଙ୍କର କୌଣସି ମୂର୍ତ୍ତି ନାହିଁ, ବରଂ ତାଙ୍କର ପ୍ରିୟ ଅସ୍ତ୍ର ଗଦାକୁ ପୂଜାର୍ଚ୍ଚନା କରି ନିଜର ମଙ୍ଗଳକାମନା କରିବା ସହିତ ମନସ୍କାମନା ପୂର୍ଣ୍ଣ ହେବା ପାଇଁ ଆଶିଷ ମାଗିଥା'ନ୍ତି। ଜାତିଧର୍ମବର୍ଣ୍ଣ ନିର୍ବିଶେଷରେ ଏଠାକୁ ଆସୁଥବା ଶ୍ରଦ୍ଧାଳୁଙ୍କର ସମସ୍ତ ମନସ୍କାମନା ଦୁର୍ଯ୍ୟୋଧନ ପୂରଣ କରିଥା'ନ୍ତି ବୋଲି ଜନଶ୍ରୁତି ରହିଛି। ଏଠାରେ ଭୋଗ ସ୍ୱରୂପ ତାଡ଼ି (ତାଳରସରେ ପ୍ରସ୍ତୁତ ଏକପ୍ରକାର ମାଦକଦ୍ରବ୍ୟ) ପୂଜା କରାଯାଏ ଏବଂ ଏହି ପ୍ରସାଦକୁ ତୀର୍ଥ ପ୍ରସାଦ ଭାବେ ଶ୍ରଦ୍ଧାଳୁଙ୍କୁ ମଧ୍ୟ ଦିଆଯାଏ। 'ମଲନାଡ଼ା' ଦୁଇଟି ଶବ୍ଦର ସମଷ୍ଟି। 'ମଲା' ହେଉଛି ପାହାଡ଼ ଏବଂ 'ନାଡ଼ା' ଅର୍ଥ ମନ୍ଦିର। ତେଣୁ କୌରବ ୧୦୦ ଭାଇଙ୍କ ମନ୍ଦିରଗୁଡ଼ିକ ଛୋଟ ଛୋଟ ପାହାଡ଼ ବା ମୁଣ୍ଡିଆ ଉପରେ ନିର୍ମାଣ କରାଯାଇଥିବାରୁ ଏହାର ନାମ 'ମଲନାଡ଼ା' ହୋଇଛି।

ଲୋକକଥା ଅନୁସାରେ, ଏକଦା ଦୁର୍ଯ୍ୟୋଧନ ତାଙ୍କର ୯୯ ଭାଇଙ୍କ ସହିତ ପାଣ୍ଡବମାନଙ୍କ (ଅଜ୍ଞାତବାସରେ ଥିବା ସମୟରେ) ସନ୍ଧାନ କରି କୋଲମ୍‌ଠାରେ ପହଞ୍ଚିଲେ। ତାଙ୍କୁ ବହୁତ ଶୋଷ ଲାଗୁଥିଲା। ତେଣୁ ସେ ନିକଟସ୍ଥ ଏକ ଗାଁକୁ ପାଣି ମାଗିବାକୁ ଯାଇଥିଲେ। ସେଠାରେ ଜଣେ ବୃଦ୍ଧା ତାଙ୍କୁ ପାଣି ପରିବର୍ତ୍ତେ ତାଡ଼ି ଦେଇଥିଲେ। ଏଥିରେ ଦୁର୍ଯ୍ୟୋଧନଙ୍କ ଶୋଷ ମେଣ୍ଟିବା ସହ ଏହା ତାଙ୍କୁ ଖୁବ୍ ସ୍ୱାଦିଷ୍ଟ ଲାଗିଥିଲା। ତେଣୁ ସେ ଖୁସି ହୋଇ ଗାଁବାସୀଙ୍କ ଉଦ୍ଦେଶ୍ୟରେ ଚାଷଜମି ଦାନ କରିବା ସହ ଜମିଗୁଡ଼ିକ ସବୁବେଳେ ଫସଲରେ ଶସ୍ୟଶାମଳା ହେଉ ବୋଲି ଆଶୀର୍ବାଦ ଦେଇଥିଲେ। ଆଶ୍ଚର୍ଯ୍ୟର କଥା ଯେ, ବର୍ତ୍ତମାନ ସମୟରେ ମଧ୍ୟ ଏହି ଜମିର କର (ଟ୍ୟାକ୍ସ) ଦୁର୍ଯ୍ୟୋଧନଙ୍କ ନାମରେ ପଇଠ କରାଯାଉଛି। ଦୁର୍ଯ୍ୟୋଧନ ସେହି ଗାଁକୁ ଶୁକ୍ରବାର ଦିନ ଆସିଥିଲେ ଏବଂ ଆସନ୍ତା ଶୁକ୍ରବାରକୁ ସେ ଗାଁ ଫେରିବେ ବୋଲି ପ୍ରତିଶ୍ରୁତି ଦେବା ସହ କହିଥିଲେ ଯେ, ସେ ଯଦି ନଫେରନ୍ତି, ତେବେ ଗ୍ରାମବାସୀ ତାଙ୍କର ଅନ୍ତିମ ସଂସ୍କାର କରିଦେବେ। ଗୋଟିଏ ସପ୍ତାହ ଅପେକ୍ଷା କରିବା ପରେ ଦୁର୍ଯ୍ୟୋଧନ ଫେରି ନଥିବା ଦେଖି ଗାଁର ଲୋକମାନେ ତାଙ୍କର ଶେଷକୃତ୍ୟ ସମ୍ପନ୍ନ କଲେ ଏବଂ ତାଙ୍କର ଆତ୍ମା ଫେରିଆସିଥିବାର ବିଶ୍ୱାସ କରି ମନ୍ଦିର ନିର୍ମାଣ କରାଇ ଥିଲେ। ତେଣୁ ଏବେ ମଧ୍ୟ ଦୁର୍ଯ୍ୟୋଧନଙ୍କ ଆତ୍ମାର ଅସ୍ତିତ୍ୱକୁ ବିଶ୍ୱାସ କରି ପ୍ରତ୍ୟେକ ଶୁକ୍ରବାରଦିନ ସେଠାରେ ବିଶେଷ ପୂଜାର୍ଚ୍ଚନା କରାଯିବା ସହ ତାଡ଼ି ଭୋଗ ଅର୍ପଣ କରାଯାଉଛି। ପ୍ରତିବର୍ଷ ଏକ ନିର୍ଦ୍ଦିଷ୍ଟ ସମୟରେ ଦୁର୍ଯ୍ୟୋଧନଙ୍କ ଉଦ୍ଦେଶ୍ୟରେ 'ମଲନାଡ଼ା ମହୋତ୍ସବ'ର ଆୟୋଜନ ହୋଇଥାଏ, ଯେଉଁଥିରେ ପ୍ରକୃତିର ସୁରକ୍ଷା ଓ ଭଲ ଫସଲ ଉତ୍ପାଦନ ପାଇଁ ଆଶିଷ ଭିକ୍ଷା କରାଯାଏ। ୮ ଦିନ ଧରି ଚାଲୁଥିବା ଏହି ଉତ୍ସବରେ ଲକ୍ଷାଧିକ ଭକ୍ତ ଯୋଗ ଦିଅନ୍ତି।

ଦୁର୍ଯ୍ୟୋଧନଙ୍କ ସହିତ ଅନ୍ୟ କୌରବ ଭାଇ ଓ ଭଗ୍ନୀ ଦୁଶାଳାଙ୍କର ମନ୍ଦିର ମଧ୍ୟ କୋଲମଠାରେ ଅଛି। ମହାଭାରତ ଯୁଦ୍ଧ ପରେ ଦୁଶାଳା ଶୋକଶୋଷରେ ଅତିଷ୍ଠ ହୋଇ ରାଜ୍ୟ ଛାଡ଼ି ପଳାଇ ଆସିଥିଲେ। କୋଲମଠାରେ ପହଞ୍ଚିବା ପରେ ସେ ଗୋଟିଏ ଜମିରେ କାଠି ଦ୍ୱାରା ଭୂମିରୁ ପାଣିର ଉତ୍ସ ସୃଷ୍ଟି କରିଥିଲେ ଏବଂ ସେହି କାଠିକୁ ଉକ୍ତ ଜମିରେ ପୋତି ଦେଇଥିଲେ ବୋଲି ଲୋକକଥା ଅଛି। ତେଣୁ ଉକ୍ତ ଜମିରେ ଦୁଶାଳାଙ୍କର ଗୋଟିଏ ମନ୍ଦିର ନିର୍ମାଣ କରାଯାଇ ପୂଜାର୍ଚ୍ଚନା କରାଯାଉଛି। ଏହି ମନ୍ଦିର ଦୁର୍ଯ୍ୟୋଧନ ମନ୍ଦିରଠାରୁ ମାତ୍ର ୬ କି.ମି. ଦୂର ଏବଂ ଏହି ଜମିରୁ ହେଉଥିବା ଫସଲ କେବଳ ଠାକୁରଙ୍କ ଭୋଗ ପାଇଁ ପାଇଁ ଉଦ୍ଦିଷ୍ଟ।

ଉତ୍ତରାଖଣ୍ଡରେ ଥିବା ଦୁର୍ଯ୍ୟୋଧନଙ୍କ ମନ୍ଦିର ସ୍ଥାନୀୟ ଲୋକକଥା ଅନୁସାରେ ନିର୍ମାଣ କରାଯାଇଛି। ଏକଦା ଦୁର୍ଯ୍ୟୋଧନ ଉତ୍ତରାଖଣ୍ଡର ଜୋନ୍‌ସୋର୍-ବାବର କ୍ଷେତ୍ରର ହନୋଲ୍ ଯାତ୍ରାରେ ଆସିଥିଲେ। ଏଠାକାର ପ୍ରାକୃତିକ ସୁନ୍ଦରତାରେ ସେ ବିମୋହିତ ହୋଇ ସ୍ଥାନୀୟ ଦେବତା ମହାସୁଙ୍କୁ ହିମାଳୟ ପାର୍ଶ୍ୱବର୍ତ୍ତୀ ଅଞ୍ଚଳର ଗୋଟିଏ ଘାଟି ମାଗିଲେ। ମହାସୁ ଦୁର୍ଯ୍ୟୋଧନଙ୍କୁ ଘାଟି ଦେବା ପାଇଁ ଗୋଟିଏ ସର୍ତ୍ତ ରଖିଲେ ଯେ, ସବୁବେଳେ ସେ ସ୍ଥାନୀୟ ଲୋକଙ୍କୁ ସୁରକ୍ଷା ଦେବା ସହିତ ତାଙ୍କର ଦୁଃଖକଷ୍ଟ ହରଣ କରିବେ। ଏଥିରେ ଦୁର୍ଯ୍ୟୋଧନ ରାଜି ହୋଇଗଲେ। ସେବେଠାରୁ ଆଜି ପର୍ଯ୍ୟନ୍ତ ଦୁର୍ଯ୍ୟୋଧନ ଉତ୍ତରକାଶୀ ଜିଲ୍ଲା ଅନ୍ତର୍ଗତ ଜଖୋଲ୍ ଗାଁର ରକ୍ଷକ ଦେବତା ଭାବେ ପୂଜା ପାଇ ଆସୁଛନ୍ତି। କୁହାଯାଏ ଯେ, ଦୁର୍ଯ୍ୟୋଧନଙ୍କ ମୃତ୍ୟୁରେ ଲୋକମାନେ ଏତେମାତ୍ରାରେ କାନ୍ଦିଥିଲେ ଯେ, ସେମାନଙ୍କ ଲୁହରୁ ତମସ ନାମକ ନଦୀର ଉତ୍ପତ୍ତି ହୋଇଥିଲା, ଯାହାକୁ ଏବେ ଟୋସ୍ ନଦୀ କୁହାଯାଉଛି। ଏହା ବ୍ୟତୀତ ଦୁର୍ଯ୍ୟୋଧନଙ୍କ ମନ୍ଦିର ନିର୍ମାଣକୁ ନେଇ ଏକାଧିକ ଲୋକକଥା ଅଛି। ଏହି ମନ୍ଦିରକୁ ବର୍ତ୍ତମାନ ସମୟରେ ଗୋଟିଏ ଶୈବପୀଠ ବୋଲି କୁହାଯାଉଛି।

ଭୁବନେଶ୍ୱର, ମୋ: ୯୦୯୦୧୯୪୯୪୩

ସକାଳ THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

### ମୁହଁ ଘୋଡ଼ାଇ ଜେଲରୁ ମୁକୁଳିଲେ ଏସ୍ଆଇ ଚାକିରି ଆଶାୟୀ

# ସଂଧ୍ୟା ସୁଦ୍ଧା ମୁକୁଳିଲେ ୯୪

**ବ୍ରହ୍ମପୁର, ୩୦।୧୦ (ସମିସ):** ପୁଲିସ ଏସ୍ଆଇ ପରୀକ୍ଷା ଜାଲିଆତି ଘଟଣାରେ ଗିରଫ ହୋଇ ବ୍ରହ୍ମପୁର ଜେଲରେ ଥିବା ମୋଟ ୧୧୪ଜଣ ଆଶାୟୀ ପରୀକ୍ଷାର୍ଥୀଙ୍କୁ ମଙ୍ଗଳବାର ସ୍ୱତନ୍ତ୍ର ଭିଜିଲାନ୍ସ କୋର୍ଟ ସର୍ତ୍ତମୂଳକ ଜାମିନ ପ୍ରଦାନ କରିବା ପରେ ଗୁରୁବାର ୯୪ ଜଣ ଜେଲରୁ ମୁକୁଳିଛନ୍ତି। ସକାଳୁ ନିଜ ପୁଅ-ଝିଅ ଓ ସମ୍ପର୍କୀୟଙ୍କୁ ନେବାକୁ ବ୍ରହ୍ମପୁର ଜେଲ୍ ସମ୍ମୁଖରେ ଅଭିଭାବକଙ୍କ ଭିଡ଼ ଲାଗିଥିଲା। ଜାମିନ ପାଇଥିବା ୧୧୪ଜଣ ଆଶାୟୀ ପରୀକ୍ଷାର୍ଥୀଙ୍କ ମଧ୍ୟରୁ ପ୍ରଥମେ ୬ଜଣ ଛାତ୍ରୀଙ୍କୁ ଜେଲରୁ ଛଡ଼ାଯାଇଥିଲା। ପରେ ପର୍ଯ୍ୟାୟକ୍ରମେ, ରାତି ସୁଦ୍ଧା ଅବଶିଷ୍ଟ ୮୮ଜଣ ଆଶାୟୀ ପରୀକ୍ଷାର୍ଥୀଙ୍କୁ ଛଡ଼ାଯାଇଛି। ଜାମିନ ପାଇଥିବା ଅନ୍ୟ ୨୦ଜଣଙ୍କ ରିଲିଜ୍ ଅର୍ଡର୍ ଜେଲ କର୍ତ୍ତୃପକ୍ଷଙ୍କ ନିକଟରେ ପହଞ୍ଚିବାରେ ବିଳମ୍ବ ଯୋଗୁଁ ସେମାନେ ମୁକୁଳି ପାରିନାହାନ୍ତି। ଆସନ୍ତାକାଲି ଶୁକ୍ରବାର ପୂର୍ବାହ୍ନରେ ସମସ୍ତେ ମୁକୁଳିବେ ବୋଲି ଆଶା କରାଯାଉଛି।

ମଙ୍ଗଳବାର କ୍ରାଇମବ୍ରାଞ୍ଚର ତଦନ୍ତକାରୀ ଅଧିକାରୀ ଭିଜିଲାନ୍ସ କୋର୍ଟରେ କେସ୍ ଡାଏରୀ ଦାଖଲ କରିଥିଲେ। କିନ୍ତୁ ଜାମିନ ଆବେଦନର ଶୁଣାଣି ବେଳେ କ୍ରାଇମବ୍ରାଞ୍ଚ ଗିରଫ ୧୧୪ଜଣ ଆଶାୟୀ ଛାତ୍ରଛାତ୍ରୀଙ୍କ ବିରୋଧରେ ଆବଶ୍ୟକ ତଥ୍ୟ ପ୍ରମାଣ କୋର୍ଟରେ ଉପସ୍ଥାପନ କରିବାରେ ବିଫଳ ହୋଇଥିଲା। ଫଳରେ କୋର୍ଟ ସମସ୍ତ ୧୧୪ଜଣ ଆଶାୟୀ ଛାତ୍ରଛାତ୍ରୀଙ୍କୁ ସର୍ତ୍ତମୂଳକ ଜାମିନ ପ୍ରଦାନ କରିଥିଲେ।

ଅନ୍ୟପକ୍ଷରେ କୌଣସି ଭୁଲ୍ ନକରି ପିଲାଙ୍କୁ ଜେଲ୍ ଯିବାକୁ ପଡ଼ିଛି। ସେମାନେ ସାର୍ଟିଫିକେଟ୍ କିମ୍ବା ଟଙ୍କା ମଧ୍ୟ ଦେଇନାହାନ୍ତି। ରାକେଟ ଚଳାଉଥିବା ଦଲାଲ୍ଙ୍କୁ ଛାଡ଼ି ପୁଲିସ ଆଶାୟୀ ପରୀକ୍ଷାର୍ଥୀଙ୍କୁ ଗିରଫ କରିଥିବା

**ଆସନ୍ତାକାଲି ବାହାରିବେ ବାକି ଅଭିଯୁକ୍ତ**

ବେଳେ ସେମାନଙ୍କ ବିରୁଦ୍ଧରେ କୌଣସି ଠୋସ୍ ପ୍ରମାଣ ମଧ୍ୟ ଯୋଗାଡ଼ କରିପାରିନାହିଁ। ତେଣୁ କୋର୍ଟରେ କ୍ରାଇମବ୍ରାଞ୍ଚ ପ୍ରମାଣ ଦାଖଲ କରିପାରିଲା ନାହିଁ। ନିରୀହ ଛାତ୍ରଛାତ୍ରୀଙ୍କ ଅପେକ୍ଷା ପ୍ରକୃତ ଦଲାଲଙ୍କୁ ପୁଲିସ ଗିରଫ କରୁ ବୋଲି ଅଭିଭାବକମାନେ ଦାବି କରିଛନ୍ତି। ପୁଲିସ ଏସ୍ଆଇ କେଳେଙ୍କାରୀ ମାମଲାର ତଦନ୍ତ ପ୍ରଥମେ ପୁଲିସ ଓ ପରେ କ୍ରାଇମବ୍ରାଞ୍ଚ କରୁଥିବା ବେଳେ ଘଟଣାର ତଦନ୍ତଭାର ବର୍ତ୍ତମାନ ସିବିଆଇକୁ ଦିଆଯାଇଛି। ଖୁବଶୀଘ୍ର ସିବିଆଇ ପରୀକ୍ଷାର୍ଥୀଙ୍କୁ ପଚରାଉଚରା କରିବ।

ସୂଚନାଯୋଗ୍ୟ, ଗତ ସେପ୍ଟେମ୍ବର ୩୦ରେ ଗୋଳନ୍ଥରା ଥାନା ପୁଲିସ ୧୧୪ଜଣ ପରୀକ୍ଷାର୍ଥୀଙ୍କ ସମେତ ୩ ଦଲାଲଙ୍କୁ କାବୁ କରିଥିଲା। ପରେ ପର୍ଯ୍ୟାୟକ୍ରମେ ଗିରଫ ସଂଖ୍ୟା ୧୨୩କୁ ବୃଦ୍ଧି ପାଇଥିଲା। ଇତିମଧ୍ୟରେ ଘଟଣାକୁ ଠିକ୍ ଏକ ମାସ ପୂରିଛି। ଦୀର୍ଘ ଏକମାସ ଜେଲ୍‌ରେ ରହି ମାନସିକ ଚାପରେ ରହି ଆସୁଥିଲେ ସମସ୍ତ ଚାକିରି ଆଶାୟୀ। ୧୧୪ଜଣ ଆଶାୟୀଙ୍କ ପରିବାର ପକ୍ଷରୁ ପ୍ରାୟ ୪ଲକ୍ଷରୁ ଊର୍ଦ୍ଧ୍ୱ ଟଙ୍କା ଜେଲ କର୍ତ୍ତୃପକ୍ଷଙ୍କଠାରେ ଜମା କରିଥିଲେ। ଜାମିନରେ ବାହାରିବା ବେଳେ ୯୪ଜଣ ଆଶାୟୀମାନେ ଦାଖଲ ହୋଇଥିବା ମୋଟ ଅର୍ଥରୁ ୩ଲକ୍ଷ ୩୦ହଜାର ଟଙ୍କା ଫେରାଇ ନେଇଥିବା ଜେଲ ସୂତ୍ରରୁ ଜଣାପଡ଼ିଛି। ଏକମାସ ଧରି ଜେଲର ରହଣି ପରେ ୯୪ଜଣ ଆଶାୟୀ ଜେଲରୁ ମୁକୁଳିଛନ୍ତି।

ସେହିଭଳି ଏହି ଘଟଣାରେ ୧୨୩ ଜଣଙ୍କ ମଧ୍ୟରେ ୯ଜଣ ଦଲାଲ ସାମିଲ ଅଛନ୍ତି। ଜାମିନ ଆବେଦନ କରିଥିବା ୧୨୧ଜଣଙ୍କ ମଧ୍ୟରୁ ୧୧୪ଜଣ ଚାକିରି ଆଶାୟୀ ଥିବା ବେଳେ ଅବଶିଷ୍ଟ ୭ଜଣ ଦଲାଲ ଥିଲେ। ଜାମିନ ଆବେଦନ କରିଥିବା ୭ଜଣ ଦଲାଲଙ୍କ ଆବେଦନ ଖାରଜ ହୋଇଯାଇଛି। ଗିରଫ ଦୁଇ ଦଲାଲ ବିଶ୍ୱଜିତ ହରିଚନ୍ଦନ ଓ ତଫିନ୍ ଅହମ୍ମଦ ଖାନ୍ କୌଣସି କାରଣରୁ ଜାମିନ ଆବେଦନ କରି ନଥିବା ସରକାରୀ ଓକିଲ ରଜତ କୁମାର ଦାଶ ସୂଚନା ଦେଇଛନ୍ତି।

# ଜୀବନ ନେଉଛି ଜୀବନରେଖା

## ୧୫ ଦିନରେ ଗଲାଣି ୩ ଜୀବନ ■ ପୁଣି ମହାନଦୀରେ ଛାତ୍ର ନିଖୋଜ

**କଟକ, ୩୦।୧୦(ସମିସ):** ଜୀବନ ନେଉଛି ଜୀବନରେଖା। ମହାନଦୀ ଓ କାଠଯୋଡ଼ିରେ ଜଳବୁଡ଼ି ଓ ଆତ୍ମହତ୍ୟାଜନିତ ଘଟଣା ବୃଦ୍ଧି ପାଇବାରେ ଲାଗିଛି। ବିଶେଷକରି ବ୍ରିଜ୍ ଉପରୁ ଡେଇଁ ଜୀବନ ହାରିବା ଭଳି ଘଟଣା ଏହି ଦୁଇ ନଦୀରେ ବଢ଼ି ଚାଲିଛି। ଗତବର୍ଷ ଉଭୟ ମହାନଦୀ ଓ କାଠଯୋଡ଼ିରେ ୩୯ଜଣ ଆତ୍ମହତ୍ୟା ଉଦ୍ୟମ କରିଥିବା ବେଳେ ତନ୍ମଧ୍ୟରୁ ୨୭ଜଣଙ୍କ ମୃତ୍ୟୁ ଘଟିଥିଲା। ଆହୁରି ଉଦ୍‌ବେଗଜନକ କଥା ହେଲା, ମାତ୍ର ୧୫ଦିନ ଭିତରେ ମହାନଦୀକୁ ଡେଇଁ ୩ଜଣ ପ୍ରାଣ ହରାଇ ସାରିଲେଣି। ସୌଭାଗ୍ୟକୁ ଅନ୍ୟ ୨ଜଣଙ୍କୁ ଠିକ୍ ସମୟରେ ଉଦ୍ଧାର କରାଯାଇଥିବାରୁ ସେମାନଙ୍କ ଜୀବନ ବଞ୍ଚିଯାଇଛି।

ଆଜି ମହାନଦୀରେ ପୁଣି ଏକ ଦୁଃଖଦ ଘଟଣା ଘଟିଛି। ହାଡ଼ିଆପଠା ନିକଟରେ ଥୋରିଆସାହିର ୪ଜଣ ନାବାଳକ ଗାଧେଇବାକୁ ଯାଇଥିବା ବେଳେ ସେମାନଙ୍କ ମଧ୍ୟରୁ ଜଣେ ନଦୀର ଗଭୀର ଜଳରାଶିରେ ଭାସି ଯାଇଛି। ସେ ହେଲା, ବାବୁ ନାୟକ (୧୬)। ଅପରାହ୍ଣ ୩ଟାରେ ବାବୁ ନିଜ ସାଙ୍ଗଙ୍କ ସହିତ ନଦୀରେ ଗାଧୋଇବା ସହ ଜଳକ୍ରୀଡ଼ା କରୁଥିଲା। ହଠାତ୍ ତା'ର ପାଦ ଖସିଯିବାରୁ ସେ ଗଭୀର ଜଳରାଶିକୁ ଚାଲିଯାଇଥିଲା ଓ ନିଖୋଜ ହୋଇଯାଇଥିଲା। ସ୍ଥାନୀୟ ଲୋକଙ୍କଠାରୁ ସୂଚନା ପାଇ ବକ୍ସିବଜାର ଅଗ୍ନିଶମ କେନ୍ଦ୍ରର ଗୋଟିଏ ଟିମ୍ ନଦୀରେ ଖୋଜାଖୋଜି କରି କରିଥିଲେ। କିନ୍ତୁ ରାତି ହୋଇଯିବାରୁ ଉଦ୍ଧାର କାର୍ଯ୍ୟକୁ ବନ୍ଦ କରାଯାଇଛି। ଅଗ୍ନିଶମ କେନ୍ଦ୍ରର ଫାୟାର୍ ଅଫିସର ସଞ୍ଜୀବ କୁମାର ବେହେରା କହିଛନ୍ତି, ହାଡ଼ିଆପଠାରେ ନଦୀର ତୁଠ ନଥିଲା। ବାବୁ ଓ ତା' ସାଙ୍ଗମାନେ ସେଠାରେ ବିପଦପୂର୍ଣ୍ଣ ଭାବେ ନଦୀକୁ ପ୍ରବେଶ କରିଥିଲେ। ଫଳରେ ଏଭଳି ଅଘଟଣ ଘଟିଛି।

ଅଗ୍ନିଶମ ବିଭାଗ ସୂଚନା ଅନୁସାରେ, ଗତ ୧୬ ତାରିଖରେ ଭୁବନେଶ୍ୱରରେ ରହୁଥିବା କେନ୍ଦୁପାଟଣା ଅଞ୍ଚଳର ଶିଶିକାନ୍ତ ସାହୁ(୩୭) ନିଜ କାର୍ ଆସି

**ହୋଇପାରିଲାନି ୬ଫୁଟ ଉଚ୍ଚତାର ତାର ଜାଲି ପାଇଁ ଯୋଜନା**

**ଲାଗି ପାରିଲାନି ସିସି କ୍ୟାମେରା**

**ଗତବର୍ଷ ୩୯ ଜଣ କରିଥିଲେ ଆତ୍ମହତ୍ୟା ଉଦ୍ୟମ: ମରିଥିଲେ ୨୭**

ମୁଣ୍ଡଳୀବ୍ରିଜ୍ ଉପରେ ମହାନଦୀକୁ ଡେଇଁ ପଡ଼ିଥିଲେ। ୩ଦିନ ପରେ ତାଙ୍କ ମୃତ ଉଦ୍ଧାର କରାଯାଇଥିଲା। ଗତ ୧୭ତାରିଖ ରାତିରେ ଗୋପାଳପୁର ନିକଟ କାଠଯୋଡ଼ି ବ୍ରିଜ୍ ଉପରେ ଅଶ୍ୱରେଶ୍ୱର ଅଞ୍ଚଳର ଅବିନାଶ ମହାପାତ୍ର(୩୩) ନଦୀକୁ ଡେଇଁ ପଡ଼ିଥିଲେ। ନଦୀରେ ପାଣି କମ୍ ଥିବାରୁ ତାଙ୍କୁ ଅଗ୍ନିଶମ କର୍ମଚାରୀ ଉଦ୍ଧାର କରିବାରେ ସଫଳ ହୋଇଥିଲେ। ଗତ ୨୩ ତାରିଖରେ ଜଗତପୁର ଥାନା ଅଞ୍ଚଳରେ ଶିବାନୀ ମଲ୍ଲିକ(୨୫) ଯୋବ୍ରା ବ୍ରିଜ୍ ଉପରୁ ଡେଇଁ ଆତ୍ମହତ୍ୟା କରିଥିଲେ। ତାଙ୍କ ମୃତଦେହକୁ ୨୪ ତାରିଖ ପୂର୍ବାହ୍ଣରେ ଚିତ୍ରୋତ୍ପଳା ନଦୀରୁ ଉଦ୍ଧାର କରାଯାଇଥିଲା। ଗତ ୨୭ତାରିଖରେ ବକ୍ସିବଜାର ଅଞ୍ଚଳର ମହେଶ୍ୱରୀ ପାଣ୍ଡେ(୩୬) ଯୋବ୍ରା ବ୍ୟାରେଜ୍ ଉପରେ ସ୍କୁଟି ରଖି ନଦୀକୁ ଡେଇଁଥିଲେ। ତାଙ୍କୁ ଜୀବିତ ଅବସ୍ଥାରେ ଉଦ୍ଧାର କରାଯାଇଥିଲା। ଆଜି ନଦୀରେ ଜଣେ ନାବାଳକ ଗାଧେଇବା ଅବସ୍ଥାରେ ବୁଡ଼ି ଯାଇଛି। ମୋଟ୍ ୧୫ଦିନ ମଧ୍ୟରେ ୫ଜଣ ନଦୀରେ ବୁଡ଼ି ଯାଇଥିବା ବେଳେ ୨ଜଣଙ୍କୁ ଉଦ୍ଧାର କରାଯାଇଛି। ସେହିପରି ଗତବର୍ଷ ୩୯ଜଣ ମହାନଦୀ ଓ କାଠଯୋଡ଼ିରେ ବୁଡ଼ି ଯାଇଥିବା ବେଳେ ସେମାନଙ୍କ ମଧ୍ୟରୁ ୨୭ଜଣଙ୍କ ମୃତ୍ୟୁ ଘଟିଥିଲା।

ଗତବର୍ଷ ନଦୀକୁ ଡେଇଁ ଆତ୍ମହତ୍ୟା କରିବା ଓ ନଦୀରେ ବୁଡ଼ିଯିବା ଘଟଣାକୁ ଲକ୍ଷ୍ୟ ରଖି ବ୍ରିଜ୍ ବାଡ଼ରେ ୬ଫୁଟ୍ ଉଚ୍ଚତାର ତାରଜାଲି ଲଗାଯିବା ଯୋଜନା କରାଯାଇଥିଲା। ବ୍ରିଜ୍ ମଧ୍ୟରେ ସିସି କ୍ୟାମେରା ଲଗାଯିବା ସହିତ ପୁଲିସ ପାଟ୍ରୋଲିଂକୁ କଡ଼ାକଡ଼ି କରାଯିବ ବୋଲି ବି କୁହାଯାଇଥିଲା। କଟକ ସହରରେ ଥିବା ସମସ୍ତ ବ୍ରିଜ୍‌ରେ ଆତ୍ମହତ୍ୟାନିରୋଧ ବିକଳ୍ପ ବ୍ୟବସ୍ଥା କରାଯିବାକୁ ଉଭୟ ଜିଲ୍ଲା ପ୍ରଶାସନ, ମହାନଗର ନିଗମ, ଜଳସମ୍ପଦ ବିଭାଗ ମିଳିତ ଭାବେ ପ୍ରକ୍ରିୟା ଆରମ୍ଭ କରିଥିଲା। ମୁଣ୍ଡଳୀ, ନରାଜ, ସୁଭାଷ ସେତୁ, ମଧୁ ସେତୁ ଓ ଜାତୀୟ ରାଜପଥରେ ମହାନଦୀ ଓ କାଠଯୋଡ଼ିରେ ଥିବା ସେତୁରେ ତାରଜାଲି ଲଗାଯିବାକୁ ସମସ୍ତ ପୂର୍ବପ୍ରସ୍ତୁତି ହୋଇଥିଲା। ଏହା ଭିତରେ ୧ବର୍ଷ ବିତିଯାଇଛି। ଚିହ୍ନଟ ସ୍ଥାନରେ ସିସି କ୍ୟାମେରା ଲଗାଯିବା ତ ଦୂରର କଥା ତାର ଜାଲି ଲଗାଯାଇ ପାରିନାହିଁ। ଏହା ଉପରେ ତୁରନ୍ତ ଦୃଷ୍ଟି ଦେବାକୁ ବିଭିନ୍ନ ମହଲରେ ଦାବି ଉଠିଛି।

# ୨ ଗଣଦୁଷ୍କର୍ମକାରୀଙ୍କୁ ୨୦ ବର୍ଷ ଲେଖାଏଁ ଜେଲ୍

**ବାରିପଦା/ଉଦଳା, ୩୦।୧୦(ସମିସ):** ବିଚାରପତି ପ୍ରଦୀପ କୁମାର ବେହେରା ୨ ଜଣ ଗଣଦୁଷ୍କର୍ମକାରୀଙ୍କୁ ୨୦ ବର୍ଷ ସଶ୍ରମ କାରାଦଣ୍ଡ ସହିତ ୧୦ହଜାର ଟଙ୍କା ଜରିମାନା ଦେବା ପାଇଁ ଆଦେଶ କରିଛନ୍ତି। ସେହିପରି ଅନ୍ୟଜଣେ ଦୁଷ୍କର୍ମକାରୀଙ୍କୁ ୧୦ ବର୍ଷ ଜେଲ ଓ ୨୫ ହଜାର ଟଙ୍କା ଜରିମାନା ଦେବାକୁ ରାୟରେ ପ୍ରକାଶ କରିଛନ୍ତି। ଆଦେଶନାମା ଅବମାନନା କଲେ ଆଉ ୧ ବର୍ଷ ଅଧିକ ସଶ୍ରମ କାରାଦଣ୍ଡ ଭୋଗିବେ ବୋଲି ଆଦେଶ ଦେଇଛନ୍ତି। ଅଭିଯୋଗ ଅନୁଯାୟୀ ୧୮.୧୧.୨୦୨୪ରେ ଜଣେ ମହିଳା ବିହିରାକୁଳ ଜନସେବା କେନ୍ଦ୍ରରୁ ଫେରୁଥିବା ବେଳେ ସନ୍ଧ୍ୟାରେ ଟାଙ୍ଗଣା ନଦୀ ନିକଟରେ ପୂର୍ବରୁ ଜଗି ରହିଥିବା ଅଭିଯୁକ୍ତମାନେ ତାଙ୍କୁ ଗଣଦୁଷ୍କର୍ମ କରିଥିଲେ। ମହିଳାଜଣଙ୍କ ପରିବାରଲୋକଙ୍କୁ ଜଣାଇବା ପରେ ଉଦଳା ଥାନାରେ ଅଭିଯୋଗ ହୋଇଥିଲା। ଅଭିଯୋଗକୁ ଆଧାର କରି ଶଙ୍କରାଖୁଣ୍ଟା ଗ୍ରାମର ମୁନା ପଲେଇ (୨୭) ଓ ଦୟାନିଧି ପଲେଇ (୨୮)ଙ୍କ ନାମରେ କୋର୍ଟରେ ଚାର୍ଜସିଟ ଦାଖଲ ହୋଇଥିଲା। ସେହିପରି ଖୁଣ୍ଟା ଥାନା ଅଞ୍ଚଳର ବଡରାଇକାଳି ଗ୍ରାମର ଜଣେ ଦିବ୍ୟାଙ୍ଗଙ୍କୁ ଘରେ କେହି ନଥିବା ବେଳେ ସେହି ଗ୍ରାମର ଶରତ ଚନ୍ଦ୍ର ନାଏକ ଦୁଷ୍କର୍ମ କରିଥିବା ନେଇ ଥାନାରେ ଅଭିଯୋଗ ହୋଇଥିଲା। ଦିବ୍ୟାଙ୍ଗଙ୍କ ମାଆଙ୍କ ଅଭିଯୋଗକ୍ରମେ ଖୁଣ୍ଟା ପୁଲିସ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଥିଲେ। ଏହି ମାମଲାର ବିଚାର କରି ବିଚାରପତି ଶ୍ରୀ ବେହେରା ଅଭିଯୁକ୍ତଙ୍କୁ ୧୦ବର୍ଷ ସଶ୍ରମ କାରାଦଣ୍ଡ ସହିତ ୨୫ହଜାର ଟଙ୍କା ଜରିମାନା ଆଦେଶ ଦେଇଛନ୍ତି। ଉକ୍ତ ଆଦେଶନାମା ଅବମାନନା କଲେ ଆଉ ଏକ ବର୍ଷ କାରାଦଣ୍ଡ ଭୋଗିବେ ବୋଲି ରାୟରେ ଉଲ୍ଲେଖ କରିଛନ୍ତି।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ...

### ଜେଲ ଜଗିବେ...

ମାସେ ପୂରିବାକୁ ଯାଉଛି। ଦୁଇ କୁଖ୍ୟାତ ବିହାରୀ ଅପରାଧୀ ରାଜା ସାହାଣୀ ଓ ମଧୁକାନ୍ତ କୁମାରଙ୍କର ପତ୍ତା ପୁଲିସ ପାଇନାହିଁ। ଏପରିକି ଏହି ଫେରାର ଘଟଣା ପଛରେ କୁଖ୍ୟାତ ଅପରାଧୀ ସୁବ୍ରତ ସିଂହ ସହ ରାଜ୍ୟର କିଛି ଜେଲ କର୍ମଚାରୀଙ୍କ ବୁଝାମଣା ଅଭିଯୋଗର ତଦନ୍ତ ହୋଇନାହିଁ। ସେହିପରି କିଛି ଦିନ ତଳେ ସୋର ଜେଲରୁ ଜଣେ ଚକମା ଦେଇ ଖସି ଯାଇଥିବାବେଳେ ଚୌଦ୍ୱାର ଜେଲରେ ଗୋଷ୍ଠୀ ସଂଘର୍ଷ, ନୟାଗଡ଼ ଜେଲରେ ବନ୍ଦୀମାନଙ୍କ ମଧ୍ୟରେ ମୁହାଁମୁହିଁ ଘଟଣା ଜେଲସୁରକ୍ଷାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି କରିଛି। ତେଣୁ ନିଜ ଛବି ସୁଧାରିବାକୁ ଜେଲ ବିଭାଗ ହୋମଗାର୍ଡ଼ମାନଙ୍କୁ ଜେଲରେ ନିଯୁକ୍ତି ଦେବାକୁ ଯୋଜନା କରିଛି। ମାତ୍ର ଏହାପରେ ଯଦି କୌଣସି ଜେଲରୁ କଏଦୀ ବା ଅପରାଧୀ ଫେରାର ହୁଅନ୍ତି; ସେଥିପାଇଁ ଉତ୍ତରଦାୟୀ କିଏ ହେବ ? ଜେଲରେ ନିଯୁକ୍ତ ହୋମଗାର୍ଡ଼ ନା ଜେଲ ବିଭାଗ ଅଧିକାରୀ ? ଏ ସମ୍ପର୍କରେ ଜେଲ ବିଭାଗ ପକ୍ଷରୁ କୌଣସି ନିର୍ଦ୍ଦେଶନାମା ପ୍ରକାଶ ପାଇନାହିଁ।

### ଖଣି ପଟ୍ଟାଦାରଙ୍କ...

ହୋଇପାରିଛି। ଏ ପର୍ଯ୍ୟନ୍ତସମ୍ପୂର୍ଣ୍ଣ କ୍ଷତିପୂରଣ ରାଶି ଆଦାୟ ହୋଇପାରି ହୋଇ ନ ଥିବାରୁ ଏ ସଂକ୍ରାନ୍ତରେ ସୁପ୍ରିମକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲା। ଯାହାକୁ ନେଇ ସୁପ୍ରିମକୋର୍ଟ ଅସନ୍ତୋଷ ପ୍ରକାଶ କରିଛନ୍ତି। ଅପରପକ୍ଷେ ଓଡ଼ିଶା ପକ୍ଷରୁ ମାମଲା ପରିଚାଳନା କରୁଥିବା ଏଜି ପୀତାମ୍ବର ଆଚାର୍ଯ୍ୟ ତୁରନ୍ତ ସୁଧାରମୂଳକ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ସର୍ବୋଚ୍ଚ ଅଦାଲତଙ୍କୁ ଜଣାଇଥିଲେ। ସେ ବ୍ୟକ୍ତିଗତ ଭାବରେ ଏନେଇ ମୁଖ୍ୟ ଶାସନ ସଚିବଙ୍କ ସହ ଆଲୋଚନା କରିବେ ଏବଂ ଯେଉଁ ଆଇନଗତ ପଦକ୍ଷେପ ଆବଶ୍ୟକ, ତାହା ଗ୍ରହଣ କରାଯିବ ବୋଲି ଶ୍ରୀ ଆଚାର୍ଯ୍ୟ ଖଣ୍ଡପୀଠଙ୍କୁ ଅବଗତ କରିବା ପରେ ସୁପ୍ରିମକୋର୍ଟ ପରବର୍ତ୍ତୀ ଶୁଣାଣି ପାଇଁ ୮ ସପ୍ତାହ ସମୟ ଦେଇଛନ୍ତି। ଆସନ୍ତା ଡିସେମ୍ବର ୩ ତାରିଖରେ ମାମଲାର ପରବର୍ତ୍ତୀ ଶୁଣାଣି କରାଯିବାକୁ ନେଇ ତାରିଖ ଧାର୍ଯ୍ୟ ହୋଇଛି।

### ଜଷ୍ଟିସ୍ ସୂର୍ଯ୍ୟକାନ୍ତ...

୬୫ ବର୍ଷ ବୟସରେ ଅବସର ଗ୍ରହଣ କରିଥାନ୍ତି। ଜଷ୍ଟିସ ସୂର୍ଯ୍ୟକାନ୍ତ ୧୪ ମାସ ଦାୟିତ୍ୱରେ ରହିବେ। ସେ ୨୦୨୭ ଫେବୃଆରୀ ୯ରେ ଅବସର ଗ୍ରହଣ କରିବେ। ଜିଜେଆଇ ଗଭାଇ ସୋମବାର ମୁଖ୍ୟ ବିଚାରପତି ପଦ ପାଇଁ ଜଷ୍ଟିସ ସୂର୍ଯ୍ୟକାନ୍ତଙ୍କ ନାମ ସୁପାରିଶ କରିଥିଲେ। ୨୦ ବର୍ଷର କାର୍ଯ୍ୟକାଳରେ ଜଷ୍ଟିସ ସୂର୍ଯ୍ୟକାନ୍ତ ଏକାଧିକ ମାମଲାରେ ଐତିହାସକ ରାୟ ଶୁଣାଇଛନ୍ତି। ପେଗାସସ ଗୁପ୍ତଚର ମାମଲାରେ ସେ ଖଣ୍ଡପୀଠର ଅଂଶ ଥିଲେ। ସେ ସାଇବର ବିଶେଷଜ୍ଞଙ୍କ କମିଟି ଗଠନ କରି ଏହି ମାମଲାର ଯାଞ୍ଚ୍ କରିବାକୁ ନିର୍ଦ୍ଦେଶ ଦେଇଥିଲେ। ସେ ହରିୟାଣାର ପ୍ରଥମ ବ୍ୟକ୍ତି ଭାବେ ସିଜେଆଇ ଭାବେ ନିଯୁକ୍ତି ପାଇଛନ୍ତି। ସେ ବିହାର ଏସ୍ଆଇଆର ମାମଲରେ ମଧ୍ୟ ଶୁଣାଣି କରିଥିଲେ। ମେଟ୍ରିକ ପରୀକ୍ଷା ଦେବାକୁ ଯିବା ବେଳେ ସେ ପ୍ରଥମଥର ପାଇଁ ଶହର ଦେଖିଥିଲେ।

### ନବୀନଙ୍କ ଇଙ୍ଗିତ...

ସମୀକରଣକୁ ବଦଳାଇଦେବ ବୋଲି ରାଜନୈତିକ ସମୀକ୍ଷକମାନେ ମତବ୍ୟକ୍ତ କରିଛନ୍ତି। ଦଳୀୟ ପ୍ରାର୍ଥୀ ରୂପେ ସ୍ନେହାଙ୍ଗିନୀଙ୍କୁ ମନୋନୀତ କରି ନବୀନଙ୍କ ନିଷ୍ପତ୍ତି ବିରୋଧୀଙ୍କୁ ଚକିତ କରିଥିଲା। ସେହିପରି ଦଳର ରଣନୀତିକୁ କାର୍ଯ୍ୟକାରୀ କରିବାକୁ ପଶ୍ଚିମ ଓଡ଼ିଶାର ଦମଦାର ନେତାମାନଙ୍କୁ ପ୍ରଚାର ଏବଂ ନିର୍ବାଚନ ଦାୟିତ୍ୱ ନ୍ୟସ୍ତ କରିଛନ୍ତି। ବିଶେଷକରି ପଞ୍ଚାୟତଠାରୁ ଆରମ୍ଭ କରି ବ୍ଲକ, ଏନଏଏସି ଯାଏଁ ନିର୍ଦ୍ଦିଷ୍ଟ ନେତାଙ୍କୁ ନିର୍ଦ୍ଦିଷ୍ଟ ଦାୟିତ୍ୱ ପ୍ରଦାନ କରାଯାଇଛି। ନୂଆପଡ଼ା ରାଜନୀତି ପାଣିପାଗକୁ ମାପି ନବୀନ ପ୍ରଥମେ ଷ୍ଟିୟରିଂ କମିଟି, ଜୋନାଲ କମିଟି ଏବଂ ଲୋକାଲ ଆକ୍ସନ କମିଟି କରିଥିଲେ। ଏହାପରେ ପରେ ଦଳର ଆଗଧାଡ଼ିର ନେତାଙ୍କୁ ବିଭିନ୍ନ ଦାୟିତ୍ୱ ନ୍ୟସ୍ତ କରିଥିବା ବେଳେ ଦଳ ସୁଚିନ୍ତିତ ଢଙ୍ଗରେ ନିଜର ପ୍ରଚାର କାର୍ଯ୍ୟକ୍ରମକୁ ଜାରି ରଖିଛି। ବଡ଼ ବଡ଼ ସଭା ବଦଳରେ ଦଳୀୟ ନେତାମାନେ ଗୋଟିଏ ଦିନରେ ପ୍ରାୟ ୨୦ରୁ ଉଦ୍ଧ୍ୱର୍ ସଭା କରୁଛନ୍ତି। ଏପରିକି ବିଜେଡିର ଜଣେ ନେତାଙ୍କୁ ଜଗିବା ପାଇଁ ଶାସକ ବିଜେପି ୩ ଜଣଙ୍କୁ ଲଗାଇଥବା ନେଇ ସ୍ଥାନୀୟ ଅଞ୍ଚଳର ରାଜନୈତିକ ବିଶେଷଜ୍ଞ ମତପ୍ରକାଶ କରିଛନ୍ତି। ସେହିପରି ନିଜେ ପ୍ରାର୍ଥୀ ସ୍ନେହାଙ୍ଗିନୀ ଏକାଧିକ ସ୍ଥାନରେ ପଦଯାତ୍ରା କରି ନିଜ ପାଇଁ ଭୋଟ ମାଗୁଛନ୍ତି। ଏପଟେ ନବୀନ ଦଳରୁ ଦୂରେଇ ରହିଥିବା ଟାଣୁଆ ନେତାଙ୍କୁ ପୁଣିଥରେ ଦଳକୁ ଫେରାଇ ଦଳର ଶକ୍ତି ବୃଦ୍ଧି କରିଛନ୍ତି। ସ୍ଥାନୀୟ ଅଞ୍ଚଳରେ ଦଳର ଟାଣୁଆ ନେତା ଭାନୁପ୍ରତାପ ସିଂହ ପ୍ରତ୍ୟକ୍ଷ ଭାବରେ ପ୍ରଚାରରେ ନିଜକୁ ସାମିଲ କରିଛନ୍ତି ଓ ସ୍ନେହାଙ୍ଗିନୀଙ୍କୁ ନୂଆପଡ଼ା ରାଜନୀତିର ସବୁ ଦାଓପେଞ୍ଚ ସମ୍ପର୍କରେ ଅବଗତ କରିଛନ୍ତି। ରାଜନୈତିକ ପର୍ଯ୍ୟବେକ୍ଷକଙ୍କ ମତରେ କ୍ଷମତାରେ ନ ଥିଲେ ବି ନୂଆପଡ଼ାରେ ନବୀନଙ୍କର ସ୍ୱତନ୍ତ୍ର କ୍ରେଜ ରହିଛି। ନୂଆପଡ଼ା ଜିଲ୍ଲାରେ ଯାହା କିଛି ବିକାଶ ହୋଇଛି, ତାହା ନବୀନଙ୍କ ସମୟରେ ହିଁ ହୋଇଛି। ନବୀନ ନିଜେ ପ୍ରଚାର ମଙ୍ଗ ଧରିଲେ ଏହାର ପ୍ରଭାବ ନିଶ୍ଚୟ ଅନୁଭୂତ ହେବ ବୋଲି ବିରୋଧୀ ଦଳର ସମର୍ଥକମାନେ ମଧ୍ୟ ମତ ଦେଉଛନ୍ତି। ନବୀନ ପ୍ରଚାର ମଇଦାନକୁ ଓହ୍ଲାଇବା ପରେ ନୂଆପଡ଼ା ପ୍ରଚାର ରାଜନୀତି ଆହୁରି ଉଷ୍ମତା ଧରିବ ବୋଲି ଏବେ ସାଧାରଣରେ ମତପ୍ରକାଶ ପାଇଛି।

### ଗୋଟିଏ ଦେଶ...

ସମାନ ରହିବ। ଏବେ ବିଭିନ୍ନ ରାଜ୍ୟରେ ପୁଲିସ କର୍ମଚାରୀଙ୍କର ବିଭିନ୍ନ ପ୍ରକାର ପୋଷାକ ରହିଛି। ସୂଚନାଯୋଗ୍ୟ ଯେ ୨୦୨୨ ଅକଟୋବରରେ ରାଜ୍ୟ ଗୃହ ବିଭାଗ ସଚିବମାନଙ୍କର ଚିନ୍ତନ ଶିବିରରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ପ୍ରଥମେ ଏହି ପ୍ରସ୍ତାବ ଦେଇଥିଲେ। ଏହାପରେ ୨୦୨୩ରେ କେନ୍ଦ୍ର ସ୍ୱରାଷ୍ଟ୍ର ବିଭାଗ ସମସ୍ତ ରାଜ୍ୟ ଓ କେନ୍ଦ୍ର ଶାସିତ ଅଞ୍ଚଳ ସରକାରଙ୍କୁ ଚିଠି ଲେଖି ମତାମତ ଲୋଡ଼ିଥିଲା। ଦେଶବ୍ୟାପୀ ପୁଲିସ କର୍ମଚାରୀଙ୍କ ପରିଚୟ, ଦାୟିତ୍ୱବୋଧ ଓ ଦକ୍ଷତା ବୃଦ୍ଧି ଉ।ଦ୍ଦେଶ୍ୟରେ ଏହା ଜରୁରୀ ବୋଲି ପ୍ରଧାନମନ୍ତ୍ରୀ କହିଥିଲେ।

### ଦ୍ୱିତୀୟ ଶ୍ରୀକ୍ଷେତ୍ରରେ...

ଯୋଗାଣକାରୀ ଦେଢବର୍ଷ ଧରି ୨୨ଲକ୍ଷରୁ ଉର୍ଦ୍ଧ୍ୱର୍ ଟଙ୍କା ପାଇନଥିବାରୁ ସାମଗ୍ରୀ ଯୋଗାଇବାକୁ ମନା କରିଦେଇଥିଲେ। ଫଳରେ ମନ୍ଦିରର ଅଚଳାବସ୍ଥା ସହିତ ଠାକୁର ଉପାସ ରହିବା ପରିସ୍ଥିତି ଆଶଙ୍କା ସୃଷ୍ଟି ହୋଇଥିଲା। ଏ ନେଇ ରାଜ୍ୟ ସେବାୟତ ସଂଘ ସଭାପତି ଶ୍ରୀ ତ୍ରିପାଠୀ, ଭଞ୍ଜସେନା ପ୍ରତିଷ୍ଠାତା କଳିଙ୍ଗ କେଶରୀ ଜେନା, ଅଧ୍ୟକ୍ଷ ସଞ୍ଜୀବ ରାଉତ, ସୁଜିତ ମହାନ୍ତି ଭାରପ୍ରାପ୍ତ ଦେବୋତ୍ତର ଅଧିକାରୀ ତଥା ଉପଜିଲ୍ଲାପାଳ ଡ ଦୟାସିନ୍ଧୁ ପରିଡାଙ୍କୁ ସାକ୍ଷାତ କରିଥିଲେ। ଯୋଗାଣ ସାମଗ୍ରୀ ଯୋଗାଉଥିବା ଟେଣ୍ଡରଧାରୀ ମଧ୍ୟ ଉପସ୍ଥିତ ଥିଲେ। ଖୁବଶୀଘ୍ର ସମାଧାନ ପନ୍ଥା ବାହାର କରାଯିବ ବୋଲି ଉପଜିଲ୍ଲାପାଳ ପ୍ରତିଶ୍ରୁତି ଦେବାରୁ ପୂର୍ବବତ ସାମଗ୍ରୀ ଯୋଗାଯିବା ନିଷ୍ପତ୍ତି ହୋଇଥିଲା। ତେବେ ବାରମ୍ବାର ଏପରି ଅଚଳାବସ୍ଥା ଦୂର ପାଇଁ ସ୍ଥାୟୀ ପଦକ୍ଷେପ ନ ନିଆଗଲେ ମନ୍ଦିରର ସେବାୟତଗଣ ନଭେମ୍ବର ଦ୍ୱିତୀୟ ସପ୍ତାହରେ ଆନ୍ଦୋଳନ କରିବେ ବୋଲି ଶ୍ରୀ ତ୍ରିପାଠୀ ଚେତାବନୀ ଦେଇଛନ୍ତି। ଦିଅଁଙ୍କ ନିକଟରେ ପ୍ରତିଦିନ ସକାଳ ୬ଟା, ପୂର୍ବାହ୍ନ ୧୦ଟା, ୧୧ଟା, ଅପରାହ୍ନ ୫ଟା, ସନ୍ଧ୍ୟା ୭ଟା, ୯ଟା ଓ ୧୦ଟାରେ ଗୋପାଳ ବଲ୍ଲଭ, ଖେଚୁଡ଼ି, ମୋଟା ଅନ୍ନ, ଆରିଷା ପିଠା, ସରୁ ଅନ୍ନ, ଖିରି-କାକରା, ବଲ୍ଲଭ, ମୋହନ ଭୋଗ, ଉଖୁଡ଼ା ଓ ମିଠା ଭୋଗଲାଗି ହୋଇଥାଏ। ସାମଗ୍ରୀ ଯୋଗାଣ ବନ୍ଦ ଚେତାବନୀ ଦେବା ପରେ ଏହି ସମସ୍ତ ଭୋଗ ବନ୍ଦ ଆଶଙ୍କା ଦେଖାଦେଇଥିଲା। ତେବେ ବାରିପଦାର ଦେବୋତ୍ତର ବିଭାଗ ଅଧୀନରେ ୨୦ଟି ମଠ ଓ ମନ୍ଦିର ପରିଚାଳିତ ହେଉଛି। ଏଥି ନିମନ୍ତେ ୪୪ ହଜାର ୭୦୦ ଏକର ଜମି ଖଞ୍ଜାଥିବା ସ୍ଥଳେ ପାଖାପାଖି ୪୦ ହଜାର ଜମି ବିଭିନ୍ନ ସରକାରୀ ସଂସ୍ଥା ଓ ଲୋକଙ୍କ ଜବରଦଖଲରେ ରହିଛି। ଫଳରେ ଉକ୍ତ ଜମିରୁ କୋଣସି ରାଜସ୍ୱ ଆୟ ହୋଇପାରୁନାହିଁ। ତେଣୁ ଉକ୍ତ ଜମିରୁ ମଠ, ମନ୍ଦିର ପରିଚାଳନା ନେଇ ସୁବ୍ୟବସ୍ଥା କରିବାକୁ ଦାବି ହେଉଛି। ଓଡିଆ ଅସ୍ମିତାର ଦ୍ୱାହି ଦେଇ ସରକାର ପରିବର୍ତ୍ତନ ପରେ ମନ୍ଦିର ପରିଚାଳନା ଅବ୍ୟବସ୍ଥା ବାସ୍ତବିକ ନିନ୍ଦନୀୟ ଓ ଅକ୍ଷମଣୀୟ ବୋଲି କୁହାଯାଉଛି।

**NOTICE**

By virtue of an affidavit sworn before the Notary Public, Cuttack, dated 28.10.2025, I, Chanda Murmu, aged about 33 years, W/o Bhuktu Marndi, resident of At-Nusadihi, Badada, PS-Rairangpur, Dist-Mayurbhanj, Odisha, Pin-757043, have changed my son's name from Piru Marandi to Piru Marndi. Henceforth, he shall be known as Piru Marndi for all purposes.

Chanda Murmu

**NOTICE**

By virtue of an affidavit sworn before the Notary Public, Sunabeda dated 27/10/2025 I, Sri Raghu Guntha, S/o-Chaitan Guntha, Vill.-Badaput, Po.- Semala, Ps.-Nandapur, District- Koraput, Odisha declare that, I have changed my son's name from **Parshu Guntha** to **Porsuram Guntha**. Henceforth, my son shall be known as **Porsuram Guntha** for all purposes.

Sd/- Raghu Guntha

**ପୂର୍ବ ତଟ ରେଳପଥ**

ଇ-ଟେଣ୍ଡର ବିଜ୍ଞପ୍ତି ସଂ. SNTPBBS-122025-OFC

**କାର୍ଯ୍ୟର ନାମ :** ପୂର୍ବ ତଟ ରେଳପଥର ଖୋର୍ଦ୍ଧା ରୋଡ଼ ମଣ୍ଡଳର ଝାରସୁଗୁଡ଼ା ରୋଡ଼(RD)-ସିଙ୍ଗାପୁର ରୋଡ଼(RD) ଜଂକ୍ସନ(Ex), ଲାଖୋଲି(Ex) - ଟିଟିଲାଗଡ଼ ଏବଂ ସମ୍ବଲପୁର ଜଂକ୍ସନ - କେରେଜଙ୍ଗା(Ex) ସେକ୍ସନରେ କବଚ ଏବଂ LTE ନିମନ୍ତେ ଯୋଗାଯୋଗ ବ୍ୟାକ୍‌ବୋନ୍ ଭାବେ ଅପ୍ଟିକାଲ ଫାଇବର କେବୁଲର ଯୋଗାଣ, ପରିବହନ, ଗର୍ତ୍ତ ଖନନ, ବିଛାଇବା, ସଂସ୍ଥାପନ, ପରୀକ୍ଷଣ ଏବଂ ପ୍ରଚଳନ।

**ଆନୁମାନିକ ମୂଲ୍ୟ (₹) :** 33,90,01,238/-, EMD (₹) : 18,45,000/-, କାର୍ଯ୍ୟ ଶେଷ ହେବା ଅବଧି : 18 (ଅଠର) ମାସ।

**ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ :** ତା.23.12.2025 ରିଖ 1030 ଘଟିକା।

ଏହି ଇ-ଟେଣ୍ଡରଗୁଡ଼ିକ କ୍ଷେତ୍ରରେ ଡାକ/କୋରିୟର/ଫାକ୍ସ ମାଧ୍ୟମରେ କିମ୍ବା ବ୍ୟକ୍ତିଗତ ରୂପେ ପଠାଯାଇଥିବା କୌଣସି ପ୍ରକାର ମାନୁଆଲ ଅଫର ଗ୍ରହଣଯୋଗ୍ୟ ହେବ ନାହିଁ, ଯଦ୍ୟପି ଏଗୁଡ଼ିକ ଫାର୍ମ (Firm)ର ଲେଟର ହେଡ୍‌ରେ ଦାଖଲ କରାଯାଇଥିବ ଏବଂ ଯଥା ସମୟରେ ଗ୍ରହଣ କରାଯାଇଥିବ। ଏହିଭଳି ସମସ୍ତ ମାନୁଆଲ ଅଫରଗୁଡ଼ିକ ଅବୈଧ ବୋଲି ଧରାଯିବ ଏବଂ କୌଣସି ବିଚାର ବିନା ବିଧିବଦ୍ଧ ରୂପେ ନାକଚ କରାଯିବ।

ଉପରୋକ୍ତ ଇ-ଟେଣ୍ଡରର ସମସ୍ତ ବିବରଣୀ ଇ-ଟେଣ୍ଡର ନଥିପତ୍ର ସହିତ ୱେବ୍‌ସାଇଟ୍ www.ireps.gov.in ରେ ଉପଲବ୍ଧ ଅଟେ।

ଦ୍ରଷ୍ଟବ୍ୟ: ଏହି ଇ-ଟେଣ୍ଡର ନିମନ୍ତେ ଜାରି କରାଯାଇଥିବା କୌଣସି ପରିବର୍ତ୍ତନ/ଶୁଦ୍ଧିପତ୍ରକୁ ଧ୍ୟାନ ଦେବା ନିମନ୍ତେ ଟେଣ୍ଡର ବନ୍ଦ ହେବା ତାରିଖର 15(ପନ୍ଦର) ଦିନ ପୂର୍ବରୁ ୱେବ୍‌ସାଇଟକୁ ପୁନଃ ପରିଦର୍ଶନ କରିବା ପାଇଁ ଆଶାୟୀ ଟେଣ୍ଡରଦାତାମାନଙ୍କୁ ପରାମର୍ଶ ଦିଆଯାଉଅଛି।

ଉପ ମୁଖ୍ୟ ସଂକେତ ଏବଂ ଦୂରସଂଚାର ଯନ୍ତ୍ରୀ, (T&NW), ଭୁବନେଶ୍ୱର

PR-149/CI/25-26

**AFFIDAVIT**

By virtue of an affidavit no-2807 sworn before the Executive Magistrate, Sukinda on dtd-29/10/2025, I **Bhanumati Mohanta,** W/o- Nilamber Mohanta resident of At- Sansailo Tata Colony, Po-Sansailo, Ps- Sukinda, Dist- Jajpur, Pin-755018, I have changed my name from **Bhanumani Mohanta** (old name) to **Bhanumati Mohanta** (new name). Henceforth both the name **Bhanumani Mohanta** and **Bhanumati Mohanta** is one & same person & I shall be known as **Bhanumati Mohanta** for all future purposes.

**Bhanumati Mohanta**

**AFFIDAVIT**

By virtue of an affidavit sworn before the Notary Public, Baripada, District- Mayurbhanj, dated- 30/10/2025, I **Prativa Manjari Dan,** aged 60yrs, W/o- Suresh Chandra Pradhan, resident of At/Po- Takatpur, Ps- Baripada, District- Mayurbhanj, Pin- 757003, Odisha declare that **Prativa Manjari Dan** & **Prativa Manjari Pradhan** is one and same person. The same is mentioned in my daughter's Certificates, daughter's name **Ipsita Pradhan,** and Henceforth shall be used for all purpose.

**AFFIDAVIT**

By virtue of an affidavit sworn before the Executive Magistrate, Padampur, I, Yashraj Gupta, At-Padampur W.No.1, Po-Rajborasambar, Ps-Padampur, Dist-Bargarh, Odisha-768036 have changed my name from S. Rajkumar Gupta to Yashraj Gupta. Henceforth I shall be known as Yashraj Gupta for all purposes.

**Sd/- Yashraj Gupta**

**NOTICE**

By virtue of an affidavit sworn before the Notary Public, Cuttack, dated 27.10.2025, I, Anuradha Sahoo, W/o Gyanaranjan Acharya, D/o Harihar Sahoo, permanent resident of At/P.O. - Batira, Dist-Kendrapara, Odisha, Pin-754140 and presently residing at At-Nuabazar, P.O. – Paradeep, Dist-Jagatsinghpur, Odisha, Pin-754142, have changed my name and surname from Anuradha Acharya to Anuradha Sahoo. Henceforth, I shall be known as Anuradha Sahoo for all purposes.

**Sd/- Anuradha Sahoo**

**AFFIDAVIT**

I Biplab Kumar Jena, age- 48 , of Resident-At/Po- Durpal,Ps-Kamarda,Dist-Balasore , Odisha, declared by affidavit before In The Court of Executive Magistrate , Remuna, No.1143, dtd-17/10/2025 that as per Aadhar my actual name is Biplab Kumar Jena ,wife's name is Madhusmita Dutta and my daughter's name is Akarsha Jena, which has wrongly mentioned in my daughter Birth certificate that Kumari Akarsha Jena , D/o- Biplab Kumar and Madhusmita Jena . Hence I Declared that Kumari Akarsha Jena & Akarsha Jena , Biplab Kumar & Biplab Kumar Jena, Madhusmita Jena & Madhusmita Dutta same and one person for all future purpose.

**AFFIDAVIT**

I, Susmita Behera, W/o- Manoj Kumar Behera, resident of Good Will Residency, Flat No. 201, Block-B, Jail Road, Jharpada, PO- Budheswari Colony, Bhubaneswar, Dist- Khurda, PIN- 751006, Odisha declare by this affidavit No. 289, dtd- 30.10.2025 that now onwards I shall be known as **SASMITA BEHERA** for all future purposes.

**PUJA OFFER SALE**

Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.

**9437015112**

**Notice**
**(Above 18 years of age)**

By virtue of an affidavit sworn before the Excutive Magistrate,(K) Udala, Mayurbhnaj, dated 13-10-2025 I, Uday Nath Hansdah, Address At/ Po- Gayalmara , Ps- Khunta, Dist- Mayurbhanj, Pin- 757104 declare that I have changed my name Udaya Hansadaha to Uday Nath Hansdah. Henceforth I shall be known as Uday Nath Hansdah for all purposes.

**Uday Nath Hansdah**

OFFICE OF THE PRINCIPAL
**Kusum Devi Satsang Women's Degree College, Darakhapatna, Cuttack - 753013**
Email: kdswomensdegreecollege@gmail.com

**WANTED**

As per letter of the Regional Director of Education vide no. 6961 Dt. 28.10.2025, some guest faculties in subjects like Odia, Political Science, Sanskrit are required for engagement. Retired faculties below the age of 69 years may apply through the HIMS Portal on or before 31.10.2025 (Friday).

**Sd/- Principal-cum-Secretary**
Kusum Devi Satsang Women's Degree College, Darakhapatna, Cuttack - 753013

**AFFIDAVIT**

By virtue of an affidavit executed by Executive Magistrate . Athgarh on Dtd.27 . 10 .2025. I Govinda Sundi S/O Turi Sundi of Village..Orda .P/O.. Gobara P/S.. Gurudijhatia Dist. Cuttack declare that my actual name is Gobinda Sundi but in my Adharcard it was wrongly mentioned as bhuGobind Sundi instead of Gobinda Sundi. Henceforth I Shall be known as Gobinda Sundi in all purpose.

**Sd/- Gobinda Sundi**

**AFFIDAVIT**

By virtue of an affidavit sworn before the Executive Magistrate, Sambalpur, I, Meenakshi Hota, W/o- Subodh Hota, D/o Sharad Kumar Panda, resident of New Telecom Colony, Modipada, Sambalpur, Odisha, do hereby declare that my name has been wrongly mentioned as Minakhi Hota in my Aadhaar Card No. 2449 6953 4547. My correct name is **Meenakshi Hota** and both names refer to the same person.

OFFICE OF THE PRINCIPAL
**PRIYADARSHINI INDIRA DEGREE COLLEGE**
**JUNAGARH, DIST: KALAHANDI**
E-mail: pidmahavidyalaya@gmail.com

**WANTED**

Engagement of Guest Faculty Lecturers in the subject of Odia and Education including 01 no. of Junior Clerk, 01 no. of Demonstrator in Geography are wanted on contractual and temporary basis. The retired faculties and Non-Teaching members below the age of 69 years may apply through HIMS portal on or before 31.10.2025 as per letter No. 57198 and No.-57203 dated 23.10.2025, the remuneration for the above positions shall be paid as per the approved norms.

**Sd/- Principal-cum-Secretary**
P.I. Degree College, Junagarh

**AFFIDAVIT**

By virtue of an affidavit sworn before the Executive Magistrate, Bhawanipatna, Kalahandi, I, Ashutosh Purohit, Village/Po-Kaudola, Ps- Ampani, Dist-Kalahandi, Odisha, Pin- 766019, do hereby that my minor son's correct name is SRINIBAS PUROHIT, but in his Aadhaar wrongly mentioned as SRINIBASH PUROHIT. That both the names are same and one person.

**Sd/- Ashutosh Purohit**

**AFFIDAVIT**

By virtue of an affidavit sworn before the Addl. Tahasildar-cum-Executive Magistrate, Boudh, I SUSHIL MEHER, age -27, S/o - Dwaru Meher, resident of Vill.: Jamatangi, Po-Manupali, Ps- Manamunda, Dist.: Boudh-762015 declare by this affidavit no 1495 dated 30/10/2025 my father shall be known as **DUARU MEHER** for all future purposes.

OFFICE OF THE PRINCIPAL
**MANGALPUR WOMEN'S DEGREE COLLEGE**
**MANGALPUR, JAJPUR**

**WANTED**

As per the notification of DHE, Odisha vide letter no. 57198 and 57203, dtd. 23.10.2025, applications are invited from the eligible retired candidates for engagement of guest faculties in the subject of political science & non teaching posts of Asst. Librarian, Jr. Clerk on contractual basis. Vacancies of said posts are already uploaded in HIMS portal of the college interested candidates shall apply only through HIMS portal before 01.11.2025

NB: The eligibility, remuneration & tenure of contractual engagement shall be made as per Government notification.

**Sd/- Principal-cum-Secretary**
Mangalpur Womens degree college.

# ପାରିବାରିକ କଳହରୁ ଯୁବକଙ୍କ ଆତ୍ମହତ୍ୟା

ଯୋଡ଼ା, ୩୦।୧୦(ସମିସ): କେନ୍ଦୁଝର ଜିଲ୍ଲା ବାମେବାରୀ ଥାନା ଅନ୍ତର୍ଗତ ଜୁରୁଡ଼ି ଲଙ୍ଗାଲଟାଠାରେ ବୁଧବାର ରାତ୍ରିରେ ଜଣେ ଯୁବକ ଫାଶୀ ଲଗାଇ ଆତ୍ମହତ୍ୟା କରିଥିବା ଜଣାପଡ଼ିଛି। ମୃତ ଯୁବକ ହେଲେ ଆକାଶ କୁମାର ଲୋହାର (୨୫)। ପୁଲିସ ସୂତ୍ରରୁ ମିଳିଥିବା ସୂଚନା ଅନୁଯାୟୀ, ଯୁବକ ଆକାଶ ଲୋହାର୍ ପାରିବାରିକ କଳହରୁ ଘର ଭିତରେ ବେକରେ ଫାଶୀ ଲଗାଇ ଆତ୍ମହତ୍ୟା କରିଥିଲେ। ଗୁରୁବାର ସକାଳେ ପରିବାର ଲୋକେ ପୁଲିସକୁ ଖବର ଦେଇଥିଲେ। ପୁଲିସ ଘଟଣାସ୍ଥଳରେ ପହଞ୍ଚି ପାରିପାର୍ଶ୍ୱିକ ତଦନ୍ତ ପରେ ମୃତଦେହ ଜବତ କରି ଏକ ଅପମୃତ୍ୟୁ ମାମଲାରେ ବ୍ୟବଚ୍ଛେଦ ପାଇଁ ପଠାଇଛି। ଆତ୍ମହତ୍ୟା ପଛର କାରଣ ଅସ୍ପଷ୍ଟ ଥିଲା ବେଳେ ଶବ ବ୍ୟବଚ୍ଛେଦ ରିପୋର୍ଟ ପରେ ଏହାର କାରଣ ଜଣାପଡ଼ିବ ବୋଲି ଆଇଆଇସି ଯଶକେତନ ଭୋଇ ସୂଚନା ଦେଇଛନ୍ତି।

# ପାରାଲିଗାଲ ସ୍ୱେଚ୍ଛାସେବୀଙ୍କ ପ୍ରଶିକ୍ଷଣ କାର୍ଯ୍ୟକ୍ରମ




କେନ୍ଦୁଝର, ୩୦।୧୦ (ସମିସ): ଭାରତରେ ନୂତନ ଭାବେ କାର୍ଯ୍ୟକାରୀ ହୋଇଥିବା ତିନୋଟି ଆଇନ ଭାରତୀୟ ନ୍ୟାୟ ସଂହିତା-୨୦୨୩, ଭାରତୀୟ ନାଗରିକ ସୁରକ୍ଷା ସଂହିତା-୨୦୨୩ ଏବଂ ଭାରତୀୟ ସାକ୍ଷ୍ୟ ଅଧିନିୟମ-୨୦୨୩ ସମ୍ପର୍କରେ ବ୍ୟାପକ ସଚେତନତାର ଆବଶ୍ୟକ ନିମନ୍ତେ ଆଇନସେବା ସଂସ୍ଥା କ୍ଲାପ ତରଫରୁ କେନ୍ଦୁଝର ସଦର ବ୍ଲକ ସଭାଗୃହଠାରେ କେନ୍ଦୁଝର ଜିଲ୍ଲା ଆଇନସେବା ପ୍ରାଧିକରଣଙ୍କ ସହଯୋଗରେ ପାରାଲିଗାଲ ସ୍ୱେଚ୍ଛାସେବୀଙ୍କ ପାଇଁ ଦିନିକିଆ ପ୍ରଶିକ୍ଷଣ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ଅତିରିକ୍ତ ଜିଲ୍ଲା ଜଜ୍ ତଥା ସ୍ପେସାଲ ଜଜ୍(ଭିଜିଲାନ୍ସ) ଭଗବାନ ପ୍ରଧାନ, ସମ୍ମାନିତ ଅତିଥି ଭାବେ ସ୍ଥାୟୀ ଲୋକ ଅଦାଲତ ଅଧ୍ୟକ୍ଷ ଇ. ବିଘ୍ନେଶ୍ୱର ରାଓ, ଜିଲ୍ଲା ଆଇନସେବା ପ୍ରାଧିକରଣ ସଚିବ ସସ୍ମିତା ନନ୍ଦିନୀ ତ୍ରିପାଠୀ, କେନ୍ଦୁଝର ଜିଲ୍ଲା ଓକିଲ ସଂଘର ସମ୍ପାଦକ ଅକ୍ଷୟ କୁମାର ଜେନା, କେନ୍ଦୁଝର ପ୍ରଭାସ ମଞ୍ଜରୀ ଆଇନ ମହାବିଦ୍ୟାଳୟର ଅଧ୍ୟାପିକା ସ୍ମୃତିରେଖା ବାରିକ, ପ୍ରାଧିକରଣ ସଦସ୍ୟ ତଥା ତଦାଶା ସମ୍ପାଦକ ଅକ୍ଷୟ କୁମାର ଚକ୍ର, ଡିସିପିଓ ପ୍ରିୟଙ୍କା ମଲ୍ଲିକ, ଜିଲ୍ଲା ଆଇନସେବା ପ୍ରାଧିକରଣ ପାନେଲ ଅଧିବକ୍ତା ସୁନିଲ କୁମାର ମହାନ୍ତ ପ୍ରମୁଖ ଅତିଥି ଭାବେ ଯୋଗ ଦେଇଥିଲେ। ଏହି ପ୍ରଶିକ୍ଷଣ ଶିବିରରେ କ୍ଲାପର କ୍ରିମିନାଲ ଜଷ୍ଟିସ କାର୍ଯ୍ୟକ୍ରମର ନିର୍ଦ୍ଦେଶକ ସଦାନନ୍ଦ ବାଗ, ଆଡଭୋକେଟ ଚନ୍ଦ୍ରଦେବ ପୁରୋହିତ ପାରାଲିଗାଲମାନଙ୍କୁ ତାଲିମ ପ୍ରଦାନ କରିଥିଲେ। ଆଡଭୋକେଟ ବିଜୟଶ୍ରୀ ବାରିକ ଏହି ପ୍ରଶିକ୍ଷଣ ଶିବିରର ଲକ୍ଷ୍ୟ ଓ ଉଦ୍ଦେଶ୍ୟର ବିଷଦ ବିବରଣୀ ପ୍ରଦାନ କରିବା ସହିତ ପ୍ରଶିକ୍ଷଣ ଶିବିରକୁ ପରିଚାଳନା କରିଥିଲେ। ଏହି କାର୍ଯ୍ୟକ୍ରମରେ ଜିଲ୍ଲା ଆଇନସେବା ପ୍ରାଧିକରଣ ସହଯୋଗରେ ୫୦ରୁ ଅଧିକ ପାରାଲିଗାଲ ସ୍ୱେଚ୍ଛାସେବୀ ଯୋଗ ଦେଇଥିଲେ।

# ଅନ୍ତେବାସୀଙ୍କ ସୁରକ୍ଷା ସମ୍ପର୍କିତ ତାଲିମ ଶିବିର ଉଦ୍‌ଯାପିତ

କେନ୍ଦୁଝର, ୩୦।୧୦(ସମିସ): ଅନୁସୂଚିତ ଜନଜାତି ଓ ଜାତି ଉନ୍ନୟନ ବିଭାଗ, ବିଦ୍ୟାଳୟ ଏବଂ ଗଣଶିକ୍ଷା ବିଭାଗ ବିଦ୍ୟାଳୟର ଅନ୍ତେବାସୀଙ୍କ ସୁରକ୍ଷା ଓ ନିରାପତ୍ତା ଉପରେ ପ୍ରଧାନଶିକ୍ଷକଙ୍କ ତାଲିମ କାର୍ଯ୍ୟକ୍ରମ ବାଂଶପାଳ ବ୍ଲକ ଅନ୍ତର୍ଗତ ଶୁଆକାଟୀ ବାଳକ ଉଚ୍ଚବିଦ୍ୟାଳୟରେ ଅନୁଷ୍ଠିତ ହୋଇଯାଇଛି। ଏହି ଜିଲ୍ଲାସ୍ତରୀୟ ତାଲିମ କାର୍ଯ୍ୟକ୍ରମ ୨୨ ତାରିଖଠାରୁ ଦେଇଥିଲେ। କାର୍ଯ୍ୟକ୍ରମରେ ମାଷ୍ଟର ଟ୍ରେନର ଭାବେ ମୁନମୁନ ମହାପାତ୍ର, ସହକାରୀ ଜିଲ୍ଲା ମଙ୍ଗଳ ଅଧିକାରୀ ଜୟନ୍ତ କୁମାର ସାମନ୍ତ ସିଂହାର, ଭଗାମୁଣ୍ଡା ଆଶ୍ରମ ବିଦ୍ୟାଳୟର ପ୍ରଧାନଶିକ୍ଷକ ସରୋଜ କୁମାର ନନ୍ଦ ତାଲିମ ପ୍ରଦାନ କରିଥିଲେ। କାଦକଳା ହାଇସ୍କୁଲର ପ୍ରଧାନ ଶିକ୍ଷକ ସୋମନାଥ ଆଇଚ, ଶୁଆକାଟୀ ଆଶ୍ରମ ବିଦ୍ୟାଳୟର ପ୍ରଧାନଶିକ୍ଷକ ବିକାଶ




ଆରମ୍ଭ ହୋଇ ୩୦ ତାରିଖରେ ଉଦଯାପିତ ହୋଇଯାଇଛି। ଏଥିରେ ଛାତ୍ରାବାସ ଥିବା ପ୍ରତ୍ୟେକ ବିଦ୍ୟାଳୟର ପ୍ରଧାନଶିକ୍ଷକ ୨ ଦିନ ତାଲିମ ଗ୍ରହଣ କରିଛନ୍ତି। ଜିଲ୍ଲା ମଙ୍ଗଳ ଅଧିକାରୀ ବିକାଶ କୁମାର ମହାନ୍ତି ମୁଖ୍ୟଅତିଥି ଭାବେ ପ୍ରଧାନଶିକ୍ଷକ ବା ଛାତ୍ରାବାସ ଅଧୀକ୍ଷକମାନେ ଅନ୍ତେବାସୀଙ୍କ ସୁରକ୍ଷା ପ୍ରତି ଯତ୍ନବାନ ହୋଇ କାର୍ଯ୍ୟ କରିବାକୁ କହିଥିଲେ। ସମ୍ମାନିତ ଅତିଥି ଭାବେ ଜିଲ୍ଲା ମଙ୍ଗଳ ବିଭାଗର ସ୍ୱତନ୍ତ୍ର ଅଧିକାରୀ ସୁନାରାମ ସିଂ ଯୋଗ ଶତପଥୀ, ଶିକ୍ଷକ ଶକ୍ତିରଞ୍ଜନ ଜେନା, ମୋତିଲାଲ ମହାନ୍ତ ପ୍ରମୁଖ ସହଯୋଗ କରିଥିଲେ। ଅନ୍ତେବାସୀଙ୍କ ସୁରକ୍ଷା ସମ୍ପର୍କିତ ତାଲିମ ଶିବିର କେନ୍ଦୁଝର ଜିଲ୍ଲାର ୨ଟି ସ୍ଥାନରେ ଅନୁଷ୍ଠିତ ହୋଇଥିଲା। ଶୁଆକାଟୀ ବାଳକ ଉଚ୍ଚବିଦ୍ୟାଳୟରେ ୬ଟି ବ୍ଲକର ୧୮୨ ଟି ବିଦ୍ୟାଳୟ ଏବଂ ନରଣପୁର ସରକାରୀ ଉଚ୍ଚବିଦ୍ୟାଳୟରେ ୭ଟି ବ୍ଲକର ୧୫୭ଟି ବିଦ୍ୟାଳୟର ପ୍ରଧାନ ଶିକ୍ଷକ କିମ୍ବା ଛାତ୍ରାବାସ ଅଧୀକ୍ଷକମାନେ ତାଲିମ ନେଇଥିଲେ।

# ବିଟ୍ ରାସ୍ତାରେ ଶିକ୍ଷୟିତ୍ରୀଙ୍କୁ ସହକର୍ମୀଙ୍କ ଆକ୍ରମଣ

ହାଟଡ଼ିହୀ, ୩୦।୧୦(ସମିସ)

ବିଟ୍ ରାସ୍ତାରେ ଜଣେ ଶିକ୍ଷୟିତ୍ରୀଙ୍କୁ ଆକ୍ରମଣ କରାଯାଇଛି। ଆକ୍ରମଣକାରୀ ଆଉ କେହି ନୁହନ୍ତି ଖୋଦ୍ ସେହି ସ୍କୁଲର ସହକର୍ମୀ। ଘଟଣାଟି ହାଟଡ଼ିହୀ ବ୍ଲକ ଶାଳଣିଆଁ ବଜାର ନିକଟରେ ଘଟିଛି। ଜଳସରପୁର ହାଇସ୍କୁଲର ବିଜ୍ଞାନଶିକ୍ଷୟତ୍ରୀ ରଶ୍ମିରଞ୍ଜିତା ଦାସମହାପାତ୍ର ସ୍କୁଲକୁ ଯାଉଥିବା ସମୟରେ ତାଙ୍କୁ ତାଙ୍କ ସ୍କୁଲର ଜଣେ କର୍ମଚାରୀ ଗାଡି ଧକ୍କା ଦେଇ ତାଙ୍କୁ ମାଡ଼ ମାରିବା ସହ ସ୍କୁଟି ଚାବି ଛଡେଇ ନେଇଥିବା ଅଭିଯୋଗ ହୋଇଛି। ଅଭିଯୋଗ ଅନୁଯାୟୀ, ରଶ୍ମିରଞ୍ଜିତା ଦାସ ମହାପାତ୍ର ଏହି ସ୍କୁଲରେ ବିଜ୍ଞାନ ଶିକ୍ଷୟିତ୍ରୀ ଭାବେ କାର୍ଯ୍ୟ କରି ଆସୁଛନ୍ତି। ଶିକ୍ଷୟିତ୍ରୀଙ୍କୁ ତାଙ୍କ ସ୍କୁଲର କିଛି ଶିକ୍ଷକ ଓ କର୍ମଚାରୀ କଟୁ ମନ୍ତବ୍ୟ ଦେବା ସହ ପୂର୍ବରୁ ଅଶାଳୀନ ବ୍ୟବହାର କରନ୍ତି ବୋଲି ସେ ଅଭିଯୋଗ କରିଛନ୍ତି। ଏନେଇ ଶିକ୍ଷୟିତ୍ରୀ ଜଣକ ସ୍କୁଲ ପରିଚାଳନା କମିଟିର ସଭାପତି



ଉଦ୍ଧାର କଲା ପୁଲିସ

ଥିବା ବିଧାୟକଙ୍କୁ ଜଣାଇବା ସହ ପ୍ରଧାନଶିକ୍ଷକଙ୍କୁ ଅବଗତ କରାଇଥିଲେ। ପ୍ରଧାନଶିକ୍ଷକଙ୍କ ପରାମର୍ଶକ୍ରମେ, ଦୁଇଦିନ ତଳେ ଶିକ୍ଷୟିତ୍ରୀ ଜଣକ ନନ୍ଦିପଦା ଥାନାରେ ଅଭିଯୋଗ କରିଥିଲେ। ଆଜି ସେ ସ୍କୁଲକୁ ଯାଉଥିବା ବେଳେ ସେହି ସ୍କୁଲର କିରାଣୀ ଲିଙ୍ଗରାଜ ଜେନା ତାଙ୍କ ସ୍କୁଟିକୁ ଧକ୍କା ଦେଇ ପକାଇ ଦେଇଥିଲେ। ସେ ସେଠାରୁ ଫେରି ଶାଳଣିଆଁ ମେଡିକାଲକୁ ଯାଉଥିବା ବେଳେ ବଜାର ନିକଟରେ ତାଙ୍କୁ ମାରଧର କରି ତାଙ୍କ ସ୍କୁଟି ଚାବି ଛଡାଇ ନେଇ ପଳାଇଥିଲେ ବୋଲି ଶିକ୍ଷୟିତ୍ରୀ ଜଣକ ଅଭିଯୋଗ କରିଛନ୍ତି। ଶିକ୍ଷୟିତ୍ରୀ ଜଣକ କନ୍ଦା କଟା କରୁଥିବା ବେଳେ ସ୍ଥାନୀୟ ଲୋକେ ତାଙ୍କୁ ଉଦ୍ଧାର କରି ଡାକ୍ତରଖାନାରେ ଭର୍ତ୍ତି କରିଥିଲେ। ଖବର ପାଇ ନନ୍ଦିପଦା ପୁଲିସ ଘଟଣାସ୍ଥଳରେ ପହଞ୍ଚି ଶିକ୍ଷୟିତ୍ରୀଙ୍କୁ ଚିକିତ୍ସା କରାଇ ଥାନାକୁ ନେଇଛି। ଅନ୍ୟପକ୍ଷରେ, ସ୍କୁଲର ଶିକ୍ଷକମାନେ ଅଭିଯୋଗକୁ ଭିତ୍ତିହୀନ ବୋଲି କହିଛନ୍ତି। ଶିକ୍ଷୟିତ୍ରୀ ଜଣକ ଅଧିକାଂଶ ସମୟ ସ୍କୁଲ ଆସୁ ନଥିବାରୁ ତାଙ୍କୁ ତାଗିଦା କରାଯାଇଥିଲା। ସେଥିପାଇଁ ସେ ଏପରି ମିଥ୍ୟା ଆରୋପ ଲଗାଉଛନ୍ତି ବୋଲି ବିଦ୍ୟାଳୟର ଶିକ୍ଷକ କର୍ମଚାରୀମାନେ କହିଛନ୍ତି। ଶିକ୍ଷୟିତ୍ରୀ ଜଣକ କିରାଣି ଲିଙ୍ଗରାଜ ଜେନାଙ୍କ ଗାଡିକୁ ଧକ୍କା ଦେଇଥିବା ଲିଙ୍ଗରାଜ କହିଛନ୍ତି। ବିଦ୍ୟାଳୟ ଭଳି ଏକ ଶୈକ୍ଷିକ ପରିବେଶରେ ଶିକ୍ଷକ ଶିକ୍ଷୟିତ୍ରୀଙ୍କ ଭିତରେ ଏପରି ବିବାଦ କୁନି କୁନି ପିଲା ମାନଙ୍କୁ କଣ ଶିକ୍ଷା ଦେବ ବୋଲି ବୁଦ୍ଧିଜୀବୀମାନେ ପ୍ରଶ୍ନ କରିଛନ୍ତି। ଶିକ୍ଷା ବିଭାଗ ଓ ପ୍ରଶାସନ ତୁରନ୍ତ ଏଥିରେ ହସ୍ତକ୍ଷେପ କରିବା ଜରୁରୀ ବୋଲି ଅଭିଭାବକମାନେ ଦାବି କରିଛନ୍ତି।

# ୧.୭୧ କୁଇଣ୍ଟାଲ ଗଞ୍ଜେଇ ଜବତ; ଡ୍ରାଇଭର ଗିରଫ

ତୁରୁମୁଙ୍ଗା, ୩୦।୧୦(ସମିସ): କେନ୍ଦୁଝର ଜିଲ୍ଲା ପାଟଣା ଥାନା ଦେଇ ଯାଇଥିବା ୨୨୦ ନମ୍ବର ଜାତୀୟ ରାଜପଥର ସାହାରପଡ଼ା ଦେଓ ନଦୀ ପୋଲ ଉପରୁ ବୁଧବାର ସଂଧ୍ୟାରେ ଏକ ଗଞ୍ଜେଇ ଭର୍ତ୍ତି କାରକୁ ଭୁବନେଶ୍ୱର



## ନକଲି ନମ୍ବର ପ୍ଲେଟ୍ ଲଗାଇ ଚାଲିଥିଲା ଚାଲାଣ

ନାର୍କୋଟିକ୍ ବିଭାଗର ଏକ ସ୍ୱତନ୍ତ୍ର ଟିମ୍ ପିଛା କରି ଧରିବାରେ ସଫଳ ହୋଇଛନ୍ତି। କରଞ୍ଜିଆ ଅବକାରୀ ବିଭାଗ ସହାୟତାରେ ଧରିବା ସହ ଗାଡିକୁ ଜବତ କରିଛନ୍ତି। ଗାଡି ଭିତରୁ ୧.୭୧ କୁଇଣ୍ଟାଲ ଗଞ୍ଜେଇ ଜବତ କରାଯାଇଛି। ଡ୍ରାଇଭରକୁ ଗିରଫ କରିଥିବା ବେଳେ ଅନ୍ୟ ଦୁଇଜଣ ମାଫିଆ ଫେରାର ହୋଇ ଯିବାରେ ସକ୍ଷମ ହୋଇଛନ୍ତି। ଗିରଫ ଡ୍ରାଇଭର ଅନୁଗୁଳ ଛେଣ୍ଡିପଦା ଅଞ୍ଚଳ ଆଡ଼ିଁଲି ଗ୍ରାମର ରାଜେଶ ସାହୁ (୩୫)। ଉଭୟ ପୁଲିସ ଓ ଅବକାରୀ ବିଭାଗକୁ ଚକମା ଦେଇ କାର ନମ୍ବର ପ୍ଲେଟରେ ନେସନାଲ ହ୍ୟୁମାନରାଇଟସ ଏବଂ ଛେଣ୍ଡିପଦା ବ୍ଲକ ଟିମ୍ ଅଫିସର ଲେଖି ଗତକାଲି ଅନୁଗୁଳରୁ ଜାମସେଦପୁର (ଟାଟା)କୁ କାର୍ ଯୋଗେ ମାଫିଆମାନେ ଗଞ୍ଜେଇ ଚାଲାଣ କରୁଥିଲେ। ନାର୍କୋଟିକ୍ ଟିମ୍ କୌଣସି ସୂତ୍ରରୁ ଖବର ପାଇ ଆନନ୍ଦପୁର ନିକଟରୁ ଗାଡିର ପିଛା କରିଥିଲେ। ମାଫିଆମାନେ ପିଛା କରୁଥିବା ଜାଣି ଠାକୁରମୁଣ୍ଡା କରଞ୍ଜିଆ ରାସ୍ତାରେ ଆସି କେନ୍ଦୁମୁଣ୍ଡି ନିକଟରୁ ମାଛଗଡ଼ ରାସ୍ତାରେ ଆସି ସାହାରପଡ଼ା ଆସି କରଞ୍ଜିଆ ପଟକୁ ଦ୍ରୁତଗତି ରେ ପଳାଉଥିବା ସମୟରେ ନାର୍କୋଟିକ୍ ଟିମ୍ ଏବଂ କରଞ୍ଜିଆ ଅବକାରୀ ବିଭାଗ ଗୋଡ଼ାଇ କାରକୁ ଦେଓ ନଦୀ ପୋଲ ନିକଟରେ ଜବତ କରିଥିଲେ। ଗୁରୁବାର ଡ୍ରାଇଭରକୁ କୋର୍ଟ ଚାଲାଣ କରିଥିବା ଅବକାରୀ ବିଭାଗ ସୂଚନା ଦେଇଛି। ଚଢ଼ଉରେ ନାର୍କୋଟିକ୍ ଟିମ୍ ସହ କରଞ୍ଜିଆ ଅବକାରୀ ବିଭାଗ କର୍ମଚାରୀ ସାମିଲ ଥିଲେ। ଜବତ ଗଞ୍ଜେଇର ଆନୁମାନିକ ମୂଲ୍ୟ ୪୦ ଲକ୍ଷ ଟଙ୍କା ହେବ ବୋଲି ଅବକାରୀ ବିଭାଗ ପକ୍ଷରୁ ସୂଚନା ମିଳିଛି। ଗିରଫ ଡ୍ରାଇଭର ପୂର୍ବରୁ ସମାନ ଢଙ୍ଗରେ ୭ ଥର ଏହି ରାସ୍ତା ଦେଇ ଗଞ୍ଜେଇ ଚାଲାଣ କରିଥିବା ଅବକାରୀ ବିଭାଗ ପକ୍ଷରୁ ସୂଚନା ମିଳିଛି।

# ଜିଏସ୍‌ଟିକୁ ନେଇ ବଢୁଛି ଦ୍ୱନ୍ଦ୍ୱ
# କଳବଳ ହେଉଛନ୍ତି ଗ୍ରାହକ

ଆନନ୍ଦପୁର, ୩୦।୧୦ (ସମିସ): କେନ୍ଦ୍ର ସରକାର ଜିଏସଟିରେ ପରିବର୍ତ୍ତନ ଆଣି ଅନେକ ସାମଗ୍ରୀରେ ଏହାର ଦରକୁ ହ୍ରାସ କରିଛନ୍ତି। ଏବେ ବି ଅନେକ ବ୍ୟବସାୟୀ ପୁରୁଣା ଦରରେ ଏହାକୁ ଏହି ବିକ୍ରି କରୁଥିବା ପରିଲକ୍ଷିତ ହୋଇଛି। ବିଶେଷକରି ଜୀବନ ସୁରକ୍ଷାକାରୀ ଔଷଧ ଉପରେ ଜିଏସ୍‌ଟି ହ୍ରାସ କରାଯାଇଥିବାବେଳେ କେତେକ ମେଡିସିନରେ ସମ୍ପୂର୍ଣ୍ଣ ଛାଡ଼ କରାଯାଇଛି। ବଜାରରେ ପୁରୁଣା ଦାମ୍ ଥିବା ମେଡିସିନ୍ ପୂର୍ବ ନିର୍ଦ୍ଧାରିତ ଦରରେ ବିକ୍ରି ହେଉଛି। ଏନେଇ ଦୋକାନୀମାନେ କିଛି ଶୁଣୁ ନାହାନ୍ତି। ଘସିପୁରା ବଜାରରେ ଥିବା ଜଣେ ବଡ଼ କପଡ଼ା ହୋଲସେଲର ପ୍ରତି ବିଲ୍‌ରେ ୫ ପ୍ରତିଶତ ଜିଏସଟି ଥାଇ ବିଲ୍ ଦେଉଛନ୍ତି। ଅନ୍ୟ କୌଣସି ଡ୍ରେସ୍ ଦୋକାନୀ ଏଭଳି ବିଲ୍ ଦେଉ ନଥିବାରୁ ଏହାକୁ ନେଇ ଦ୍ୱନ୍ଦ୍ୱ ସୃଷ୍ଟି ହୋଇଛି। ଜିଏସ୍‌ଟି ହ୍ରାସ ପରେ ମଧ ଅନେକ ନିତ୍ୟବ୍ୟବହାର୍ଯ୍ୟ ସାମଗ୍ରୀର ଦର କମୁ ନଥିବାରୁ ଜିଏସ୍‌ଟି ହ୍ରାସକୁ ନେଇ ଗ୍ରାହକଙ୍କ ମଧ୍ୟରେ ସନ୍ଦେହ ପ୍ରକାଶ ପ୍ରକାଶ ପାଇଛି। ଘସିପୁରା ଥାନା ବେଲବାହାଳି ଅଞ୍ଚଳରେ ଅନେକ କବାଡ଼ି ଗୋଦାମ ରହୁଛି। ସେଥିମଧ୍ୟରୁ ଅନେକ ବ୍ୟବସାୟୀ ବାର୍ଷିକ ଲକ୍ଷଲକ୍ଷ ଟଙ୍କାର ଜିଏସ୍‌ଟି ଫାଙ୍କୁଥିବା ଅଭିଯୋଗ ହୋଇଛି। ଅନେକ ଲୁହା, ତମ୍ବା, ଆଲୁମିନିୟମ ସାମଗ୍ରୀ ଚୋରାରେ ଆସୁଥିବାରୁ ଏହାର ଜିଏସ୍‌ଟି ହିସାବ ସାବକୁ ଆସୁ ନଥିବା ନେଇ କୁହାଯାଉଛି। ଆୟକର ବିଭାଗ ପକ୍ଷରୁ ଏନେଇ ତଦନ୍ତ କରାଯିବାକୁ ଦାବି ହେଉଛି।

# ମହାବିଦ୍ୟାଳୟରେ ସାଇବର ସୁରକ୍ଷା ସଚେତନତା




ବାଲିବନ୍ଧ, ୩୦।୧୦(ସମିସ): ଝୁମ୍ପୁରା ପଞ୍ଚାୟତସମିତି ମହାବିଦ୍ୟାଳୟରେ ଗୁରୁବାର 'ସାଇବର ସୁରକ୍ଷା ସଚେତନତା କାର୍ଯ୍ୟକ୍ରମ-୨୦୨୫' ଅଧ୍ୟକ୍ଷ ଦେବବ୍ରତ ମିଶ୍ରଙ୍କ ଅଧ୍ୟକ୍ଷତାରେ ପାଳିତ ହୋଇଯାଇଛି। ଆୟୋଜିତ କାର୍ଯ୍ୟକ୍ରମରେ ସାଇବର ଜଗତର ବିପଦ, ହ୍ୟାକିଂ ଓ ଡାଟା ସୁରକ୍ଷା ସମ୍ପର୍କରେ ଛାତ୍ରଛାତ୍ରୀଙ୍କୁ ସଚେତନ କରିଥିଲେ। ଏହି ଅବସରରେ ମହାବିଦ୍ୟାଳୟର ଡ ମନୋରଞ୍ଜନ କର, ଶଶାଙ୍କ ଶେଖର ନାୟକ, ପ୍ରଦ୍ୟୁମ୍ନ କିଶୋର ବେଉରା, ଅରୁଣ କୁମାର ମେହେର, କଲ୍ୟାଣୀ ଗିରି ଓ ଶିଶିର କୁମାର ପ୍ରଧାନ ପ୍ରମୁଖ ଅଧ୍ୟାପକ ଓ ଅଧ୍ୟାପିକା ଇଣ୍ଟରନେଟ୍ ବ୍ୟବହାର ସମୟରେ ସତର୍କ ରହିବା, ଅଜଣା ଲିଙ୍କ ଓ ମେସେଜ ଖୋଲିବାରେ ସାବଧାନ ରହିବା ପାଇଁ ଛାତ୍ରଛାତ୍ରୀଙ୍କୁ ପରାମର୍ଶ ଦେଇଥିଲେ। ପରେ ସ୍ନାତକ ଛାତ୍ରଛାତ୍ରୀଙ୍କ ମଧ୍ୟରେ 'ଓଟିପି ସେୟାର କରିବା - ଅଧିକାଂଶ ଠକାମୀର ମୂଳ କାରଣ" ବିଷୟରେ ବକ୍ତୃତା ପ୍ରତିଯୋଗିତା ଆୟୋଜିତ ହୋଇଥିଲା। ପ୍ରତିଯୋଗିତାରେ ମମତା କାରୁଆ ପ୍ରଥମ ସ୍ଥାନ ଅଧିକାର କରିଥିବା ବେଳେ ପଞ୍ଚାନନ ବେହେରା ଦ୍ୱିତୀୟ ଓ ଗୁରୁଦେବ ବେହେରା ତୃତୀୟ ସ୍ଥାନ ଅଧିକାର କରିଥିଲେ। ଅରୁଣ କୁମାର ମେହେର ଉତ୍ତୀର୍ଣ୍ଣ ଛାତ୍ରଛାତ୍ରୀଙ୍କୁ ଅଭିନନ୍ଦନ ଓ ସଭାରେ ଉପସ୍ଥିତ ସମସ୍ତଙ୍କୁ ଧନ୍ୟବାଦ ଜ୍ଞାପନ କରିଥିଲେ।

# ନଭେମ୍ବର ୧୦ରେ ଚମ୍ପୁଆରେ ଜିଲ୍ଲାପାଳଙ୍କ ଜନଶୁଣାଣି

ଚମ୍ପୁଆ, ୩୦।୧୦(ସମିସ): କେନ୍ଦୁଝର ଜିଲ୍ଲା ପ୍ରଶାସନର ନିର୍ଦ୍ଦେଶକ୍ରମେ ଆସନ୍ତା ନଭେମ୍ବର ୧୦ ତାରିଖ ଚମ୍ପୁଆ ବ୍ଲକ ପରିସରରେ ଜିଲ୍ଲାପାଳଙ୍କ ମିଳିତ ଜନଶୁଣାଣି ଶିବିର ଅନୁଷ୍ଠିତ ହେବାପାଇଁ ସ୍ଥିରୀକୃତ ହୋଇଛି। ଏଥିରେ ଜିଲ୍ଲାପାଳଙ୍କ ସମେତ ସମସ୍ତ ଜିଲ୍ଲାସ୍ତରୀୟ ଅଧିକାରୀ, ଉପଖଣ୍ଡ ତଥା ବ୍ଲକସ୍ତରୀୟ ସମସ୍ତ ଅଧିକାରୀ ଉପସ୍ଥିତ ରହିବେ। ଶିବିରଟି ପୂର୍ବାହ୍ନ ୧୦ଟାରୁ ଆରମ୍ଭ ହୋଇ ଅପରାହ୍ନ ୧.୩୦ ପର୍ଯ୍ୟନ୍ତ ଚାଲୁ ରହିବ ବୋଲି ଚମ୍ପୁଆ ବିଡିଓ ସ୍ମୃତିରଞ୍ଜନ ସାହୁ ସୂଚନା ଦେଇଛନ୍ତି। ଜନସାଧାରଣଙ୍କ ବ୍ୟକ୍ତିଗତ ସମସ୍ୟା ସହ ଆବାସ ଯୋଜନା, ସାମାଜିକ ସୁରକ୍ଷା, ଜମିପଟ୍ଟା, ଭତ୍ତା, ଗୃହ ନିର୍ମାଣ, ରେସନ କାର୍ଡ, ଶିକ୍ଷା, ସ୍ୱାସ୍ଥ୍ୟ, ପାନୀୟଜଳ, ଜଳସେଚନ, ବିଦ୍ୟୁତ, ରାସ୍ତାଘାଟ, ଅକର୍ମଣ୍ୟ, ବିକଳାଙ୍ଗ ଆଦି ସମସ୍ୟା ନେଇ ଅଭିଯୋଗକାରୀମାନେ ଉପସ୍ଥିତ ରହି ଅଭିଯୋଗ କରିପାରିବେ। ଯେଉଁ ମାନେ ଅନଲାଇନରେ ସ୍ଲଟ ବୁକିଂ କରିବାକୁ ଚାହାନ୍ତି ସେମାନେ ଜନଶୁଣାଣିର ୱେବ୍ ପୋର୍ଟାଲ ମାଧ୍ୟମରେ ଆବେଦନ କରିପାରିବେ। ବ୍ଲକର ସମସ୍ତ ପଞ୍ଚାୟତର ଲୋକମାନେ ସେମାନଙ୍କ ସମସ୍ୟାଗୁଡ଼ିକ ନେଇ ନିର୍ଦ୍ଧାରିତ ସମୟ ମଧ୍ୟରେ ବହୁ ସଂଖ୍ୟାରେ ଏହି ଶିବିରରେ ଉପସ୍ଥିତ ରହି ସମସ୍ୟାର ସମାଧାନ କରିବାକୁ ବିଡିଓ ଶ୍ରୀ ସାହୁ ନିବେଦନ କରିଛନ୍ତି।

# ଲୁହାକଳାରେ ମା'ତାରିଣୀ ଯୁବକ ସଂଘ ଫୁଟ୍‌ବଲ ପ୍ରତିଯୋଗିତା ଉଦ୍‌ଯାପିତ



କେନ୍ଦୁଝର, ୩୦।୧୦(ସମିସ): ବାଂଶପାଳ ବ୍ଲକ ଲୁହାକଳାଠାରେ ମା'ତାରିଣୀ ଯୁବକ ସଂଘ ପକ୍ଷରୁ ୪ ଦିନ ଧରି ଚାଲିଥିବା ଫୁଟବଲ ଟୁର୍ଣ୍ଣାମେଣ୍ଟ ଉଦଯାପିତ ହୋଇଯାଇଛି। ଟୁର୍ଣ୍ଣାମେଣ୍ଟରେ ୩୨ ଟିମ ଅଂଶଗ୍ରହଣ କରିଥିଲେ। ଫାଇନାଲରେ ଚିଣ୍ଟୁ ୯ ଷ୍ଟାର କୋଇଡା ଓ ୯ ଷ୍ଟାର ଘାଗରାସାହି ନରସିଂହପୁର ଦଳ ମଧ୍ୟରେ ଫାଇନାଲ ଖେଳ ହୋଇଥିଲା। ଟ୍ରାଇ ବେକରରେ ଗୋଲ କରି ଚିଣ୍ଟୁ ୯ ଷ୍ଟାର ଚାମ୍ପିଅନ ହୋଇଥିଲା। ଉଦଯାପନୀ ଉତ୍ସବରେ ମୁଖ୍ୟଅତିଥି ଭାବେ ବ୍ଲକ ଅଧ୍ୟକ୍ଷ ମାନସ ଦେହୁରୀ, ବରେଣ୍ୟ ଅତିଥି ଭାବେ ଜିଲ୍ଲା ପରିଷଦ ସଭ୍ୟ ଅରୁଣ ବାରିକ, ବ୍ଲକ ବିଜେଡି ସଭାପତି ତଥା ପ୍ରାକ୍ତନ ବ୍ଲକ ଅଧ୍ୟକ୍ଷ ଯଦୁମଣି ଠାକୁର, ବ୍ଲକ ଯୁବ ବିଜେଡି ସଭାପତି ପଦ୍ମଲୋଚନ ଆରୁକ, ଉପସଭାପତି ମନ୍ମଥ ଘଣା, ଯୁବ ସମାଜସେବୀ ଗୁରୁଚରଣ ବେହେରା, ତଳକାଦକଳା ସରପଞ୍ଚ ଅଦିତ ଦେହୁରୀ, ସିଂପୁର ସରପଞ୍ଚ ମାଘୁ ଦେହୁରୀ, ଯୁବ ସାମ୍ବାଦିକ ପବିତ୍ର ପଲେଇ, ଦୀପକ ବେହେରା, ବ୍ଲକ ଛାତ୍ର ବିଜେଡି ସଭାପତି ଦେବ ପ୍ରସାଦ ବାରିକ, ୱାର୍ଡସଭ୍ୟ ଅର୍ଜୁନ ପ୍ରଧାନ ପ୍ରମୁଖ ଯୋଗ ଦେଇଥିଲେ। ରେଫରି ସଞ୍ଜୟ ନାଏକ, ଯତୀନ ମହାନ୍ତ, ଧିରେନ ମାଝୀ ଖେଳ ପରିଚାଳନା କରିଥିଲେ। ଭାଷ୍ୟକାର ନିଗମ ଠାକୁର, ସଞ୍ଜୟ ନାଏକ ଖେଳର ଧାରା ବିବରଣୀ ପ୍ରଦାନ କରିଥିଲେ। ଯୁବକ ସଂଘ ସଭାପତି କୁଶ ପ୍ରଧାନ, ଉପସଭାପତି ଟଙ୍କଧର ପ୍ରଧାନ, ସମ୍ପାଦକ ବୁଧୁରାମ ମୁଣ୍ଡାଙ୍କ ସମେତ କ୍ଲବର ସମସ୍ତ ସଦସ୍ୟ ପରିଚାଳନା କରିଥିଲେ।

ଚିଣ୍ଟୁ ୯ ଷ୍ଟାର କୋଇଡ଼ା ଚାମ୍ପିଅନ

# ଖରିଫ ଫସଲ ଯୋଜନା କାର୍ଯ୍ୟାନ୍ୱୟନରେ କେନ୍ଦୁଝର ଜିଲ୍ଲା ସମ୍ମାନିତ

କେନ୍ଦୁଝର, ୩୦।୧୦(ସମିସ)




ଖରିଫ ଫସଲ ଯୋଜନା ଓ କାର୍ଯ୍ୟାନ୍ୱୟନ କ୍ଷେତ୍ରରେ ୨୦୨୫ ଋତୁ ପାଇଁ ସର୍ବୋତ୍ତମ ପ୍ରଦର୍ଶନକାରୀ ଜିଲ୍ଲାଭାବେ କେନ୍ଦୁଝର ଜିଲ୍ଲା ପୁରସ୍କୃତ ହୋଇଛି। ରାଜ୍ୟ ଓ କେନ୍ଦ୍ର ସରକାରଙ୍କ ବିଭିନ୍ନ ଯୋଜନାର ସଫଳ ରୂପାୟନ ଯୋଗୁଁ କେନ୍ଦୁଝର ଜିଲ୍ଲାକୁ ଏହି ସମ୍ମାନ ମିଳିପାରିଛି। ରାଜ୍ୟସ୍ତରରେ ଆୟୋଜିତ ଏକ ବିଶେଷ ଉତ୍ସବରେ କୃଷି ଓ କୃଷକ ସଶକ୍ତିକରଣ ବିଭାଗର ପ୍ରମୁଖ ଶାସନ ସଚିବ ଡ. ଅରବିନ୍ଦ କୁମାର ପାଢ଼ୀଙ୍କଠାରୁ ମୃତ୍ତିକା ସଂରକ୍ଷଣ ଓ ଜଳ ବିଭାଜିକା ପ୍ରକଳ୍ପ ନିର୍ଦ୍ଦେଶକ ଅଶୋକ ସେନାପତି ଏହି ପୁରସ୍କାର ଗ୍ରହଣ କରିଛନ୍ତି।

ମହାତ୍ମା ଗାନ୍ଧୀ ଜାତୀୟ ଗ୍ରାମୀଣ ନିଶ୍ଚିତ କର୍ମନିଯୁକ୍ତି ଯୋଜନା ଅଧୀନରେ କେନ୍ଦୁଝର ଜିଲ୍ଲା ରାଜ୍ୟରେ ଦ୍ୱିତୀୟ ସର୍ବାଧିକ ଶ୍ରମ ଦିବସ ସୃଷ୍ଟି କରି ବ୍ୟୟ ତାଲିକାରେ ଦ୍ୱିତୀୟ ସ୍ଥାନ ଅକ୍ତିଆର କରିଛି। ଏଥିରେ ଜିଲ୍ଲାରେ ମୋଟ ୨୪୪୯୮୩ ଶ୍ରମ ଦିବସ ସୃଷ୍ଟି କରାଯାଇ ୭.୩୨ କୋଟି ଟଙ୍କା ଖର୍ଚ୍ଚ ହୋଇପାରିଛି। ନରେଗାରେ ୨୩୨ ହେକ୍ଟରରେ କାଜୁ ଚାରା, ୭୫ ହେକ୍ଟରରେ ଆମ୍ବଚାରା ଓ ୮୦୦ ହେକ୍ଟର ଜମିରେ ଛାୟା ବୃକ୍ଷରୋପଣ କରାଯାଇଛି। ମୃତ୍ତିକା ସଂରକ୍ଷଣ ଓ ଜଳ ବିଭାଜିକା ଅଧୀନରେ ଓଡ଼ିଶା କଫି ମିଶନ ଯୋଜନାରେ ଚଳିତ ବର୍ଷ ୨୮ ହେକ୍ଟରରେ କଫି ଚାଷ କରାଯାଇଥିବାବେଳେ ୮୦୦ ହେକ୍ଟର ଜମିରେ ଛାୟା ବୃକ୍ଷ ଯଥା ଆମ୍ବ, ଜାମୁକୋଳି ଓ ସିଲ୍ଭର ଓକ ଆଦି ରୋପଣ କରାଯାଇଥିଲା। ଏଥିରେ ୬୫ଜଣ ହିତାଧିକାରୀ ଲାଭବାନ ହୋଇପାରିଛନ୍ତି। ପ୍ରଧାନମନ୍ତ୍ରୀ କୃଷି ସିଞ୍ଚାଇ ଯୋଜନା ଅନ୍ତର୍ଗତ ଜଳ ବିଭାଜିକା ଉନ୍ନୟନ ଯୋଜନାରେ ୪୫ ଟି ଜଳ ଅମଳ ପ୍ରକଳ୍ପ, ଟ୍ରେଞ୍ଚ, ଭୂତଳ ଜଳ ସଂରକ୍ଷଣ ପ୍ରକଳ୍ପ ନିର୍ମାଣ ହୋଇଥିବାବେଳେ ଜୀବନ ବିକାଶ ଓ ଅଣୁ ଉଦ୍ୟୋଗ ମାଧ୍ୟମରେ ୭୫୫ ହିତାଧିକାରୀ ଲାଭବାନ ହୋଇଛନ୍ତି। ରାଷ୍ଟ୍ରୀୟ କୃଷି ବିକାଶ ଯୋଜନାରେ ୩୬୦ ଜଣ ହିତାଧିକାରୀ ଉପକୃତ ହୋଇଥିବାବେଳେ ବ୍ୟୟ ଅଟକଳ ସମ୍ପୂର୍ଣ୍ଣ ଖର୍ଚ୍ଚ ହୋଇପାରିଛି। ଅଭିନବ ବୃକ୍ଷରୋପଣ ଅଧୀନରେ ୯୨ ହେକ୍ଟର ଓ ସରହଦ ବୃକ୍ଷରୋପଣ ଅଧୀନରେ ୨୯୦୦୦ ଚାରାରୋପଣ କରାଯାଇଛି। ଓଡ଼ିଶା ଖଣିଜ ବହନ କ୍ଷେତ୍ର ଉନ୍ନୟନ ନିଗମ (ଓଏମବିଏଡିସି) ଅଧୀନରେ ୫୨ଟି କ୍ଷେତ ପୋଖରୀ ନିର୍ମାଣ କରାଯାଇ ବ୍ୟୟଅଟକଳର ଶତ ପ୍ରତିଶତ ଖର୍ଚ୍ଚ ହୋଇପାରିଛି। ସେହିପରି ଜିଲ୍ଲା ଖଣିଜ ପ୍ରତିଷ୍ଠାନ ଅନୁଦାନରେ ୮୨ଟି ଜଳଅମଳ ପ୍ରକଳ୍ପ ନିର୍ମାଣ କରାଯାଇଛି।

# ପୁଲିସ ପ୍ରଶାସନ ପାଳିଲା ରାଷ୍ଟ୍ରୀୟ ଏକତା ଦିବସ

ଯୋଡା, ୩୦।୧୦(ସମିସ): ରାଜ୍ୟ ପୁଲିସ ପ୍ରଶାସନ ନିର୍ଦ୍ଦେଶ ଅନୁଯାୟୀ, କେନ୍ଦୁଝର ଜିଲ୍ଲା ବାମେବାରୀ ଥାନା ପକ୍ଷରୁ ସର୍ଦ୍ଦାର ବଲ୍ଲଭଭାଇ ପଟେଲଙ୍କ ୧୫୦ତମ ଜନ୍ମବାର୍ଷିକୀ ଉପଲକ୍ଷେ ରାଷ୍ଟ୍ରୀୟ ଏକତା ଦିବସ ପାଳନ କରାଯାଇଛି। ଏହି ଅବସରରେ ଜୁରୁଡ଼ିସ୍ଥିତ ପିଏମଶ୍ରୀ ଜଗନ୍ନାଥ ସରକାରୀ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ଗୁରୁବାର ଆଇଆଇସି ଯଶକେତନ ଭୋଇଙ୍କ ତତ୍ତ୍ୱାବଧାନରେ ବିଦ୍ୟାଳୟର ଛାତ୍ରଛାତ୍ରୀଙ୍କ ମଧ୍ୟରେ ପ୍ରବନ୍ଧ, ତର୍କ ଓ ଚିତ୍ରାଙ୍କନ ପ୍ରତିଯୋଗିତାର ଆୟୋଜନ କରାଯାଇଥିଲା। ବିଦ୍ୟାଳୟର ପ୍ରଧାନ ଶିକ୍ଷକ ଅଜୟ କୁମାର ପଟ୍ଟନାୟକ,



ଅଧ୍ୟାପିକା ସସ୍ମିତା ପ୍ରଧାନ, ଶିକ୍ଷୟିତ୍ରୀ ପୁଷ୍ପାଞ୍ଜଳି ସା, ପ୍ରୀତିପ୍ରଭା ସାହୁ, ମାନସୀ ଆପଟ୍ଟ, ଶିକ୍ଷକ ଅକ୍ଷୟ ସେଠୀ, ଅଧ୍ୟାପକ ପରେଶ ବେହେରା, ଶିକ୍ଷକ ସୁମନ୍ତ ସାହୁ, ରାମଚନ୍ଦ୍ର ମୁଣ୍ଡା, ତରଣିସେନ୍ ନାଏକ, ପ୍ରାଣକୃଷ୍ଣ ବେହେରା ପ୍ରମୁଖ ପ୍ରତିଯୋଗିତାକୁ ପରିଚାଳନା କରିଥିଲେ। ଅପରାହ୍ନ ପ୍ରାୟ ୩ଟା ସମୟରେ ଏକ ପୁରସ୍କାର ବିତରଣ ଉତ୍ସବ ଅନୁଷ୍ଠିତ ହୋଇଥିଲା। ମୁଖ୍ୟଅତିଥି ଭାବେ ପିମ୍ ଶ୍ରୀ ଜଗନ୍ନାଥ ସରକାରୀ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ପ୍ରଧାନଶିକ୍ଷକ ଅଜୟ କୁମାର ପଟ୍ଟନାୟକ, ବାମେବାରୀ ଆଇଆଇସି ଯଶକେତନ ଭୋଇ ପୁରସ୍କାର ବିତରଣ କରିଥିଲେ। ଚିତ୍ରାଙ୍କନ ପ୍ରତିଯୋଗିତା ସିନିୟର୍ ଗ୍ରୁପରେ ପ୍ରଥମ ସ୍ଥାନରେ ଶୁଭଜ୍ୟୋତି ଦାସ, ଦ୍ୱିତୀୟରେ ବାଲମା ମୁଣ୍ଡା, ତୃତୀୟରେ ପ୍ରୀତି ଓରାମ ଓ ଶିଖାରାଣୀ ମୁଣ୍ଡା ଏବଂ ଜୁନିୟର ଗ୍ରୁପ ପ୍ରଥମ୍ ସ୍ଥାନରେ ଅଖିଳ ମୁଣ୍ଡା, ଦ୍ୱିତୀୟରେ ପୀୟୂଷ ଓରାମ, ତୃତୀୟରେ ଆଦ୍ୟାଶା ସେନାପତି ଓ ଜୟପାଳ ଗୋପ ରହିଥିଲେ। ପ୍ରବନ୍ଧ ପ୍ରତିଯୋଗିତାର ସିନିୟର୍ ଗ୍ରୁପ ପ୍ରଥମ ସ୍ଥାନରେ ହେମନ୍ତ ପାତ୍ର, ଦ୍ୱିତୀୟରେ ଶିବ ଓରାମ, ତୃତୀୟରେ ସୌଭାଗ୍ୟ କୁମାର ସାହୁ ଓ ଦିବ୍ୟାନସୀ ମିଶ୍ର ଓ ଜୁନିଅର ଗ୍ରୁପ ପ୍ରଥମ ସ୍ଥାନରେ ଆଦ୍ୟାଶା ସେନାପତି, ଦ୍ୱିତୀୟରେ ସ୍ୱିଟି ଏକ୍କା, ତୃତୀୟ ସ୍ଥାନରେ ପାର୍ବତୀ ପେଣ୍ଟେଇ ରହିଥିବା ବେଳେ ଡିବେଟ ପ୍ରତିଯୋଗିତାରେ ପ୍ରଥମ ସ୍ଥାନରେ ଶିବ ଓରାମ, ଦ୍ୱିତୀୟରେ ଦିବ୍ୟାଂଶୀ ମିଶ୍ର ଓ ତୃତୀୟରେ ଶିବାନୀ ନାୟକ କୃତିତ୍ୱ ହାସଲ କରି ଅତିଥିଙ୍କ ଦ୍ୱାରା ପୁରସ୍କୃତ ହୋଇଥିଲେ। ଏହି ଅବସରରେ ଆକର୍ଷଣୀୟ ନୃତ୍ୟ ପରିବେଷଣ କରି ରଞ୍ଜିତ ଦାସ ପୁରସ୍କୃତ ହୋଇଥିଲେ।

### ଚମ୍ପୁଆ ସମନ୍ୱିତ ଆଦିବାସୀ ଉନ୍ନୟନ ସଂସ୍ଥା

# ବିନା ସୂଚନାଫଳକରେ ଚାଲିଛି କୋଟି କୋଟି ଟଙ୍କାର ଛାତ୍ରାବାସ ନିର୍ମାଣ

ଚମ୍ପୁଆ,୩୦।୧୦(ସମିସ):

ଆଧିବାସୀ ଅଧ୍ୟୁଷିତ କେନ୍ଦୁଝର ଜିଲ୍ଲା ଚମ୍ପୁଆ ଉପଖଣ୍ଡର ସମନ୍ୱିତ ଆଦିବାସୀ ଉନ୍ନୟନ ସଂସ୍ଥା (ଆଇଟିଡିଏ) ଅଧୀନରେ ସରକାରଙ୍କ ଅନୁଦାନ ମାଧ୍ୟମରେ ଉନ୍ନତିମୂଳକ କାର୍ଯ୍ୟ ଚାଲୁଛି। କୋଟି କୋଟି ଟଙ୍କାର ଅନୁଦାନ ମାଧ୍ୟମରେ ପ୍ରଶାସନ ପକ୍ଷରୁ ବିଭିନ୍ନ ସ୍ଥାନରେ ଏହି ସଂସ୍ଥା ଅଧୀନରେ ଆଦିବାସୀଙ୍କ ବିକାଶ ପାଇଁ

## ସରକାରୀ ନିୟମ ପାଳନରେ ବିଭାଗୀୟ ଅଧିକାରୀଙ୍କ ଟାଳଟୁଳ ନୀତି

କାର୍ଯ୍ୟରତ ଚାଲିଛି। ମାତ୍ର ସଂସ୍ଥାରେ ରହିଥିବା କିଛି ଅଧିକାରୀଙ୍କ ଖାମଖିଆଲି ମନୋଭାବ ଏବଂ ସରକାରୀ ନିୟମ ପ୍ରତି ଉଦାସୀନତା ଯୋଗୁଁ ଏସବୁ ସରକାରୀ ଯୋଜନା ବାଟବଣା ହେଉଛି ଏବଂ ପ୍ରକୃତରେ ଆଦିବାସୀ ସମ୍ପ୍ରଦାୟରେ ବିକାଶ ହୋଇପାରୁ ନାହିଁ। ଏଭଳି ଏକ ଦୃଷ୍ଟାନ୍ତ ଦେଖିବାକୁ ମିଳିଛି ଚମ୍ପୁଆ ଚନ୍ଦ୍ରଶେଖର ମହାବିଦ୍ୟାଳୟର ଏକ ବିକାଶ ଉନ୍ନତିକରଣ କାର୍ଯ୍ୟରେ। ୨୦୦ ଶଯ୍ୟା ବିଶିଷ୍ଟ ଛାତ୍ରାବାସ ନିର୍ମାଣ କରାଯାଉଥିଲେ ମଧ୍ୟ ଜନସାଧାରଣଙ୍କ ପାଇଁ କୌଣସି ସୂଚନାଫଳକ ଲଗାଯାଇନଥିବା ବେଳେ କୋଟି କୋଟି ଟଙ୍କାରେ ନିର୍ମାଣାଧୀନ ଏହି ଛାତ୍ରାବାସର ମାନକୁ ନେଇ ଜନସାଧାରଣଙ୍କ ମନରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। କାର୍ଯ୍ୟ ଆରମ୍ଭରୁ ନିର୍ମାଣ ସ୍ଥଳରେ ସୂଚନାଫଳକ ଲଗାଇବା ନିୟମ ଥିଲେ ମଧ୍ୟ ସରକାରୀ ନିୟମକୁ ଫୁ କରିଚାଲିଛନ୍ତି ବିଭାଗୀୟ ସହକାରୀ ଯନ୍ତ୍ରୀ। ଶିକ୍ଷା ଅନୁଷ୍ଠାନ ପରିସରରେ ଏଭଳି କାର୍ଯ୍ୟ କରାଯାଉଥିଲେ ମଧ୍ୟ କିପରି ମହାବିଦ୍ୟାଳୟ କର୍ତ୍ତୃପକ୍ଷ ଏଥିପ୍ରତି ଦୃଷ୍ଟି ପକାଉନାହାନ୍ତି ତାହା ସାଧାରଣ ଲୋକଙ୍କୁ ଚକିତ କରିଛି।



ସୂଚନା ଅନୁସାରେ, ଚନ୍ଦ୍ରଶେଖର ମହାବିଦ୍ୟାଳୟ ପରିସରରେ ସହରୀ ମଡେଲର ଛାତ୍ରାବାସ କାର୍ଯ୍ୟ ଅଧାରୁ ଅଧିକ ଶେଷ ହେବାକୁ ବସିଲାଣି। ମାତ୍ର ସୂଚନା ଫଳକ ଲଗାଇବାରେ ଟାଳୁଟୁଳ ନିତି ଲାଗିରହିଛି। ଏନେଇ ବିଭାଗୀୟ ସହକାରୀ ଯନ୍ତ୍ରୀ ରବିନ୍ଦ୍ରନାଥ ନାଏକଙ୍କୁ ପଚାରିବାରୁ କାମ ପୂର୍ବରୁ ସୂଚନାଫଳକ ଲଗାଇବା କାମ ମୋର ନୁହଁ ଯନ୍ତ୍ରୀଙ୍କୁ ପଚାରନ୍ତୁ ବୋଲି ମତ ଦେଇଥିବା ବେଳେ ଏ ନେଇ ବିଭାଗୀୟ ଯନ୍ତ୍ରୀ ନରେଶ ପରିଡା 'ଠିକାଦାର ହଁ ଲଗାଇବି ହଁ ଲଗାଇବି' କହି ଦିନ ଗଡାଇ ଚାଲିଥିବା ବୋଲି କହିବା ସହ ସେ ବର୍ତ୍ତମାନ ଛୁଟିରେ ଅଛନ୍ତି ବୋଲି କହି ମୂଳ ପ୍ରସଙ୍ଗକୁ ଏଡ଼ାଇ ଦେଇଛନ୍ତି। ଅସଲରେ ଏଭଳି ଅନିୟମିତତା ସଂସ୍ଥାର ଅଧିକାରୀଙ୍କ ଦ୍ୱାରା ସବୁଠି ଚାଲିଥିଲେ ମଧ୍ୟ 'ସରକାର୍ କା ମାଲ୍, ଦରିଆ ମେ ଡାଲ୍...' ନୀତିରେ ପ୍ରଶାସନ ପକ୍ଷରୁ ଅଣଦେଖା କରାଯାଉଛି। ଅନୁଦାନ ଆସୁଛି; ତାକୁ ଯେନତେଣ ପ୍ରକାରେ କାମ କରି ସାରି ଦିଆଯାଉଛି। ବାସ୍ତବରେ ଆଦିବାସୀ ସମ୍ପ୍ରଦାୟ ଏହାଦ୍ୱାରା ସ୍ଥାୟୀ ଭାବେ ଉପକୃତ ହେଉ ନଥିବା ପରିଲକ୍ଷିତ ହେଉଛି। ଅନ୍ୟପକ୍ଷରେ, ପ୍ରଥମ ପର୍ଯ୍ୟାୟରେ ଛାତ ପଡି ସାରିଥିବା ବେଳେ ଉପର ମହଲା କାର୍ଯ୍ୟ ଆରମ୍ଭ ହୋଇସାରିଲାଣି। ତେଣୁ ଏଠାରେ ପ୍ରଶ୍ନ ଉଠୁଛି ଯେ ଛାତ୍ରାବାସ କାର୍ଯ୍ୟ ଏତେ ଦୂର ଆଗେଇ ଯାଇଥିଲେ ମଧ୍ୟ ଯନ୍ତ୍ରୀ ଜଣଙ୍କ ଏହାର ତଦାରଖ କରୁନାହାନ୍ତି ବା ଯନ୍ତ୍ରୀ ନିଜ ଦାୟିତ୍ୱରୁ ଦୁରେଇ ଯାଉଛନ୍ତି। ଫଳରେ କାର୍ଯ୍ୟର ମାନକୁ ନେଇ ଏଠାରେ ପ୍ରଶ୍ନବାଚୀ ଦେଖାଯାଇଛି। ଆଗାମୀ ଦିନରେ ଏହି କାର୍ଯ୍ୟର ସ୍ଥାୟିତ୍ୱ କେତେଦିନ ରହିବ ସେନେଇ ମଧ୍ୟ ଅନିଶ୍ଚିତତା ଦେଖାଯାଇଛି। ଯାହାକୁ ନେଇ ସ୍ଥାନୀୟ ବୁଦ୍ଧିଜୀବୀ ଏବଂ ସଚେତନ ମହଲରେ ପ୍ରଶ୍ନ ଉଠିଛି। ଏଥିପ୍ରତି ଜିଲ୍ଲା ପ୍ରଶାସନ ଦୃଷ୍ଟି ଦେବାକୁ ଦାବି ହୋଇଛି।

# ସାଇବର ସୁରକ୍ଷା ସଚେତନତା କାର୍ଯ୍ୟକ୍ରମ




ବେତନଟୀ,୩୦।୧୦(ସମିସ): ଉଚ୍ଚଶିକ୍ଷା ବିଭାଗର ନିର୍ଦ୍ଦେଶକ୍ରମେ ବେତନଟୀ ମହାବିଦ୍ୟାଳୟର ଅଡିଟୋରିୟରେ ସାଇବର୍ ସୁରକ୍ଷା ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି ସଭାରେ ମହାବିଦ୍ୟାଳୟର ଅଧ୍ୟକ୍ଷ ମନୋରଞ୍ଜନ ମହାନ୍ତ ସଭାପତିତ୍ୱ କରିଥିଲେ। ବେତନଟୀ ଥାନାର ସବ୍‌ଇନ୍ସପେକ୍ଟର ମଦନ ମୋହନ ପରିଡ଼ା ମୁଖ୍ୟବକ୍ତା ଭାବରେ ଯୋଗ ଦେଇ କାର୍ଯ୍ୟକ୍ରମର ମୂଳତତ୍ତ୍ୱ ଉପରେ ଆଲୋଚନା କରିଥିଲେ। କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ ମନସ୍ତତ୍ତ୍ୱ ବିଭାଗର ବିଭାଗୀୟ ମୁଖ୍ୟା କଳ୍ପଲତା ବେହେରା। ସାଂପ୍ରତିକ ସମାଜରେ ସାଇବର ଅପରାଧୀ ନିଜର ମାୟାଜାଲ ବିସ୍ତାର କରିବା ସହ ସାଧାରଣ ଲୋକଙ୍କ ଭୟର କାରଣ ସାଜିଛି। ମୁଖ୍ୟବକ୍ତା ସାମାଜିକ ଗଣମାଧ୍ୟମର ବ୍ୟବହାର ବିଧି ଏବଂ ଏହାର କୁପରିଣାମ ସମ୍ପର୍କରେ ବ୍ୟାଖା କରିଥିଲେ। ବିଭିନ୍ନ ପ୍ରକାର ସାଇବର୍ ଠକାମି ତଥା ଫିସିଂ, ଭିସିଂ, ବ୍ୟାଙ୍କ୍ ଆକାଉଣ୍ଟ ହ୍ୟାକିଂ ଆଦିର ପ୍ରାକ୍ ସୂଚନା ସମ୍ପର୍କରେ ଛାତ୍ରଛାତ୍ରୀଙ୍କୁ ଅବଗତ କରାଇଥିଲେ। ଆର୍ଥିକ ପ୍ରଲୋଭନର ଶିକାର ହୋଇ ସର୍ବସ୍ୱ ହରାଇଥିବା କେତେକ ବାସ୍ତବ ଘଟଣା ସମ୍ପର୍କରେ ମଧ୍ୟ ଆଲୋଚନା କରିଥିଲେ। କାହାକୁ ବ୍ୟକ୍ତିଗତ ତଥ୍ୟ, ଓଟିପି ନ ଦେବା, ଅଜଣା ଆପ୍ଲିକେସନ୍ ଡାଉନଲୋଡ ନ କରିବା, ଅଜଣା ଲିଙ୍କରେ କ୍ଲିକ୍ ନ କରିବା ଭଳି କେତେକ ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗ ଉପରେ ଅଧ୍ୟକ୍ଷ ଆଲୋଚନା କରିଥିଲେ। ଏତଦବ୍ୟତୀତ ବେତନଟୀ ଥାନାରୁ ସମରଜିତ୍ ଘୋଷ, ସଦନ ବଡ଼ନାୟକ ଉପସ୍ଥିତ ଥିଲେ। ମହାବିଦ୍ୟାଳୟର ସଂସ୍କୃତ ବିଭାଗର ପ୍ରାଧ୍ୟାପକ ପ୍ରାଣକୃଷ୍ଣ ପାଣିଗ୍ରାହୀ, ଜାତୀୟ ସେବା ଯୋଜନାର ଅଧିକାରୀ ଅଭିଜିତ ମହାନ୍ତି, ଭାନୁପ୍ରିୟା ମାଝୀ ପ୍ରମୁଖ ଉପସ୍ଥିତ ଥିଲେ। ପରିଶେଷରେ କଳ୍ପଲତା ବେହେରା ଧନ୍ୟବାଦ୍ ଅର୍ପଣ କରିଥିଲେ।

# ରାଢ଼ୋ କ୍ଲଷ୍ଟର୍‌ରେ ଶିଶୁ ପ୍ରତିଭା ମହୋତ୍ସବ 'ସୁରଭି'



ଉଦଳା, ୩୦।୧୦(ସମିସ): ସୋମବାର ରାଢୋ କ୍ଲଷ୍ଟରରେ ଶିଶୁ ମହୋତ୍ସବ ସୁରଭି ସଂଯୋଜକ ଲଳିତ କୁମାର ବେହେରାଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ହୋଇଯାଇଛି। ଉଦଘାଟନୀ ସଭାରେ ରାଢୋ କେଜିବିଭି ବିଦ୍ୟାଳୟର ପ୍ରଧାନ ଶିକ୍ଷୟିତ୍ରୀ ମାଳତୀ ବେହେରା ସଭାପତିତ୍ୱ କରିଥିଲେ। ମୁଖ୍ୟ ଅତିଥି ଭାବେ ଏନଏସି ଅଧ୍ୟକ୍ଷା ପ୍ରମିଳା ପଣ୍ଡା, ମୁଖ୍ୟବକ୍ତା ଭାବେ ଅବସରପ୍ରାପ୍ତ ଜିଲ୍ଲା ସୂଚନା ଓ ଲୋକ ସଂପର୍କ ଅଧିକାରୀ ରମେଶ ଚନ୍ଦ୍ର ନାୟକ, ରାଢୋ ପଞ୍ଚାୟତର ନାଏବ ସରପଞ୍ଚ ଜବା ମୁର୍ମୁ, ପି.ଏସ. ସଦସ୍ୟା ଗୌରୀ ରାଣୀ ପାତ୍ର ଯୋଗଦେଇଥିଲେ। ସେହିପରି ଉଦ୍‌ଯାପନୀ ଦିବସରେ ବି.ଆର.ସି.ସି. ମିନତୀ ମଞ୍ଜରୀ ପଣ୍ଡା, ଏବିଇଓ ସନ୍ଧ୍ୟା ରାଣୀ ବାରିକ ମୁଖ୍ୟ ଅତିଥି ଓ ମୁଖ୍ୟ ବକ୍ତା ତଥା ସମ୍ମାନିତ ଅତିଥି ଭାବେ ଜିଲ୍ଲା ପରିଷଦ ସଦସ୍ୟା ଲଳିତା ମଞ୍ଚାସୀନ ଥିଲେ। ଉଦଘାଟକଭାବେ ଏନଏସି ଅଧ୍ୟକ୍ଷା ଭଲ ମଣିଷ ହେବା ପାଇଁ ଶୃଙ୍ଖଳାକୁ ଗୁରୁତ୍ୱ ଦେବାକୁ ପିଲାଙ୍କୁ ପରାମର୍ଶ ଦେଇଥିଲେ। ମୁଖ୍ୟ ବକ୍ତା ରମେଶ ଚନ୍ଦ୍ର ନାୟକ କେତେକ ଜୀବନ୍ତ ଦୃଷ୍ଟାନ୍ତ ମାଧ୍ୟମରେ ପିଲା, ଶିକ୍ଷକ ତଥା ଅଭିଭାବକଙ୍କ ପାଇଁ ବକ୍ତବ୍ୟ ପ୍ରଦାନ କରିଥିଲେ। ଏହା ପରେ ବିଭିନ୍ନ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ଏଥିରେ ୩୦୦ରୁ ଊର୍ଦ୍ଧ୍ୱ ପିଲା ଅଂଶଗ୍ରହଣ କରିଥିଲେ। ଅତିଥିମାନେ ପିଲାଙ୍କ ପ୍ରତିଭାକୁ ପ୍ରସ୍ଫୁଟିତ କରିବାର ସୁରଭି ଏକ ମାଧ୍ୟମ ବୋଲି କହିଥିଲେ। ଏହି ଅବସରରେ ୯୧ ଜଣଙ୍କୁ ପୁରସ୍କୃତ କରାଯାଇଥିଲା। ଶେଷରେ ସଙ୍ଗୀତ ଗୁରୁ ବିଶ୍ୱନାଥ ପଣ୍ଡା ଏବଂ ଭେନ୍ଦୁ ସ୍କୁଲର ଶିକ୍ଷକ ଉମାକାନ୍ତ ନନ୍ଦଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା।

# ଦେଶୀ ମଦ ଜବତ; ୩ ଗିରଫ

ବୈଶିଙ୍ଗା,୩୦।୧୦(ସମିସ): ବେତନଟୀ ଅବକାରୀ ଥାନା ପକ୍ଷରୁ ଗୁରୁବାର ବିଭିନ୍ନ ସ୍ଥାନରେ ଚଢଉକରି ଚୋରା ଦେଶୀମଦ ଜବତ କରିବା ସହିତ ଏହି ବେଆଇନ କାରବାରରେ ଜଡିତ ତିନିଜଣଙ୍କୁ ଗିରଫକରି କୋର୍ଟଚାଲାଣ କରାଯାଇଛି। ଗିରଫ ଅଭିଯୁକ୍ତମାନେ ହେଉଛନ୍ତି ବୈଶିଙ୍ଗା ଥାନା ଅଧୀନ ନୂଆସାହି ଗ୍ରାମର ସ୍ୱର୍ଗତ ନରେନ୍ଦ୍ରରୁତ ମାଣ୍ଡିର ପୁଅ ବୁଦ୍ଧିରାମ(୩୬) ଏବଂ ସେହି ଗ୍ରାମର ଦଶରଥ ହାଁସଦାର ସ୍ତ୍ରୀ ଦୁଗୀ(୩୫) ଉଭୟଙ୍କ ନିକଟରୁ ୧୪ଲିଟର ଲେଖାଏଁ ଦେଶୀମଦ ଜବତ କରାଯାଇଥିଲା। ସେହିଭଳି ବୈଶିଙ୍ଗା ଥାନା ଅଧୀନ ବାଲିଆପିଟା ଉପକଣ୍ଠ ଦୁର୍ଗାପୁର ଗ୍ରାମର ସ୍ୱର୍ଗତ ପଦ ସିଂର ପୁଅ ସଞ୍ଜୟ ସିଂ(୫୫) ନିକଟରୁ ମଧ୍ୟ ୧୩ଲିଟର ଚୋରା ଦେଶୀମଦ ଜବତ କରାଯାଇଥିଲା। ଏନେଇ ବେତନଟୀ ଅବକାରୀ ଥାନା ପକ୍ଷରୁ ତିନିଗୋଟି ପୃଥକ ମାମଲା ରୁଜୁକରି ଗିରଫ ଅଭିଯୁକ୍ତଙ୍କୁ ବେତନଟୀ ଜେଏମଏଫସି କୋର୍ଟକୁ ଚାଲାଣ କରାଯାଇଛି।

# କରଞ୍ଜିଆ ଗୋଶାଳାରେ ଗୋପାଷ୍ଟମୀ ଉତ୍ସବ

କରଞ୍ଜିଆ, ୩୦।୧୦(ସମିସ): କରଞ୍ଜିଆ ଗୋଶାଳାରେ ଗୁରୁବାର ଗୋପାଷ୍ଟମୀ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ଏହି ଅବସରରେ ଏକ ଗୋ ସଚେତନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଏଥିପାଇଁ ବୁଧବାର କୈଳାସ ଯାତ୍ରା ଅନୁଷ୍ଠିତ ହେବା ପରେ ଆଜି ଗା ପୂଜନ ସହିତ ଯଜ୍ଞ କାର୍ଯ୍ୟ ଆରମ୍ଭ ହୋଇଛି। ଶୁକ୍ରବାର ଗାୟତ୍ରୀ ଓ ଗୀତାଯଜ୍ଞ ଅନୁଷ୍ଠିତ ହେବ ବୋଲି ସେବା ଟ୍ରଷ୍ଟ ସଭାପତି ଧରଣୀଧର ପ୍ରଧାନ ସୂଚନା ଦେଇଛନ୍ତି। ଗୋଶାଳାରେ ଅତିଥି ଭାବେ ଜଙ୍ଗଲ ଓ ପରିବେଶ ମନ୍ତ୍ରୀ ଇଂ. ଗଣେଶ ରାମ ସିଂ ଖୁଣ୍ଟିଆ, କେନ୍ଦୁଝର ସାଂସଦ ଅନନ୍ତ ନାୟକ, କରଞ୍ଜିଆ ବିଧାୟକ ପଦ୍ମଚରଣ ହାଇବୁରୁ ପୂର୍ଣ୍ଣାହୁତି କାର୍ଯ୍ୟକ୍ରମରେ ଯୋଗଦେବେ। କରଞ୍ଜିଆରେ ଗୋପାଷ୍ଟମୀ ପାଳନ



ହେଉଥିବାରୁ ଗୋ ସେବକ ତଥା ଗୋପ୍ରେମୀମାନେ ଆନନ୍ଦର ସହିତ ଯଜ୍ଞସ୍ଥଳରେ ଉପସ୍ଥିତ ରହି ସହଯୋଗ କରୁଛନ୍ତି। ଦୁଇଦିନ ହେଲା ଗୋପ୍ରେମୀମାନେ ଗୋଶାଳାରେ ଉପସ୍ଥିତ ରହି ଗୋମାତାଙ୍କ ସେବା ମଧ୍ୟ କରୁଛନ୍ତି। ପୂଜକ ଭାବେ ପୁରୋହିତ ଅଗ୍ନିହୋତ୍ରି ଭୈରବାନନ୍ଦ ସ୍ୱରସ୍ୱତୀ ପୂଜା କରୁଥିବା ବେଳେ ତାପସ ଦାସ କର୍ତ୍ତା ଦାୟିତ୍ୱ ତୁଲାଇଥିଲେ। ସେବାଟ୍ରଷ୍ଟର ସମ୍ପାଦକ ଲୁନା ମିଶ୍ର, ଚତୁର୍ଭୁଜ ଗ୍ରହଚାର୍ଯ୍ୟଙ୍କ ସହିତ ସମସ୍ତ କର୍ମକର୍ତ୍ତା ପରିଚାଳନା କରିଥିଲେ।

# ଲୋଧା ଅଫିସ ସମ୍ମୁଖରେ ବିକ୍ଷୋଭ



ମୋରଡା,୩୦।୧୦(ସମିସ): ମୋରଡା ଓ ଶୁଳିଆପଦା ବ୍ଲକରେ ବସବାସ କରୁଥିବା ଆଦିମ ଜନଜାତି ଲୋଧା ସମ୍ପ୍ରଦାୟର ଗ୍ରାମ୍ୟ ଉନ୍ନୟନ କମିଟିର ସଦସ୍ୟସଦସ୍ୟାମାନେ ଗୁରୁବାର ସ୍ୱତନ୍ତ୍ର ଅଧିକାରୀଙ୍କ କାର୍ଯ୍ୟାଳୟ ସମ୍ମୁଖରେ ବିକ୍ଷୋଭ ପ୍ରଦର୍ଶନ କରିଥିଲେ। ପରେ ଏକ ଏକ ଦାବିପତ୍ର ପ୍ରଦାନ କରିଛନ୍ତି। ଦାବି ମୁତାବକ ୨୦୧୭ ମସିହାରୁ ଓପିଲିପି ମାଧ୍ୟମରେ ଲୋଧା ସମ୍ପ୍ରଦାୟର ଲୋକଙ୍କୁ ମୁଖ୍ୟସ୍ରୋତକୁ ଆଣିବା ପାଇଁ ବିଭିନ୍ନ ପ୍ରକାରର ଉନ୍ନୟନ ମୂଳକ କାର୍ଯ୍ୟକ୍ରମ କରାଯାଉଥିଲା। ତେବେ ଏକ ବର୍ଷ ହେବ ଓପିଲିପି ତରଫରୁ କୌଣସି କାର୍ଯ୍ୟକ୍ରମ ହେଉନଥିବାରୁ ପୂର୍ବରୁ ହୋଇଥିବା ବିଭିନ୍ନ ପ୍ରକଳ୍ପ ନଷ୍ଟ ହେବାକୁ ବସିଲାଣି। ଫଳରେ ଲୋଧା ସମ୍ପ୍ରଦାୟର ଲୋକେ ଦାଦନ ମୁହାଁ ବୋଲି ଦାବିପତ୍ରରେ ଉଲ୍ଲେଖ ରହିଛି। ତେଣୁ ତୁରନ୍ତ ଓପିଲିପିକୁ ପୁନଃ କାର୍ଯ୍ୟକ୍ଷମ କରିବା ପାଇଁ ଦାବି କରି ବିକ୍ଷୋଭ କରିଥିଲେ। ଓପିଲିପି ଦ୍ୱାରା ସର୍ଭେ ମାଧ୍ୟମରେ କରାଯାଇଥିବା ୮ଟି ପଞ୍ଚାୟତର ୧୦୧ଟି ପିଭିଟିଜି ଗାଁରେ ବିଭିନ୍ନ ଉନ୍ନୟନ ମୂଳକ କାର୍ଯ୍ୟ ପୁନର୍ବାର କରାଯାଇପାରିବ ବୋଲି ଲୋକେ ପ୍ରକାଶ କରିଛନ୍ତି। ଏ ସମ୍ପର୍କରେ ସ୍ୱତନ୍ତ୍ର ଅଧିକାରୀ ଭବାନୀଶଙ୍କର ପାଢ଼ୀ ଉପରିସ୍ଥ ଅଧିକାରୀଙ୍କୁ ସମସ୍ୟା ସମ୍ପର୍କରେ ଜଣାଇବେ ବୋଲି କହିଛନ୍ତି।

# ପତ୍ନୀହନ୍ତା ଗିରଫ

ସାରସକଣା, ୩୦।୧୦(ସମିସ): ସାରସକଣା ବ୍ଲକ ଖରପୋଖରିଆ ଥାନା ଅନ୍ତର୍ଗତ ପାନ୍ଧଡ଼ା ଗ୍ରାମରେ ସ୍ୱାମୀଙ୍କ କାଠଫାଳିଆ ଆକ୍ରମଣରେ ସ୍ତ୍ରୀଙ୍କ ମୃତ୍ୟୁ ଘଟିଥିଲା। ପୁଲିସ ଅଭିଯୁକ୍ତ ରାସବିହାରୀ ମୁଣ୍ଡା (୫୦)କୁ ଗିରଫ କରି କୋର୍ଟ ଚାଲାଣ କରିଛି। ମୃତ ମହିଳା ଜଣକ ହେଲେ ଗଇ ସିଂ (୪୩)। ମୃତକ ଗଇଙ୍କ ବାପଘର ନିକଟସ୍ଥ ଏକଡାଳୀ ଗ୍ରାମରେ ହୋଇଥିବାବେଳେ ତାଙ୍କ ତାଙ୍କ ପିଉସୀ ସୁକୁମି ସିଂ ଖରପୋଖରିଆ ଥାନାରେ ଲିଖିତ ଅଭିଯୋଗ ଅନୁସାରେ ମାମଲା ରୁଜୁ ହୋଇଥିବା ଜଣାପଡ଼ିଛି। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ବହୁ ସମୟରେ କନ୍ଦଳ ହେଉଥିବାବେଳେ ତାଙ୍କ ପରିବାର ଲୋକେ ଦ୍ୱାରା ସମାଧାନ କରାଯାଉଥିବା କଥା ପିଉସୀ ସୁକୁମି ଅଭିଯୋଗରେ ଉଲ୍ଲେଖ କରିଛନ୍ତି। ଅନ୍ୟପଟେ ଗଇଙ୍କ ଏକ ଚାରିବର୍ଷର ପୁଅ ଅଛି। ସାଇଣ୍ଟିଫିକ ଟିମ୍ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରିବା ସହିତ ନମୁନା ସଂଗ୍ରହକରି ମୃତ ଶରୀରକୁ ଜବତ କରି ଶବ ବ୍ୟବଚ୍ଛେଦ ପରେ ପରିବାର ଲୋକଙ୍କୁ ହସ୍ତାନ୍ତର କରିଛି।

# ହେଉନି ପୁଲିସ ସମିତି ବୈଠକ; ତେଜୁଛି ଅସନ୍ତୋଷ

ବେତନଟୀ, ୩୦।୧୦(ସମିସ): ସରକାରଙ୍କ ପକ୍ଷରୁ ପ୍ରତି ଥାନାରେ ନିୟମିତ ଭାବେ ପୁଲିସ ସମିତି ବୈଠକ କରାଯିବା ପାଇଁ ନିର୍ଦ୍ଦେଶ ଥିବାବେଳେ ବେତନଟୀ ଥାନାରେ ବ୍ୟତିକ୍ରମ ଦେଖିବାକୁ ମିଳିଛି। ଫଳରେ ଏ ନେଇ ଅସନ୍ତୋଷ ତେଜିବାରେ ଲାଗିଛି। ସାଧାରଣ ଲୋକମାନେ ଥାନାକୁ ଯାଇ ବିଭିନ୍ନ ସ୍ଥାନୀୟ ସମସ୍ୟା ଗୁଡିକ ଅଭିଯୋଗ କରିବା ପାଇଁ ଆଗଭୋର ହେଉନଥିବା ବେଳେ ସରକାରଙ୍କ ପକ୍ଷରୁ କରାଯାଉଥିବା ପୁଲିସ ସମିତି ବୈଠକ ଏହାର ଶୂନ୍ୟ ସ୍ଥାନ ପୂରଣ କରିପାରୁଥିଲା। ଥାନା ଅଞ୍ଚଳରେ ସ୍ଥାନୀୟ ଲୋକମାନେ ଏହି ପୁଲିସ ସମିତି ବୈଠକରେ ଉପସ୍ଥିତ ରହି ଆଇନଗତ ସମସ୍ୟାଗୁଡିକୁ ଉପସ୍ଥାପନା କରିବା ପାଇଁ ସୁଯୋଗ ପାଉଥିବାବେଳେ ଏହାର ସମାଧାନ ପାଇଁ ବୈଠକ ଗୁରୁତ୍ୱ ଦେଉଥିଲା। ବେତନଟୀ ଥାନା ପକ୍ଷରୁ ପ୍ରାୟ ଏକ ବର୍ଷ ହେବ ପୁଲିସ ସମିତି ବୈଠକ ବସି ନଥିବାରୁ ଥାନା ଅଞ୍ଚଳରେ ବାଲି, ମୋରମ ଚୋରି ବୃଦ୍ଧି ପାଉଛି। ଏଭଳିକି ଚୋରି ଛିନତାଇ କରୁଥିବା ଅଭିଯୁକ୍ତମାନେ ଏହି ଥାନା ଅଞ୍ଚଳରୁ ସହଜରେ ଖସି ପଳାଇ ଯାଉଛନ୍ତି। ଅଭିଯୁକ୍ତଙ୍କୁ ଧରିବାରେ ପୁଲିସ ସକ୍ଷମ ହେଉନାହିଁ। ବାଇକ ଚୋରି ସବୁବେଳେ ବେତନଟୀ ବଜାରରେ ବୃଦ୍ଧି ପାଉଥିବା ବେଳେ ଆଖି ଦୃଶିଆ ପଦକ୍ଷେପ ବେତନଟୀ ପୁଲିସ ପକ୍ଷରୁ ନିଆ ଯାଉନାହିଁ। ପୁଲିସ କେବଳ ପ୍ରତିଦିନ ହେଲମେଟ ଚେକିଂରେ ସୀମିତ ରହି ତାହାର କର୍ତ୍ତବ୍ୟ ସମାପନ କରୁଛି ବୋଲି ସ୍ଥାନୀୟ ଅଞ୍ଚଳରେ ଆଲୋଚନା ହେଉଛି। ବେତନଟୀ ଥାନା ଅଞ୍ଚଳ ତଥା ବଜାର ପରିସୀମାରେ ମୁଖ୍ୟ ରାସ୍ତା ଓ ଛକରେ ସିସି କ୍ୟାମେରା ଲଗାଇବା ପାଇଁ ବେତନଟୀ ମେଡିଆ ଆସସିଏସନ ବେତନଟୀ ପୁଲିସର ଦୃଷ୍ଟି ଆକର୍ଷଣ କରିଥିବା ବେଳେ ଲିଖିତ ଭାବେ ଅଧିକାରୀଙ୍କୁ ମଧ୍ୟ ଜଣାଇଛନ୍ତି; ହେଲେ ପୁଲିସ ପକ୍ଷରୁ ଆନ୍ତରିକତା ସହ ଗୁରୁତ୍ୱ ଦିଆଯାଉନାହିଁ। ଏଥିପାଇଁ ପୋଲିସ ସମିତି ବୈଠକ ବସୁନଥିବାରୁ ବେତନଟୀର ଆଇନଗତ ଆଞ୍ଚଳିକ ସମସ୍ୟା ବୃଦ୍ଧି ପାଉଛି।

# ବେଆଇନ ବାଲି ଚାଲାଣ; ଶୁଣିଲା ପ୍ରଶାସନ, ଦେଲା ପ୍ରତିଶ୍ରୁତି

ଆନନ୍ଦପୁର, ୩୦।୧୦ (ସମିସ): ହାଟଡିହି ତହସିଲ କରଗୋଳାଠାରେ ଦୀର୍ଘ ୭ ଦିନ ଧରି ଜାରି ରହିଥିବା ବାଲି ସତ୍ୟାଗ୍ରହକୁ ସ୍ଥଗିତ ରଖାଯାଇଛି। ପ୍ରଶାସନ ସହ ଆଲୋଚନା ହୋଇ ପ୍ରତିଶ୍ରୁତି ମିଳିବା ପରେ ସତ୍ୟାଗ୍ରହ ସ୍ଥଗିତ ହୋଇଥିବା ଯଜ୍ଞପ୍ରସାଦ ସାହୁ ସୂଚନା ଦେଇଛନ୍ତି।

ବିନା ଲିଜରେ ବାଲି ଲୁଟ୍ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ନିଆଯିବ ବୋଲି ଉପଜିଲ୍ଲାପାଳ ନୀଳମାଧବ ସୁନା ପ୍ରତିଶ୍ରୁତି ଦେଇଛନ୍ତି। ସେହିପରି କଟା ଯାଇଥିବା ଗଛ ଓ ନଷ୍ଟ ହୋଇଥିବା ପରିବେଶ ସମ୍ପର୍କରେ ତଦନ୍ତ କରାଯିବ ବୋଲି ଆନନ୍ଦପୁର ବନଖଣ୍ଡ ବନ୍ୟପ୍ରାଣୀ ଅଧିକାରୀ ପ୍ରଶାନ୍ତ କୁମାର ପଣ୍ଡା ପ୍ରତିଶ୍ରୁତି ଦେଇଛନ୍ତି। ହାଟଡିହି ତହସିଲଦାର ଓ ନନ୍ଦିପଦା ଥାନାଧିକାରୀ ଉପସ୍ଥିତ ଥିଲେ। ଉତ୍ତୋଳନ କରାଯାଇଥିବା ବାଲିର ହିସାବ କରି ଜରିମାନା ଆଦାୟ ସହ ଲୁଟେରାଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ପାଇଁ ବିଭାଗକୁ ଅନୁରୋଧ କରାଯିବ ସମ୍ପର୍କରେ ଖଣି ଅଧିକାରୀ ତାରିଣୀ ସିଂ କହିଥିଲେ। ଗତକାଲିଠାରୁ ଏକ ଟିମ୍ ଗଠନ କରାଯାଇ ବ୍ୟାପକ ଚଢ଼ଉ ଆରମ୍ଭ ହୋଇଥିବା ପ୍ରଶାସନିକ ଅଧିକାରୀମାନେ ସୂଚନା ଦେଇଛନ୍ତି। ଅପରପକ୍ଷରେ,



ବୈତରଣୀ ସମେତ ବିଭିନ୍ନ ନଦୀନାଳର ସୁରକ୍ଷା ପାଇଁ ବିଭିନ୍ନ ସ୍ଥାନରେ ବାଲି

- କରଗୋଳା ବାଲି ସତ୍ୟାଗ୍ରହ ସ୍ଥଗିତ
- ଜିଲ୍ଲାବ୍ୟାପୀ ଜାରି ରହିବ ବାଲି ସତ୍ୟାଗ୍ରହ

ସତ୍ୟାଗ୍ରହ ଜାରି ରହିବ ବୋଲି ଦୁର୍ନୀତି ବିରୋଧୀ ପ୍ରଗତିଶୀଳ ମଞ୍ଚର ଆବାହକ ଯଜ୍ଞ ପ୍ରସାଦ ସାହୁ କହିଛନ୍ତି। ଆଜିର ସତ୍ୟାଗ୍ରହରେ ପୂର୍ବତନ ସରପଞ୍ଚ ଗୋପାଳ ସେଠୀ, ସତ୍ୟବ୍ରତ ଜେନା, ଆଲୋକ ବେହେରା, ବିଜୟ ସାହୁ, ସୁଲି ଜେନା, ଅହଲ୍ୟା ସାହୁ, ରିତାଞ୍ଜଳି ସାହୁ, ଅନ୍ନପୂର୍ଣ୍ଣା ପଣ୍ଡା, ଶୁଭଲକ୍ଷ୍ମୀ ନନ୍ଦ, ଜୟ ନାରାୟଣ ଜେନା, ମହେନ୍ଦ୍ର ପଣ୍ଡା, ନଟବର ମହାରଣା, ରାମଚନ୍ଦ୍ର ସାହୁ, ସୁଦର୍ଶନ ସାହୁ, ଶ୍ରୀଧର ଜେନା, ଗଣେଶ ଜେନା, ଶୁକଦେବ ପଣ୍ଡା, ସୁବାସ ଜେନା, କିଶୋର ଜେନା, ନାରାୟଣ ଓଝା, ନଟବର ବେହେରା, ଅଲେଖ ଜେନା, ପରୀକ୍ଷିତ ଜେନା, କ୍ଷୀରୋଦ ସାହୁ, ନୀଳମଣି ଜେନା, ନରହରି ଜେନାଙ୍କ ସମେତ ୩ଶହରୁ ଅଧିକ ସତ୍ୟଗ୍ରହୀ ସାମିଲ ଥିଲେ। ଅପରାହ୍ନ ୪ଟାରେ ସତ୍ୟାଗ୍ରହକୁ ସ୍ଥଗିତ ରଖାଯାଇଛି।

# ସିଆଳ ଆକ୍ରମଣରେ ୩ ଗୁରୁତର

ଆନନ୍ଦପୁର, ୩୦।୧୦ (ସମିସ): ଆନନ୍ଦପୁର ବ୍ଲକ ଅନ୍ତର୍ଗତ ଟାଙ୍ଗର ଓ ପଚାଙ୍ଗ ଗ୍ରାମରେ ସିଆଳ ଆକ୍ରମଣରେ ୩ ଜଣ ଆହତ ହୋଇ ଆନନ୍ଦପୁର ଡାକ୍ତରଖାନାରେ ଭର୍ତ୍ତି ହୋଇଥିବା ଜଣାଯାଇଛି। ଗୁରୁବାର ଦିନ ପ୍ରାୟ ଦୁଇଟା ସମୟରେ ଦୁଇଟି ସିଆଳ ଘରେ ପଶିଯାଇ ଆକ୍ରମଣ କରିଥିଲେ। ଆକ୍ରମଣରେ ପଚାଙ୍ଗ ଗ୍ରାମର କାଳନ୍ଦୀ ଝାଳିଆ ଜଗନ୍ନାଥ ନାୟକ ଓ ଟାଙ୍ଗର ଗ୍ରାମର ରାମଚନ୍ଦ୍ର ନାଥ ଆହତ ହୋଇଥିଲେ। ଆହତଙ୍କୁ ଗ୍ରାମବାସୀ ଉଦ୍ଧାର କରି ଡାକ୍ତରଖାନାରେ ଚିକିତ୍ସା କରାଯାଉଛି।

### ବହଳଦା ନିମିଡିହି ପ୍ରାଥମିକ ବିଦ୍ୟାଳୟ

# ଶିକ୍ଷକ ନିଯୁକ୍ତି ଦାବିରେ ଫାଟକରେ ତାଲା

ରାଇରଙ୍ଗପୁର/ବହଳଦା,୩୦।୧୦(ସମିସ):

ବହଳଦା ଗୋଷ୍ଠୀ ଶିକ୍ଷା ବିଭାଗ ଅନ୍ତର୍ଗତ ନିମିଡିହି ପ୍ରାଥମିକ ବିଦ୍ୟାଳୟରେ ଶିକ୍ଷକ ନିଯୁକ୍ତି ଦାବିରେ ବିଦ୍ୟାଳୟରେ ତାଲା ପକାଇଲେ ଅଭିଭାବକ। ଅଭିଭାବକମାନେ ବିଦ୍ୟାଳୟ ଫାଟକରେ ତାଲା ପକାଇ ଦେବାରୁ କୁନି କୁନି ଛାତ୍ରଛାତ୍ରୀ ବସି ରହିଥିଲେ। ହେଲେ ଏହି ଖବର ପାଇ ତୁରନ୍ତ ଶିକ୍ଷକ ନେଇ ପହଁଞ୍ଚିଲେ ବିଇଓ। ଏଭଳି ଚିତ୍ର ଦେଖିବାକୁ ମିଳିଛି ମୟୂରଭଞ୍ଜ ଜିଲ୍ଲା ବହଳଦା ଗୋଷ୍ଠୀ ଶିକ୍ଷା ଅଧିକାରୀ ଅଧୀନରେ ଥିବା ନିମଡି ପ୍ରାଥମିକ ବିଦ୍ୟାଳୟରେ। ସୂଚନା ଅନୁସାରେ, ବିଦ୍ୟାଳୟରେ ପ୍ରଥମ ଶ୍ରେଣୀରୁ ପଞ୍ଚମ ଶ୍ରେଣୀ ୭୪ ଛାତ୍ରଛାତ୍ରୀ ଅଧ୍ୟୟନ କରୁଛନ୍ତି। ହେଲେ ଦୀର୍ଘଦିନ ହେଲା ଜଣେ ଶିକ୍ଷକରେ ପାଠପଢା ଚାଲିଥିଲା। ଏହାକୁ ନେଇ ଅଭିଭାବକମାନେ ବାରମ୍ବାର ବିଭାଗୀୟ ଅଧିକାରୀଙ୍କୁ ଦୃଷ୍ଟି ଆକର୍ଷଣ କରିଥିଲେ ମଧ୍ୟ କୌଣସି ପଦକ୍ଷେପ ଗ୍ରହଣ କରାଯାଇନଥିଲା। ତେଣୁ ଗୁରୁବାର ବାଧ ହୋଇ ଅଭିଭାବକ ଓ ଛାତ୍ରଛାତ୍ରୀ ବିଦ୍ୟାଳୟ ଫାଟକରେ ତାଲା ପକାଇ ଦେଇଥିଲେ। ତେବେ ବିଦ୍ୟାଳୟ ଫାଟକରେ ତାଲା ପଡି ଘଣ୍ଟାଏ ଭିତରେ ବହଳଦା ଗୋଷ୍ଠୀ ଶିକ୍ଷା ଅଧିକାରୀ ଆଉ ଜଣେ ଶିକ୍ଷକଙ୍କୁ ନିଯୁକ୍ତି କରିବା ପରେ ଗ୍ରାମବାସୀ ତାଲା ଖୋଲିଥିଲେ। ପରେ ପଢା ସ୍ୱାଭାବିକ ହୋଇଥିଲା। ଲକ୍ଷ୍ମଣ ମାଝୀ, ବଙ୍ଗାଳୀ ସର୍ଦ୍ଦାର, ଠାକୁରା ମୁର୍ମୁ, ଦୁର୍ଗା ମାଝୀ, ସଦାଶିବ ସର୍ଦ୍ଦାର, ବଡ ମୁଣ୍ଡା, ବାରିସା ଟୁଡୁ, ଲକ୍ଷ୍ମଣ ଟୁଡୁ, ଶଙ୍କର ହେମ୍ବ୍ରମ, ବଳକୁ ଟୁଡୁ ପ୍ରମୁଖ ତାଲା ପକାଇ ଗେଟ୍ ସମ୍ମୁଖରେ ବସି ରହିଥିଲେ।



# ଅବହେଳିତ ପର୍ଯ୍ୟଟନ କେନ୍ଦ୍ର ଡଗରା

କାଳିପଦା, ୩୦।୧୦ (ସମିସ): ପ୍ରାକୃତିକ ବିଭବ ଭରା ପର୍ଯ୍ୟଟନ କେନ୍ଦ୍ର ଡଗରା ଏବେ ବିଭିନ୍ନ ଦିଗରୁ ଅବହେଳିତ। ନା ରାଜ ନେତା ନା ଲୋକ ପ୍ରତିନିଧି ସଭିଏଁ ଏହାର ବିକାଶ ପ୍ରତି ବିମୁଖ। ସତେ ଯେପରି ଏହା ପାଷାଣୀ ଅହଲ୍ୟା ପରି ଅଭିସପ୍ତା। ରାଜ୍ୟ ପର୍ଯ୍ୟଟନ କେନ୍ଦ୍ର ତାଲିକାରୁ ଏହା କ'ଣ ତାର ସ୍ଥିତି ହରାଇବ? ଏହା ହିଁ ଆଜି ଲୋକଙ୍କ ମନରେ ପ୍ରଶ୍ନବାଚୀ ସୃଷ୍ଟି କରିଛି। ଡଗରାର ସୁଦୀର୍ଘ ବେଳାଭୂମି। ଚୌମୁଖ ମୁହାଁଣରୁ ଏହା ପଶ୍ଚିମକୁ ହଂସକରା ମୁହାଁଣ ପର୍ଯ୍ୟନ୍ତ ପରିବ୍ୟାପ୍ତ। ସମୁଦ୍ରରେ ମାଳ ମାଳ ଲହଡି। ଶୋଭାମୟୀ ଧାଡି ଧାଡି ଝାଉଁ ବିଥିକା। ନାଲି ଗାଲିଚା ସଦୃଶ୍ୟ ମାଳ ମାଳ ନାଲି କଙ୍କଡା ସମାବେଶ ବାସ୍ତବିକ ମୁଗ୍ଧକର। ଏହି ସବୁକୁ ଲକ୍ଷ୍ୟ କରି ପୂର୍ବତନ ବିଧାୟକ ସ୍ୱର୍ଗତ ଜୟନାରାୟଣ ମହାନ୍ତି ତାଙ୍କ କାର୍ଯ୍ୟକାଳ ଅବଧି ମଧ୍ୟରେ ଏଠାରେ ବ୍ଲକ ଅଧିନ ଏକ ଡାକ ବଙ୍ଗଳା, ଗ୍ରାମ୍ୟ ଉନ୍ନୟନ ବିଭାଗ ଅନ୍ୟ ଏକ ଡାକ ବଙ୍ଗଳା, ସମ୍ମୁଖ ଭାଗରେ ଏକ ଶିବ ମନ୍ଦିର ଓ ଛୋଟ ପାର୍କ ନିର୍ମାଣ କରିଥିଲେ। ତହିଁ ପରଠୁ ଏହାର କୌଣସି ଆନୁସଙ୍ଗିକ ବିକାଶ ହୋଇ ନାହିଁ କହିଲେ ଚଳେ। କେବଳ ଡଗରା ପଞ୍ଚାୟତ ପକ୍ଷରୁ ପାନୀୟ ଜଳ ଯୋଗାଣ, ଆଲୋକ ବ୍ୟବସ୍ଥା, ପର୍ଯ୍ୟଟକଙ୍କ ବସିବା ପାଇଁ କେତେ ଗୁଡିଏ ସିମେଣ୍ଟ ବେଞ୍ଚ ଆଦି ନିର୍ମିତ ହୋଇଛି। ୨୦୧୬ ମସିହାରେ ପର୍ଯ୍ୟଟନ ବିଭାଗ ପକ୍ଷରୁ ଏକ ପାନ୍ଥ ନିବାସ, ଟୁରିଷ୍ଟ କମ୍ପ୍ଲେସ, ପାର୍କ ନିର୍ମାଣ ପାଇଁ ଏକ କୋଟି ୮୦ ଲକ୍ଷ ଟଙ୍କା ମଞ୍ଜୁର ହୋଇ ଥିଲା। ସେତେବେଳର ବାଲେଶ୍ୱର ସାଂସଦ ଇଂ ରବୀନ୍ଦ୍ର ଜେନାଙ୍କ ଉଦ୍ୟମରେ ତତ୍କାଳୀନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଏହାର ଶିଳାନ୍ୟାସ କରିଥିଲେ। ଇତିମଧ୍ୟରେ ଦୀର୍ଘ ବର୍ଷ ବିତି ଯାଇଥିଲେ ବି କାମର କୌଣସି ଅଗ୍ରଗତି ହୋଇ ନାହିଁ। କାମ ନ ହେବାରୁ ସ୍ଥାନୀୟ ଲୋକମାନେ କ୍ରୋଧାନ୍ୱିତ ହୋଇ ଶିଳାନ୍ୟାସ ଫଳକକୁ ଭାଙ୍ଗି ପକାଇ ଛନ୍ତି। ଜଙ୍ଗଲ କିସମ ଜାଗା, ସିଆରଜେଡ ଅଞ୍ଚଳ ଇତ୍ୟାଦି ଦର୍ଶାଇ କାମ ବନ୍ଦ କରାଯାଇଛି ବୋଲି ପ୍ରଶାସନ ତରଫରୁ ସଫେଇ ଦିଆଯାଇଛି। ଯଦି ଏକା କିସମ ଜାଗା ତାଳସାରୀ ରେ ସବୁ ହୋଇ ପାରୁଛି ଏଠି କାହିଁକି ହୋଇ ପାରିବ ନାହିଁ? ଏହାର ଉତ୍ତର ଦେବାକୁ କେହି ନାହିଁ। ପ୍ରତିଦିନ ଶହ ଶହ ପର୍ଯ୍ୟଟକ ଏଠାକୁ ବଣ ଭୋଜି କରିବା ପାଇଁ ଆସନ୍ତି। ରାତ୍ରି ରହଣିର ସେମିତି ବ୍ୟବସ୍ଥା ନ ଥିବାରୁ ସେମାନେ ନିରାଶ ହୋଇ ଫେରି ଯାଆନ୍ତି। ବାଲିଆପାଳରୁ ଡଗରା ରାସ୍ତା ମଧ୍ୟ ଅଣ ଓସାରିଆ ଓ ଶୋଚନୀୟ। ଟଙ୍କା ଆସି ଫେରିଯାଉଛି। ପ୍ରସ୍ତାବିତ ସୁବର୍ଣ୍ଣରେଖା ବନ୍ଦର ରାସ୍ତା ନାମ ଦେଇ ତାର କୌଣସି କାମ ହେଉ ନାହିଁ। ଡଗରା, ତାଳସାରୀ, ଚାନ୍ଦିପୁରକୁ ନେଇ ପର୍ଯ୍ୟଟନ ବଳୟ ହେବ ବୋଲି ନେତା ମନ୍ତ୍ରୀଙ୍କ ପ୍ରତିଶ୍ରୁତି ଏବେ ଏଠି ପାଣିର ଗାର। ଏବେ ପର୍ଯ୍ୟଟନ ଋତୁ ଆରମ୍ଭ ହେବାକୁ ଯାଉଛି। ପର୍ଯ୍ୟଟକମାନେ ଅନେକ ସମୟରେ ଅସାମାଜିକ ଲୋକଙ୍କ ଶିକାର ହେଉଛନ୍ତି। ପର୍ଯ୍ୟଟକଙ୍କ ସୁବିଧା ପାଇଁ ସରକାର ରାସ୍ତା ଓ ଏକ ପୁଲିସ ଫାଣ୍ଡି ପ୍ରତିଷ୍ଠା କରନ୍ତୁ ବୋଲି ସାଧାରଣରେ ଦାବି ହୋଇଛି।



## ଯାତ୍ରୀବାହୀ ବସ୍‌କୁ ପିଟିଲା ଟ୍ରକ୍; ୩ ଗୁରୁତର




ବସ୍ତା ବ୍ଲକ/ରାଜଘାଟ, ୩୦।୧୦ (ସମିସ): ବସ୍ତା ଥାନା ୬୦ ନମ୍ବର ଜାତୀୟ ରାଜପଥର ଯୁଣବଳଦା ନିୟୁ ବୁଲବୁଲ ହୋଟେଲ ସମ୍ମୁଖରେ ଯାତ୍ରୀବାହୀ ବସ ପଛପଟୁ ଏକ ଟ୍ରକ ଧକ୍କା ଦେବାରୁ ୩ଜଣ ଗୁରୁତର ହୋଇଛନ୍ତି। ଗୁରୁବାର ପୂର୍ବାହ୍ନ ୭ଟା୩୦ ସମୟରେ ଏହେସାନ ନାମକ ଯାତ୍ରୀବାହୀ ବସ୍ ବାଲେଶ୍ୱରରୁ ଜଳେଶ୍ୱର ଅଭିମୁଖେ ଯାଉଥିବା ସମୟରେ ଯୁଣବଳଦାସ୍ଥିତ ଉକ୍ତ ହୋଟେଲ ସମ୍ମୁଖରେ ବସଟି ହଠାତ୍ ବାମକୁ ବୁଲି ପଡ଼ିଥିଲା। ଏହି ସମୟରେ ପଛକୁ ଥିବା ଟ୍ରକ ବସଟିକୁ ଧକ୍କା ଦେଇଥିଲା। ଫଳରେ ବସଟିରେ ଥିବା ୩୫ଯାତ୍ରୀଙ୍କ ମଧ୍ୟରୁ ୩ ଜଣଙ୍କୁ ଗୁରୁତର ଅବସ୍ଥାରେ ଉଦ୍ଧାର କରାଯାଇ ବସ୍ତା ହସ୍ପିଟାଲକୁ ନିଆଯାଇଥିଲା। ଜାତୀୟ ରାଜପଥ ପହରା ପୁଲିସ ସମେତ ଅମର୍ଦ୍ଦାରୋଡ ଫାଣ୍ଡି ପୁଲିସ ପହଞ୍ଚି ଗାଡ଼ି ବନ୍ଦୋବସ୍ତ କରି ଅନ୍ୟ ଯାତ୍ରୀଙ୍କୁ ନିଜ ନିଜ ଗନ୍ତବ୍ୟ ସ୍ଥଳକୁ ପଠାଇଥିଲେ। ପୁଲିସ ଗାଡ଼ି ଦୁଇଟିକୁ ଜବତ କରି ଘଟଣାର ତଦନ୍ତ ଜାରି ରଖିଛି।

■ ୨ ବର୍ଷ ଶିଶୁପୁତ୍ରର ଗୁପ୍ତାଙ୍ଗ କାଟିବା ଘଟଣା

## ୩ ବର୍ଷ ପରେ ବଡ଼ମା' ଗିରଫ

ତୁରୁମୁଙ୍ଗା, ୩୦।୧୦(ସମିସ): କେନ୍ଦୁଝର ଜିଲ୍ଲା ତୁରୁମୁଙ୍ଗା ଥାନା ଅନ୍ତର୍ଗତ ଚେମେଣା ପଞ୍ଚାୟତ ଭୃଙ୍ଗରାଜପଶି ଗ୍ରାମର ଜଣେ ୨ ବର୍ଷର ଶିଶୁପୁତ୍ରର ଗୁପ୍ତାଙ୍ଗକୁ ଗତ ୨୦୨୩ ଜାନୁଆରୀ ୮ ତାରିଖରେ କେହି କାଟି ଦେଇଥିଲା। ଘର ବାରଣ୍ଡାରେ ଖେଳୁଥିବା ସମୟରେ କେହି ଶିଶୁର ଗୁପ୍ତାଙ୍ଗକୁ ବ୍ଲେଡରେ କାଟି ଦେଇଥିଲା। ଏହି ଘଟଣାରେ ପୁଲିସ ଉକ୍ତ ଶିଶୁର ବଡ଼ମା' ଲକ୍ଷ୍ମୀ ମୁଣ୍ଡା(୪୦)କୁ ଗିରଫ କରି କୋର୍ଟ ଚାଲାଣ କରିବା ସହ ବ୍ଲେଡକୁ ଜବତ କରିଛି। ସୂଚନାଯୋଗ୍ୟ, ସେ ସମୟରେ ଘଟଣା ପ୍ରଘଟ ହେଲା ପରେ ଶିଶୁକୁ ଗୁରୁତର ଅବସ୍ଥାରେ କଟକ ବଡ଼ ମେଡିକାଲକୁ ସ୍ଥାନାନ୍ତର କରାଯାଇଥିଲା। ଜେଜେମା କୁନି ମୁଣ୍ଡା ତୁରୁମୁଙ୍ଗା ଥାନାରେ ଅଭିଯୋଗ କରିଥିଲେ। ଅଭିଯୋଗ ପରେ ପୁଲିସ ୩/୨୩ରେ ଏକ ମାମଲା ରୁଜୁ କରି ଘଟଣାର ତଦନ୍ତ ଜାରି ରଖିଥିଲା। ପରିବାର ଲୋକେ କୌଣସି କାମରେ ଘର ବାହାରକୁ ଯାଇଥିଲା ବେଳେ ଏହି କାଣ୍ଡ ଘଟାଇଥିଲା ଲକ୍ଷ୍ମୀ ମୁଣ୍ଡା। ଶିଶୁଟି ସାଙ୍ଗ ମାନଙ୍କ ସହ ଘର ଅଗଣାରେ ଖେଳୁଥିଲା। ଶିଶୁଟି ଗୋଇଠା ମାରିଦେବାରୁ ସେ ଉତକ୍ଷିପ୍ତ ହୋଇ ଏଭଳି କରିଥିବା ପୁଲିସ ଆଗରେ ଲକ୍ଷ୍ମୀ ସ୍ୱୀକାର କରିଛି।

## ବିଦ୍ୟାଳୟ ପରିସରରେ ପରିତ୍ୟକ୍ତ ଗୃହ; ବିପଦରେ ଛାତ୍ରଛାତ୍ରୀ

ବାରିକପୁର,୩୦।୧୦(ସମିସ): ଭଣ୍ଡାରିପୋଖରୀ ବ୍ଲକ ଶିକ୍ଷା ବିଭାଗ ଅଧୀନସ୍ଥ କେତେକ ବିଦ୍ୟାଳୟ ପରିସରରେ ଅନେକ ବର୍ଷ ହେବ ପରିତ୍ୟକ୍ତ ଗୃହ ମାନ ରହିଛି। ଯାହାକି ଛାତ୍ରଛାତ୍ରୀଙ୍କ ପାଇଁ ବିପଦ ଭାବେ ଉଭା ହୋଇଛି। ସୂଚନା ମୁତାବକ, ରହଣିଆ ପଞ୍ଚାୟତ ରାଢୋ ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟଠାରେ ଦୀର୍ଘ ବର୍ଷ ଧରି ୨ କକ୍ଷ ବିଶିଷ୍ଟ ଗୋଟିଏ ପରିତ୍ୟକ୍ତ ଗୃହ ରହିଛି। ପୂର୍ବରୁ ଏଠାରେ ଛାତ୍ରଛାତ୍ରୀମାନେ ଅଧ୍ୟୟନ କରୁଥିବା ବେଳେ ଏବେ ୧୦ ବର୍ଷରୁ ଅଧିକ ହେବ ଏହା ବନ୍ଦ ହୋଇ ରହିଛି। ନୂତନ ବିଦ୍ୟାଳୟ ଗୃହ ନିର୍ମାଣ ପରେ ପୁରୁଣା ଅନୁପଯୋଗୀ ଗୃହଟି ସ୍କୁଲ ପରିସରରେ ଦଣ୍ଡାୟମାନ ହୋଇ ରହିଛି। ଏହା ଭିତରେ ଅନେକ ସରୀସୃପ ବସା ବାନ୍ଧି ରହିଛନ୍ତି। ଏପରିକି ଅନେକ ସମୟରେ କିଛି ଗହ୍ମୁଆ ନାଗ ଓ ଅନ୍ୟାନ୍ୟ ସରୀସୃପ ଉକ୍ତ ପରିତ୍ୟକ୍ତ ଗୃହରୁ ବାହାରି ପାର୍ଶ୍ୱରେ ଥିବା ଅଙ୍ଗନବାଡ଼ି କେନ୍ଦ୍ର ତଥା ଏଣେତେଣେ ବୁଲୁଥିବା ଗ୍ରାମବାସୀ ଜଣାଇଛନ୍ତି।

ଏହାଛଡା ଗୃହଟି ମଧ୍ୟ ଦିନକୁ ଦିନ ଦୁର୍ବଳ ହେଉଥିବା ବେଳେ କେତେବେଳେ ଯେ ଭୁଶୁଡି ପଡ଼ିବ କହି ହେଉନାହିଁ। କେବଳ ରାଢୋଠାରେ ନୁହେଁ ଜଳହରି, ଚତୁର୍ଭୁଜପୁର, ରଘୁନାଥପୁର, ଅରେଇକଣା, କହରାପୋଖରୀ, ବେଲଗଡ଼ିଆ ପ୍ରମୁଖ ବିଦ୍ୟାଳୟ ପରିସରରେ ଅନେକ ବର୍ଷ ହେବ ପରିତ୍ୟକ୍ତ ଗୃହଗୁଡିକ ଠିଆ ହୋଇରହିଛି। ଏବାବଦରେ କିଛି ଆଞ୍ଚଳିକ ସାଧନ କେନ୍ଦ୍ର ସଂଯୋଜକ ଦୀର୍ଘ ଦିନ ହେବ ଗୋଷ୍ଠୀ ଶିକ୍ଷାଧିକାରୀଙ୍କୁ ମଧ୍ୟ ତଥ୍ୟ ପ୍ରଦାନ କରିଛନ୍ତି। ଶିକ୍ଷା ବିଭାଗ ପକ୍ଷରୁ ବ୍ଲକ ପ୍ରଶାସନକୁ ଏ ବାବଦରେ ଅବଗତ କରାଯାଇଥିବା ସହକାରୀ ଗୋଷ୍ଠୀ ଶିକ୍ଷା ଅଧିକାରୀଣି ମଞ୍ଜୁଳା ନାୟକ କହିଛନ୍ତି। ୫୦ରୁ ୬୦ଟି ବିଦ୍ୟାଳୟ ପରିସରରେ ଅତି ସଙ୍କଟାପନ୍ନ ଭାବେ ଅବ୍ୟବହୃତ ପରିତ୍ୟକ୍ତ ଗୃହ ମାନ ରହିଥିବା ସୂଚନା ମିଳିଛି। ଏହା ଉପରେ ଜିଲ୍ଲାପାଳ ତଥା ବିଭାଗୀୟ ଉଚ୍ଚ ପଦସ୍ଥ ଅଧିକାରୀମାନେ ଦୃଷ୍ଟି ଦେବାକୁ ଦାବି ହୋଇଛି।

**ତଦନ୍ତକାରୀ ପୁଲିସ ଅଧିକାରୀଙ୍କ ଦାୟିତ୍ୱହୀନତା**

## ଅଭିଯୁକ୍ତକୁ ୨୦ ବର୍ଷ ବଦଳରେ ହେଲା ୪ ବର୍ଷ ଜେଲ୍

**କେନ୍ଦୁଝର ପୋକ୍ସୋ କୋର୍ଟ ଦେଲେ ରାୟ**

କେନ୍ଦୁଝର,୩୦।୧୦(ସମିସ): କେନ୍ଦୁଝର ଜିଲ୍ଲା ବଡ଼ବିଲ ଥାନାଞ୍ଚଳରେ ଘଟିଯାଇଥିବା ବହୁଚର୍ଚ୍ଚିତ ଜଣେ ମାନସିକ ଅନଗ୍ରସରର ନାବାଳକକ ସହ ଜୋରଜବରଦସ୍ତ ଅପ୍ରାକୃତିକ ଯୌନକ୍ରିୟା ମାମଲାରେ ରାୟ ପ୍ରକାଶ ପାଇଛି। ତେବେ, ଜଣେ ଦାୟିତ୍ୱହୀନ ତଦନ୍ତକାରୀ ଅଧିକାରୀଙ୍କ ପାଇଁ ଅଭିଯୁକ୍ତକୁ ୨୦ ବର୍ଷର ଜେଲଦଣ୍ଡ ବଦଳରେ ମାତ୍ର ୪ ବର୍ଷ ଜେଲଦଣ୍ଡ ହେବା ପୁଲିସ ତଦନ୍ତର ଗୁରୁତ୍ୱକୁ ଦର୍ଶାଉଛି। ଏଭଳି ଏକ ସ୍ପର୍ଶକାତର ମାମଲାରେ କୋର୍ଟଙ୍କ ରାୟ ପରେ ତଦନ୍ତ ଦାୟିତ୍ୱରେ ରହୁଥିବା କେତେକ ପୁଲିସ ବାବୁଙ୍କ ତଦନ୍ତଶୈଳୀକୁ ପ୍ରଶ୍ନବାଚୀ ସୃଷ୍ଟି କରିଛି।

ଗୁରୁବାର କେନ୍ଦୁଝର ଅତିରିକ୍ତ ଜିଲ୍ଲା ଦୌରା ଜଜ ତଥା ସ୍ୱତନ୍ତ୍ର ପୋକ୍ସୋ କୋର୍ଟର ଜଜ ମୋନାଲିଶା ମହାନ୍ତି ୨୦୨୨ର ଏକ ମାମଲାର ରାୟ ଶୁଣାଇଛନ୍ତି। ସ୍ୱତନ୍ତ୍ର ପୋକ୍ସୋ କୋର୍ଟର ସ୍ୱତନ୍ତ୍ର ପିପିଙ୍କଠାରୁ ମିଳିଥିବା ସୂଚନା ଅନୁସାରେ, ବଡ଼ବିଲ ଥାନାଞ୍ଚଳରେ ଗତ ୨୬/୭/୨୦୨୨ରେ ଜଣେ ୧୨ ବର୍ଷିୟ ମାନସିକ ଅନଗ୍ରସର ନାବାଳକ ଘର ନିକଟ ଦାଣ୍ଡରେ ଖେଳୁଥିଲା। କୋହ୍ଲବରପଦା ଗ୍ରାମର ଗଣେଶ ମୁଣ୍ଡା ତାକୁ ଫୁସୁଲାଇ ନେଇଯାଇ ଏକାନ୍ତ ସ୍ଥାନ ଦେଖି ଅପ୍ରାକୃତିକ ଯୌନ କ୍ରିୟା କରିଥିଲା। ନାବାଳକର ଜଣେ ସାଙ୍ଗ ଏହି ଘଟଣା ଦେଖିନେବାରୁ ଅଭିଯୁକ୍ତ ସେଠାରୁ ଦୌଡ଼ି ପଳାଇଥିଲା। ଘଟଣା ସମ୍ପର୍କରେ ପୀଡ଼ିତ ନାବାଳକର ଜେଜେ ମା' ଜାଣିଲା ପରେ ଗାଁର ଭଦ୍ରଲୋକଙ୍କୁ ନେଇ ଏକ ବୈଠକ ହୋଇଥିଲା। ସେଠାରେ ଅଭିଯୁକ୍ତ ସମସ୍ତଙ୍କୁ ଧମକାଇଥିଲା। ଫଳରେ ଗାଁ ଲୋକଙ୍କ ସହାୟତାରେ ଗତ ୨୮/୭/୨୦୨୨ରେ ପୀଡିତର ଜେଜେଆଇ ବଡ଼ବିଲ ଥାନାରେ ଲିଖିତ ଅଭିଯୋଗ କରିଥିଲେ। ଅଭିଯୋଗକୁ ଭିତ୍ତିକରୀ ବଡ଼ବିଲ ଥାନା କେସ୍ ନମ୍ବର ୧୬୭/୨୦୨୨ ଦଫା ୩୭୭, ୫୦୬, ୬ ପୋକ୍ସ ଆଇନ ଅନୁସାରେ, ତଦନ୍ତ ଅଧିକାରୀ ଅଭିଯୁକ୍ତକୁ ଗିରଫକରି କୋର୍ଟ ଚାଲାଣ କରିଥିଲେ; କିନ୍ତୁ ପୀଡ଼ିତର ଜନ୍ମ ପ୍ରମାଣପତ୍ର କୋର୍ଟକୁ ଦେଇ ପାରି ନଥିଲେ। ଫଳରେ ୬ ପୋକ୍ସୋ ଆକ୍ଟ ଅନୁସାରେ ମୁଦାଲାକୁ ଦଣ୍ଡ ନହୋଇ କେବଳ ୩୭୭ରେ ସ୍ୱତନ୍ତ୍ର ପୋକ୍ସୋ କୋର୍ଟ ଅଭିଯୁକ୍ତ ଗଣେଶ ମୁଣ୍ଡାକୁ ୪ ବର୍ଷ ସଶ୍ରମ କାରାଦଣ୍ଡ, ୪ ହଜାର ଜରିମାନା, ଅନାଦେୟ ଅଧିକ ୧ ବର୍ଷ ଜେଲଦଣ୍ଡ ଆଦେଶ ଦେଇଛନ୍ତି। ଏଥିସହ କୋର୍ଟ ଉକ୍ତ ନିର୍ଯାତିତ ବାଳକକୁ ୫ ଲକ୍ଷ ଟଙ୍କା ଅନୁକମ୍ପା ରାଶି ପ୍ରଦାନ ନିମନ୍ତେ ଆଦେଶରେ ଉଲ୍ଲେଖ କରିଛନ୍ତି। ସରକାରଙ୍କ ପକ୍ଷରୁ ପୋକ୍ସୋ କୋର୍ଟର ସ୍ୱତନ୍ତ୍ର ପିପି ଗଣେଶ ପ୍ରସାଦ ମହାପାତ୍ର ମାମଲା ପରିଚାଳନା କରୁଥିଲେ।

## ପାଣିକୋଇଲି ପୁଲିସ ପକ୍ଷରୁ ଜାତୀୟ ଏକତା ଦିବସ ପାଳିତ



ପାଣିକୋଇଲି,୩୧।୧୦(ସମିସ): ବରପୁତ୍ର ସ୍ୱର୍ଗତ ବଲ୍ଲଭ ଭାଇ ପଟେଲଙ୍କ ଜନ୍ମ ଦିବସକୁ ସାରା ଦେଶରେ ରାଷ୍ଟ୍ରୀୟ ଏକତା ଦିବସ ରୁପେ ପାଳନ କରାଯାଇଥାଏ। ଦେଶର ଅଖଣ୍ଡତା ଓ ଏକତା ବଜାୟ ରଖିବା ଲାଗି ପ୍ରତିବର୍ଷ ଅକ୍ଟୋବର ୩୧ ତାରିଖ ଦିନକୁ ସାରା ଦେଶ ଏହାକୁ ପାଳିଥାଏ। ଏହି ଅବସରରେ ଯାଜପୁର ଆରକ୍ଷୀ ଅଧିକ୍ଷକ ଯଶ ପ୍ରତାପ ଶ୍ରୀମଲଙ୍କ ନିର୍ଦ୍ଦେଶ କ୍ରମେ ତଥା ପାଣିକୋଇଲି ଥାନାଧିକାରୀଙ୍କ ନେତୃତ୍ୱରେ ଏକତା ଦିବସ ପାଳନ କରାଯାଇଥିଲା। କୋରେଇ ବ୍ଲକ ଅଧୀନ ମୂଳାପାଳସ୍ଥିତ ଲିଙ୍ଗେଶ୍ୱର ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିର ପରିସରରେ ଓ ପାଣିକୋଇଲି ସରକାରୀ ଉଚ୍ଚ ବିଦ୍ୟାଳୟରେ ଜାତୀୟ ଏକତା ଦିବସ ପୁଲିସ ପକ୍ଷରୁ ପାଳିତ ହୋଇଛି। ତୃତୀୟରୁ ଦଶମ ଶ୍ରେଣୀ ପର୍ଯ୍ୟନ୍ତ ତିନୋଟି ବିଭାଗରେ ଭାଗ କରି ଚିତ୍ରାଙ୍କନ ଓ ରଚନା ପ୍ରତିଯୋଗିତା କରାଯାଇଥିଲା। ଏଥିରେ ପ୍ରାୟ ଉଭୟ ବିଦ୍ୟାଳୟର ୫ଶହ ଉର୍ଦ୍ଧ୍ୱର୍ ଛାତ୍ରଛାତ୍ରୀ ଭାଗ ନେଇଥିଲେ। ବିଦ୍ୟାଳୟର ସମସ୍ତ ଗୁରୁଜୀ ଗୁରୁମା, ଶିକ୍ଷକ ଶିକ୍ଷୟିତ୍ରୀ ପରୀକ୍ଷା ପରିଚାଳନା ଓ ମୂଲ୍ୟାଙ୍କନ କରିଥିଲେ। ପ୍ରତ୍ୟେକ ବିଭାଗରୁ ପ୍ରଥମ, ଦ୍ୱିତୀୟ ଓ ତୃତୀୟ ହୋଇଥିବା କୃତୀ ଛାତ୍ରଛାତ୍ରୀଙ୍କୁ ପୁରସ୍କାର ବିତରଣ କରାଯାଇଥିଲା। କାର୍ଯ୍ୟକ୍ରମରେ ପାଣିକୋଇଲି ଉଚ୍ଚ ବିଦ୍ୟାଳୟରେ ମୁଖ୍ୟଅତିଥି ଭାବେ ଥାନାଧିକାରୀ ରଞ୍ଜିତ କୁମାର ମହାନ୍ତି, ବିଦ୍ୟାଳୟ ପରିଚାଳନା କମିଟିର ସଭାପତି ପ୍ରେମେଶ ଚନ୍ଦ୍ର ମହାକୁଡ଼, ସଭ୍ୟ ଗଦାଧର ସାହୁ, ଅଜୟ କୁମାର ଧଳ, ଅବୁଦୁଲ ସୟଦ ଖାନ, ବିଦ୍ୟାଳୟର ଭାରପ୍ରାପ୍ତ ପ୍ରଧାନଶିକ୍ଷୟିତ୍ରୀ ଗାୟତ୍ରୀ ନାୟକ ପ୍ରମୁଖ ଯୋଗଦେଇଥିଲେ। ସହକାରୀ ଶିକ୍ଷକ ପ୍ରତାପ କୁମାର ପହୀ, ପ୍ରଫୁଲ୍ଲ କୁମାର ଦାଶ, ପ୍ରଫୁଲ୍ଲକୁମାର ବେହେରା, କଳ୍ପନା ପଣ୍ଡା, ସୁଧାଂଶୁବାଳା ଦାସଙ୍କ ସମେତ ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। କୃତୀ ପ୍ରତିଯୋଗୀମାନଙ୍କୁ ଅତିଥିମାନଙ୍କ ଦ୍ୱାରା ପୁରସ୍କୃତ କରାଯାଇଥିଲା।

## ଉତ୍ତର ଓଡ଼ିଶାର ପ୍ରସିଦ୍ଧ ଶୈବପୀଠ ପଞ୍ଚଲିଙ୍ଗେଶ୍ୱର ପାଇଁ ନୂତନ ଟ୍ରଷ୍ଟି ନିଯୁକ୍ତ

ନୀଳଗିରି,୩୦।୧୦(ସମିସ): "ବାବା ପଞ୍ଚଲିଙ୍ଗେଶ୍ୱର ଶୈବପୀଠ ପାଇଁ ନୂତନ ଟ୍ରଷ୍ଟବୋର୍ଡ ଗଠନ କରାଯାଇଛି। ଓଡ଼ିଶା ସରକାରଙ୍କ ଆଇନ ବିଭାଗର ଚିଠିସଂଖ୍ୟା ୧୬୦୭୮ ଅନୁଯାୟୀ ବାଲେଶ୍ୱର ଜିଲ୍ଲା ନୀଳଗିରିର ପ୍ରସିଦ୍ଧ ଶୈବପୀଠ ପଞ୍ଚଲିଙ୍ଗେଶ୍ୱର ମହାଦେବ ମନ୍ଦିରର ନୂତନ ଟ୍ରଷ୍ଟବୋର୍ଡ ପାଇଁ ୯ଜଣ ଅଣବଂଶାନୁକ୍ରମିକ ଟ୍ରଷ୍ଟି ନିଯୁକ୍ତି କରିଛନ୍ତି। ଏହି ଟ୍ରଷ୍ଟରେ ବାଲେଶ୍ୱରର ମାନ୍ୟବର ସାଂସଦ ପ୍ରତାପ ଚନ୍ଦ୍ର ଷଡ଼ଙ୍ଗୀ, ନୀଳଗିରିର ମାନ୍ୟବର ବିଧାୟକ ସନ୍ତୋଷ କୁମାର ଖଟୁଆ, ଡିଏଫଓ ବାଲେଶ୍ୱର, ଉପଜିଲ୍ଲାପାଳ ନୀଳଗିରି, ଏସଡିପିଓ ନୀଳଗିରି, ତହସିଲଦାର ନୀଳଗିରି, ଶ୍ୟାମସୁନ୍ଦରପୁର ସରପଞ୍ଚ ପୁରୁଷୋତ୍ତମ ସେଠୀ, କାଣ୍ଡଗରଡି ସରପଞ୍ଚ ରାଜେନ୍ଦ୍ର ରାଉତ, ଅସ୍ତିଆର ବରିଷ୍ଠସମାଜସେବୀ ମଧୁମାଧବ ଜେନାଙ୍କୁ ଦୁଇବର୍ଷ ପାଇଁ ଟ୍ରଷ୍ଟି ଭାବେ ନିଯୁକ୍ତି ଦିଆଯାଇଛି। ଉକ୍ତ ନଅଜଣଙ୍କ ମଧ୍ୟରୁ ଜଣକୁ ପରିଚାଳନା ଟ୍ରଷ୍ଟି ଭାବରେ ମନୋନୀତ କରିବାପାଇଁ ଏହି ପତ୍ରରେ ଉଲ୍ଲେଖ ରହିଛି। ନୂତନକରି ନିଯୁକ୍ତି ପାଇଥିବା ଟ୍ରଷ୍ଟି ପୁରାତନ ଟ୍ରଷ୍ଟି ମାନଙ୍କ ଠାରୁ ଦାୟିତ୍ୱଗ୍ରହଣ କରି ସମସ୍ତ ଆୟ ବ୍ୟୟର ତର୍ଯ୍ୟମା କରିବା ସହିତ ଆବଶ୍ୟକ ସ୍ଥଳେ କମିଶନରଙ୍କ ଦ୍?ାରା ନିଯୁକ୍ତ ଜଣେ ଅଡିଟରଙ୍କ ଦ୍ୱାରା ଅଡିଟ କରି ଦେବୋତ୍ତର କମିଶନରଙ୍କୁ ରିପୋର୍ଟ କରିବା ପାଇଁ ନିର୍ଦ୍ଦେଶ ରହିଛି। ଏତଦ୍ ଭିନ୍ନ ପରିଚାଳନା ଟ୍ରଷ୍ଟି ତୁରନ୍ତ ଦାୟିତ୍ୱରେ ରହିବା ସହିତ ସମସ୍ତ ଆୟବ୍ୟୟର ହିସାବ ରଖିବେ। ପ୍ରତିମାସରେ ଥରେ ବୋର୍ଡ ବୈଠକ ଡାକି ମନ୍ଦିରର ମରାମତି, ମନ୍ଦିର ସମ୍ପତ୍ତି ଲିଜଦେବା ଆଦି କାର୍ଯ୍ୟ ହାତକୁ ନେବାକୁ ଦେବୋତ୍ତର କମିଶନର ନିର୍ଦ୍ଦେଶ ରହିଥିବା ସୂଚନା ମିଳିଛି।

## ଟାଟା ପାୱାର ପକ୍ଷରୁ ପାଟଣା କଲେଜରେ ସଚେତନତା

ତୁରୁମୁଙ୍ଗା, ୩୦।୧୦(ସମିସ): ଟାଟା ପାୱାର ନର୍ଥ ଓଡ଼ିଶା ପାୱାର ଡିଷ୍ଟ୍ରିବୁସନ ଲିମିଟେଡ ପାଟଣା ସେକ୍ସନ ତରଫରୁ ଜାଗୃତି କାର୍ଯ୍ୟକ୍ରମ ଅନ୍ତର୍ଗତ ଯୋଜନାରେ ପାଟଣା ବ୍ଲକ ମୁଖ୍ୟାଳୟସ୍ଥିତ ପାଟଣା ଆଞ୍ଚଳିକ ମହାବିଦ୍ୟାଳୟରେ ଏକ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଟାଟା ପାୱାର ପାଟଣା ସେକ୍ସନ କନିଷ୍ଠ ଯନ୍ତ୍ରୀ ଜ୍ୟୋତିରଞ୍ଜନ ମିଶ୍ରଙ୍କ ତତ୍ତ୍ୱାବଧାନରେ ମହାବିଦ୍ୟାଳୟର ଅଧ୍ୟକ୍ଷ ବୀରେନ୍ଦ୍ର କୁମାର ସାହୁଙ୍କ ଅଧ୍ୟକ୍ଷତାରେ ଏହି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା।



କାର୍ଯ୍ୟକ୍ରମକୁ ଏନସିସି ଅଧିକାରୀ କ୍ୟାପଟେନ ଧର୍ମେନ୍ଦ୍ର କୁମାର ସାହୁ ସଂଯୋଜନା କରିଥିଲେ। ଟାଟାପାୱାରପକ୍ଷରୁ କେନ୍ଦୁଝରଜିଲ୍ଲା ଗ୍ରାହକସେବା ମୁଖ୍ୟ ମୋହିତ ସାହୁ, ମାସୁମା ନାଜ ପ୍ରମୁଖ ଯୋଗଦେଇ ପ୍ରଧାନମନ୍ତ୍ରୀଙ୍କ ସୂର୍ଯ୍ୟଘର ଯୋଜନା ପାଇଁ ସୁବିଧା ସୁଯୋଗ, ବିଦ୍ୟୁତ ବିଲ୍ର ଡିଜିଟାଲ ପେମେଣ୍ଟର ଲାଭ, ବିଦ୍ୟୁତ ବ୍ୟବହାର କ୍ଷେତ୍ରରେ ସଚେତନତା ବିଷୟରେ ସୁବିସ୍ତୃତ ତଥ୍ୟ ରଖିଥିଲେ। କାର୍ଯ୍ୟକ୍ରମରେ ଟାଟା ପାୱାର ପକ୍ଷରୁ ଲିଙ୍ଗରାଜ ମହାନ୍ତ, ସୁଶାନ୍ତ ପାରମାଣିକ, ନବକିଶୋର ମହାନ୍ତ, ଆଦର୍ଶ ବାସା, ଭତୃହରି ମହାନ୍ତ, ସୁଜାତା ନାଏକଙ୍କ ସହ ୨ ଶହରୁ ଉର୍ଦ୍ଧ୍ୱ ଛାତ୍ରଛାତ୍ରୀ ଉପସ୍ଥିତ ଥିଲେ।

■ ଜଗଦ୍ଧାତ୍ରୀ ମା'ଙ୍କ ଘଟ ଉତ୍ତୋଳନ ଶୋଭାଯାତ୍ରାରେ କମ୍ପିଲା ସହର

## ୮ଟି ଲୋକନୃତ୍ୟ ଓ ସାଂସ୍କୃତିକ ଦଳ ସାମିଲ



ବାରିପଦା, ୩୦।୧୦(ସମିସ): ବାରିପଦା ଭଞ୍ଜପୁରଠାରେ ମା' ଜଗଦ୍ଧାତ୍ରୀଙ୍କ ୭୩ତମ ପୂଜା ଅବସରରେ ଘଟ ଉତ୍ତୋଳନ ଶୋଭାଯାତ୍ରାରେ ସହର ପ୍ରକମ୍ପିତ ହୋଇଛି। ଗୁରୁବାର ଅପରାହ୍ନରେ ବେଲଗଡ଼ିଆ ନିକଟସ୍ଥ ଟିପଟ ନଦୀରୁ ବିଧି ଅନୁସାରେ ଘଟ ଉତ୍ତୋଳନ କରାଯାଇ ଏକ ବିରାଟ ଶୋଭାଯାତ୍ରାରେ ସହର ଓ ସାହି ପରିକ୍ରମା କରିବା ପରେ ପୂଜା ମଣ୍ଡପରେ ପହଞ୍ଚିଥିଲା। ଏହି ଶୋଭାଯାତ୍ରାରେ ପୁରୀ ରଥଯାତ୍ରାର ଘୋଷ ଘଣ୍ଟୁଆ ଦଳ, ଗଞ୍ଜାମ ଜିଲ୍ଲାର ଯୋଡ଼ି ଶଙ୍ଖ ଦଳ, ସମ୍ବଲପୁରର ସିଂହ ବାଜା, ଖୋର୍ଦ୍ଧା ଜିଲ୍ଲାର ଘୋଡାନାଚ, ମୟୂରଭଞ୍ଜର ଛଉ ବାଜା ଓ ସୋରିଷକୋଠା ଅଞ୍ଚଳର ସଂକୀର୍ତ୍ତନ ଦଳ, ପଶ୍ଚିମବଙ୍ଗ ମେଦିନୀପୁରର ଢାକ ବାଜା ଓ ବାରିପଦା ବ୍ରାହ୍ମଣ ସମାଜ ଦ୍ୱାରା ସଂସ୍କୃତରେ ବେଦ ପାଠ ଦଳ ସାମିଲ ହୋଇଥିଲେ। ମା'ଙ୍କ କଳସ ମୁଣ୍ଡାଇଥିଲେ ଅବନୀ ଶଙ୍କର ଷଡ଼ଙ୍ଗୀ, ସଂକଳ୍ପ କାର୍ଯ୍ୟ ମଣ୍ଟୁ ନନା ଓ ବାବୁଲି ନନା ସମ୍ପାଦନ କରିଥିଲେ। ରାତି ୯ଟାରୁ ଗୋଟାଏ ମଧ୍ୟରେ ମା'ଙ୍କ ପୂଜାବିଧି ସମ୍ପନ୍ନ ହେବବୋଲି ପୂଜକ ମହାଜନ ସମ୍ପଦ ନନା ଜଣାଇଛନ୍ତି। ଋଷିରାଜ ପଟ୍ଟନାୟକ ଓ ପ୍ରମୋଦ ମହାନ୍ତି ଶୋଭାଯାତ୍ରା ଦାୟିତ୍ୱରେ ଥିଲେ।

# ରାଣୀ ପଢ଼ିବେ ଡାକ୍ତରୀ ପାଠ

**ସହଯୋଗର ସୂତ୍ର ସାଜିଛନ୍ତି ସମାଜସେବୀ**

ହାଟଡ଼ିହୀ,୩୦।୧୦(ସମିସ): କେନ୍ଦୁଝର ଜିଲ୍ଲା ହାଟଡ଼ିହୀ ବ୍ଲକ୍ ଢେଙ୍କା ପଞ୍ଚାୟତ ବୀଣାପାଟିଆ ଗାଁର ଝିଅ ରାଣୀ ହେମ୍ବ୍ରମ୍ ଦିନେ କୁନି ହାତରେ କୋଦାଳ ଧରି ମୂଲ ଲାଗି ପରିବାରର ବୋଝ ମୁଣ୍ଡାଇଥିଲେ। ଏବେ ଡ଼ାକ୍ତରୀ ପାଠ ପଢ଼ିବା ପାଇଁ ଯୋଗ୍ୟ ବିବେଚିତ ହୋଇଛନ୍ତି। ତାଙ୍କ ପରିବାରର ଆର୍ଥିକ ଅନଟନ ଦୃଷ୍ଟିରୁ ଏହି ମେଧାବୀ ଝିଅଙ୍କ ପାଠପଢ଼ା ପାଇଁ ସହଯୋଗର ହାତ ମଧ୍ୟ ବଢ଼ିଛି। ରାଜ୍ୟ ପଦ ୪୩୮୧ ନଂରେ ଚୟନ ହୋଇ ଫୁଲବାଣୀ ମେଡିକାଲ କଲେଜରେ ଏମବିବିଏସ୍ ପଢ଼ିବା ପାଇଁ ସୁଯୋଗ ପାଇଛନ୍ତି। ଗଣମାଧ୍ୟମରେ ଖବର ପ୍ରକାଶ ପାଇବା ପରେ ରାଜ୍ୟର ବିଭିନ୍ନ ସ୍ଥାନରୁ ଅନେକ ସେବା ସଂଗଠନ ସଂସ୍ଥା ରାଣୀଙ୍କୁ ସହଯୋଗ କରିବାକୁ ଆଗେଇ ଆସିଥିଲେ। ବିଶେଷ କରି ଯଶୋଦା ମା' ଫାଉଣ୍ଡେସନର ନିବେଦିତା ଲେଙ୍କାଙ୍କ ସହଯୋଗକ୍ରମେ ସେ ଭୁବନେଶ୍ୱରରେ ଯୁକ୍ତ ଦୁଇ ପଢି ସଫଳତା ପାଇଥିଲେ। ପରବର୍ତ୍ତୀ ସମୟରେ ସେ ମେଡିକାଲ କୋଚିଂ ନେଇଥିଲେ। ଏତେ ଅଭାବ ଅସୁବିଧା ଭିତରେ ଚଳି ରାଣୀ ଡାକ୍ତରୀ ପଢିବାକୁ ସକ୍ଷମ ହୋଇଛନ୍ତି। ଅନ୍ୟପଟେ ସମସ୍ତଙ୍କ ସହଯୋଗ ମିଳିଲେ ସେ ଜଣେ ଭଲ ଡାକ୍ତର ହୋଇ ଲୋକଙ୍କ ସେବା କରିବେ ବୋଲି କହିଛନ୍ତି ରାଣୀ।



କରୋନାରେ ବାପାଙ୍କ ମୃତ୍ୟୁ ପରେ ରାଣୀ ମୂଲ ଲାଗି ନିଜେ ପଢ଼ିବା ସହ ପରିବାର ଚଳାଉଥିଲେ। ତେବେ, ଏତେ ଅଭାବ ଅନଟନ ମଧ୍ୟ ରୋକି ପାରିଲାନି ରାଣୀଙ୍କ ସଫଳତାର ବାଟ। ଏହି ସଫଳତା ପରେ ସେ ବେଶ୍ ଖୁସି ଥିବା ପ୍ରକାଶ କରିଛନ୍ତି। ପ୍ରଥମ ପ୍ରୟାସରେ ବିଫଳ ହେବା ପରେ ପ୍ରାୟ ୭ରୁ ୮ ଘଣ୍ଟା ପଢ଼ାପଢ଼ି କରୁଥିଲେ। ଏବେ ପରିଶ୍ରମର ମୂଲ୍ୟ ମିଳିଥିବାରୁ ବହୁତ ଖୁସି ଅଛନ୍ତି ବୋଲି କହିଛନ୍ତି। ତଥାପି ମେଡ଼ିକାଲ ଆଡ଼ମିଶନ ପାଇଁ ୪୦ହଜାର ଟଙ୍କା ଆବଶ୍ୟକ ଥିବାରୁ ଚିନ୍ତାରେ ପଡ଼ିଥିଲେ ରାଣୀ। ପିଲାଟି ଦିନରୁ ରାଣୀଙ୍କ ସ୍ୱପ୍ନ ଥିଲା ପାଠପଢ଼ି ଡାକ୍ତର ହେବେ। ତେଣୁ ଦିନରେ ମଜୁରୀ ଲାଗି ଘରକୁ ଫେରିବା ପରେ ରାତିରେ ପାଠ ପଢୁଥିଲେ। ମାଟ୍ରିକ ପରୀକ୍ଷାରେ ୫୧୧ ମାର୍କ ରଖିଥିଲେ। ଏଭଳି ଖୁସି ଖବର ପାଇ ଆନନ୍ଦପୁର ବିଧାୟକ ଅଭିମନ୍ୟୁ ସେଠୀ, ଜିଲ୍ଲା ପରିଷଦ ଉପାଧ୍ୟକ୍ଷ ସୋମନାଥ ଦାସ ପ୍ରମୁଖ ରାଣୀଙ୍କ ଘରେ ପହଞ୍ଚି ତାଙ୍କୁ ଶୁଭେଚ୍ଛା ଓ ଅଭିନନ୍ଦନ ଜଣାଇବା ସହ ଡାକ୍ତରୀ ପଢ଼ିବା ପାଇଁ ସହଯୋଗର ହାତ ବଢ଼ାଇବେ ବୋଲି କହିଛନ୍ତି। ଅଭାବରେ ରହୁଥିବା ମେଧାବୀ ଛାତ୍ରଛାତ୍ରୀଙ୍କ ପାଇଁ ରାଣୀ ନିଶ୍ଚିତ ପ୍ରେରଣାଦାୟୀ ହେବେ ବୋଲି ବିଧାୟକ ଶ୍ରୀ ସେଠୀ କହିଛନ୍ତି। ରାଣୀଙ୍କ ଏହି ସଫଳତା ପାଇଁ ଯଶୋଦା ମା' ଫାଉଣ୍ଡେସନ୍ର ନିବେଦିତା ଲେଙ୍କା ତାଙ୍କୁ ଶୁଭେଚ୍ଛା ଓ ଅଭିନନ୍ଦନ ଜଣାଇ ତାଙ୍କ ଉଜ୍ଜ୍ୱଳ ଭବିଷ୍ୟତ କାମନା କରିଛନ୍ତି।

## ଆଜିର ରାଶିଫଳ

**ମେଷ:** ଅଫିସ୍‌ରେ ସମସ୍ୟା ଦେଖା ଦେବ। ଗୁରୁଜନଙ୍କ ସହ ଉତ୍ତମ ବୁଝାମଣା ରହିବ। ଆର୍ଥିକ ଦୃଷ୍ଟିରୁ ଦିନଟି ଉତ୍ତମ। ରୋଜଗାର ବୃଦ୍ଧି ହେବ। ମନ ପ୍ରସନ୍ନ ରହିବ। ଜୀବନସାଥୀଙ୍କ ସହଯୋଗ ମିଳିବ।

**ବୃଷ:** ଦିନଟି ମିଶ୍ରଫଳ ପ୍ରଦାନ କରିବ। କୌଣସି କାର୍ଯ୍ୟ ବିଗିଡ଼ିଯାଇପାରେ। ଧାର୍ମିକ କାର୍ଯ୍ୟ ପ୍ରତି ଆଗ୍ରହ ବଢ଼ିବ। ଆଚରଣରେ ନିୟନ୍ତ୍ରଣ ରକ୍ଷା କରିବେ। ଆତ୍ମବିଶ୍ୱାସର ସହ କାର୍ଯ୍ୟ କରିବେ। ନିବେଶ ଲାଗି ଉପଯୁକ୍ତ ସମୟ।

**ମିଥୁନ:** ବିରୋଧୀଙ୍କ ସହ ମତାନ୍ତର ଦୂର ହେବ। ଆଇନ ସମ୍ବନ୍ଧୀୟ ମାମଲା ଆପଣଙ୍କ ସପକ୍ଷରେ ଯିବ। ଭୁଲ୍ କାମରୁ ଦୂରେଇ ରହିବେ। ପାରିବାରିକ ଜୀବନରେ ସୁଖଶାନ୍ତି ରହିବ। ପ୍ରେମିକ ପ୍ରେମିକାଙ୍କ ପାଇଁ ଦିନଟି ଭଲ।

**କର୍କଟ:** ବିଦ୍ୟାର୍ଥୀ ବିଦେଶ ଯାତ୍ରା କରିବେ। ଗରିବଙ୍କୁ ସାହାଯ୍ୟ କରିବେ। ମାନସିକ ଶାନ୍ତି ମିଳିବ। କାର୍ଯ୍ୟ କ୍ଷେତ୍ରରେ ବରିଷ୍ଠ ଅଧିକାରୀଙ୍କ ମାର୍ଗଦର୍ଶନରେ ପରିଚାଳିତ ହେବେ। ଖର୍ଚ୍ଚରେ ନିୟନ୍ତ୍ରଣ ରକ୍ଷା କରିବେ।

**ସିଂହ:** ଆର୍ଥିକ ସମସ୍ୟା ସୃଷ୍ଟି ହେବ। ସେଲ୍‌ସ ମାର୍କେଟିଂ କ୍ଷେତ୍ରରେ ସଫଳତା ମିଳିବ। କାର୍ଯ୍ୟକ୍ଷେତ୍ରରେ ବିଶେଷ ଧ୍ୟାନ ଦେବେ। ଦୁର୍ଗା ଚାଳିଶା ପାଠ କରିବା ଭଲ। କାର୍ଯ୍ୟ ଧାରାରେ ପରିବର୍ତ୍ତନ ଆଣିବେ।

**କନ୍ୟା:** ସମାଜରେ ମାନ ସମ୍ମାନ ବୃଦ୍ଧି ପାଇବ। ବନ୍ଧୁଙ୍କ ସହାୟତାରେ କାମ ପୂରା କରିବେ। ଛାତ୍ରଛାତ୍ରୀ ପଢ଼ାକୁ ନେଇ ଚିନ୍ତାରେ ରହିବେ। ସ୍ୱାସ୍ଥ୍ୟ ସମସ୍ୟା ଉପୁଜିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ତୁଳା:** ଦିନଟିରେ ସଫଳତା ମିଳିବ। ପୈତୃକ ବ୍ୟବସାୟରୁ ଲାଭବାନ ହେବେ। ସକାରାତ୍ମକ ଚିନ୍ତାଧାରାରେ ସମସ୍ତ କାର୍ଯ୍ୟ କରିବେ। ଆର୍ଥିକ ଲାଭ ମିଳିବ। ବଚନରେ ମଧୁରତା ରକ୍ଷା କରିବେ।

**ବିଛା:** ବାଦବିବାଦରୁ ଦୂରେଇ ରହିବେ। ତରବରିଆ ଭାବେ ନିଷ୍ପତ୍ତି ନେବେ ନାହିଁ। କାମରୁ ଲାଭ ଓ ସଫଳତା ମିଳିବ। ବ୍ୟବସାୟରେ ଦୂରସ୍ଥାନକୁ ଯାତ୍ରା କରିବେ। ପ୍ରେମ ସମ୍ପର୍କ ସୁଖମୟ ହେବ।

**ଧନୁ:** କାର୍ଯ୍ୟକ୍ଷେତ୍ରରେ ଆତ୍ମବିଶ୍ୱାସର ଅଭାବ ରହିବ। କୌଣସି ସମସ୍ୟାରେ ପଡ଼ିପାରନ୍ତି। ପରିଶ୍ରମ ଅନୁସାରେ ସଫଳତା ମିଳିବ। ମହାଦେବଙ୍କ ପୂଜାର୍ଚ୍ଚନାରେ ସମୟ ବିତିବ।

**ମକର:** ବିବାହ ପ୍ରସ୍ତାବ ଆସିବ। ଧନଲାଭ ଯୋଗ ଅଛି। କୌଣସି କଥାକୁ ନେଇ ଅଧିକ ଚିନ୍ତା କରିବେ ନାହିଁ। ଭାଇ,ଭଉଣୀଙ୍କ ସହ ହସ ଖୁସିରେ ଦିନ କାଟିବେ। ଡାକ୍ତରୀ ଛାତ୍ରଛାତ୍ରୀଙ୍କୁ ନିଯୁକ୍ତି ସୁଯୋଗ ମିଳିବ।


**କୁମ୍ଭ:** ପରନିନ୍ଦାରୁ ଦୂରେଇ ରହିବେ। ପ୍ରେମିକ-ପ୍ରେମିକାଙ୍କ ମଧ୍ୟରେ ମତାନ୍ତର ଦେଖା ଦେବ। ରଣନୀତିରେ କାମ କରିବେ ଏବଂ ସଫଳତା ପ୍ରାପ୍ତି ହେବ। ସନ୍ତାନଙ୍କ କ୍ୟାରିୟରକୁ ନେଇ ଉପଯୁକ୍ତ ନିର୍ଣ୍ଣୟ ନେବେ।

**ମୀନ:** ଅଫିସ୍‌ରେ ପ୍ରତିଷ୍ଠା ବଢ଼ିବ। ଆର୍ଥିକ ଦୃଷ୍ଟିରୁ ଦିନଟି ଶୁଭ। କାମ ଆରମ୍ଭ ପୂର୍ବରୁ ଗୁରୁଜନଙ୍କ ପରାମର୍ଶ ନେବେ। ସମସ୍ତ କାମ ସହଜରେ ପୂରା କରିବେ। ବ୍ୟବସାୟୀ କୌଣସି ଶୁଭ ଖବର ପାଇବେ।

## ଆଜିର ଐତିହ୍ୟ

- ୧୭୫୯ - ଫିଲିପାଇନ୍ସରେ ଆସିଥିବା ଭୂମିକମ୍ପ ଯୋଗୁଁ ୧୦୦ ଲୋକଙ୍କ ପ୍ରାଣହାନି।
- ୧୯୨୦- 'ଅଲ୍ ଇଣ୍ଡିଆ ଟ୍ରେଡ୍ ୟୁନିଅନ୍ କଂଗ୍ରେସ'ର ଗଠନ।
- ୧୯୫୩- ବେଲଜିୟମ୍‌ରେ ଟେଲିଭିଜନ ପ୍ରସାରଣ ଆରମ୍ଭ ହେଲା।
- ୧୯୭୮ - ଇରାନ୍‌ରେ ତୈଳ କର୍ମଚାରୀଙ୍କ ଧର୍ମଘଟ।
- ୧୯୮୪- ପ୍ରଧାନମନ୍ତ୍ରୀ ଇନ୍ଦିରା ଗାନ୍ଧୀଙ୍କ ଦେହାନ୍ତ।
- ୨୦୧୫- ରୁଷିଆର ମେଟ୍ରୋଜେଟ୍ ଫ୍ଲାଇଟ୍ ଦୁର୍ଘଟଣାଗ୍ରସ୍ତ ହେବାରୁ ସମସ୍ତ ୨୨୪ ଯାତ୍ରୀ ମୃତ।

# ଜାତୀୟ ଏକତା ଦିବସ



ଆଜି ଲୌହ ମାନବ ସର୍ଦ୍ଦାର ବଲ୍ଲଭ ଭାଇ ପଟେଲଙ୍କ ଜନ୍ମ ଜୟନ୍ତୀ। ଆଜିର ଦିନକୁ ରାଷ୍ଟ୍ରୀୟ ଏକତା ଦିବସ ଭାବେ ପାଳନ କରାଯାଉଛି। ବିବିଧତା ମଧ୍ୟରେ ଏକତାର ଭାବନାକୁ ପ୍ରୋତ୍ସାହିତ କରିବା ଏବଂ ଜାତୀୟ ଅଖଣ୍ଡତାକୁ ବଜାୟ ରଖିବା ଆଜି ଏହି ଦିବସ ପାଳନର ମୂଳ ଲକ୍ଷ୍ୟ। ଏହାବାଦ୍ ଦେଶର ଆଭ୍ୟନ୍ତରୀଣ ନିରାପତ୍ତାକୁ ସୁନିଶ୍ଚିତ କରିବା ପାଇଁ ଏହି ଦିବସ ସଭିଙ୍କୁ ସଂକଳ୍ପବଦ୍ଧ କରିଥାଏ। ଭାରତ ପରି ବିବିଧତାପୂର୍ଣ୍ଣ ଦେଶରେ ଲୋକଙ୍କ ମଧ୍ୟରେ ଏକତାକୁ ସବୁଠୁ ଅଧିକ ଗୁରୁତ୍ୱ ଦିଆଯାଇଥାଏ। ଲୌହ ପୁରୁଷ ସର୍ଦ୍ଦାର ପଟେଲ ଭାରତ ଏକୀକରଣରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିର୍ବାହ କରିଥିଲେ। ସେ ୩୧ ଅକ୍ଟୋବର, ୧୮୭୫ରେ ଗୁଜରାଟର ନଡ଼ିୟାଦରେ ଜନ୍ମଗ୍ରହଣ କରିଥିଲେ। ପେସାରେ ସେ ଜଣେ ଓକିଲ ଥିଲେ। ତେବେ ରାଷ୍ଟ୍ରବାଦୀ ଗୁଣ ହିଁ ତାଙ୍କୁ ସ୍ୱାଧୀନତା ସଂଗ୍ରାମୀର ପରିଚୟ ପ୍ରଦାନ କରିଛି। ସେ ଥିଲେ ସ୍ୱାଧୀନ ଭାରତର ପ୍ରଥମ ଉପ ପ୍ରଧାନମନ୍ତ୍ରୀ ଓ ଗୃହମନ୍ତ୍ରୀ। ଯେଉଁ ସମୟରେ ଅନେକ ଦେଶୀୟ ରାଜ୍ୟ ବିଭାଜିତ ହୋଇଥିଲା, ସେହି ସମୟରେ ସ୍ୱର୍ଗତ ପଟେଲ ଅଖଣ୍ଡ ଭାରତର ପରିକଳ୍ପନା କରିଥିଲେ। ଇତିହାସରେ 'ଭାରତର ଏକତାକାରୀ' ଭାବେ ପରିଚିତ ସର୍ଦ୍ଦାର ପଟେଲ ଦେଶ ସ୍ୱାଧୀନ ହେବା ପରେ ୫୬୫ଟି ଦେଶୀୟ ରାଜ୍ୟକୁ ଏକତ୍ର କରିବାରେ ପ୍ରମୁଖ ଭୂମିକା ଗ୍ରହଣ କରିଥିଲେ। ଗୁଜରାଟର ଗୋଟିଏ ସାଧାରଣ ପରିବାରରୁ ଆସିଥିବା ସର୍ଦ୍ଦାର ପଟେଲ ସ୍ୱାଧୀନ ଭାରତର ଜଣେ ମହାନ ଜନନେତା ହୋଇପାରିଥିଲେ। ୧୫ ଡିସେମ୍ବର ୧୯୫୦ ମସିହାରେ ସେ ଇହଧାମ ତ୍ୟାଗ କରିଥିଲେ। ସେହିପରି ୨୦୧୮ ରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ସର୍ଦ୍ଦାର ପଟେଲଙ୍କ ସମ୍ମାନରେ ଗୁଜରାଟରେ ୧୮୨ ମିଟର ଉଚ୍ଚତାର 'ଷ୍ଟାଚ୍ୟୁ ଅଫ୍ ୟୁନିଟି' ପ୍ରତିମୂର୍ତ୍ତିକୁ ଉନ୍ମୋଚନ କରିଥିଲେ। ଜାତୀୟ ଏକତା ଦିବସ ଅବସରରେ ଲୌହମାନବ ସର୍ଦ୍ଦାର ବଲ୍ଲଭଭାଇ ପଟେଲଙ୍କ ବିଚାରଧାରା ସଂପର୍କରେ ଲୋକଙ୍କ ମଧ୍ୟରେ ସଚେତନତା ସୃଷ୍ଟି କରାଯାଇଥାଏ। ସାରା ଦେଶରେ ଏହିଦିନ 'ଏକତା ଦୌଡ଼'ର ଆୟୋଜନ କରାଯାଏ। ଜାତୀୟ ଏକତା ଦିବସ ନାଗରିକମାନଙ୍କୁ ଏକଜୁଟ ହୋଇ ଦେଶର ପ୍ରଗତିରେ ସକ୍ରିୟ ଭୂମିକା ଗ୍ରହଣ କରିବାକୁ ପ୍ରେରଣା ଯୋଗାଇଥାଏ।

# ମଶାମୁକ୍ତ ଦେଶରେ ମଶା ଚିହ୍ନଟ



ବିଶ୍ୱର ମଶା ମୁକ୍ତ ଦେଶ କହିଲେ ଆଇସ୍‌ଲ୍ୟାଣ୍ଡକୁ ବୁଝାଏ। ଜଳବାୟୁ ପରିବର୍ତ୍ତନର ପ୍ରଭାବ ଏବେ ଆଇସ୍‌ଲ୍ୟାଣ୍ଡ ଉପରେ ପଡ଼ିଛି। ଏଠାରେ ଏକସଙ୍ଗେ ତିନୋଟି ମଶାକୁ ଠାବ କରାଯାଇଛି। ଅନେକ ଦିନରୁ ମଶାଶୂନ୍ୟ ଦେଶ ଭାବେ ମାନ୍ୟତା ଅର୍ଜନ କରିଥିବା ଆଇସ୍‌ଲ୍ୟାଣ୍ଡରେ ବିଶ୍ୱ ତାପମାତ୍ରା ବୃଦ୍ଧି ଯୋଗୁଁ ମଶା ଦେଖାଯାଇଛନ୍ତି। ଏଠାକାର ତାପମାତ୍ରା ଏବେ ମଶା ବଂଶ ବିସ୍ତାର ପାଇଁ ଅନୁକୂଳ ହୋଇଛି ବୋଲି ଏଥିରୁ ଏକପ୍ରକାର ସ୍ପଷ୍ଟ ହୋଇଛି। ଆଇସ୍‌ଲ୍ୟାଣ୍ଡର ପ୍ରାକୃତିକ ବିଜ୍ଞାନ ସଂସ୍ଥାନର କୀଟତତ୍ତ୍ୱ ବିଜ୍ଞାନୀ ମେଥିୟାସ ଆଲଫ୍ରେଡସନ୍ ଏସମ୍ପର୍କରେ ସୂଚନା ଦେଇଛନ୍ତି। କିଡାଫେଲ, କଜୋସରେ କ୍ୟୁଲିସେଟା ଏନୁଲେଟା ମଶାର ତିନିଟି ନମୁନା ମିଳିଛି। ତନ୍ମଧ୍ୟରୁ ଦୁଇଟି ମାଈ ଏବଂ ଗୋଟିଏ ଅଣ୍ଡିରା ମଶା। ଏଠାରୁ ମିଳିଥିବା ମଶାଗୁଡ଼ିକ ଥଣ୍ଡା ଜଳବାୟୁରେ ବଢ଼ିପାରନ୍ତି। ମୁଖ୍ୟତଃ ଏହି ମଶା ଶୀତଦିନେ ଭୂତଳ ଘର କିମ୍ବା ପ୍ରାଣୀଙ୍କ ପାଇଁ ରଖାଯାଉଥିବା ଫସଲ ଚାରା କୋଠରୀରେ ସୃଷ୍ଟି ହୋଇଥାନ୍ତି। ତେବେ ଏହି ପ୍ରଜାତିର ମଶା ୟୁରୋପରେ ଅଧିକ ଦେଖାଯାଉଥିବାରୁ ଜାହାଜ ଦ୍ୱାରା ଏମାନେ ଆଇସ୍‌ଲ୍ୟାଣ୍ଡରେ ପହଞ୍ଚି ଥାଇ ପାରନ୍ତି ବୋଲି ମଧ୍ୟ ଚର୍ଚ୍ଚା ହେଉଛି। ବ୍ୟୁଆର୍ଣ୍ଣ ହେଜାଲଟସନ୍ ନାମକ ବ୍ୟକ୍ତି ମଶାଙ୍କ ଫଟୋକୁ ଫେସବୁକ୍ ଗ୍ରୁପ୍‌ରେ 'ଇଫେକ୍ଟସ ଇନ୍ ଆଇସଲ୍ୟାଣ୍ଡ'ରେ ପୋଷ୍ଟ କରିଥିଲେ। ସେ ଏହି ପୋଷ୍ଟରେ ଉଲ୍ଲେଖ କରିଥିଲେ ଯେ, ୧୬ ଅକ୍ଟୋବର ସନ୍ଧ୍ୟାରେ ମଶାଙ୍କୁ ଆକର୍ଷିତ କରିବାକୁ ବ୍ୟବହୃତ ଜାଲ (ଲାଲ ୱାଇନ୍ ରିବନ) ଉପରେ ତାଙ୍କର ନଜର ପଡ଼ିଥିଲା। ଏଥିରେ ସେ ଏକ ଅଜବ କୀଟକୁ ଦେଖିଥିଲେ। ଏହାକୁ ନେଇ ମନରେ ସନ୍ଦେହ ହେବାରୁ ସେ ଏହାକୁ ବିଜ୍ଞାନ ପ୍ରତିଷ୍ଠାନକୁ ପଠାଇଥିଲେ। ଏହାବାଦ୍ ସେ ଅନ୍ୟ ଦୁଇଟି ମଶା ମଧ୍ୟ ଠାବ କରିଥିଲେ। କିଛି ଦିନ ପୂର୍ବରୁ ଏଠାରେ ମଶାବଂଶ ବିସ୍ତାର କରିବ ବୋଲି ବୈଜ୍ଞାନିକମାନେ ଭବିଷ୍ୟବାଣୀ କରିଥିଲେ। ଏବେ ଏକଥା ସତ ପ୍ରମାଣିତ ହୋଇଛି। ଗ୍ଲୋବାଲ ହିଟ୍ ହେଲ୍‌ଥ ଇନ୍‌ଫର୍ମେଶନ ନେଟୱର୍କ ୨୦୨୫, ଜୁନ୍‌ର ଏକ ରିପୋର୍ଟ ଅନୁସାରେ, 'ଉତ୍ତର ଗୋଲାର୍ଦ୍ଧର ଅବଶିଷ୍ଟ ଅଂଶ ତୁଳନାରେ ଆଇସଲ୍ୟାଣ୍ଡରେ ଚାରିଗୁଣ ଅଧିକ ଗରମ ହେଉଛି। ଗ୍ଲେସିୟର ତରଳିବାରୁ ଏଠାରେ ଏକ ବିଶେଷ ପ୍ରଜାତିର ମାଛ ଦେଖାଯାଇଛନ୍ତି, ଯାହାକି ଗରମ ଜଳବାୟୁରେ ଦେଖାଯାଏ।'

# ବିନା ବ୍ରେକ୍‌ରେ ସୁଟ୍ ହେଲା 'ଜଟାଧାରା'ର କ୍ଲାଇମାକ୍ସ




ସୁଧୀର ବାବୁ ଓ ସୋନାକ୍ଷୀ ସିହ୍ନାଙ୍କ ଅଭିନୀତ 'ଜଟାଧାରା' ଫିଲ୍ମ ନଭେମ୍ବର ୭ରେ ପରଦାକୁ ଆସିବ। ନିକଟରେ ଫିଲ୍ମର ପ୍ରଯୋଜକ ଶିବିନ ନାରଙ୍ଗ ଏହାର କ୍ଲାଇମାକ୍ସ ସିନ୍ ସମ୍ପର୍କରେ କହିଛନ୍ତି। ସେ କହିଛନ୍ତି, 'ଏହାର କ୍ଲାଇମାକ୍ସକୁ ଲଗାତାର ୨୪ ଘଣ୍ଟା ଧରି ସୁଟ୍ କରାଯାଇଛି। ଏହାର କ୍ଲାଇମାକ୍ସ ହିଁ ଫିଲ୍ମର ଆକର୍ଷଣ ସାଜିବ। ଏହି ସିନ୍ ପାଇଁ ସୋନାକ୍ଷୀ ଓ ସୁଧୀର ଶାରୀରିକ, ମାନସିକ ଓ ଭାବନାତ୍ମକ ଭାବେ ଯୋଡ଼ି ହୋଇ ରହିଥିଲେ। ପୂରା ଟିମ୍ କ୍ଲାଇମାକ୍ସ ପାଇଁ ଲଗାତାର ତିନି ଦିନ ଧରି ବିନା ବ୍ରେକ୍‌ରେ ସୁଟିଂ କରିଥିଲା। 'ଜଟାଧାରା'ର କ୍ଲାଇମାକ୍ସ ବଡ଼ ପରଦାରେ ଦେଖାଯାଉଥିବା ସବୁଠୁ ଉନ୍ନତମାନର କ୍ଲାଇମାକ୍ସ ହେବ।' ଏହାର ନିର୍ଦ୍ଦେଶନା ଦାୟିତ୍ୱରେ ଭେଙ୍କଟ କଲ୍ୟାଣ ଓ ଅଭିଷେକ ଜୟସୱାଲ ଅଛନ୍ତି। ଫିଲ୍ମରେ ପୌରାଣିକ କଥା ସହ କଳାଯାଦୁ, ଅଭିଶାପ ଓ ଏକ ରହସ୍ୟମୟ ଗୁପ୍ତଧନକୁ ଦେଖାଯାଇଛି। ଇତିମଧ୍ୟରେ ଫିଲ୍ମର ଟ୍ରେଲର୍ ସହ ଦୁଇଟି ଗୀତ ରିଲିଜ୍ ହୋଇଛି। ଯାହାକୁ ଦର୍ଶକେ ଖୁବ୍ ପସନ୍ଦ କରିଛନ୍ତି। ଦିବ୍ୟା ଖୋସଲା, ଶିଲ୍ପା ଶିରୋଦକର, ଇନ୍ଦିରା କ୍ରୀଷ୍ଣା, ରବି ପ୍ରକାଶ, ନବୀନ ନେନି ମଧ୍ୟ ଏଥିରେ ଗୁରୁତ୍ୱପୂର୍ଣ୍ଣ ଭୂମିକାରେ ନଜର ଆସିବେ।






# ଷ୍ଟେମ୍ ସେଲ୍ ଥେରାପି



ଷ୍ଟେମ୍ ସେଲ୍ ଥେରାପି ଏକ ପ୍ରକାର ଅତ୍ୟାଧୁନିକ ଚିକିତ୍ସା। ଏହା ବ୍ୟୟ ବହୁଳ। ମନୁଷ୍ୟ ଶରୀରରେ କ୍ଷତିଗ୍ରସ୍ତ ତଥା ରୋଗାଗ୍ରସ୍ତ କୋଷର ପୁନଃକାର୍ଯ୍ୟକ୍ଷମ ପାଇଁ ଷ୍ଟେମ୍ କୋଷର ଉପଯୋଗ କରାଯାଇଥାଏ। ଏହା କ୍ଷତିଗ୍ରସ୍ତ କୋଷରେ ପରିବର୍ତ୍ତନ ଆଣି ଶରୀରକୁ ଆପେ ଠିକ୍ କରିଥାଏ। ଏଥିପାଇଁ ଶରୀରରୁ ବିଭିନ୍ନ ସ୍ଥାନରୁ ଷ୍ଟେମ୍ କୋଷ ବାହାର କରାଯାଇ ଏହାକୁ କ୍ଷତିଗ୍ରସ୍ତ କୋଷରେ ବ୍ୟବହାର କରାଯାଏ। ମୁଖ୍ୟତଃ ବିଭିନ୍ନ ରୋଗ ଯଥା- ରକ୍ତ କର୍କଟ, ଅଷ୍ଟିଓ ଆର୍ଥ୍ରାଇଟିସ୍, ହାଡ଼ ଭାଙ୍ଗିଯିବା ଆଦି କ୍ଷେତ୍ରରେ ଏହା ଉପଯୋଗ ହୋଇଥାଏ। ବର୍ତ୍ତମାନ ସ୍ୱାସ୍ଥ୍ୟ ବିଶେଷଜ୍ଞମାନେ ଅନ୍ୟାନ୍ୟ ରୋଗ ଯଥା, ହୃଦ୍‌ରୋଗ, ମସ୍ତିଷ୍କଜନିତ ରୋଗ, ମଧୁମେହ, ପାର୍କିନସନ୍ ଆଦି ରୋଗ ପାଇଁ ଏହାର ସାହାଯ୍ୟ ନେଉଛନ୍ତି। ଷ୍ଟେମ କୋଷଗୁଡିକୁ ଶରୀରର ଯେକୌଣସି କୋଷରେ ବିକଶିତ କରାଯାଇ ପ୍ରୟୋଗଶାଳାରେ ସ୍ୱତନ୍ତ୍ର ପ୍ରକାରେ ତଥା ଜେନେଟିକ୍ ଇଞ୍ଜିନିୟରିଂ ଦ୍ୱାରା ଉପଯୁକ୍ତ କେମିକାଲ ଦ୍ୱାରା ସାଧାରଣ ତନ୍ତୁକୋଷକୁ ପରିବର୍ତ୍ତନ କରାଯାଏ। ଏହି ନୂତନ କୋଷକୁ ରୋଗୀ ଶରୀରରେ ପୁନଃ ପ୍ରତିରୋପଣ କରାଯାଇଥାଏ। ଫଳରେ କ୍ଷତିଗ୍ରସ୍ତ କୋଷକୁ କାର୍ଯ୍ୟକ୍ଷମ କରିପାରେ। ଏହାଦ୍ୱାରା ଯନ୍ତ୍ରଣା ଲାଘବ ହୁଏ। ଆଣ୍ଠୁଗଣ୍ଠି ଆଘାତରେ ଷ୍ଟେମ୍ କୋଷ ଖଞ୍ଜା ଏବଂ ଅସ୍ଥି ଉପଚାରରେ ପ୍ରଭାବୀ। ଏହା ଦ୍ୱାରା ଆରାମ ମିଳିବା ସହିତ ଏହା ଗତିଶୀଳତା ବୃଦ୍ଧି କରେ। ବେଳେ ବେଳେ ଦାତାଙ୍କ କୋଷକୁ ଉପଯୋଗ କରାଗଲେ, ଏହା ବିଭିନ୍ନ ଜଟିଳ ରୋଗ ସୃଷ୍ଟି କରିପାରେ। ତେଣୁ ସେ କ୍ଷେତ୍ରରେ ଷ୍ଟେମ୍ ସେଲ୍ ଥେରାପି ଜୀବନରେ ଗୁଣବତ୍ତା ବୃଦ୍ଧି କରେ।

# ମୁଖଗହ୍ୱର ସ୍ୱଚ୍ଛତାରୁ କର୍କଟ ନିରୂପଣ

**ମୁଖ ଗହ୍ୱର ଶରୀରର ଦର୍ପଣ ସଦୃଶ। ଏହାର ସ୍ୱଚ୍ଛତା ଦାନ୍ତ ଏବଂ ମାଢ଼ିକୁ ସୁସ୍ଥ ରଖିବା ସହ ଶରୀରକୁ ସୁସ୍ଥ ରଖିବାରେ ସହାୟକ ହୁଏ। ହୃଦ୍‌ରୋଗ, ମଧୁମେହ, ବିଭିନ୍ନ କର୍କଟ ଭଳି ରୋଗ ଆଶଙ୍କାକୁ ଏହା ହ୍ରାସ କରେ। ତେଣୁ ଦିନକୁ ଦୁଇଥର ସଠିକ୍ ଢଙ୍ଗରେ ବ୍ରଶ୍ କରିବା ଓ ଆୟୁର୍ବେଦିକ ସମାଧାନ ଗ୍ରହଣ ଆଦିକୁ ଧ୍ୟାନ ଦେଲେ, କର୍କଟ ରୋଗର ପ୍ରାରମ୍ଭିକ ଚିହ୍ନଟ ଓ ଜଟିଳତା ହ୍ରାସ ପାଇପାରେ।**



ଡା. ସୋନିଆ ଦତ୍ତ

### ମୁଖ ଗହ୍ୱର ସ୍ୱାସ୍ଥ୍ୟ ସହିତ ଅନ୍ୟ ରୋଗର ସମ୍ପର୍କ

ରୋଗ ପ୍ରତିରୋଧକ ଶକ୍ତି କମ୍ ଥିବା ବ୍ୟକ୍ତିଙ୍କ ପାଇଁ ମୁଖଗହ୍ୱରର ସ୍ୱଚ୍ଛତା ବଜାୟ ରଖିବା ନିହାତି ଆବଶ୍ୟକ। ଏହା ସେମାନଙ୍କ ଜୀବନଶୈଳୀକୁ ସକାରାତ୍ମକ ଭାବେ ପ୍ରଭାବିତ କରେ। ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ଏମ୍ସ ଏବଂ ପ୍ରମୁଖ ସଂସ୍ଥାନର ଗବେଷଣାରୁ ସ୍ପଷ୍ଟ ହୋଇଛି ଯେ, ମୁଖ ଗହ୍ୱରର ସ୍ୱଚ୍ଛତାକୁ ଧ୍ୟାନ ନ ଦେଲେ କିଛି ଜୀବାଣୁ ଖାଦ୍ୟନଳୀ ଦେଇ ଶରୀର ଭିତରକୁ ଯାଇ ରୋଗ ସୃଷ୍ଟି କରିପାରନ୍ତି। ଦୀର୍ଘକାଳୀନ ମାଢ଼ିରୋଗ, ମାଢ଼ି ଫୁଲା, ମୁଖ ଗହ୍ୱର ଅପରିଷ୍କାର ସଂକ୍ରମଣର କାରଣ ସାଜି ମୁଖ ଗହ୍ୱର ଓ ଗଳା କର୍କଟ ସୃଷ୍ଟି କରେ। କେବଳ ସେତିକି ନୁହେଁ; ମସ୍ତିଷ୍କ, ପାକସ୍ଥଳି, ଫୁସ୍‌ଫୁସ୍, ପ୍ରୋଷ୍ଟେଟ୍ କର୍କଟ ଆଦି ହେବାର ଆଶଙ୍କା ଥାଏ। ତେଣୁ ଭଲ ଭାବେ ମୁଖ ପରିଷ୍କାର କରିବା, ବର୍ଷକୁ ଥରେ ଦାନ୍ତ ପରୀକ୍ଷା, ଦିନକୁ ଦୁଇଥର ଭଲ କରି ବ୍ରଶ୍ କରିବା ଦ୍ୱାରା ବିଶେଷ କରି ଗଳା ଏବଂ ମସ୍ତିଷ୍କ କର୍କଟର ବିପଦ ହ୍ରାସ ପାଇଥାଏ। ଦାନ୍ତ ପରୀକ୍ଷା ଦ୍ୱାରା ଏହା ମୁଖ ଗହ୍ୱର କର୍କଟର ପ୍ରାରମ୍ଭିକ ଅବସ୍ଥାକୁ ଚିହ୍ନଟ କରି ସତର୍କ କରାଏ। ଡାକ୍ତର ଦାନ୍ତଜନିତ ସମସ୍ୟା, ପାଟି ଘା' ଆଦିକୁ ଦେଖି ରୋଗ ବାରିଥାନ୍ତି। ଫଳରେ ମୁଖ ଗହ୍ୱରର ସଠିକ୍ ଦେଖାଶୁଣା କରିହୁଏ। ସାମୂହିକ ଭାବେ ଏଭଳି ଯତ୍ନ ନେଲେ ଦୀର୍ଘକାଳୀନ କର୍କଟ ଆଶଙ୍କା ମଧ୍ୟ ହ୍ରାସ ପାଇଥାଏ।

### ମୁଖ ଗହ୍ୱରର ଯତ୍ନ

ଦିନକୁ ଦୁଇଥର ଆୟୁର୍ବେଦିକ ଟୁଥ୍‌ପେଷ୍ଟ (ଡାବର ରେଡ୍)ରେ ବ୍ରଶ୍ କରିବା ଜରୁରି। ଜୀବାଣୁନାଶକ ମାଉଥୱାଶ୍ ବ୍ୟବହାର କରି ପାରିବେ। ନିଶା ଓ ଧୂମପାନଠାରୁ ଦୂରେଇ ରହିଲେ କର୍କଟ ଆଶଙ୍କା ହ୍ରାସ ପାଏ। ସେହିପରି ଅତ୍ୟଧିକ ଚିନିଯୁକ୍ତ ସ୍ନାକ୍ସ, ଅମ୍ଳଯୁକ୍ତ ଖାଦ୍ୟ, କ୍ୟାଣ୍ଡି, କାର୍ବୋନେଟେଡ୍ ପାନୀୟ ଯୋଗୁଁ ଦାନ୍ତ ପୋକ ଖାଇଥାଏ। ଏହା ବଦଳରେ ସନ୍ତୁଳିତ ଖାଦ୍ୟପେୟକୁ ଗୁରୁତ୍ୱ ଦିଅନ୍ତୁ। ଏହା ବ୍ୟତୀତ ଯଦି ମୁଖଗହ୍ୱରର କୌଣସି ସମସ୍ୟା ଦେଖାଦିଏ ତୁରନ୍ତ ଡାକ୍ତରଙ୍କ ପରାମର୍ଶ ନେବା ଜରୁରି।

ଦନ୍ତ ବିଶେଷଜ୍ଞ

## ମହୌଷଧୀ ସର୍ପଗନ୍ଧା

ସର୍ପଗନ୍ଧା ସଞ୍ଜିବନୀ ସଦୃଶ। ସର୍ପଗନ୍ଧାକୁ ଓଡ଼ିଆରେ ପାତାଳ ଗରୁଡ କୁହାଯାଏ। ଏହି ଉଦ୍ଭିଦର ପଞ୍ଚାଙ୍ଗ ଯଥା- ଫୁଲ, ପତ୍ର, ମୂଳ, କାଣ୍ଡ, ଚେରରେ ଔଷଧୀୟ ଗୁଣ ରହିଛି। ଏହା ବିଭିନ୍ନ ରୋଗ ଦୂର କରିବାରେ ସାହାଯ୍ୟ କରେ।



ଉଚ୍ଚ ରକ୍ତଚାପ, ଚିନ୍ତା, ମାନସିକ ରୋଗ, ନିଦ୍ରାହୀନତା ଆଦି ରୋଗ ପାଇଁ ସର୍ପଗନ୍ଧା ଲାଭକରୀ। ଚିକିତ୍ସକଙ୍କ ପରାମର୍ଶ ନେଇ ସର୍ପଗନ୍ଧା ପଞ୍ଚାଙ୍ଗର ଯେକୌଣସି ଅଙ୍ଗକୁ ଅନୁମୋଦିତ ହାତରେ କ୍ୱାଥ କରି ସେବନ କରାଯାଏ। ଏହାଦ୍ୱାରା ଚକ୍ତଚାପ ନିୟନ୍ତ୍ରଣରେ ରହିଥାଏ। ହୃଦୟ ସୁସ୍ଥ ରୁହେ। ସେହିପରି ପୂରା ପଞ୍ଚାଙ୍ଗର ଚୂର୍ଣ୍ଣରୁ ବଟିକା ବା ଘନ ବଟିକା ଉପଲବ୍ଧ ରହିଛି। ଏହାକୁ ଚିକିତ୍ସକଙ୍କ ପରାମର୍ଶରେ ବ୍ୟବହାର କଲେ ରକ୍ତଚାପ ସନ୍ତୁଳିତ ହୁଏ। ଅପସ୍ମାର, ମସ୍ତିଷ୍କ ରୋଗ, କଲେରା ଆଦି ରୋଗରେ ସର୍ପଗର୍ନ୍ଧାକୁ ଏକ ଉପଯୋଗୀ ଔଷଧ ଭାବେ ବ୍ୟବହାର କରାଯାଏ।

- ବାତ, ଯନ୍ତ୍ରଣା, ଜ୍ୱର ଆଦି ଦୂର କରିବାର ମଧ୍ୟ ଏହାର ଶକ୍ତି ରହିଛି। କୋଷ୍ଠକାଠିନ୍ୟ, ପେଟ ଯନ୍ତ୍ରଣା ରୋଗରେ ଏହା ଉପକାରୀ ଔଷଧ ଭାବେ ବ୍ୟବହୃତ ହୁଏ।
- ବିନା ଚିକିତ୍ସକଙ୍କ ପରାମର୍ଶରେ ସର୍ପଗନ୍ଧା ସେବନ କଲେ ରକ୍ତଚାପ କମିଯିବା ସହିତ ମସ୍ତିଷ୍କରେ ରକ୍ତ ସଞ୍ଚାଳନ ହ୍ରାସ ପାଇବ। ଏଥିପ୍ରତି ଧ୍ୟାନ ଦେବା ଜରୁରି।

# ରୋଗୀଙ୍କୁ ସଚେତନ କରେ ଔଷଧ ଷ୍ଟ୍ରିପ୍‌ର ନାଲି ଗାର






ଚିକିତ୍ସା ପାଇଁ ଔଷଧ ଦୁଇଥର କିମ୍ବା ବାରମ୍ବାର ବ୍ୟବହାର କରାଯାଇଥାଏ। ତେବେ ଦୈନନ୍ଦିନ ବ୍ୟବହୃତ ଔଷଧ ଷ୍ଟ୍ରିପ୍‌ର ନାଲିଗାରକୁ ପ୍ରାୟ ଅଣଦେଖା କରନ୍ତି। ଏହି ଗାର ଡିଜାଇନ୍ ନୁହେଁ, ବରଂ ଏକ ଗୁରୁତ୍ୱପୂର୍ଣ୍ଣ ଚେତାବନୀ। ଡାକ୍ତରଙ୍କ ବିନା ପରାମର୍ଶରେ ଏହି ଔଷଧ ଖାଇବା ଅନୁଚିତ ବୋଲି ନାଲି ଗାର ଚେତାଇଥାଏ। ଏହି ଔଷଧକୁ 'ରେଡ ଲାଇନ୍ ମେଡିସିନ୍' ମଧ୍ୟ କୁହାଯାଏ। ମୁଖ୍ୟତଃ ଆଣ୍ଟିବାୟୋଟିକ୍, ଷ୍ଟ୍ରଙ୍ଗ ପେନ୍‌କିଲର କିମ୍ବା ହର୍ମୋନାଲ୍ ଔଷଧ ଆଦି ଷ୍ଟ୍ରିପ୍‌ରେ ନାଲି ଗାର ରହିଥାଏ। ତେଣୁ ଏହି ଔଷଧକୁ ଡାକ୍ତରଙ୍କ ବିନା ପରାମର୍ଶରେ ସେବନ କଲେ, ଏହା ପାର୍ଶ୍ୱପ୍ରତିକ୍ରିୟା ସୃଷ୍ଟି କରେ। ଉଦାହରଣ ସ୍ୱରୂପ, ଡାକ୍ତରଙ୍କ ବିନା ପରାମର୍ଶରେ ଆଣ୍ଟିବାୟୋଟିକ୍ ଅନୁମୋଦିତ ହାରରେ ଉପଯୋଗ ନ କଲେ ଶରୀରରେ କିଛି ଜୀବାଣୁ ଜୀବିତ ରୁହନ୍ତି। ଏହି ଜୀବିତ ଜୀବାଣୁ ପରବର୍ତ୍ତୀ ସମୟରେ ପ୍ରତିରୋଧୀ ବନି ପାରନ୍ତି। ଫଳରେ ଜଣେ ବ୍ୟକ୍ତିଙ୍କ ଶରୀରରେ ସେହି ଔଷଧ ବଦଳରେ ଅଧିକ ପାୱାରଯୁକ୍ତ ଔଷଧ ଆବଶ୍ୟକ ହୁଏ। ଏହି ପ୍ରତିରୋଧୀ 'ସୁପରବଗ୍ସ' ବନିପାରନ୍ତି। ବେଳେ ବେଳେ ସଂକ୍ରମଣ ବଢ଼ି ଯାଇପାରେ ନତୁବା ଶରୀରରେ ଅନ୍ୟ ଔଷଧ ସହିତ ପ୍ରତିକ୍ରିୟା ସୃଷ୍ଟି କରାଏ। ସେଥିପାଇଁ ନାଲି ଗାର ଡାକ୍ତରଙ୍କ ପରାମର୍ଶରେ ସେବନ କରିବାକୁ ସୂଚାଇ ଥାଏ। ତେଣୁ ଡାକ୍ତରଙ୍କ ପରାମର୍ଶ ତଥା ପ୍ରେସ୍‌କ୍ରିପସନ୍ ଅନୁସାରେ ଔଷଧର କୋର୍ସ ପୂରା କରିବା ଆବଶ୍ୟକ। ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ଔଷଧ ଷ୍ଟ୍ରିପ୍‌ରେ ନାଲି ଗାର ଥିଲେ ନାମ, ମାତ୍ରା, ଅବଧିକୁ ଭଲ ଭାବେ ପଢ଼ି ନେବା ଆବଶ୍ୟକ।

# ବିଶ୍ୱ କ୍ରିକେଟକୁ ଭାରତ ନିୟନ୍ତ୍ରଣ କରୁଛି: ଗ୍ରେଗ୍ ଚାପେଲ

**ନୂଆଦିଲ୍ଲୀ, ୩୦।୧୦(ଏଜେନ୍ସି):** ଭାରତ ତାହାର ଆର୍ଥିକ କ୍ଷମତା ବ୍ୟବହାର କରି ବିଶ୍ୱ କ୍ରିକେଟକୁ ପ୍ରଭାବିତ କରୁଛି ବୋଲି ମ୍ୟାଚ୍ ରେଫରି ଇଂଲଣ୍ଡର କ୍ରିସ୍ ବ୍ରଡ୍‌ଙ୍କ ଅଭିଯୋଗକୁ ସମର୍ଥନ କରିଛନ୍ତି ଅଷ୍ଟ୍ରେଲିଆର କିମ୍ବଦନ୍ତି ଖେଳାଳି



ତଥା ଭାରତୀୟ କ୍ରିକେଟ ଦଳର ପୂର୍ବତନ କୋଚ୍ ଅଷ୍ଟ୍ରେଲିଆର ଗ୍ରେଗ୍ ଚାପେଲ। ଚାପେଲଙ୍କ କହିବା ଅନୁଯାୟୀ ଅର୍ଥ ବଳରେ ଭାରତ ବିଶ୍ୱ କ୍ରିକେଟକୁ ନିୟନ୍ତ୍ରଣ କରୁଛି। ସେ ଯେତେବେଳେ ଭାରତୀୟ ଦଳର ହେଡ୍ କୋଚ୍ ଥିଲେ, ସେତେବେଳେ ସ୍ଲୋ ଓଭର ରେଟ୍ ଯୋଗୁଁ ଅଧିନାୟକ ସୌରଭ ଗାଙ୍ଗୁଲିଙ୍କୁ ସସ୍‌ପେଣ୍ଡ କରାଯାଇଥିଲା। ମ୍ୟାଚ୍ ରେଫରି ବ୍ରଡ୍‌ଙ୍କୁ ଟେଲିଫୋନ ଯୋଗେ ଦଣ୍ଡ କୋହଳ କରିବାକୁ ତତ୍କାଳୀନ ଆଇସିସି ମୁଖ୍ୟ ଜଗମୋହନ ଡାଲମିଆ କହିଥିଲେ। ବ୍ରଡ୍ ଏକଥା ଲଣ୍ଡନରୁ ପ୍ରକାଶିତ ଟେଲିଗ୍ରାଫ୍‌କୁ କହିଥିଲେ। ଏବେ ସିଡନୀ ହେରାଲ୍ଡରେ ବ୍ରଡ୍‌ଙ୍କୁ ସମର୍ଥନ କରିଛନ୍ତି ଚାପେଲ। ୨୦୦୫ରେ ଚାପେଲ ଭାରତର କୋଚ୍ ଦାୟିତ୍ୱରେ ଥିଲେ। ଗାଙ୍ଗୁଲିଙ୍କ ଦଣ୍ଡ କିପରି କୋହଳ ହେବ ସେଥିଲାଗି ଚେଷ୍ଟା କରିବାକୁ ଚାପେଲଙ୍କ ଉପରେ ଚାପ ପକାଇଥିଲେ ଡାଲମିଆ। ଉଭୟ ଗାଙ୍ଗୁଲି ଓ ଡାଲମିଆ ଗୋଟିଏ ରାଜ୍ୟର ହୋଇଥିବାରୁ ଏଭଳି କଥା ସୃଷ୍ଟି ହୋଇଥିଲାବୋଲି ଚାପେଲ କହିଛନ୍ତି। ଏଣୁ ଆର୍ôଥକ କ୍ଷମତା ବଳରେ ଭାରତ ବିଶ୍ୱ କ୍ରିକେଟରେ ପ୍ରଭାବ ବିସ୍ତାର କରୁଛି ବୋଲି ବ୍ରଡ୍‌ଙ୍କ ଅଭିଯୋଗକୁ ଚାପେଲ ସମର୍ଥନ କରିଛନ୍ତି।

# କେକେଆର୍‌ର ନୂଆ କୋଚ୍ ହେଲେ ନାୟାର

**କୋଲକାତା, ୩୦ ।୧୦ (ଏଜେନ୍ସି):** ତିନିଥରର ଚାମ୍ପିଅନ କୋଲକାତା ନାଇଟ୍ ରାଇଡର୍ସ (କେକେଆର୍) ଆଇପିଏଲ୍‌ର ଆଗାମୀ ସିଜନ ଲାଗି ଅଭିଷେକ ନାୟାରଙ୍କୁ ମୁଖ୍ୟ କୋଚ୍ ଭାବେ ନିଯୁକ୍ତ କରିଛି। ଚନ୍ଦ୍ରକାନ୍ତ ପଣ୍ଡିତଙ୍କ ସ୍ଥାନରେ



ନାୟାର ଏହି ଗୁରୁଦାୟିତ୍ୱ ତୁଲାଇବେ। ପଣ୍ଡିତ ୨୦୨୩ରୁ ୨୦୨୫ ପର୍ଯ୍ୟନ୍ତ କେକେଆର୍ ଦଳର ମୁଖ୍ୟ କୋଚ୍ ରହିଥିଲେ। ତାଙ୍କ ସମୟରେ କେକେଆର୍ ତୃତୀୟଥର ଲାଗି ୨୦୨୪ରେ ଚାମ୍ପିଅନ ହୋଇଥିଲା। କିନ୍ତୁ ଆଇପିଏଲ୍‌ର ଗତ ସଂସ୍କରଣରେ କୋଲକାତା ନୈରାଶ୍ୟଜନକ ପ୍ରଦର୍ଶନ କରି ପ୍ଲେ-ଅଫ୍‌କୁ ଯୋଗ୍ୟତା ଅର୍ଜନ କରିବାରେ ବିଫଳ ହୋଇଥିଲା। ଏହାପରେ ଫ୍ରାଞ୍ଚାଇଜ ଚଳିତ ବର୍ଷ ପ୍ରାରମ୍ଭରେ ପଣ୍ଡିତଙ୍କ ସହ ସମ୍ପର୍କ ତୁଟାଇଥିଲା। ୪୨ ବର୍ଷୀୟ ନାୟାର ଏଥିପୂର୍ବରୁ ୨୦୧୮ରୁ ୨୦୨୪ ପର୍ଯ୍ୟନ୍ତ କୋଲକାତାର ପ୍ରଶିକ୍ଷକ ମଣ୍ଡଳୀରେ ବିଭିନ୍ନ ଭୂମିକାରେ ସଫଳତାରେ କାର୍ଯ୍ୟ ତୁଲାଇଥିଲେ। ଏହାପରେ ୨୦୨୪ରେ ତାଙ୍କୁ ଭାରତୀୟ ଦଳର ସହକାରୀ ପ୍ରଶିକ୍ଷକ ଭାବେ ନିଯୁକ୍ତ କରାଯାଇଥିଲା। କିନ୍ତୁ ଚଳିତ ବର୍ଷ ଏପ୍ରିଲରେ ତାଙ୍କ ଚୁକ୍ତିକୁ ବିସିସିଆଇ ଶେଷ କରିଦେଇଥିଲା। ଉଲ୍ଲେଖଯୋଗ୍ୟ, ଏବେ ଡ୍ୱେନ ବ୍ରାଭୋ କେକେଆର୍ ଦଳର ପରାମର୍ଶଦାତା ରହିଛନ୍ତି।

## ■ ପ୍ରୋ କବାଡ଼ି ଲିଗ୍ ଫାଇନାଲ

# ଆଜି ଦିଲ୍ଲୀ-ପଲ୍‌ଟନ୍ ମଧ୍ୟରେ ଲଢ଼େଇ

**ନୂଆଦିଲ୍ଲୀ, ୩୦ ।୧୦ (ଏଜେନ୍ସି):** ପ୍ରୋ କବାଡ଼ି ଲିଗ୍ (ପିକେଏଲ୍)ର ଦ୍ୱାଦଶ ସଂସ୍କରଣ ଫାଇନାଲ ଶୁକ୍ରବାର ସ୍ଥାନୀୟ ତ୍ୟାଗରାଜ ଇଣ୍ଡୋର ଷ୍ଟାଡିୟମରେ ଖେଳାଯିବ। ଦବଙ୍ଗ ଦିଲ୍ଲୀ ଓ ପୁନେରୀ ପଲ୍‌ଟନ୍ ମଧ୍ୟରେ ଟାଇଟଲ୍ ପାଇଁ ଲଢ଼େଇ ହେବ। ଉଭୟ ପୁନେରୀ ଓ ଦବଙ୍ଗ ଲିଗ୍ ପର୍ଯ୍ୟାୟରେ ଦମ୍‌ଦାର ପ୍ରଦର୍ଶନ କରି ସମାନ ୨୬ ପଏଣ୍ଟ ଲେଖାଏ ପାଇବା ସହ ଟେବଲର ପ୍ରଥମ ଦୁଇ ସ୍ଥାନରେ ରହିଥିଲେ। ଏହାପରେ କ୍ୱାଲିଫାୟର-୧ରେ ଦିଲ୍ଲୀ ଟାଇବ୍ରେକରରେ ୬-୪ରେ ପଲ୍‌ଟନକୁ ହରାଇ ଫାଇନାଲକୁ ପ୍ରବେଶ କରିଥିଲା। ସେହିଭଳି ପଲଟନ୍ ଦ୍ୱିତୀୟ କ୍ୱାଲିଫାୟରରେ ତେଲଗୁ ଟାଇଟାନ୍ସକୁ ପରାସ୍ତ କରି ଫାଇନାଲ ଟିକଟ୍ ହାସଲ କରିଥିଲା। ପିକେଏଲ୍ ଇତିହାସରେ ଦିଲ୍ଲୀ ଓ ପୁନେରୀ ପଲଟନ୍ ମଧ୍ୟରେ ମୋଟ୍ ଉପରେ ୨୭ଟି ମ୍ୟାଚ୍ ଖେଳାଯାଇଛି। ଏଥିରେ ପଲଟନ୍ ୧୩ଟି ଓ ଦିଲ୍ଲୀ ୧୧ ମ୍ୟାଚରେ ବିଜୟୀ ହୋଇଛି। ତିନୋଟି ମ୍ୟାଚ୍ ଟାଇ ରହିଛି।

**ଆରମ୍ଭ: ସନ୍ଧ୍ୟା ୬ଟା ୩୦**

**ପ୍ରସାରଣ: ଷ୍ଟାର୍ ସ୍ପୋର୍ଟ୍ସ ନେଟୱର୍କ**

## ମହିଳା କ୍ରିକେଟ ବିଶ୍ୱକପ୍

# ଭାରତ ବିପକ୍ଷରେ ଲିଚ୍‌ଫିଲ୍ଡଙ୍କ ଶତକ

**ନଭି ମୁମ୍ବାଇ,୩୦।୧୦(ଏଜେନ୍ସି):**

ଭାରତ ବିପକ୍ଷ ମହିଳା ବିଶ୍ୱକପ୍ କ୍ରିକେଟ ପ୍ରତିଯୋଗିତାର ଦ୍ୱିତୀୟ ସେମିଫାଇନାଲରେ ଅଷ୍ଟ୍ରେଲିଆର ଫୋଏବି ଲିଚ୍ ଫିଲ୍ଡ ଶତକ ହାସଲ କରିଛନ୍ତି। ସେ ୯୩ ବଲ୍‌ରୁ ୧୧୯ ରନ୍ ଏବଂ ଦ୍ୱିତୀୟ ୱିକେଟ ଭାଗୀଦାରିରେ ଏଲିସେ ପେରୀଙ୍କ ସହ ୧୫୫ ରନ୍ ଉଠାଇବା ଫଳରେ ଟସ୍ ଜିତି ପ୍ରଥମେ ବ୍ୟାଟିଂ କରିଥିବା ଅଷ୍ଟ୍ରେଲିଆ ୩୩୮ ରନ୍‌ରେ ଅଲଆଉଟ ହୋଇଯାଇଛି। ଦଳ ପକ୍ଷରୁ ପେରୀ ୮୮ ବଲ୍‌ରେ ୭୭ ଓ ଆଶଲେ ଗାର୍ଡନର ୪୫ ବଲ୍‌ରେ ୬୩ ରନ୍ କରିଥିଲେ। ଭାରତ ଏହି ଇନିଂସରେ ଏକାଧିକ ମିସ୍ ଫିଲ୍ଡିଂ କରି ଅତିକମ୍‌ରେ ଅଷ୍ଟ୍ରେଲିଆକୁ ୩୦ ରନ୍ ଦାନ କରିଛି। ତେବେ ଦଳ ପକ୍ଷରୁ ନବାଗତ ସ୍ପିନର ଶ୍ରୀ ଚରଣି ପୁଣିଥରେ ଶ୍ରେଷ୍ଠ ବୋଲିଂ ପ୍ରଦର୍ଶନ କରି ୨ଟି ଏବଂ ବ୍ୟୟବହୁଳ ସାବ୍ୟସ୍ତ ହୋଇଥିବା ଦୀପ୍ତି ଶର୍ମା ମଧ୍ୟ ୨ଟି ୱିକେଟ ପାଇଥିଲେ। ଅଷ୍ଟ୍ରେଲିଆ ପ୍ରଦତ୍ତ ୩୩୯ ରନ୍‌ର ଟାର୍ଗେଟକୁ ପିଛା କରି ଭାରତ ୧୮ ଓଭରରେ ଶେଫାଳି ବର୍ମା (୧୦) ଓ ସ୍ମୃତି ମନ୍ଧାନା (୨୪)ଙ୍କ ୱିକେଟ ହରାଇ ୧୦୭ ରନ ସଂଗ୍ରହ କରିନେଇଛି। ଏହି ସମୟରେ ଜେମିମା ରୋଡ୍ରିଗ୍ୱେଜ୍ ୪୩ ଓ ହରମନପ୍ରିତ କୌର ୧୯ ରନ୍‌ରେ ବ୍ୟାଟିଂ କରୁଥିଲେ। ବିଶ୍ୱକପ୍‌ରେ ଭାରତ କେବେ ବି ୨୦୦ରୁ ଅଧିକ ରନ୍ ଚେଜ୍ କରି ନ ଥିଲାବେଳେ ଏଠାରେ ମ୍ୟାଚ୍ ଅଷ୍ଟ୍ରେଲିଆ ସପକ୍ଷରେ ରହିଛି। ଗତକାଲି ଇଂଲଣ୍ଡକୁ ୧୨୫ ରନ୍‌ର ବିରାଟ ବ୍ୟବଧାନରେ ପରାସ୍ତ କରି ଦକ୍ଷିଣ ଆଫ୍ରିକା ପ୍ରଥମ ଦଳ ଭାବେ ଫାଇନାଲରେ ପ୍ରବେଶ କରିଥିଲା। ଆଜି ମ୍ୟାଚ୍‌ର ବିଜେତା ସହ ଦକ୍ଷିଣ ଆଫ୍ରିକା ଆସନ୍ତା ରବିବାର ଫାଇନାଲ ମୁକାବିଲା କରିବ।



ଏହି ମ୍ୟାଚ୍‌ରେ ଅଷ୍ଟ୍ରେଲିଆ ଅଧିନାୟକ ଆଲିସା ହିଲୀ ଟସ୍ ଜିତି ପ୍ରଥମେ ବ୍ୟାଟିଂ ନେବା ପରେ ୬ଷ୍ଠ ଓଭରରେ ମାତ୍ର ୫ ରନ୍ କରି ଆଉଟ ହୋଇଥିଲେ। ଏହା ପରେ ଚଳିତ ଟୁର୍ଣ୍ଣାମେଣ୍ଟରେ ଗୋଟିଏ ହେଲେ ଅର୍ଦ୍ଧଶତକ ହାସଲ କରି ନ ଥିବା ଓପନର ଫୋଏବି ଲିଚ୍‌ଫିଲ୍ଡ ଏବଂ ଏଲିସେ ପେରୀ ଦମ୍‌ର ସହ ବ୍ୟାଟିଂ କରି ଦ୍ୱିତୀୟ ୱିକେଟରେ ୧୩୩ ବଲ୍‌ରୁ ୧୫୫ ରନ୍‌ର ଭାଗୀଦାରି କରିଥିଲେ। ଲିଚ୍‌ଫିଲ୍ଡ ୭୭ ବଲ୍‌ରେ ଶତକ ପୂରଣ କରିଥିଲେ ମଧ୍ୟ ୯୩ ବଲ୍‌ର ସାମ୍ନା କରି ୧୭ ଚୌକା ଓ ୩ ଛକା ସହ ସର୍ବାଧିକ ୧୧୯ ରନ୍ କରିଥିଲେ। ତାଙ୍କ ଆଉଟ ପରେ ପେରୀ ମଧ୍ୟ ବେଶି ସମୟ ତିଷ୍ଠି ନ ଥିଲେ। ସେ ୮୮ ବଲ୍‌ରୁ ୬ ଚୌକା ଓ ୨ ଛକା ସହ ୭୭ ରନ୍ କରିଥିଲେ। ଲିଚ୍‌ଫିଲ୍ଡ ଓ ପେରୀଙ୍କ ପାର୍ଟନରସିପ୍ ବଡ ସ୍କୋରର ମୂଳଦୁଆ ପକାଇଥିବାରୁ ଅନ୍ୟ ବ୍ୟାଟରମାନେ ଦ୍ରୁତ ରନ୍ ସଂଗ୍ରହ କରିବାକୁ ଯାଇ ଆଉଟ ହୋଇଥିଲେ। କିନ୍ତୁ ଟୁର୍ଣ୍ଣାମେଣ୍ଟରେ ଭଲ ଖେଳିଥିବା ଆଶଲେ ଗାର୍ଡନର ୪୫ ବଲ୍‌ରୁ ୪ଟି ଲେଖାଏଁ ଚୌକା ଓ ଛକା ସହ ୬୩ ରନ୍ କରିବା ଫଳରେ ଦଳ ୩୩୮ ରନ୍‌ର ବିଶାଳ ସ୍କୋର କରିଥିଲା। ସମସ୍ତ ବିଶ୍ୱକପ୍‌ରେ ଏହା ଦ୍ୱିତୀୟ ସର୍ବାଧିକ ସ୍କୋର। ଅଷ୍ଟ୍ରେଲିଆ ମଧ୍ୟ ଗୋଟିଏ ବିଶ୍ୱକପ୍‌ରେ ସର୍ବାଧିକ ୬ଟି ଶତକ ଓ ସର୍ବାଧିକ ୧୧୯ଟି ଛକା ମାରି ରେକର୍ଡ କରିଛି। ଭାରତ ପକ୍ଷରୁ ମିଡଲ ଓଭରରେ କିଛି ଭଲ ବୋଲିଂକୁ ଛାଡ଼ିଦେଲେ ଅନ୍ୟ ସବୁବେଳେ ଚାପରେ ରହିଥିଲେ। ମିସ୍ ଫିଲ୍ଡିଂ ଓ କ୍ୟାଚ୍ ହାତଛଡ଼ା କରିବା ଦଳ ଲାଗି ମହଙ୍ଗା ସାବ୍ୟସ୍ତ ହୋଇଥିଲା। ଦଳର ଦୁଇ ସ୍ପିନର ଯୁବ ଖେଳାଳି ଶ୍ରୀ ଚରଣି ଓ ଦୀପ୍ତି ଶର୍ମା ୨ଟି ଲେଖାଏଁ ୱିକେଟ ଅକ୍ତିଆର କରିଥିଲେ।

## ଫାଇନାଲରେ ଦକ୍ଷିଣ ଆଫ୍ରିକା

**ଗୌହାଟୀ:** ଲୌରା ୱଲଭାର୍ଟଙ୍କ ଦମ୍‌ଦାର ଶତକ ଓ ମାରିଜାନ କାପଙ୍କ ଅଲରାଉଣ୍ଡ ସଫଳତା ବଳରେ ଇଂଲଣ୍ଡକୁ ୧୨୫ ରନ୍‌ର ବିରାଟ ବ୍ୟବଧାନରେ ପରାସ୍ତ କରି ଦକ୍ଷିଣ ଆଫ୍ରିକା ପ୍ରଥମଥର ମହିଳା ବିଶ୍ୱକପ୍ କ୍ରିକେଟ ଫାଇନାଲରେ ପ୍ରବେଶ କରିଛି। ଗୁଆହାଟୀର ବର୍ଷାପରା ଷ୍ଟାଡିୟମ୍‌ରେ ବୁଧବାର ଖେଳାଯାଇଥିବା ମ୍ୟାଚ୍‌ରେ ଅଧିନାୟିକା ୱଲଭାର୍ଟ ୧୪୩ ବଲ୍‌ରୁ ୨୦ ଚୌକା ଓ ୪ଛକା ସହ ୧୬୯ ରନ୍ କରିବା ଫଳରେ ପ୍ରଥମେ ବ୍ୟାଟିଂ କରିଥିବା ଦକ୍ଷିଣ ଆଫ୍ରିକା ନିର୍ଦ୍ଧାରିତ ୫୦ ଓଭରରେ ୭ ୱିକେଟ ହରାଇ ୩୧୯ ରନ୍ କରିଥିଲା। ଜବାବରେ ୩୨୦ ରନ୍‌ର ବିଶାଳ ଲକ୍ଷ୍ୟକୁ ପିଛା କରୁଥିବା ଇଂଲଣ୍ଡ ମାରିଜାନ କାପ୍‌ଙ୍କ ବୋଲିଂର ଉଚିତ ମୁକାବିଲା କରି ନ ପାରି ୪୨.୩ ଓଭରରେ ୧୯୪ ରନ୍ କରିଥିଲା। କାପ୍ ୨୦ରନ୍‌ରେ ୫ଟି ୱିକେଟ ନେଇ ଶ୍ରେଷ୍ଠ ବୋଲିଂ ସଫଳତା କରିଥିଲାବେଳେ ଦକ୍ଷିଣ ଆଫ୍ରିକାକୁ ଫାଇନାଲରେ ପ୍ରବେଶ କରାଇଥିଲେ। ନାଦିନ ଡି କ୍ଲେର୍କ ୨ଟି ୱିକେଟ ପାଇଥିଲେ। ଇଂଲଣ୍ଡ ପକ୍ଷରୁ ଅଧିନାୟିକା ନାତାଲି ସିଭର ବ୍ରଣ୍ଟ ସର୍ବାଧିକ ୬୪, ଆଲିସେ କାପ୍‌ସି ୫୦ ରନ୍ କରିଥିଲେ।

# ପତ୍ନୀଙ୍କୁ ସମର୍ଥନ ଲାଗି ଷ୍ଟାଡିୟମରେ ପହଞ୍ଚିଲେ ଷ୍ଟାର୍କ

**ନଭି ମୁମ୍ବଇ, ୩୦ ।୧୦ (ଏଜେନ୍ସି):** ଚଳିତ ଆଇସିସି ମହିଳା ଦିନିକିଆ ବିଶ୍ୱକପ୍‌ର ଦ୍ୱିତୀୟ ସେମିଫାଇନାଲ ଡିଫେଣ୍ଡିଂ ଚାମ୍ପିଅନ ଅଷ୍ଟ୍ରେଲିଆ ଓ ଘରୋଇ ଭାରତ ମଧ୍ୟରେ ଗୁରୁବାର ଏଠାରେ ଅନୁଷ୍ଠିତ ହୋଇଯାଇଛି। ଏହି ହାଇଭୋଲଟେଜ୍ ମ୍ୟାଚରେ ପତ୍ନୀ ତଥା ଅଷ୍ଟ୍ରେଲିଆ ଦଳର ଅଧିନାୟିକା ଆଲିସା ହେଲୀଙ୍କୁ ଚିୟର କରିବା ପାଇଁ ଅନ୍ୟତମ ଅଷ୍ଟ୍ରେଲୀୟ ତାରକା କ୍ରିକେଟର୍ ମିଚେଲ ଷ୍ଟାର୍କ ନଭି ମୁମ୍ବଇରେ ପହଞ୍ଚିଥିଲେ। ସ୍ଥାନୀୟ ଡିୱାଇ ପାଟିଲ ଷ୍ଟାଡିୟମରେ ଷ୍ଟାର୍କ ଉପସ୍ଥିତ ରହି ଗୁରୁତ୍ୱପୂର୍ଣ୍ଣ ସେମିଫାଇନାଲ ଲଢ଼େଇରେ ପତ୍ନୀ ହେଲୀଙ୍କ ସମେତ ଅଷ୍ଟ୍ରେଲିଆ ଦଳକୁ ସମର୍ଥନ କରୁଥିବାର ଦେଖିବାକୁ ମିଳିଥିଲା। ତେବେ ଏହି ମ୍ୟାଚରେ ଇନିଂସ ଓପନ୍ କରିଥିବା ହେଲୀ ମାତ୍ର ୧୫ଟି ବଲ୍‌ରେ ମାତ୍ର ୫ ରନ କରି ଆଉଟ୍ ହୋଇଯାଇଥିଲେ। ଉଲ୍ଲେଖଯୋଗ୍ୟ, ଏହି ଚର୍ଚ୍ଚିତ କ୍ରିକେଟ୍ ଦମ୍ପତି ବିଭିନ୍ନ ମେଗା ଟୁର୍ଣ୍ଣାମେଣ୍ଟରେ ଷ୍ଟାଡିୟମରେ ଉପସ୍ଥିତ ରହି ପରସ୍ପରକୁ ସମର୍ଥନ କରୁଥିବାର ନଜିର ରହିଛି। ୨୦୨୪ ଆଇପିଏଲ୍ ସମୟରେ ଷ୍ଟାର୍କଙ୍କ ସହ ହେଲୀ ଉପସ୍ଥିତ ରହିଥିଲେ। ସେହିଭଳି ଷ୍ଟାର୍କ ମଧ୍ୟ ଗତବର୍ଷ ମହିଳା ଟି-୨୦ ବିଶ୍ୱକପ୍‌ର ଅଧିକାଂଶ ମ୍ୟାଚରେ ଷ୍ଟାଡିୟମରେ ଉପସ୍ଥିତ ରହି ହେଲୀଙ୍କୁ ଚିୟର କରିଥିଲେ। ୨୦୧୬ରେ ଷ୍ଟାର୍କ ଓ ହେଲୀ ବିବାହ ବନ୍ଧନରେ ଆବଦ୍ଧ ହୋଇଥିଲେ।

# ଯାଜପୁର ଟାଉନ୍‌ରେ ଅସ୍ମିତା ରଗ୍‌ବୀ ଲିଗ୍

**ଯାଜପୁର, ୩୦।୧୦(ସମିସ):** ଓଡ଼ିଶା ରଗ୍‌ବୀ ଫୁଟବଲ ସଂଘ ଏବଂ ଯାଜପୁର ରଗ୍‌ବୀ ଆସୋସିଏସନର ମିଳିତ ଆନୁକୂଲ୍ୟରେ ରାଜ୍ୟସ୍ତରୀୟ ଅସ୍ମିତା ରଗ୍‌ବୀ ଲିଗ୍ ଆୟୋଜିତ ହେବ। ଭାରତ ସରକାରଙ୍କ କ୍ରୀଡ଼ା ବିଭାଗ ଓ ରଗ୍‌ବୀ ଇଣ୍ଡିଆ ସହଯୋଗରେ ଏହି ଦିନିକିଆ ଲିଗ୍ ନଭେମ୍ବର ୧ରେ ଯାଜପୁର ଟାଉନସ୍ଥିତ କୁସୁମା ନିକଟବର୍ତ୍ତୀ ଯାଜପୁର ସ୍ପୋର୍ଟ୍ସ କମ୍ପ୍ଲେକ୍ସ ପରିସରରେ ଏହା ଆୟୋଜିତ ହେବାର କାର୍ଯ୍ୟକ୍ରମ ରହିଛି। ସମଗ୍ର ରାଜ୍ୟରୁ ୨୦ଟି ଦଳ ଏଥିରେ ଭାଗ ନେଉଛନ୍ତି। ଏହା ସକାଳ ୮ଟାରୁ ଆରମ୍ଭ ହୋଇ ସନ୍ଧ୍ୟାରେ ଉଦ୍‌ଯାପିତ ହେବ ବୋଲି ଯାଜପୁର ରଗ୍‌ବୀ ସଂଘ ସମ୍ପାଦକ ଭରତ ସାହୁ ଜଣାଇଛନ୍ତି। ଏଥିରେ ରାଜ୍ୟ ସଂଘ ସମ୍ପାଦକ ସୁଶାନ୍ତ ସାହୁ, ଉପସଭାପତି ଉପେନ୍ଦ୍ର ମହାନ୍ତି ପ୍ରମୁଖ ଉପସ୍ଥିତ ରହିବେ।

# ବଲ୍ ବାଜି ଅଷ୍ଟ୍ରେଲୀୟ ଯୁବ ଖେଳାଳିଙ୍କ ବିୟୋଗ

**ମେଲବୋର୍ଣ୍ଣ, ୩୦।୧୦(ଏଜେନ୍ସି):** କ୍ରିକେଟ ଖେଳରେ ଏକ ଦୁଃଖଦ ଖବର ମିଳିଛି। ଏଠାରେ ଅଭ୍ୟାସ କରୁଥିବାବେଳେ ବଲ ବାଜି ୧୭ ବର୍ଷୀୟ ବେନ୍ ଅଷ୍ଟିନ ନାମକ ଜଣେ ଯୁବ ଖେଳାଳିଙ୍କୁ ମୃତ୍ୟୁ ଘଟିଛି। ଏହା ଫଳରେ ନଭି ମୁମ୍ବାଇରେ ଆଜି ଖେଳାଯାଇଥିବା ଭାରତ-ଅଷ୍ଟ୍ରେଲିଆ ସେମିଫାଇନାଲ ମ୍ୟାଚ୍‌ରେ ଖେଳାଳିମାନେ କଳା ବ୍ୟାଜ୍ ପିନ୍ଧି ଖେଳିଥିଲେ। ଘଟଣାରୁ ଜଣାଯାଇଛି, ଏଠାରେ ଅନ୍ୟ ଖେଳାଳିଙ୍କ ସହ ଆଜି ବୋଲିଂ ମେସିନରେ ଅଭ୍ୟାସ କରୁଥିଲେ ବେନ୍। ମେସିନରୁ ଏକ ସ୍ପିଡ୍ ବଲ ତାଙ୍କ ମୁଣ୍ଡ ଓ ବେକ ମଧ୍ୟରେ ବାଜିଥିଲା। ଯାହା ଫଳରେ ସେ ପଡ଼ିଆରେ ଟଳି ପଡ଼ିଥିଲେ। ଗୁରୁତର ଅବସ୍ଥାରେ ତାଙ୍କୁ ମେଡିକାଲରେ ଭର୍ତ୍ତି କରାଯାଇଥିଲା। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଏହି ଘଟଣା ପରେ କ୍ରିକେଟ ଜଗତ ବା ବିଶେଷ କରି ଅଷ୍ଟ୍ରେଲିଆରେ ଶୋକର ଛାୟା ଖେଳିଯାଇଛି। ସେ ଫର୍ଣ୍ଣଟ୍ରି ଗଲି କ୍ରିକେଟ କ୍ଲବ୍‌ର ଜଣେ ଷ୍ଟାର ଖେଳାଳି ଥିଲେ ବୋଲି କ୍ଲବ୍ ପକ୍ଷରୁ କୁହାଯାଇଛି।

## ରାଜ୍ୟ ଭାରୋତ୍ତୋଳନ ଚାମ୍ପିଅନସିପ୍ ଉଦ୍‌ଯାପିତ

# ଗଞ୍ଜାମ ଜିଲ୍ଲା ଦଳଗତ ଚାମ୍ପିଅନ

**ଭୁବନେଶ୍ୱର, ୩୦।୧୦ (ସମିସ):** କଳିଙ୍ଗ ଷ୍ଟାଡିୟମ୍ ବିଜୁପଟ୍ଟନାୟକ ଭାରୋତ୍ତୋଳନ ହଲ୍‌ରେ ଚାଲିଥିବା



ରାଜ୍ୟ ଭାରୋତ୍ତୋଳନ ଚାମ୍ପିଅନସିପ୍ ଆଜି ଉଦ୍‌ଯାପିତ ହୋଇଯାଇଛି। ଏଥିରେ ସିନିଅର, ଜୁନିଅର ଓ ୟୁଥ୍ ବିଭାଗରେ ପ୍ରତିଦ୍ୱନ୍ଦ୍ୱିତା ଆୟୋଜିତ ହୋଇଥିଲା। ସମସ୍ତ ବିଭାଗରେ ଗଞ୍ଜାମ ଜିଲ୍ଲା ଦଳଗତ ଚାମ୍ପିଅନ ଆଖ୍ୟା ଅର୍ଜନ କରିଥିଲା। ସିନିଅର ବିଭାଗରେ ଖୋର୍ଦ୍ଧା, ୟୁଥ୍ ଓ ଜୁନିଅର ବିଭାଗରେ ଢେଙ୍କାନାଳ ଜିଲ୍ଲା ରନର୍ସ ଅପ୍ ହୋଇଛି। ସିନିଅର ପୁରୁଷ ବିଭାଗରେ ଗଞ୍ଜାମର ମୁନା ନାଏକ, ୟୁଥ୍ ଓ ଜୁନିଅର ବାଳକରେ ଢେଙ୍କାନାଳର ସୁବ୍ରତ ନାଏକ ବେଷ୍ଟ ଲିଫ୍ଟର ହୋଇଛନ୍ତି। ମହିଳା ବିଭାଗରେ ମୟୂରଭଞ୍ଜର ସ୍ନେହା ସୋରେନ୍, ୟୁଥ୍ ଓ ଜୁନିଅର ବାଳିକା ବିଭାଗରେ ନବରଙ୍ଗପୁରର ମିନା ସାନ୍ତା ବେଷ୍ଟ ଲିଫ୍ଟର ଭାବେ ବିବେଚିତ ହୋଇଛନ୍ତି। ପ୍ରତିଯୋଗିତା ଶେଷରେ ଓଡ଼ିଶା ଅଲିମ୍ପିକ୍ ସଂଘ ସଭାପତି ସମୀର ମହାନ୍ତି ମୁଖ୍ୟ ଅତିଥି, ଭାରତୀୟ ଭାରୋତ୍ତୋଳନ ମହାସଂଘ କୋଷାଧ୍ୟକ୍ଷ ପ୍ରଦୀପ ଶର୍ମା ସମ୍ମାନିତ ଅତିଥି ଭାବେ ଯୋଗ ଦେଇ ପୁରସ୍କାର ପ୍ରଦାନ କରିଥିଲେ। ଅଳ୍ପଦିନ ମଧ୍ୟ କ୍ରୀଡ଼ା ଓ ଯୁବସେବା ବିଭାଗ ଆନୁକୂଲ୍ୟରେ ଏହି ପ୍ରତିଯୋଗିତାଟି ସଫଳ ହୋଇଥିବାରୁ ରାଜ୍ୟ ଭାରୋତ୍ତୋଳନ ସଂଘ ସଭାପତି ଙ୍କ ଚିତ୍ତରଞ୍ଜନ ସ୍ୱାଇଁ ଧନ୍ୟବାଦ ଅର୍ପଣ କରିଥିଲେ।

## ଆଜି ଦ୍ୱିତୀୟ ଟି-୨୦

# ଦମ୍ ଦେଖାଇବାକୁ ଭାରତ-ଅଷ୍ଟ୍ରେଲିଆ ପ୍ରସ୍ତୁତ

**ମେଲବୋର୍ଣ୍ଣ, ୩୦।୧୦(ଏଜେନ୍ସି):**

ଭାରତ ଓ ଅଷ୍ଟ୍ରେଲିଆ ମଧ୍ୟରେ ୫ ମ୍ୟାଚ୍ ବିଶିଷ୍ଟ ପ୍ରଥମ ଟି-୨୦ ମୁକାବିଲା ବର୍ଷା ଯୋଗୁଁ ବାତିଲ ହୋଇଥିଲା। ଏହା ପରେ ସିରିଜ୍‌ର ଦ୍ୱିତୀୟ ମ୍ୟାଚ୍ ମେଲବୋର୍ଣ୍ଣ କ୍ରିକେଟ ଗ୍ରାଉଣ୍ଡରେ ଶୁକ୍ରବାର ଖେଳାଯିବ। ବିଶ୍ୱର ଦୁଇ ଶ୍ରେଷ୍ଠ ଦଳ ନଂ-୧ ଭାରତ ଓ ନଂ-୨ ଅଷ୍ଟ୍ରେଲିଆ ଏହି ମ୍ୟାଚ୍‌ରେ ନିଜର ଦମ୍ ଦେଖାଇବାକୁ ପ୍ରସ୍ତୁତ ହୋଇଛନ୍ତି। କାନବେରାରେ ଖେଳାଯାଇଥିବା ପ୍ରଥମ ମ୍ୟାଚ୍‌ରେ ଖେଳ ସମ୍ଭବ ହୋଇଥିବା ୯.୪ ଓଭର ଭାରତ ସପକ୍ଷରେ ଯାଇଥିଲା। ବ୍ୟାଟିଂ କରିବାକୁ ଆସିଥିବା ଦଳର ପ୍ରଥମ ୩ଜଣ ବ୍ୟାଟର ଅଭିଷେକ ଶର୍ମା, ଶୁବମନ ଗିଲ୍ ଓ ଅଧିନାୟକ ସୂର୍ଯ୍ୟକୁମାର ଯାଦବ ଭଲ ଫର୍ମରେ ଥିବା ଦର୍ଶାଇଥିଲେ। ଏମାନଙ୍କ ବିସ୍ଫୋରକ ବ୍ୟାଟିଂ ଯୋଗୁଁ ଅଷ୍ଟ୍ରେଲିଆ ରକ୍ଷଣାତ୍ମକ ଖେଳିବାକୁ ବାଧ୍ୟ ହୋଇଥିଲା। ବର୍ଷା ଯୋଗୁଁ ଅଷ୍ଟ୍ରେଲିଆ ଏକ ନିରାଶାଜନକ ସ୍ଥିତିରୁ ରକ୍ଷା ପାଇଥିଲା। ଏବେ ଆଉ ଏକ ମୁକାବିଲା ଲାଗି ମିଚେଲ ମାର୍ଶଙ୍କ ଟିମ୍ ପ୍ରସ୍ତୁତ ହେଉଛି। ସୂର୍ଯ୍ୟକୁମାର ଯାଦବଙ୍କ ଟିମ୍ ଇଣ୍ଡିଆର ଆତ୍ମବିଶ୍ୱାସ ବଢ଼ିଥିଲାବେଳେ ୨୦୦୮ରୁ ଏଯାଏ ଦଳ ସପକ୍ଷରେ ସମସ୍ତ ସିରିଜ୍ ଯାଇଛି। ଏଣୁ ବାକିଥିବା ୪ଟି ମ୍ୟାଚ୍‌ରୁ ଯେଉଁ ଦଳ ୩ଟିରେ ବିଜୟୀ ହେବ ସେହି ଦଳ ସିରିଜ୍ କବ୍‌ଜା କରିବ।







ବିଶ୍ୱର ଦ୍ୱିତୀୟ ବୃହତ୍ତମ ଷ୍ଟାଡିୟମ୍ ମେଲବୋର୍ଣ୍ଣ କ୍ରିକେଟ ଗ୍ରାଉଣ୍ଡରେ ଭାରତ ୬ଟି ମ୍ୟାଚ୍ ଖେଳି ୪ଟିରେ ବିଜୟୀ ହୋଇଛି। ଏଠାରେ ଉଭୟ ପକ୍ଷର ଅଧାଡଜନେ ଖେଳାଳି ଏଠାରେ ପ୍ରଥମଥର ଖେଳିବାକୁ ଯାଉଛନ୍ତି। ବିଶେଷ କରି ବିଶ୍ୱର ନଂ-୧ ଟି-୨୦ ସ୍ପିନର ବରୁଣ ଚକ୍ରବର୍ତ୍ତୀଙ୍କ ସହ ଏଯାଏ ଅଷ୍ଟ୍ରେଲିଆର ମୁକାବିଲା ହୋଇନାହିଁ। ଏଠାରେ ମଧ୍ୟ କିଛି ବର୍ଷ ହେବ ଅନ୍ତର୍ଜାତୀୟ କ୍ରିକେଟ ଖେଳାଯାଇନାହିଁ। ବିଗ୍ ବାଶ୍ ଲିଗ୍ ମ୍ୟାଚ୍‌ରେ ଏଠାରେ ହାରାହାରି ଇନିଂସ ପ୍ରତି ୧୮୦ କିମ୍ବା ତା'ଠାରୁ ଅଧିକ ସ୍କୋର ହୋଇଥିଲା। ଆସନ୍ତାକାଲି ମ୍ୟାଚ୍‌ରେ ଏହି ଧାରା ବଜାୟ ରହିବ ବୋଲି ଆଶା କରାଯାଉଛି। ପ୍ରଥମ ମ୍ୟାଚ୍ ଲାଗି ମନୋନୀତ ହୋଇଥିବା ଖେଳାଳିମାନେ ଖେଳିବା ସୁଯୋଗ ପାଇ ନ ଥିଲେ। ଏଣୁ ଦ୍ୱିତୀୟ ମ୍ୟାଚ୍‌ରେ ଉଭୟ ଦଳ ଖେଳାଳି ପରିବର୍ତ୍ତନ କରିବେ ନାହିଁ ବୋଲି ଆଶା କରାଯାଉଛି। ଭାରତୀୟ ଦଳର ଅଲରାଉଣ୍ଡର ନୀତୀଶ କୁମାର ରେଡ୍ଡୀ ଆହତ ହୋଇ ଅତିକମ୍‌ରେ ପ୍ରଥମ ୩ଟି ମ୍ୟାଚ୍ ଖେଳିବେ ନାହିଁ। ଆବଶ୍ୟକ ହେଲେ ଫାଷ୍ଟ ବୋଲର ଅର୍ଶଦୀପ ସିଂହଙ୍କୁ ଦଳରେ ସାମିଲ କରାଯିବାର ସମ୍ଭାବନାକୁ ଏଡାଇ ଦେଇହେବ ନାହିଁ।

**ଆଜିର ମ୍ୟାଚ୍**
**ଭାରତ - ଅଷ୍ଟ୍ରେଲିଆ**
**ଖେଳ ଆରମ୍ଭ : ଅପରାହ୍ଣ ୧ଟା ୪୫**
**ପ୍ରସାରଣ : ଷ୍ଟାର ସ୍ପୋର୍ଟ୍ସ, ଜିଓ ହଟଷ୍ଟାର**

## ଗୁଆହାଟୀରେ ନୂଆ ପରମ୍ପରା

# ଆଗ ଟି', ପରେ ଲଞ୍ଚ୍

**ଗୁଆହାଟୀ, ୩୦।୧୦(ଏଜେନ୍ସି):** ଟେଷ୍ଟ କ୍ରିକେଟ ଇତିହାସରେ ଏକ ନୂଆ ପରମ୍ପରା ସୃଷ୍ଟି ହେବାକୁ ଯାଉଛି। ଏହା ହେଉଛି ଟେଷ୍ଟ ମ୍ୟାଚ୍‌ରେ ପ୍ରଥମେ ଟି' ବା ଚା' ପାନ ବିରତି ହେବ ଓ ପରେ ଲଞ୍ଚ୍ ବା ମଧ୍ୟାହ୍ନ ଭୋଜନ ହେବ। ଆସାମର ଗୁଆହାଟୀରେ ନଭେମ୍ବର ୨୨ରୁ ୨୬ ଯାଏ ଭାରତ ଓ ଦକ୍ଷିଣ ଆଫ୍ରିକା ମଧ୍ୟରେ ଖେଳାଯିବାକୁ ଥିବା ଦ୍ୱିତୀୟ ମ୍ୟାଚ୍ ଏଠାରେ ହେବ ପ୍ରଥମ ଟେଷ୍ଟ ମ୍ୟାଚ୍। ଏଠାରେ ସୂର୍ଯ୍ୟୋଦୟ ଆଗୁଆ ହୁଏ ଓ ସୂର୍ଯ୍ୟାସ୍ତ ମଧ୍ୟ ପଛରେ ହୁଏ। ଏଣୁ ଖେଳ ମଧ୍ୟ ଆଗୁଆ ଆରମ୍ଭ ହେବ। ଏଠାରେ ସକାଳ ୯ଟାରୁ ଖେଳ ଆରମ୍ଭ ହେବ। ପ୍ରଥମ ସେସନ ପୂର୍ବାହ୍ଣ ୧୧ଟାରେ ଶେଷ ହେବ। ୧୧ଟାରୁ ୧୧ଟା ୨୦ ଯାଏ ଚା'ପାନ ବିରତି ହେବ। ଏହା ପରେ ଦ୍ୱିତୀୟ ସେସନ ୧୧ଟା ୨୦ରୁ ଅପରାହ୍ଣ ୧ଟା ୨୦ ଯାଏ ଖେଳାଯିବ। ୧ଟା ୨୦ରୁ ୨ଟା ଯାଏ ଲଞ୍ଚ୍ ବା ମଧ୍ୟାହ୍ନ ଭୋଜନ ବିରତି ହେବ। ଦିନର ତୃତୀୟ ବା ଶେଷ ସେସନ ଅପରାହ୍ଣ ୨ଟାରୁ ୪ଟା ଯାଏ ଖେଳାଯିବ। ଆସାମ ରାଜ୍ୟ ଭାରତର ପୂର୍ବ ଭାଗରେ ଅବସ୍ଥିତ। ଏଠାରେ ଆଗୁଆ ସୂର୍ଯ୍ୟୋଦୟ ହେଉଥିବାରୁ କାର୍ଯ୍ୟକ୍ରମରେ ପରିବର୍ତ୍ତନ କରାଯାଇଛି। ଭାରତରେ ସାଧାରଣତଃ ସକାଳ ୯ଟା ୩୦ରୁ ଖେଳ ଆରମ୍ଭ ହୋଇ ୧୧ଟା ୩୦ରେ ଲଞ୍ଚ୍ ହୋଇଥାଏ। ୧୧ଟା ୩୦ରୁ ୧୨ଟା ୧୦ ଯାଏ ଲଞ୍ଚ୍, ୧୨ଟା ୧୦ରୁ ୨ଟା ୧୦ ଯାଏ ଦ୍ୱିତୀୟ ସେସନ, ୨ଟା ୧୦ରୁ ୨ଟା ୩୦ ଟି' ଏବଂ ୨ଟା ୩୦ରୁ ୪ଟା ୩୦ କିମ୍ବା ଆଲୋକ ଥିଲେ ୯୦ ଓଭର ଖେଳ ପୂରଣ କରିବାକୁ ଆଉ ଅଧଘଣ୍ଟା ଅଧିକ ଖେଳ ଆୟୋଜନ କରାଯାଇଥାଏ। ଦକ୍ଷିଣ ଆଫ୍ରିକା ବିପକ୍ଷ ୨ ମ୍ୟାଚ୍ ବିଶିଷ୍ଟ ଟେଷ୍ଟ ସିରିଜ୍ ପ୍ରଥମ ମ୍ୟାଚ୍ କୋଲକାତାର ଇଡେନ ଗାର୍ଡେନ୍ସରେ ଖେଳାଯିବ। ଏଠାରେ ନିର୍ଦ୍ଧାରିତ ସମୟ ସକାଳ ୯ଟା ୩୦ରୁ ଖେଳ ଆରମ୍ଭ ହେବ।

**ଭାରତ-ଦ. ଆଫ୍ରିକା ଟେଷ୍ଟ ସିରିଜ୍**

## ପ୍ରଥମ ଅନ୍‌ଅଫିସିଆଲ୍ ଟେଷ୍ଟ

# କୋଟିଆନଙ୍କୁ ୪ ୱିକେଟ୍; ଦ.ଆଫ୍ରିକା-ଏ ୨୯୯/୯

**ବେଙ୍ଗାଲୁରୁ, ୩୦ ।୧୦ (ଏଜେନ୍ସି):** ଘରୋଇ ଭାରତ-ଏ ଓ ଦକ୍ଷିଣ ଆଫ୍ରିକା-ଏ ଦଳ ମଧ୍ୟରେ ଗୁରୁବାରଠାରୁ ଏଠାରେ ପ୍ରଥମ ଅନ୍‌ଅଫିସିଆଲ୍ ଚାରିଦିବସୀୟ ଟେଷ୍ଟ ଆରମ୍ଭ ହୋଇଛି। ଏହି ମ୍ୟାଚରେ ଟସ୍ ଜିତି ଭାରତ-ଏ ଅଧିନାୟକ ଋଷଭ ପନ୍ତ ଫିଲ୍ଡିଂ ନିଷ୍ପତ୍ତି ନେଇଥିଲେ। ବ୍ୟାଟିଂ ଆମନ୍ତ୍ରଣ ପାଇଥିବା ଦକ୍ଷିଣ ଆଫ୍ରିକା-ଏ ପ୍ରଥମ ଇନିଂସରେ ୩ଟି ଅର୍ଦ୍ଧଶତକ ବଳରେ ୯ ୱିକେଟ ହରାଇ ୨୯୯ ରନର ସମ୍ମାନଜନକ ସ୍କୋର କରିଛି। ଓପନର୍ ଜୋର୍ଡାନ ହରମାନ୍ସ ସର୍ବାଧିକ ୭୧, ଜୁବେର ହମାଜ ୬୬ ଓ ରୁବିନ ହରମାନ୍ସ ୫୪ ରନର ଅର୍ଦ୍ଧଶତକୀୟ ପାଳି ଖେଳିଥିଲେ। ନିମ୍ନଭାଗରେ ତିଆନ ଭାନ ଭୁରେନ ୪୬ ରନର ଉପଯୋଗୀ ପାଳି ଖେଳିବା ଫଳରେ ଦଳ ୩୦୦ ରନ ନିକଟତର ହୋଇପାରିଥିଲା। ଘରୋଇ ଭାରତ-ଏ ପକ୍ଷରୁ ଅଫ୍-ସ୍ପିନର ତନୁଷ କୋଟିଆନ ସର୍ବାଧିକ ୪ଟି, ମାନବ ସୁତାର ୨ଟି ଏବଂ ଖଲିଲ ଅହମ୍ମଦ, ଅଂଶୁଲ କାମ୍ବୋଜ ଓ ଗୁର୍‌ନୁର୍ ବ୍ରାର୍ ଗୋଟିଏ ଲେଖାଏ ୱିକେଟ୍ ସଫଳତା ପାଇଥିଲେ।



PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, SWOTI VILLAGE, PANIKOILI-755043, DIST: JAJPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS